

'ରାମାୟଣ'ରେ ସବୁ କଳାକାର ପିନ୍ଧିଛନ୍ତି ସୁନାର ଆଭୂଷଣ-ଇନ୍ଦିରା

▶ପୃଷ୍ଠା ୨ ଦେଖନ୍ତୁ...

RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-49 ◆TUESDAY ◆12 AUGUST 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୩ ◆ସଂଖ୍ୟା-୪୯ ◆ମଙ୍ଗଳବାର ◆୧୨ ଅଗଷ୍ଟ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


## ବରଗଡ଼ରେ ଆଲୋଡ଼ନ
# ଜଳିଗଲେ ଆଉ ଜଣେ ଛାତ୍ରୀ

■ **ଗାଇସିଲେଟ, ୧୧। ୮(ସମିସ):** ବରଗଡ଼ ଜିଲ୍ଲାର ଗାଇସିଲେଟରେ ପୁନରାବୃତ୍ତି ହୋଇଛି ବାଲେଶ୍ୱର, ବଳଙ୍ଗା, ପଟ୍ଟାମୁଣ୍ଡାଇ ପରି ଲୋମଟାଙ୍କୁରା ଘଟଣା। ସେବାଶ୍ରମ ସ୍କୁଲରେ ପାଠ ପଢୁଥିବା ଜଣେ ୮ମ ଶ୍ରେଣୀ ଛାତ୍ରୀ ପେଟ୍ରୋଲ ନିଆଁରେ ଜଳି ପ୍ରାଣ ହରାଇଛନ୍ତି। ପୁଲିସ ସମ୍ପୃକ୍ତ ଛାତ୍ରୀ ଆତ୍ମହତ୍ୟା କରିଥିବା କହୁଥିଲେ ହେଁ ତାଙ୍କ ଦେହରେ ପେଟ୍ରୋଲ ଢାଳି ଅନ୍ୟ କେହି ନିଆଁ ଲଗାଇ ଦେଇଥିବା ସାଧାରଣରେ ଆଲୋଚନା ହେଉଛି।

ସୂଚନା ଅନୁଯାୟୀ, ସାପଲହର ସେବାଶ୍ରମ ଛାତ୍ରୀନିବାସରେ ରହି ୮ମ ଶ୍ରେଣୀରେ ପାଠ ପଢୁଥିବା ରଶ୍ମୀ ସେଠ୍ (୧୩) ଅସୁସ୍ଥତା ଅନୁଭବ କରିବାରୁ ନିଜ ମାମୁ ଘରକୁ ଆସିଥିଲେ। ଆଜି ସକାଳେ ମାମୁ ଘର ପଛପଟେ ଏକ ପଡ଼ିଆରେ ରଶ୍ମୀ ହୁତୁହୁତୁ ହୋଇ ଜଳୁଥିବା ଦେଖି ତାଙ୍କର ମାମୁ ଓ ଅନ୍ୟମାନେ ନିଆଁକୁ ଆୟତ୍ତ କରିବାକୁ ଚେଷ୍ଟା କରିଥିଲେ। ମାତ୍ର ସେତେବେଳକୁ ତାଙ୍କ ଶରୀରର ପ୍ରାୟ ୭୦ ପ୍ରତିଶତ ପୋଡ଼ି ଯାଇଥିଲା। ତୁରନ୍ତ ତାଙ୍କୁ ଆମ୍ବୁଲାନ୍ସରେ ବୁର୍ଲାସ୍ଥିତ ଭୀମସାରକୁ ନିଆଯାଇଥିଲା। ମାତ୍ର ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ମୃତ୍ୟୁ ଘଟିଥିଲା।

ଏହି ଘଟଣା ପରେ ସ୍ଥାନୀୟ ଅଞ୍ଚଳରେ ତୀବ୍ର ଉତ୍ତେଜନା ପ୍ରକାଶ ପାଇଥିଲା। ଅପ୍ରୀତିକର ପରିସ୍ଥିତି ଆଶଙ୍କାରେ ଘଟଣାସ୍ଥଳରେ ୫ ପ୍ଲାଟୁନ୍ ପୁଲିସ ଫୋର୍ସ ନିୟୋଜିତ ହୋଇଥିଲେ। ଉତ୍ତରାଞ୍ଚଳ ଆଇଜି ହିମାଂଶୁ ଲାଲ ଓ ବରଗଡ଼ ଜିଲ୍ଲା ଦାୟିତ୍ୱରେ ଥିବା ବଲାଙ୍ଗିର ଏସ୍‌ପି ଅଭିଲାଷ ଜି ଘଟଣାସ୍ଥଳରେ ପହଞ୍ଚିଥିଲେ। ଏହି ଘଟଣାରେ ପୁଲିସ ତଦନ୍ତ ଜାରି ରଖିଥିବାବେଳେ ଦୁଇ ଜଣକୁ ଅଟକ ରଖି ପଚାରାଉଚରା କରୁଥିବା ଏସ୍‌ପି ଅଭିଲାଷ ଜି ସୂଚନା ଦେଇଛନ୍ତି।



ଖବର ପାଇ ବିଜୁ ଜନତା ଦଳର ଏକ ଟିମ୍ ଭୀମସାରରେ ପହଞ୍ଚିଥିଲା। ବିଜେଡି ନେତ୍ରୀ ସ୍ନେହାଙ୍ଗିନୀ ଛୁରିଆଙ୍କ ନେତୃତ୍ୱରେ ପଦ୍ମପୁର ବିଧାୟିକା ବର୍ଷା ସିଂ ବରିହା, ବରଗଡ଼ ପୂର୍ବତନ ବିଧାୟକ ଦେବେଶ ଆଚାର୍ଯ୍ୟ, ବରଗଡ଼ ଜିଲ୍ଲା ପରିଷଦ ଅଧ୍ୟକ୍ଷା ମାନିନୀ ଭୋଇ, ବରଗଡ଼ ପୌର ପରିଷଦ ଅଧ୍ୟକ୍ଷା କଳ୍ପନା ମାଝୀ, ପଦ୍ମିନୀ ଗଡତିଆ, ପିଙ୍କି ବଡ଼େଇ, କଳ୍ପନା ବେହେରାଙ୍କ ସହ ବହୁ କର୍ମୀ ସେଠାରେ ପହଞ୍ଚି ସ୍ଥିତି ପରଖିବା ସହ ନାବାଳିକାର ପରିବାରଲୋକଙ୍କୁ ସମବେଦନା ଜଣାଇଛନ୍ତି।

### ନିଆଁ ଆଁ ୩୦ ଦିନରେ ଗଲାଣି ୪ ଛାତ୍ରୀଙ୍କ ଜୀବନ
## ସ୍ଥିତି ସାଂଘାତିକ, ଚିତ୍ର ଭୟଙ୍କର

■ **ଭୁବନେଶ୍ୱର,୧୧।୮(ସମିସ):** ଓଡ଼ିଶାରେ ଏବେ ମହିଳା, ନାବାଳିକାଙ୍କ ସୁରକ୍ଷାକୁ ନେଇ ସାଂଘାତିକ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ପ୍ରତିଦିନ ରାଜ୍ୟର କୋଣ ଅନୁକୋଣରେ ମହିଳାଙ୍କ ବିରୋଧରେ ଘଟୁଥିବା ହିଂସା ରାଜ୍ୟର ଆଇନକାନୁନ, ଶୃଙ୍ଖଳା ଉପରେ ପ୍ରଶ୍ନ ଚିହ୍ନ ଆଙ୍କିଛି। କୌଣସି ଘଟଣାରେ ପୁଲିସ ରହସ୍ୟ ଉନ୍ମୋଚନ କରିବାରେ ସଫଳ ହୋଇପାରିନାହିଁ। ଗୋଟିଏ ପଟେ ପୁଲିସ ପ୍ରଶାସନ ସାଂଘାତିକ ଚାପରେ କାର୍ଯ୍ୟ କରୁଥିବା ନେଇ ସାଧାରଣରେ ଅଭିଯୋଗ

**ରାଜ୍ୟରେ ନାବାଳିକାଙ୍କୁ ଭଗବାନ ଭରସା: ବିରୋଧୀ**

**ସରକାର ଏବଂ ପୁଲିସର ନିଷ୍କ୍ରିୟତା ଦାୟୀ: ବୁଦ୍ଧିଜୀବୀ**

ସାଧାରଣଲୋକଙ୍କୁ ଭୟଭୀତ କରିଛି। ସୋମବାର ବରଗଡ଼ ଗାଇସିଲଟ ବ୍ଲକ୍‌ର ଫିରିଙ୍ଗିମାଳ ଗାଁରେ ଜଣେ ନାବାଳିକା ପେଟ୍ରୋଲ ଢାଳି ହୋଇ ନିଜକୁ ଜାଳିଦେବା ଘଟଣା ରାଜ୍ୟବାସୀଙ୍କ ଆତ୍ମାକୁ ଦୋହଲାଇ ଦେଇଛି। ପୂର୍ବରୁ ରାଜ୍ୟରେ ଏପରି ସାଂଘାତିକ ସ୍ଥିତି କେବେ ସୃଷ୍ଟି ହୋଇ ନ ଥିଲା, କିମ୍ବା ଏପରି ଭୟଙ୍କର ଚିତ୍ର ଦେଖିବାକୁ ମିଳି ନ ଥିଲା। ୩୦ ଦିନ ମଧ୍ୟରେ ରାଜ୍ୟର ଉତ୍ତର, ଉପକୂଳ, ପଶ୍ଚିମାଞ୍ଚଳରେ ୪ ଜଣ ଛାତ୍ରୀଙ୍କ ଜୀବନ ନିଆଁର ଆଁରେ ଚାଲିଯିବା ହେଉଥିବା ବେଳେ ସରକାର ମଧ୍ୟ ଏକପ୍ରକାର ଉପାୟଶୂନ୍ୟ ହୋଇ ପଡ଼ିଛନ୍ତି। ରାଜ୍ୟରେ ଏବେ ନାବାଳିକା, ମହିଳାଙ୍କୁ ଭଗବାନ ଭରସା ବୋଲି ବିରୋଧୀ କ୍ଷୋଭ ପ୍ରକାଶ କରିଛନ୍ତି। ଗତ ଜୁଲାଇ ମାସ ୧୨ ତାରିଖରେ ବାଲେଶ୍ୱର ଏଫଏମ ମହାବିଦ୍ୟାଳୟର ଛାତ୍ରୀ ସୋମ୍ୟାଶ୍ରୀ ବିଶି ନିଜ ଦେହରେ ପେଟ୍ରୋଲ ଢାଳି ଆତ୍ମଦାହ କରିଥିଲେ। ଏହା ପରଠାରୁ ଗୋଟିଏ ପରେ ଗୋଟିଏ କରି ୩ ଜଣ ଛାତ୍ରୀଙ୍କ ଜୀବନ ନିଆଁର ଆଁରେ ଚାଲିଗଲାଣି। ମାତ୍ର ▶ପୃଷ୍ଠା-୭

### ବିସ୍ଫୋରକ ହେଉଛି ବିହାର ଭୋଟର ତାଲିକା ବିବାଦ
# ରାସ୍ତାରେ ବିରୋଧୀ; ରୋକିଲା ପୁଲିସ

■ **ନୂଆଦିଲ୍ଲୀ, ୧୧।୮ (ଏଜେନ୍ସି):** ବିହାରରେ ନିର୍ବାଚନ କମିସନ ପକ୍ଷରୁ ଚାଲିଥିବା ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନ (ଏସ୍‌ଆଇଆର୍) କୁ ନେଇ ବିବାଦ ବିସ୍ଫୋରକ ହେବାରେ ଲାଗିଛି। ଏହି ପ୍ରସଙ୍ଗରେ ସଂସଦ ଅଚଳ ରହିଥିବା

**ବିକ୍ଷୋଭରେ ସାମିଲ ହେଲେ ୩୦୦ ସାଂସଦ**

**ରାହୁଲ, ପ୍ରିୟଙ୍କା ଓ ଅଖିଳେଶ ଅଟକ**



ବେଳେ ରାସ୍ତାକୁ ଓହ୍ଲାଇଛନ୍ତି ବିରୋଧୀ ଦଳର ସାଂସଦ। ସେମାନେ ଆଜି ଏହାର ପ୍ରତିବାଦ କରି ନିର୍ବାଚନ କମିସନ ଅଫିସ ଆଡ଼କୁ ଯାଉଥିବା ବେଳେ ପୁଲିସ ସେମାନଙ୍କୁ ବାଟରେ ଅଟକାଇଛି। ଏହି ପ୍ରତିବାଦରେ ବିରୋଧୀ ଦଳର ୩୦୦ ସାଂସଦ ସାମିଲ ହୋଇଥିଲେ।

ବିହାରରେ ଏସ୍‌ଆଇଆର୍ ଏବଂ କର୍ଣ୍ଣାଟକରେ 'ଭୋଟ୍ ଚୋରି'ର ପ୍ରତିବାଦ କରି କଂଗ୍ରେସ ନେତା ରାହୁଲ ଗାନ୍ଧୀଙ୍କ ନେତୃତ୍ୱରେ ବିରୋଧୀ ଦଳର ସାଂସଦ ଓ କର୍ମକର୍ତ୍ତା ଆଜି ଦିଲ୍ଲୀରେ ସଂସଦ ଭବନରୁ ବଡ଼ ଧରଣର ଶୋଭାଯାତ୍ରା ବାହାର କରିଥିଲେ। ଏସଂପର୍କରେ ନିର୍ବାଚନ କମିସନ ସହିତ ଆଲୋଚନା ପାଇଁ ନିର୍ବାଚନ ସଦନ ଆଡ଼କୁ ଯାଉଥିବା ବେଳେ ପୁଲିସ ସେମାନଙ୍କୁ ଅଟକାଇଥିଲା। ପୁଲିସ ବ୍ୟାରିକେଡ୍ ଲଗାଇ ଅଟକାଇବାରୁ ବିରୋଧୀ ଦଳର ସାଂସଦମାନେ ରାସ୍ତା ଉପରେ ବସି ଧାରଣା ଦେବା ସହିତ ବିହାରରେ ଚାଲିଥିବା ଏସ୍‌ଆଇଆର୍ ବିରୋଧରେ ସ୍ଲୋଗାନ ଦେଇଥିଲେ। ଆଉ କିଛି ସାଂସଦ ବ୍ୟାରିକେଡ୍ ଭାଙ୍ଗି ନିର୍ବାଚନ କମିସନ ଆଡ଼କୁ ଯିବାକୁ ଉଦ୍ୟମ କରିଥିଲେ। ସେମାନଙ୍କ ▶ପୃଷ୍ଠା-୭

## ବିଭ୍ରାନ୍ତ କରୁଛନ୍ତି ରାହୁଲ: ଧର୍ମେନ୍ଦ୍ର

■ **ନୂଆଦିଲ୍ଲୀ, ୧୧।୮ (ସମିସ):** କଂଗ୍ରେସ ଏବଂ ଏହାର ସହଯୋଗୀ ଦଳ ଭୋଟ ବ୍ୟାଙ୍କ ରାଜନୀତି କରୁଛନ୍ତି ବୋଲି ଅଭିଯୋଗ କରିଛନ୍ତି କେନ୍ଦ୍ର ମନ୍ତ୍ରୀ ତଥା ବିଜେପି ନେତା ଧର୍ମେନ୍ଦ୍ର ପ୍ରଧାନ। ଆଜି ଏଠାରେ ଏକ ସାମ୍ବାଦିକ ସମ୍ମିଳନୀରେ ସେ କହିଛନ୍ତି ଯେ ଅନୁପ୍ରବେଶକାରୀଙ୍କ ଭୋଟ ହାତେଇବା ପାଇଁ ବିରୋଧୀ ଦଳ ଉଦ୍ୟମ ଚଳାଇଛନ୍ତି। ଭୋଟ ଜାଲିଆତି ସଂପର୍କରେ ଯାହା ସବୁ ଅଭିଯୋଗ ଆସୁଛି, ▶ପୃଷ୍ଠା-୭



# ଦୁଇ ଛୁଆଙ୍କ ସାମ୍ନାରେ ମାଆକୁ ଗଳାକାଟି ହତ୍ୟା

■ **ଭାପୁର, ୧୧।୮ (ସମିସ):** ନୟାଗଡ଼ ଜିଲ୍ଲା ଫତେଗଡ଼ ଥାନା ଭାପୁର ପଞ୍ଚାୟତ ଭାପୁର ମହୋତ୍ସବ ପଡ଼ିଆ ନିକଟରେ ରବିବାର ରାତି ୧୧ଟାରେ ଏକ ବୀଭତ୍ସ ହତ୍ୟାକାଣ୍ଡ ଘଟିଛି। ଦୁଇ ଛୁଆଙ୍କ ଆଖି ସାମ୍ନାରେ ଦୁର୍ବୃତ୍ତମାନେ ତାଙ୍କ ମା'କୁ ଗଳାକାଟି ହତ୍ୟା କରିଛନ୍ତି।

**ବୈଦେଶ୍ୱରରୁ ଦୁଇ ଅଭିଯୁକ୍ତ ଗିରଫ**



ମୃତ ମହିଳା ହେଲେ, ଭାପୁର ଗ୍ରାମର ସ୍ୱର୍ଗତ ମିଟୁ ବେହେରାଙ୍କ ସ୍ତ୍ରୀ ଜୟନ୍ତୀ ବେହେରା (୩୩)। ସେ ଭାପୁର ଉଚ୍ଚ ବିଦ୍ୟାଳୟରେ ପାଚିକା ଭାବେ ୪ ମାସ ହେଲା କାମ କରୁଥିଲେ। ଜୟନ୍ତୀଙ୍କ ଜଣେ ଦୂର ସଂପର୍କୀୟ ଦିଅର ଓ ତା'ର ଜଣେ ସହଯୋଗୀ ଏହି କାଣ୍ଡ ଭିଆଇଥିବା କୁହାଯାଉଛି। ଏହି ଘଟଣାରେ ଫତେଗଡ଼ ପୁଲିସ ତ୍ୱରିତ ▶ପୃଷ୍ଠା-୭

## ଝିଅ ଆଗରେ ମା'କୁ ହାଣିଦେଲା

■ **ବ୍ରହ୍ମପୁର, ୧୧।୮(ସମିସ):** ଝିଅ ଆଖି ଆଗରେ ମା'କୁ ହାଣିଦେଲା। ପ୍ରମାଣ ନଷ୍ଟ କରିବା ପାଇଁ ଝିଅକୁ ବି ଛାଡ଼ିଲାନି। ନିମଖଣ୍ଡି ଥାନା ଅନ୍ତର୍ଗତ ଶ୍ରୀମାନଗର ଦ୍ୱିତୀୟ ଲାଇନ୍‌ରେ ଆଜି ଭୋର୍‌ରେ ଏକ ବୀଭତ୍ସ ହତ୍ୟାକାଣ୍ଡ ଘଟିଛି। ହତ୍ୟାର ଶିକାର ମହିଳାଜଣଙ୍କ ହେଲେ, ଗାୟତ୍ରୀ ସ୍ୱାଇଁ (୩୦)। ଦୁର୍ବୃତ୍ତଜଣଙ୍କ ତାଙ୍କ ୧୧ବର୍ଷୀୟ ଝିଅକୁ ମଧ୍ୟ ହତ୍ୟା ଉଦ୍ୟମ କରିଛି। କିନ୍ତୁ ସେ ଅଳ୍ପକେ ବର୍ତ୍ତି ଯାଇଛି। କେହି ଦୁର୍ବୃତ୍ତ ଘରେ ପଶି ଏପରି କାଣ୍ଡ ଭିଆଇବା ▶ପୃଷ୍ଠା-୭



**ପୁଲିସ ସ୍କାନରରେ ପୁରୁଷବନ୍ଧୁ**

## ନୂଆ ଆୟକର ବିଲ୍ ଲୋକସଭାରେ ଗୃହୀତ

■ **ନୂଆଦିଲ୍ଲୀ,୧୧।୮(ଏଜେନ୍ସି):** ଏକ ଗୁରୁତ୍ୱପୂର୍ଣ୍ଣ ଘଟଣାକ୍ରମେ ସୋମବାର ଲୋକସଭାରେ ନୂଆ ଆୟକର ବିଲ୍ ଗୃହୀତ ହୋଇଯାଇଛି। ବିରୋଧୀ ସାଂସଦଙ୍କ ଅନୁପସ୍ଥିତିରେ ଏବଂ ବିନା କୌଣସି ଆଲୋଚନାରେ ଏହି ବିଲ୍‌କୁ ସଂସଦ ଅନୁମୋଦନ ଦେଇଛ। ଏଥିରେ ଆୟକର ସହ ଜଡିତ ଦୁଇଟି ବିଲ୍- ଆୟକର (ସଂଖ୍ୟା ୨) ବିଧେୟକ ଓ ଟିକସ ଆଇନ (ସଂଶୋଧନ) ବିଲକୁ ମଞ୍ଜୁରି ମିଳିଛି। କେନ୍ଦ୍ର ଅର୍ଥ ମନ୍ତ୍ରୀ ନିର୍ମଳା ସୀତାରମଣ ସୋମବାର ଲୋକସଭାରେ ଆୟକର ବିଲ୍‌ର ଏକ ▶ପୃଷ୍ଠା-୭

## ୪୮ ଘଣ୍ଟାରେ ଲଘୁଚାପ, ଆଜିଠୁ ବଢ଼ିବ ବର୍ଷା

■ **ଭୁବନେଶ୍ୱର, ୧୧।୮ (ସମିସ):** ଆସନ୍ତା ୪୮ ଘଣ୍ଟା ମଧ୍ୟରେ ଉତ୍ତର-ପଶ୍ଚିମ ଏବଂ ସଂଲଗ୍ନ ପଶ୍ଚିମ-କେନ୍ଦ୍ରୀୟ ବଙ୍ଗୋପସାଗରରେ ଏକ ଲଘୁଚାପ କ୍ଷେତ୍ର ସୃଷ୍ଟି ହେବ। ଏହାର ପ୍ରଭାବରେ ମଙ୍ଗଳବାରଠାରୁ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷାର ପ୍ରଭାବ ବଢ଼ିବ। ଲଘୁଚାପ ପ୍ରଭାବରେ ଆସନ୍ତା ୩ ଦିନ ପାଇଁ ବିଭିନ୍ନ ଜିଲ୍ଲାରେ ପ୍ରବଳ ବର୍ଷା ସମ୍ଭାବନା ଥିବା ବେଳେ ୧୩-୧୪ରେ ବର୍ଷାର ପ୍ରଭାବ ସବୁଠୁ ଅଧିକ ରହିବ। ଏଥିପାଇଁ ପାଣିପାଗ କେନ୍ଦ୍ର ବିଭିନ୍ନ ଜିଲ୍ଲାକୁ ଅରେଞ୍ଜ ଓ ୟେଲୋ ଆଲର୍ଟ ଜାରି କରିଛି। ଅଗଷ୍ଟ ୧୨-୧୩ରେ କୋରାପୁଟ ଏବଂ ମାଲକାନଗିରି ଜିଲ୍ଲାର କିଛି ସ୍ଥାନ ପାଇଁ ପ୍ରବଳରୁ ଅତି ପ୍ରବଳ ବର୍ଷା ସମ୍ଭାବନା ରହିଥିବା ବେଳେ ନବରଙ୍ଗପୁର, କଳାହାଣ୍ଡି, ରାୟଗଡ଼ା, ଗଞ୍ଜାମ, ଗଜପତି ଏବଂ କନ୍ଧମାଳ ଜିଲ୍ଲାରେ ପ୍ରବଳ ବର୍ଷା ହୋଇପାରେ। ବାଲେଶ୍ୱର, ଭଦ୍ରକ, ଯାଜପୁର, କେନ୍ଦ୍ରାପଡ଼ା, କଟକ, ଜଗତସିଂହପୁର, ପୁରୀ, ଖୋର୍ଦ୍ଧା, ନୟାଗଡ଼, ସୁନ୍ଦରଗଡ଼, ଝାରସୁଗୁଡ଼ା, ▶ପୃଷ୍ଠା-୭

### ସମୂହ ଛୁଟିରେ ୩୦ ଜିଲ୍ଲାର ୧୦ ହଜାରରୁ ଊର୍ଦ୍ଧ୍ୱ ରାଜସ୍ୱ ଅମଲା
# ସାରା ରାଜ୍ୟରେ ରାଜସ୍ୱ କାର୍ଯ୍ୟ ଠପ୍

■ **ଭୁବନେଶ୍ୱର, ୧୧।୮ (ସମିସ):** ରାଜ୍ୟର ୩୦ ଜିଲ୍ଲାରେ କାର୍ଯ୍ୟରତ ୧୦ ହଜାରରୁ ଊର୍ଦ୍ଧ୍ୱ ରାଜସ୍ୱ ଅମଲା ଅଧିକାରୀମାନେ ଛୁଟିରେ ଯାଇଛନ୍ତି। ରାଜ୍ୟର ଅମଲାମାନଙ୍କର ବିଭିନ୍ନ ଦାବି ପୂରଣ ନେଇ ପ୍ରତିଶ୍ରୁତି ମିଳିଥିଲେ ମଧ୍ୟ ଏହାକୁ ଲାଗୁ କରିବାକୁ ସରକାର ଟାଳଟୁଳ ନୀତି ଆପଣାଉଛନ୍ତି। ଏହାର ପ୍ରତିବାଦରେ ରାଜସ୍ୱ ଅମଲା ସଂଘ ସମୂହ ଛୁଟିରେ ଯିବାକୁ ନିଷ୍ପତ୍ତି ନେଇଛି। ଏଥିପାଇଁ ସୋମବାରଠାରୁ ରାଜ୍ୟର ସମସ୍ତ ଜିଲ୍ଲାରେ ରାଜସ୍ୱ କାର୍ଯ୍ୟ ସମ୍ପୂର୍ଣ୍ଣ ବନ୍ଦ ହୋଇଯାଇଛି। ରାଜସ୍ୱ ଅମଲାମାନେ କାର୍ଯ୍ୟ ବନ୍ଦ କରି ନିଜ ନିଜ କାର୍ଯ୍ୟାଳୟ ସାମନାରେ ବିକ୍ଷୋଭ ପ୍ରଦର୍ଶନ କରିବା ସହ ସମୂହ ଛୁଟିରେ ଯାଇଛନ୍ତି। ୨୦୧୮ ମସିହାରୁ ଜିଲ୍ଲାସ୍ତରୀୟ ରାଜସ୍ୱ ଅମଲାମାନଙ୍କ ପ୍ରବେଶକାଳୀନ ଶିକ୍ଷାଗତ ଯୋଗ୍ୟତାରେ ସ୍ନାତକ ସହିତ କମ୍ପ୍ୟୁଟର ଜ୍ଞାନ ବାଧ୍ୟତାମୂଳକ କରାଯାଇଛି। କିନ୍ତୁ ଏପର୍ଯ୍ୟନ୍ତ ପ୍ରବେଶକାଳୀନ ବେତନରେ କୌଣସି ପ୍ରକାରର ଅଭିବୃଦ୍ଧି କରାଯାଇ ନାହିଁ। ମାତ୍ର ▶ପୃଷ୍ଠା-୭




**ଆଲୋଚନା ପରେ ବି ପଦକ୍ଷେପ ନେଲେନି ସରକାର**




ସମ୍ପୂର୍ଣ୍ଣା

ସକାଳ THE SAKALA
www.sakalaepaper.com



# ଅନ୍ତର୍ଜାତୀୟ ଯୁବ ଦିବସ

ଦେଶ ପ୍ରଗତିର ଉତ୍ସ ହିଁ ଯୁବଶକ୍ତି । ଯୁବଶକ୍ତିର ବିକାଶ ଦ୍ୱାରା ଦେଶର ବିକାଶ ସମ୍ଭବ । ଯୁବଶକ୍ତି ବିଶ୍ୱରେ ଶାନ୍ତି ତଥା ସାମାଜିକ ସମନ୍ୱୟ ଆଣି ପାରିବେ । ଯୁବବର୍ଗଙ୍କର ଆଗକୁ ବଢ଼ିବା ପଥରେ ରହିଥିବା ସମସ୍ୟା ଏବଂ ସେସବୁର ସଫଳ ସମାଧାନ ଦିଗରେ ସଚେତନତା ସୃଷ୍ଟି ଲାଗି ପ୍ରତିବର୍ଷ ଅଗଷ୍ଟ ୧୨ରେ ଅନ୍ତର୍ଜାତୀୟ ଯୁବ ଦିବସ ପାଳନ କରାଯାଇଥାଏ । ଯୁବପିଢ଼ି କିପରି ରାଜ୍ୟ, ଜାତୀୟ ଓ ଅନ୍ତର୍ଜାତୀୟ ସ୍ତରରେ ବିଭିନ୍ନ କ୍ଷେତ୍ରରେ ଉଲ୍ଲେଖନୀୟ କାର୍ଯ୍ୟ କରିଛନ୍ତି, ତାକୁ ରେଖାଙ୍କିତ କରିବା ଏହି ଦିବସର ଲକ୍ଷ୍ୟ । 'ଅନ୍ତର୍ଜାତୀୟ ଯୁବ ଦିବସ' ପ୍ରଥମେ ୧୨ ଅଗଷ୍ଟ ୨୦୦୦ରେ ପାଳନ କରାଯାଇଥିଲା । ମିଳିତ ଜାତିସଂଘର ସାଧାରଣ ସଭା ୧୭ ଡିସେମ୍ବର ୧୯୯୯ରେ ଏହି ଦିନ ପାଳନ କରିବାକୁ ଏକ ସଂକଳ୍ପ ପାରିତ କରିଥିଲା । ଏହାପରେ ୨୦୦୦ରେ ପ୍ରଥମ ଥର ପାଇଁ 'ଅନ୍ତର୍ଜାତୀୟ ଯୁବ ଦିବସ' ପାଳନ କରାଯାଇଥିଲା, ଯାହା ଆଜି ପର୍ଯ୍ୟନ୍ତ ପ୍ରତ୍ୟେକ ବର୍ଷ ୧୨ ଅଗଷ୍ଟରେ ପାଳନ କରାଯାଉଛି । ବିଶେଷଜ୍ଞଙ୍କ ଅନୁଯାୟୀ, ସମାଜକୁ ଶିକ୍ଷିତ କରିବା, ଯୁବକମାନଙ୍କୁ ରାଜନୈତିକ କ୍ଷେତ୍ରରେ ଏକତ୍ରିତ କରିବା ଏବଂ ବିଶ୍ୱସ୍ତରୀୟ ସମସ୍ୟାର ମୁକାବିଲା ପାଇଁ ଏହି ଦିନ ପାଳନ କରାଯାଏ । ସମସ୍ତ ଦେଶ ଯୁବ ଜନସଂଖ୍ୟା ଉପରେ ଧ୍ୟାନ ଦେବା ଉଚିତ । ଯୁବକଙ୍କ ଲାଗି ଉତ୍ତମ ସଂସ୍କାର, ଶିକ୍ଷା, ସଶକ୍ତିକରଣ ଲୋଡ଼ା । ସେମାନେ ବିଭିନ୍ନ କ୍ଷେତ୍ରରେ ସ୍ୱାବଲମ୍ବୀ ହୋଇପାରିଲେ ଦେଶ ସ୍ୱାବଲମ୍ବୀ ହେବ । ସେମାନଙ୍କଠାରେ ଥିବା ଅସୀମ ସମ୍ଭାବନାକୁ କାର୍ଯ୍ୟରେ ପରିଣତ କରିବା ପାଇଁ ଏହି ଦିବସ ସ୍ମରଣ କରିଦିଏ । ଯୁବପିଢ଼ି କିପରି ରାଜ୍ୟ, ଜାତୀୟ ଓ ଅନ୍ତର୍ଜାତୀୟ ସ୍ତରରେ ବିଭିନ୍ନ କ୍ଷେତ୍ରରେ ଉଲ୍ଲେଖନୀୟ କାର୍ଯ୍ୟ କରିଛନ୍ତି, ତାକୁ ଲୋକଲୋଚନକୁ ଆଣିବା ଏହି ଦିବସର ଲକ୍ଷ୍ୟ ଓ ଉଦ୍ଦେଶ୍ୟ । ଏହି ଦିବସରେ ବିଶ୍ୱବ୍ୟାପୀ ବିଭିନ୍ନ ସାମାଜିକ ଓ ସାଂସ୍କୃତିକ ଉତ୍ସବ, କର୍ମଶାଳା ଆଦିର ଆୟୋଜନ କରାଯାଇଥାଏ ।

# ହାତୀ ପାଇଁ ଦିନଟିଏ



ଆଜି ବିଶ୍ୱ ହସ୍ତୀ ଦିବସ । ହାତୀଙ୍କ ପାଇଁ ଦିନଟିଏ । ସ୍ଥଳଭାଗରେ ଦେଖାଯାଉଥିବା ସର୍ବବୃହତ୍ ସ୍ତନପାୟୀ ପ୍ରାଣୀ ହାତୀର ସୁରକ୍ଷା ଓ ସଂରକ୍ଷଣ ପ୍ରତି ଜନସଚେତନତା ସୃଷ୍ଟି କରିବା ଉଦ୍ଦେଶ୍ୟରେ ପ୍ରତିବର୍ଷ ଅଗଷ୍ଟ ୧୨ ତାରିଖକୁ ବିଶ୍ୱ ହସ୍ତୀ ଦିବସ ଭାବେ ପାଳନ କରାଯାଉଛି । ଏହିଦିନ ହାତୀଙ୍କ ସୁରକ୍ଷା ଲାଗି ବିଭିନ୍ନ ସଚେତନତା କାର୍ଯ୍ୟକ୍ରମ ଆୟୋଜନ କରାଯାଏ । ପ୍ରଥମ ବିଶ୍ୱ ହସ୍ତୀ ଦିବସ ୨୦୧୨ ମସିହା ଅଗଷ୍ଟ ୧୨ରେ ପାଳନ କରାଯାଇଥିଲା । ହାତୀ ଏକ ଶାକାହାରୀ, ବିଶ୍ୱସ୍ତ ଓ ଶାନ୍ତିପ୍ରିୟ ପ୍ରାଣୀ । ଜୈବ ବିବିଧତାର ସୁରକ୍ଷା ଓ ସନ୍ତୁଳନ ପାଇଁ ହସ୍ତୀର ଭୂମିକା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ । ଭାରତୀୟ ସଂସ୍କୃତି ଓ ପରମ୍ପରାରେ ଗଜ ସଂସ୍କୃତିର ସ୍ୱତନ୍ତ୍ର ସ୍ଥାନ ରହିଛି । ରାଜ ରାଜୁଡ଼ା ଅମଳରେ ପରିବହନ ଏବଂ ପତିଆରା ପାଇଁ ରାଜା ମହାରାଜାମାନେ ହାତୀକୁ ନିଜ ଦରବାରରେ ରଖୁଥିଲେ । ଯେଉଁ ରାଜାଙ୍କର ଯେତେ ହାତୀ ଅଛି, ସେ ସେତେ ବଳଶାଳୀ ବୋଲି ଗଣନା କରାଯାଉଥିଲା । କିନ୍ତୁ ଏବେ ଦ୍ରୁତ ସହରୀକରଣ, ଜଙ୍ଗଲ କ୍ଷୟ, ପାହାଡ଼ଗୁଡ଼ିକରେ ବ୍ଲାଷ୍ଟିଂ ଯୋଗୁଁ ବନ୍ୟଜନ୍ତୁଗୁଡ଼ିକ ଜନବସତି ମୁହାଁ ହେଉଛନ୍ତି । ବିଶେଷକରି ଖାଦ୍ୟ ଅନ୍ୱେଷଣରେ ହାତୀ ଜନବସତି ମୁହାଁ ହେଉଛି । ଫଳରେ ହାତୀ-ମଣିଷ ଲଢ଼େଇ ଦିନକୁ ଦିନ ବୃଦ୍ଧି ପାଇବାରେ ଲାଗିଛି । ଏକଦା ମଣିଷ ସମାଜର ଏକ ଉତ୍ତମ ବନ୍ଧୁ ରହି ଆସିଥିବା ହାତୀ ବର୍ତ୍ତମାନ ଶତ୍ରୁ ପାଲଟିଯାଇଛି । କେତେବେଳେ ହାତୀ ଆକ୍ରମଣରେ ମଣିଷ ଜୀବନ ଯାଉଛି ତ କ୍ଷତିଗ୍ରସ୍ତ ହେଉଛି ଗରିବ ଚାଷୀର ଭାତ ହାଣ୍ଡି । ଓଡ଼ିଆ ସଂସ୍କୃତି ପରମ୍ପରାରେ ହାତୀର ସ୍ଥାନ ସ୍ୱତନ୍ତ୍ର । ହାତୀକୁ ଓଡ଼ିଆରେ 'ଗଜ' ବା 'ଗଜରାଜ' ବୋଲି କୁହନ୍ତି । କୋଟି କୋଟି ଓଡ଼ିଆଙ୍କ ଆରାଧ୍ୟ ଠାକୁର ପ୍ରଭୁ ଶ୍ରୀଜଗନ୍ନାଥଙ୍କ ପବିତ୍ର ସ୍ନାନପୂର୍ଣ୍ଣିମା ଅବସରରେ ହାତୀ ବା ଗଜ ବେଶ ହୋଇଥାଏ । ଓଡ଼ିଶାର ପ୍ରମୁଖ ପର୍ବ ରଜରେ ଗାଁରୁ ସହର ସବୁଠି ଝିଅମାନେ ଦୋଳିରେ ଝୁଲି ଗୀତ ଗାଇଥାନ୍ତି "ବନସ୍ତେ ଡାକିଲା ଗଜ" । ଦିନ ଥିଲା ଓଡ଼ିଶାକୁ ହାତୀଙ୍କ ଭୂସ୍ୱର୍ଗ କୁହାଯାଉଥିଲା । ଏବେ କିନ୍ତୁ ଏହାକୁ ନେଇ ସନ୍ଦେହ ପ୍ରକାଶ ପାଇଛି । ରାଜ୍ୟରେ ହାତୀ ବଂଶ ବୃଦ୍ଧି ପାଉଥିଲେ ମଧ୍ୟ ମୃତ୍ୟୁ ସଂଖ୍ୟାକୁ ନେଇ ପରିବେଶବିତ୍‌ମାନେ ଉଦ୍‌ବେଗ ପ୍ରକାଶ କରିଛନ୍ତି । କେତେବେଳେ ଟ୍ରେନ୍ ଚକ ତଳେ ତ କେତେବେଳେ ବିଦ୍ୟୁତ୍ ତାର ତଳେ ତ ଆଉ କେତେବେଳେ ଦାନ୍ତ ପାଇଁ ଏମାନଙ୍କ ଜୀବନ ଅକାଳରେ ଚାଲିଯାଉଛି । ତେବେ ଆଗକୁ ହାତୀ ବଂଶ କିପରି ବୃଦ୍ଧି ପାଇବ, ସେଦିଗରେ ଧ୍ୟାନ ଦେବା ଆବଶ୍ୟକ ବୋଲି ଅନେକ ପ୍ରାଣୀ ଗବେଷକ ମତ ଦିଅନ୍ତି । ବିଶ୍ୱ ହସ୍ତୀ ଦିବସ ଅବସରରେ ଭୁବନେଶ୍ୱରସ୍ଥିତ ପ୍ରାଣୀ ଉଦ୍ୟାନ ନନ୍ଦନକାନନରେ ବିଶେଷ କାର୍ଯ୍ୟକ୍ରମ ଆୟୋଜନ କରାଯାଇ ହାତୀମାନଙ୍କୁ ପୂଜାର୍ଚ୍ଚନା କରାଯାଇ ଭଲ ଭଲ ସ୍ୱାଦିଷ୍ଟ ଖାଦ୍ୟ ଦିଆଯିବା ସହ ହାତୀ ସୁରକ୍ଷା ନେଇ ଛାତ୍ରଛାତ୍ରୀମାନଙ୍କ ପାଇଁ କୁଇଜ୍ ଓ ଚିତ୍ରାଙ୍କନ ପ୍ରତିଯୋଗିତା ଆୟୋଜନ କରାଯାଏ ।

## ଆଜିର ଇତିହାସ

- ୧୯୦୮ - ହେନେରି ଫୋର୍ଡ କମ୍ପାନି ପ୍ରଥମ କାର ମଡେଲ ତିଆରି କଲା ।
- ୧୯୦୯ - ସତ୍ୟବାଦୀ ବନ ବିଦ୍ୟାଳୟ ପ୍ରତିଷ୍ଠା ଦିବସ ।
- ୧୯୧୯: ପ୍ରସିଦ୍ଧ ମହାକାଶ ବିଜ୍ଞାନୀ ତଥା ଇସ୍ରୋର ପ୍ରତିଷ୍ଠାତା ବିକ୍ରମ ସାରାଭାଇଙ୍କ ଜନ୍ମ ।
- ୧୯୭୧- ସାଲେପୁର ମିଠାର ଜନକ ବିକଳାନନ୍ଦ କରଙ୍କ ଦେହାନ୍ତ ।
- ୨୦୧୨- ଓଡ଼ିଆ ଲୋକନୃତ୍ୟ ଶିଳ୍ପୀ ପଦ୍ମଶ୍ରୀ ଭଗବାନ ସାହୁଙ୍କ ବିୟୋଗ ।

# 'ରାମାୟଣ'ରେ ସବୁ କଳାକାର ପିନ୍ଧିଛନ୍ତି ସୁନାର ଆଭୂଷଣ-ଇନ୍ଦିରା





ଚଳିତବର୍ଷ ଯେଉଁ ଫିଲ୍ମକୁ ନେଇ ସବୁଠୁ ଅଧିକ ଚର୍ଚ୍ଚା ହେଉଛି, ତାହା ହେଉଛି ନୀତେଶ ତିୱାରିଙ୍କ 'ରାମାୟଣ' । ଏହା ବଲିଉଡ୍ ଇତିହାସରେ ସବୁଠୁ ବଡ଼ ବଜେଟ୍‌ର ଫିଲ୍ମ ହେବାକୁ ଯାଉଛି । ଏଥିରେ ପ୍ରଭୁ ଶ୍ରୀରାମଙ୍କ ଭୂମିକାରେ ରଣବୀର କପୁର, ମାତା ସୀତା ଭୂମିକାରେ ସାଇ ପଲ୍ଲବୀ ଓ ରାବଣ ଭୂମିକାରେ ଯଶ୍ ନଜର ଆସିବେ । କିଛି ଦିନ ପୂର୍ବରୁ ଏହାର ଟିଜର୍ ଜାରି କରାଯାଇଥିଲା । ଟିଜର୍‌ରେ ରାମ ଭୂମିକାରେ ରଣବୀର ଓ ରାବଣ ଭୂମିକାରେ ଯଶ୍‌ଙ୍କ ଝଲକ ଦେଖିବାକୁ ମିଳିଥିଲା । ଏଥିରେ ଟେଲିଭିଜନ ଜଗତର ଲୋକପ୍ରିୟ ଅଭିନେତ୍ରୀ ଇନ୍ଦିରା କୃଷ୍ଣନ୍ ନଜର ଆସିବେ । ସେ 'ରାମାୟଣ'ରେ ମାତା କୌଶଲ୍ୟାଙ୍କ ଭୂମିକାରେ ଦେଖାଯିବେ । ନିକଟରେ ଇନ୍ଦିରା ଏହି ଫିଲ୍ମକୁ ନେଇ ଆଲୋଚନା କରିଥିଲେ । ଇନ୍ଦିରା କହିଥିଲେ ଯେ, 'ରିମ୍ପଲ ଓ ହର୍‌ପ୍ରୀତ 'ରାମାୟଣ'ର ଅଧିକାଂଶ କଳାକାରଙ୍କ ପୋଷାକ ଡିଜାଇନ୍ କରିଛନ୍ତି । ପ୍ରତିଟି ପୋଷାକ ପରସ୍ପରଠାରୁ ପୂରାପୂରି ଅଲଗା ହୋଇଛି । ପ୍ରତ୍ୟେକ ଜୁଏଲାରୀ ଓ ପୋଷାକଗୁଡ଼ିକ ବେଶ୍ ସୁନ୍ଦର ହୋଇଛି । ଫିଲ୍ମ ପାଇଁ ସୁନାର ଅଳଙ୍କାରମାନ ତିଆରି କରାଯାଇଛି । ସବୁ କଳାକାରଙ୍କୁ ଅସଲି ସୁନାର ଅଳଙ୍କାର ପିନ୍ଧାଯାଇଛି । ସବୁଠୁ ବଡ଼ କଥା ହେଉଛି, ଏହି ଅଳଙ୍କାର ଓ ପୋଷାକଗୁଡ଼ିକ ପିନ୍ଧାଯାଇ ପ୍ରଥମେ କଳାକାରମାନଙ୍କ ସ୍କ୍ରିନ୍ ଟେଷ୍ଟ ନିଆଯାଏ, ସେ କିପରି ଦେଖାଯାଉଛନ୍ତି ।' ଇନ୍ଦିରା କୃଷ୍ଣନ୍ ଏହାପୂର୍ବରୁ ରଣବୀରଙ୍କ ସହ 'ଆନିମଲ' ଫିଲ୍ମରେ ନଜର ଆସିଥିଲେ ।

# ୧୩ ବର୍ଷ ପର୍ଯ୍ୟନ୍ତ ବନ୍ଦ ହେଇନି ଦୋକାନ ଲାଇଟ୍

ସାଧାରଣତଃ ରାତି ହେଉ କି ଦିନ ଦୋକାନ ବନ୍ଦ କରିବା ବେଳେ ଲାଇଟ୍, ଫ୍ୟାନ୍, ଏସି ଆଦି ବନ୍ଦ କରିବା ସାଧାରଣ କଥା । ହେଲେ ଚୀନ୍‌ରେ ଏମିତି ଏକ ଦୋକାନ ଅଛି, ଯାହାର ଲାଇଟ୍ ରାତି ତମାମ ଜଳେ । ଏପରିକି ୧୩ ବର୍ଷ ଧରି ଏହି ଦୋକାନର ଲାଇଟ୍ ରାତିଯାକ ସେମିତି ଜଳୁଛି । ଚୀନ୍‌ର ହୁନାନ ଅଞ୍ଚଳରେ ଏକ ଛୋଟିଆ ତେଜରାତି ଦୋକାନ ଅଛି । ୬୦ ବର୍ଷୀୟା ସନ୍ ମିହୁଆ ଏହି ଦୋକାନଟିକୁ ଚଳାଇଥାନ୍ତି । ୧୩ ବର୍ଷ ହେଲାଣି ସେ ଏହି ଦୋକାନର ଲାଇଟ୍ କେବେ ବି ବନ୍ଦ କରି ନ ଥିବା କହିଛନ୍ତି । ତେବେ ବ୍ୟବସାୟ କରିବା ଉଦ୍ଦେଶ୍ୟରେ ଏହାକୁ ସେ ଜଳାନ୍ତି, ତାହା ନୁହେଁ । ଏହା ମାଧ୍ୟମରେ ମହିଳା ତଥା ସ୍ଥାନୀୟ ଲୋକଙ୍କୁ ସେ ସୁରକ୍ଷିତ ଅନୁଭବ କରାନ୍ତି । ବିଶେଷକରି ବିଳମ୍ବିତ ରାତ୍ରି ପର୍ଯ୍ୟନ୍ତ କାମ କରି ଘରକୁ ଫେରୁଥିବା ଯୁବତୀଙ୍କୁ ସୁରକ୍ଷିତ ଭାବେ ଘରେ ପହଞ୍ଚାଇବା ଲାଗି ଏହା ତାଙ୍କର ଏକ ପ୍ରକାର ପ୍ରୟାସ । ୨୦୧୨ ମସିହାରେ ସନ୍ ଏହି ଦୋକାନ ଖୋଲିଥିଲେ । ସେତେବେଳେ କିଛି ଯୁବତୀ ତାଙ୍କ ଦୋକାନ ବାହାରେ ଜଳୁଥିବା ଲାଇଟ୍ ଯୋଗୁଁ ସେମାନେ ନିଜକୁ ସୁରକ୍ଷିତ ଭାବୁଥିବା କଥା ସନ୍‌ଙ୍କୁ କହିଥିଲେ । ସେବେଠୁ ସେ ଏହି ଲାଇଟ୍ ବନ୍ଦ କରି ନାହାନ୍ତି । ଅନ୍ୟପଟେ ତାଙ୍କର ଏହି କାର୍ଯ୍ୟ ତାଙ୍କୁ 'ଷ୍ଟ୍ରିଟ୍ ଲାଇଟ୍ ଆଣ୍ଟି'ର ପରିଚୟ ପ୍ରଦାନ କରିଛି । କେବଳ ସେତିକି ନୁହେଁ, ସେ ତାଙ୍କ ଦୋକାନ ବନ୍ଦ କରିବା ସମୟ ରାତି ୨ଟାକୁ ପରିବର୍ତ୍ତନ କରିଦେଇଛନ୍ତି । ଏହାବାଦ୍ ଯେଉଁ ଝିଅମାନେ ବିଳମ୍ବରେ କାର୍ଯ୍ୟରୁ ଫେରିବା ଯୋଗୁଁ ରାସ୍ତାରେ ଯିବାକୁ ଡରୁଥାନ୍ତି ସେ ସେମାନଙ୍କ ସହ ଯାଇଥାନ୍ତି । ସେହିପରି ସନ୍ ତାଙ୍କ ଘରେ ଥିବା ଲ୍ୟାଣ୍ଡଫୋନ୍‌ଟିକୁ ଦୋକାନରେ ରଖିଛନ୍ତି । ଅନେକ ବୟସ୍କ ବ୍ୟକ୍ତି ଯେଉଁମାନେ ମୋବାଇଲ ବ୍ୟବହାର କରି ନ ଥାନ୍ତି ଏବଂ ଯେଉଁ ପିଲାମାନେ ଫୋନ୍ ଆଣି ନ ଥାନ୍ତି, ସେ ସେମାନଙ୍କୁ ମାଗଣାରେ ଫୋନ୍‌ରେ କଥାବାର୍ତ୍ତା କରିବାର ସୁଯୋଗ ଦେଇଥାନ୍ତି । ସନ୍‌ଙ୍କ ପଡ଼ୋଶୀମାନେ ବି ତାଙ୍କୁ ଖୁବ୍ ବିଶ୍ୱାସ କରନ୍ତି । ସେମାନେ କୁଆଡ଼େ ଗଲେ ଘରର ଚାବିଗୁଡ଼ିକୁ ସନ୍‌ଙ୍କୁ ଦେଇଯାନ୍ତି । ସନ୍ ଏବଂ ତାଙ୍କ ସ୍ୱାମୀ ୨୦ ବର୍ଷ ହେବ ଏହି ଅଞ୍ଚଳରେ ରହି ଆସୁଛନ୍ତି । ଦିନେ ସନ୍ ଅସୁବିଧାରେ ଥିବାବେଳେ ସ୍ଥାନୀୟ ଲୋକମାନେ ତାଙ୍କୁ ସାହାଯ୍ୟ କରିଥିଲେ, ଯାହାକୁ ଏବେ ସେ ତାଙ୍କର ଏହି କାର୍ଯ୍ୟ ମାଧ୍ୟମରେ ସୁଝାଉଥିବା କୁହନ୍ତି । ଅନ୍ୟପଟେ ସନ୍‌ଙ୍କର ଏହି କାର୍ଯ୍ୟକୁ ଲୋକେ ଖୁବ୍ ପ୍ରଶଂସା କରୁଛନ୍ତି ।



# ମଶା କାମୁଡ଼ିଲେ ମରିଯିବେ



ଏଣିକି ମଶା କାମୁଡ଼ିଲେ ଆପେ ଆପେ ମରିଯିବେ । ଏକଥା ଏକ ନୂତନ ଗବେଷଣାରୁ ଜଣାପଡ଼ିଛି । କେନିଆ ଏବଂ ମୋଜାମ୍ବିକ ଭଳି ଆଫ୍ରିକୀୟ ଦେଶରେ ଏକ ଗବେଷଣା କରାଯାଇଥିଲା । ଏଠାରେ ଆଇଭରମେକ୍ଟିନ୍ ନାମକ ଔଷଧ ଯୋଗୁଁ ମ୍ୟାଲେରିଆ ମାମଲା ୨୬ ପ୍ରତିଶତ ହ୍ରାସ ପାଇଥିବା ଜଣାପଡ଼ିଛି । ଏହି ଔଷଧ ଯଦିଓ ମଣିଷକୁ କ୍ଷତି ପହଞ୍ଚାଇ ନ ଥାଏ, ତଥାପି ମଶା କାମୁଡ଼ିଲେ ସେମାନେ ଆପେ ଆପେ ମରିଯାଆନ୍ତି । ଏହି ଗବେଷଣା ବାର୍ସିଲୋନା ଇନଷ୍ଟିଚ୍ୟୁଟ୍ ଫର୍ ଗ୍ଲୋବାଲ ହେଲଥ୍ ନେତୃତ୍ୱରେ କରାଯାଇଥିଲା । ଏହି ଔଷଧ ଯେତେବେଳେ ଜଣକୁ ଦିଆଯାଏ, ସମ୍ପୃକ୍ତ ବ୍ୟକ୍ତିଙ୍କୁ ମଶା କାମୁଡ଼ିଲେ, ତୁରନ୍ତ ମରିଯାଏ । ତେବେ ଉକ୍ତ ଔଷଧର ମାସିକ ଡୋଜର ପ୍ରଭାବ କିଛି ଦିନ ପର୍ଯ୍ୟନ୍ତ ରହିଥାଏ । କେନିଆରେ ପାଞ୍ଚରୁ ୧୫ ବର୍ଷ ବୟସର ପିଲା ଏବଂ ମୋଜାମ୍ବିକରେ ୫ ବର୍ଷରୁ କମ୍ ବୟସ୍କ ପିଲାଙ୍କୁ ତିନି ମାସ ପର୍ଯ୍ୟନ୍ତ ଏହାର ଡୋଜ୍ ଦିଆଯାଇଥିଲା । ଔଷଧ ଖାଇଥିବା କେନିଆ ପିଲାଙ୍କଠାରେ ମ୍ୟାଲେରିଆ ମାମଲା ୨୬ ପ୍ରତିଶତ ହ୍ରାସ ପାଇଥିଲା । ସେହିପରି ଏହି ଗବେଷଣାରେ ୨୦ ହଜାରରୁ ଅଧିକ ପିଲା ସାମିଲ ଥିଲେ ଏବଂ ଏଥିରେ ୫୬ ହଜାରରୁ ଅଧିକ ଡୋଜ ସାମିଲ ଥିଲା । ଅନ୍ୟପକ୍ଷରେ ଏହି ଔଷଧକୁ ଅନେକ ଦେଶ ସେମାନଙ୍କ ମ୍ୟାଲେରିଆ ନିୟନ୍ତ୍ରଣ କାର୍ଯ୍ୟକ୍ରମରେ ସାମିଲ କରିବା ପାଇଁ ଚେଷ୍ଟା ଚଳାଇଛନ୍ତି ।

# ଡାଏଟିଂର ନୂଆ ଧାରା 'ଫାଇବର ମ୍ୟାକ୍ସିଂ'



ଆଜିକାଲି ଡାଏଟିଂକୁ ନେଇ ନୂଆ ନୂଆ ଧାରା ସାମ୍ନାକୁ ଆସୁଛି । ଏହି କ୍ରମରେ ଏବେ ଫାଇବରମ୍ୟାକ୍ସିଂ ଚର୍ଚ୍ଚାରେ ଅଛି । ତେବେ ଏହା ହେଉଛି ଏକ ନୂଆ ସୋସିଆଲ ମିଡିଆ ହେଲଥ୍ ଟ୍ରେଣ୍ଡ । ଏହା ବିଶେଷକରି ଟିକ୍‌ଟକ୍ ଏବଂ ଇନଷ୍ଟାଗ୍ରାମ୍‌ରେ ଭାଇରାଲ ହୋଇଛି । ଏଥିରେ ଲୋକେ ପ୍ରତିଦିନ ଖାଉଥିବା ଖାଦ୍ୟରେ ଫାଇବରର ମାତ୍ରାକୁ ବଢ଼ାଇ ଥାନ୍ତି । ଏହା ଡାକ୍ତର କହୁଥିବା ୨୫-୩୦ ଗ୍ରାମ୍ ମାତ୍ରାରୁ ଅଧିକ ହୋଇଥାଏ । ଏହି ଡାଏଟ୍‌ର ଉଦ୍ଦେଶ୍ୟ ହେଉଛି ଅଧିକରୁ ଅଧିକ ଫଳ , ପନିପରିବା, ନଟ୍ସ ଆଦି ଫାଇବରଯୁକ୍ତ ଖାଇବା । ନଚେତ୍ ସପ୍ଲିମେଣ୍ଟସ୍ ମାଧ୍ୟମରେ ଅଧିକ ଫାଇବର ଗ୍ରହଣ କରିବା । ତେବେ ଇନ୍‌ଷ୍ଟା, ଟିକ୍‌ଟକ୍‌ରେ ହାଇ ଫାଇବର ରେସିପିଗୁଡ଼ିକ (ଚିୟା ପୁଡିଂ, ଓଟସ୍ ବାଉଲ୍) ଅଧିକ ସେୟାର୍ କରାଯିବାରୁ ଏହି ଟ୍ରେଣ୍ଡ ଅଧିକ ଲୋକପ୍ରିୟ ହୋଇଛି । ତେବେ ଏଭଳି ଖାଦ୍ୟଗୁଡ଼ିକ ଶୀଘ୍ର ହଜମ ହୋଇ ଯାଉଥିବାରୁ କୋଷ୍ଠକାଠିନ୍ୟ ସମସ୍ୟା ରୁହେ ନାହିଁ । ଫାଇବର ଅଧିକ ମାତ୍ରାରେ ଗ୍ରହଣ କରିବା ଦ୍ୱାରା ଫୁଲନେସ୍ ହର୍ମୋନ ସକ୍ରିୟ ହୋଇଯାଏ । ଏହାଦ୍ୱାରା ଭୋକ କମ୍ ଲାଗେ । ତା'ସହ ଓଜନକୁ ନିୟନ୍ତ୍ରଣରେ ରଖିବା ସହଜ ହୁଏ । ଏହା ମଧୁମେହ ଓ ହୃଦ୍‌ରୋଗୀଙ୍କ ପାଇଁ ମଧ୍ୟ ଲାଭକାରୀ । ଏହାବାଦ୍ ଅନେକ ଅଧ୍ୟୟନରୁ ଜଣାପଡ଼ିଛି ଯେ, ହାଇ ଫାଇବର ଡାଏଟ୍ ଦ୍ୱାରା ହୃଦ୍‌ରୋଗ, ଷ୍ଟ୍ରୋକ, କୋଲନ କ୍ୟାନସର ଏବଂ ଟାଇପ୍ ୨ ଡାଏବେଟିସ୍ ହେବା ଆଶଙ୍କା ୧୬-୩୦ ପ୍ରତିଶତ ହ୍ରାସ ପାଏ । ଅନ୍ୟପକ୍ଷରେ ଫାଇବର ମାତ୍ରା ଅଚାନକ ବଢ଼ାଇ ଦେବା ଦ୍ୱାରା ପେଟ ଫୁଲିବା, ଗ୍ୟାସ୍, ଡାଇରିଆ, କୋଷ୍ଠକାଠିନ୍ୟ ଭଳି ସମସ୍ୟା ଦେଖାଯାଇପାରେ । ଅନ୍ୟପକ୍ଷରେ କେବଳ ଫାଇବର ଉପରେ ଦୃଷ୍ଟି ଦେଲେ ଶରୀରରେ ପ୍ରୋଟିନ, ହେଲଦି ଫ୍ୟାଟ୍, ଆଇରନ ଏବଂ ନ୍ୟୁଟ୍ରିଏଣ୍ଟର ଅଭାବ ଦେଖା ଦେଇପାରେ ।

## ଆଜିର ରାଶିଫଳ

**ମେଷ:** କୋର୍ଟକଚେରୀ ମାମଲାରୁ ଆଶ୍ୱସ୍ତି ମିଳିପାରେ । ପୁରୁଣା ବନ୍ଧୁଙ୍କ ସହ ସାକ୍ଷାତଯୋଗ ରହିଛି । ମହିଳାମାନେ ଆଳସ୍ୟତା ଅନୁଭବ କରିବେ । ନୂତନ ନିବେଶରୁ କ୍ଷତିଗ୍ରସ୍ତ ହୋଇପାରନ୍ତି ।

**ବୃଷ:** ବିଭିନ୍ନ କାର୍ଯ୍ୟରୁ ସଫଳତା ମିଳିବ । କର୍ମକ୍ଷେତ୍ରରେ ଦକ୍ଷତା ପ୍ରମାଣିତ ହେବ । ପରିବାରର ସହାୟତା ପାଇବେ । ପ୍ରେମିକପ୍ରେମିକାଙ୍କ ପାଇଁ ଦିନଟି ଏତେ ଭଲ ନୁହେଁ ।

**ମିଥୁନ:** କୌଣସି ଜରୁରି କାର୍ଯ୍ୟରେ ବ୍ୟସ୍ତ ରହିପାରନ୍ତି । ଦାମ୍ପତ୍ୟ ଜୀବନରେ ସମନ୍ୱୟ ରହିବ । ଜୀବନରେ ଆଗକୁ ବଢ଼ିବା ପାଇଁ ସୁଯୋଗ ପାଇବେ । ସନ୍ତାନଙ୍କ ସହ ମୂଲ୍ୟବାନ ସମୟ କଟାଇବେ ।

**କର୍କଟ:** ପରିବାର ସମ୍ବନ୍ଧରେ ଭୁଲ୍ ବୁଝାମଣା ସୃଷ୍ଟି ହୋଇପାରେ । ଆର୍ଥିକ ଉନ୍ନତି ପାଇଁ ନୂଆ ଉପାୟ ମିଳିବ । ଲଗାତାର ଚେଷ୍ଟା କରି ସଫଳତା ପାଇବେ । ପଡୋଶୀଙ୍କ ସହ ଭୁଲ୍‌ବୁଝାମଣା ହୋଇପାରେ ।

**ସିଂହ:** ଗୁରୁଜନଙ୍କ ପରାମର୍ଶ ନେଇ କାମ ଆରମ୍ଭ କରିବେ । ବ୍ୟବସାୟରେ ସଫଳତା ପାଇବେ । ଦୂରଯାତ୍ରା ପାଇଁ ସୁଯୋଗ ରହିଛି । ପିଲାମାନେ ଉଚ୍ଚଶିକ୍ଷା ପାଇଁ ବିଦେଶ ଯାତ୍ରା କରିପାରନ୍ତି ।

**କନ୍ୟା:** କ୍ୟାରିୟର ପାଇଁ ନୂତନ ଦିଗ ପାଇବେ । କାର୍ଯ୍ୟକ୍ଷେତ୍ରରେ ମାନସମ୍ମାନ ବୃଦ୍ଧି ପାଇବ । ପ୍ରେମ ଓ ଦାମ୍ପତ୍ୟ ଜୀବନ ମଧୁର ରହିବ । ଅପ୍ରିୟ ସତ କହି ସମସ୍ୟାରେ ପଡ଼ିପାରନ୍ତି ।

**ତୁଳା:** କୌଣସି କାର୍ଯ୍ୟରେ ସଫଳତା ନପାଇ ନିରାଶ ରହିପାରନ୍ତି । ସୃଜନଶୀଳ କଳା ପ୍ରତି ଆଗ୍ରହ ବୃଦ୍ଧି ପାଇବ । ମହିଳାମାନେ ଉଚିତ ନିଷ୍ପତ୍ତି ଗ୍ରହଣ କରିପାରିବେ । ନୂତନ ଜମିକ୍ରୟ କରିପାରନ୍ତି ।

**ବିଛା:** ଅଟକି ରହିଥିବା କାର୍ଯ୍ୟ ପୂର୍ଣ୍ଣ ହେବ । କାର୍ଯ୍ୟରେ ସଫଳତା ମିଳିବ । ସ୍ୱାସ୍ଥ୍ୟରେ ଅବନତି ଦେଖାଦେଇପାରେ । ମାନସିକ ଅବସାଦ ବଢ଼ିବ । ପରୀକ୍ଷାର୍ଥୀଙ୍କ ପାଇଁ ଦିନଟି ବହୁତ ଭଲ ।

**ଧନୁ:** ପାରିବାରିକ ସମ୍ପର୍କ ମଜଭୁତ ହେବ । ଆର୍ଥିକ ଲାଭ ପାଇବାର କିଛି ସୁଯୋଗ ପାଇବେ । ଜୀବନସାଥୀଙ୍କ ପରାମର୍ଶକ୍ରମେ କାର୍ଯ୍ୟ କରିବେ । ଗୁରୁଜନଙ୍କ ଆଶୀର୍ବାଦ ନେଇ ଆଗକୁ ବଢ଼ିବ ।

**ମକର:** ପରିବାର ସହିତ ଆନନ୍ଦଭରା ସମୟକୁ ଅତିବାହିତ କରିବେ । ମହିଳାମାନେ ସ୍ୱାଭିମାନୀ ହୋଇ କାର୍ଯ୍ୟ କରିବେ । ପିଲାମାନେ ଖେଳକୁଦରେ ସମୟ ଅତିବାହିତ କରିବେ ।

**କୁମ୍ଭ:** କର୍ମସ୍ଥଳୀରେ କିଛି ନୂତନ କାର୍ଯ୍ୟ କରି ପ୍ରଶଂସାର ପାତ୍ର ହେବେ । ସୁଯୋଗର ସଠିକ୍ ଉପଯୋଗ କରିବେ । ଦୀର୍ଘ ଦିନର ଆଶା ପୂରଣ ହୋଇପାରେ । ଉଧାର ଟଙ୍କା ଫେରିପାଇବେ ।

**ମୀନ:** ସ୍ୱଭାବରେ ପରିବର୍ତ୍ତନ ଆଣିବେ । ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ । ଆତ୍ମବିଶ୍ୱାସ ବୃଦ୍ଧି ପାଇବ । କୋର୍ଟ କଚେରୀ ମାମଲାରୁ ବିଜୟୀ ହେବେ । ଉଧାର ଟଙ୍କା ଫେରି ପାଇବେ ।

■ ଆୟବହିର୍ଭୂତ ସମ୍ପତ୍ତି ଠୁଳ ମାମଲା

## ଅବସରପ୍ରାପ୍ତ ଆଇଏଫଏସ୍ ଅଧିକାରୀଙ୍କୁ ୨ ବର୍ଷ ଜେଲ୍

କଟକ,୧୧।୮ (ସମିସ): ଅବସରପ୍ରାପ୍ତ ଆଇଏଫଏସ ଅଧିକାରୀ ଅମରେଶ କୁମାର ଜୟସ୍ୱାଲଙ୍କୁ ଆୟ ବହିର୍ଭୂତ ସମ୍ପତ୍ତି ଠୁଳ ଅଭିଯୋଗରେ ରୁଜୁ ମାମଲାରେ ଆଜି କଟକ ସ୍ୱତନ୍ତ୍ର ଭିଜିଲାନ୍ସ ଅଦାଲତ ଦୋଷୀ ସାବ୍ୟସ୍ତ କରିଛନ୍ତି। ଭିଜିଲାନ୍ସ ଅଦାଲତ ତାଙ୍କୁ ଦୁର୍ନୀତି ନିବାରଣ ଆଇନ ୧୯୮୮ ଧାରା୧୩(୨) ଆର /୧୩(୧)ଇ ଅନୁସାରେ ୨ବର୍ଷ ଜେଲଦଣ୍ଡ ଓ ୫୦ହଜାର ଟଙ୍କା ଜରିମାନା ଦଣ୍ଡରେ ଦଣ୍ଡିତ କରିଛନ୍ତି। ପ୍ରକାଶଥାଉକି ଶ୍ରୀ ଜୟସ୍ୱାଲ ସମ୍ବଲପୁର ଡିଏଫଓ ଭାବେ କାର୍ଯ୍ୟ କରୁଥିବା ବେଳେ ଗତ ୨୦୦୨ ମସିହାରେ ଆୟବହିର୍ଭୂତ ସମ୍ପତ୍ତି ଠୁଳ ନେଇ ତାଙ୍କ ବିରୋଧରେ ଭିଜିଲାନ୍ସ ଏକ ମାମଲା ରୁଜୁ କରିଥିଲା। ଏହି ମାମଲାରେ ଭିଜିଲାନ୍ସ ପକ୍ଷରୁ ଚାର୍ଜସିଟ ମଧ୍ୟ ଦାଖଲ ହୋଇଥିଲା। ଗତ ୨୦୨୧ଜୁନରେ ସେ ପିସିସିଏଫଙ୍କ କାର୍ଯ୍ୟାଳୟରୁ ବନ ସଂରକ୍ଷକ ଭାବେ ଅବସର ଗ୍ରହଣ କରିଥିଲେ।

ସମ୍ବଲପୁର ଭିଜିଲାନ୍ସ ଡିଭିଜନର ପ୍ରାକ୍ତନ ଡିଏସପି ସ୍ୱରୂପ କୁମାର ପରିଡା ଏହି ମାମଲାର ତଦନ୍ତ କରିଥିଲେ। ପ୍ରଜିକ୍ୟୁସନ ପକ୍ଷରୁ ଭିଜିଲାନ୍ସର ସ୍ୱତନ୍ତ୍ର ପବ୍ଲିକ ପ୍ରସିକ୍ୟୁଟର ରାକେଶ କୁମାର ସାହୁ ଓ ଜ୍ୟୋତିପ୍ରକାଶ ମହାପାତ୍ର ମାମଲା ପରିଚାଳନା କରୁଥିଲେ। ଏହି ମାମଲାରେ ଦୋଷୀ ସାବ୍ୟସ୍ତ ହୋଇଥିବାରୁ ସମ୍ପୃକ୍ତ ଅବସରପ୍ରାପ୍ତ ଅଧିକାରୀଙ୍କ ପେନସନ ବନ୍ଦ କରିବା ନିମନ୍ତେ ପାଇଁ ଭିଜିଲାନ୍ସ ପକ୍ଷରୁ ସରକାରଙ୍କୁ ଆବେଦନ କରାଯିବ ବୋଲି କୁହାଯାଇଛି।

ଭୋଟ ତାରତମ୍ୟ

# ଉଚ୍ଚ ନ୍ୟାୟାଳୟଙ୍କ ଦ୍ୱାରସ୍ଥ ହେବ ବିଜେଡି

■ ନିର୍ବାଚନରେ ସ୍ୱଚ୍ଛତା ପ୍ରତିପାଦନ କରିବାରେ କମିସନ ବିଫଳ
■ ଫର୍ମ ୧୭-ସି ପ୍ରଦାନ କରୁନାହାନ୍ତି କମିସନ, ସ୍ୱଚ୍ଛତାକୁ ନେଇ ପ୍ରଶ୍ନ
■ କଂଗ୍ରେସ ଏହି ପ୍ରସଙ୍ଗ ଉଠାଇବାର ବହୁ ପୂର୍ବରୁ ବିଜେଡି ଉଠାଇଥିଲା
■ ଉଚ୍ଚ ନ୍ୟାୟାଳୟର ଦ୍ୱାରସ୍ଥ ହୋଇଛନ୍ତି ଯାଜପୁର ବିଜେଡି ସଂସଦୀୟ ପ୍ରାର୍ଥୀ

ଭୁବନେଶ୍ୱର,୧୧।୮ (ସମିସ): ନିର୍ବାଚନ ସ୍ୱଚ୍ଛତା ପ୍ରତିପାଦନ କରିବାରେ ନିର୍ବାଚନ କମିସନ ବିଫଳ ହୋଇଛନ୍ତି। ୮ ମାସ ତଳେ ବିଜୁ ଜନତା ଦଳ ପକ୍ଷରୁ ଗତ ନିର୍ବାଚନରେ ପରିଲକ୍ଷିତ ଭୋଟ ଅସଙ୍ଗତିକୁ ନେଇ ନିର୍ବାଚନ କମିସନରଙ୍କ ନିକଟରେ ତଥ୍ୟ ପ୍ରଦାନ କରାଯାଇ ଉତ୍ତର ମଗାଯାଇଥିଲା। ମାତ୍ର ଏଯାଏଁ ଏନେଇ କୌଣସି ସନ୍ତୋଷଜନକ ଉତ୍ତର ମିଳିନାହିଁ। ତେଣୁ ଏହି ମାମଲାକୁ ନେଇ ଦଳ ଉଚ୍ଚ ନ୍ୟାୟାଳୟର ଦ୍ୱାରସ୍ଥ ହେବ। ଆବଶ୍ୟକ ପଡ଼ିଲେ ଦଳ ସୁପ୍ରିମକୋର୍ଟ ମଧ୍ୟ ଯିବ। ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଏ ସଂକ୍ରାନ୍ତରେ ସୂଚନା ଦେଇଛନ୍ତି ପୂର୍ବତନ ରାଜ୍ୟସଭା ସାଂସଦ ତଥା ଦଳର ମୁଖପାତ୍ର ଅମର ପଟ୍ଟନାୟକ, ପୂର୍ବତନ ସାଂସଦ ଶର୍ମିଷ୍ଠା ସେଠୀ ଓ ବିଧାୟକ ଧ୍ରୁବ ଚରଣ ସାହୁ।

ଶ୍ରୀ ଅମର ପଟ୍ଟନାୟକ କହିଥିଲେ ଯେ ଗତ ନିର୍ବାଚନରେ ଭୋଟ ଶେଷ ହେବା ପରେ ନିର୍ବାଚନ କମିସନରଙ୍କ ଦ୍ୱାରା ଦିଆଯାଇଥିବା ତଥ୍ୟକୁ ଅନୁଶୀଳନ କରିବା ପରେ ଅନେକ ତାରତମ୍ୟ ପରିଲକ୍ଷିତ ହୋଇଥିଲା। ଗୋଟିଏ ଦାୟିତ୍ୱସମ୍ପନ୍ନ ରାଜନୈତିକ ଦଳ ଭାବରେ ବିଜେଡି ପକ୍ଷରୁ ନିର୍ବାଚନ କମିସନରଙ୍କୁ ଏହି ତାରତମ୍ୟ ସମ୍ପର୍କରେ ପ୍ରଶ୍ନ କରାଯାଇଥିଲା। ପ୍ରଥମରେ ରାଜ୍ୟର ସମସ୍ତ ସଂସଦୀୟ କ୍ଷେତ୍ରରେ ଇଭିଏମରେ ପଡ଼ିଥିବା ଭୋଟ ସଂଖ୍ୟା ଅପେକ୍ଷା ଗଣତି ହୋଇଥିବା ଭୋଟ ସଂଖ୍ୟା ଅଧିକ ଥିଲା। ଦ୍ୱିତୀୟରେ ସଂସଦ କ୍ଷେତ୍ରର ଭୋଟ ସଂଖ୍ୟା ଅପେକ୍ଷା ଏହା ମଧ୍ୟରେ ଆସୁଥିବା ବିଧାନସଭାର ସମୁଦାୟ ଭୋଟ ସଂଖ୍ୟା ମଧ୍ୟରେ ଉଲ୍ଲେଖନୀୟ ତାରତମ୍ୟ ରହିଥିଲା। ତୃତୀୟରେ ନିର୍ବାଚନ ସମୟ ଶେଷ ହୋଇଯିବା ପରେ ଭୋଟ ପଡିବା ସଂଖ୍ୟା ପ୍ରାୟ ୭ ପ୍ରତିଶତରୁ ୩୦ ପ୍ରତିଶତ ପର୍ଯ୍ୟନ୍ତ ରହିଥିଲା। ୫୦ ପ୍ରତିଶତ ବିଧାନସଭା ଆସନରେ ଏହି ତାରତମ୍ୟ ୧୫ରୁ ୩୦ ପ୍ରତିଶତ ପର୍ଯ୍ୟନ୍ତ ରହିଥିଲା। ୨୦୨୪ ମସିହା ଡିସେମ୍ବର



୧୯ ତାରିଖରେ ବିଜେଡି ପକ୍ଷରୁ ଏହି ସମ୍ବନ୍ଧରେ ଅଭିଯୋଗ ଦାଖଲ କରାଯାଇ ଏହାର ଉତ୍ତର ରଖିବାକୁ ଅନୁରୋଧ କରାଯାଇଥିଲା। ଏହାଛଡା ନିର୍ବାଚନ ପ୍ରକ୍ରିୟାକୁ ଅଧିକ ପାରଦର୍ଶିତା କରିବା ପାଇଁ, ଭୋଟର ଲିଷ୍ଟ ପ୍ରସ୍ତୁତିରୁ ଆରମ୍ଭ କରି ଭୋଟ ଗଣତି ଶେଷ ହେବା ପର୍ଯ୍ୟନ୍ତ ସମସ୍ତ ପ୍ରକ୍ରିୟାକୁ ଅଡିଟ୍ କରିବା ପାଇଁ ମଧ୍ୟ ଅନୁରୋଧ କରାଯାଇଥିଲା। ନିର୍ବାଚନ ପ୍ରକ୍ରିୟାର ଏପରି ଅଡିଟ୍ ବ୍ୟବସ୍ଥା ସମସ୍ତ ବିକଶିତ ରାଷ୍ଟ୍ରମାନଙ୍କରେ ରହିଛି। ସେହିପରି ଭିଭିପ୍ୟାଟ ବ୍ୟବସ୍ଥାରେ କେବଳ ୫ ପ୍ରତିଶତରେ ସୀମିତ ନ ରଖି ସମସ୍ତ ଭୋଟ ପାଇଁ ଲାଗୁ କରାଯାଉ ବୋଲି ଅନୁରୋଧ କରାଯାଇଥିଲା। ନିୟମ ଅନୁଯାୟୀ ନିର୍ବାଚନ ପରେ ଫର୍ମ ୧୭-ସି ନିର୍ବାଚନ କମିସନଙ୍କ ଦ୍ୱାରା ପ୍ରଦାନ କରାଯିବା କଥା। ମାତ୍ର ନିର୍ବାଚନ କମିସନ ତାହା ଦେଉନାହାନ୍ତି। ଯେହେତୁ କିଛି ନିର୍ବାଚନ ମଣ୍ଡଳୀରେ ନିର୍ବାଚନ ଫଳାଫଳକୁ ନେଇ ଉଚ୍ଚନ୍ୟାୟାଳୟରେ ମାମଲା ଦାଖଲ ହୋଇଛି, ସେଥିପାଇଁ ଫର୍ମ ୧୭ ସି ପ୍ରଦାନ କରାଯାଇ ପାରିବ ନାହିଁ ବୋଲି ନିର୍ବାଚନ କମିସନଙ୍କ ଉତ୍ତର ସନ୍ତୋଷଜନକ ନୁହେଁ। ଓଡ଼ିଶାରେ ମାତ୍ର ୨୮ଟି ନିର୍ବାଚନ ମଣ୍ଡଳୀକୁ ନେଇ ମାମଲା ଚାଲିଛି। ଏହାକୁ ଛାଡି ଅନ୍ୟ ନିର୍ବାଚନ ମଣ୍ଡଳୀ ଗୁଡିକର ଫର୍ମ-୧୭ ସି ପ୍ରଦାନ କରିବା କଥା; କିନ୍ତୁ ନିର୍ବାଚନ କମିସନ ସେଗୁଡିକ ମଧ୍ୟ ପ୍ରଦାନ କରୁନାହାନ୍ତି। ଶ୍ରୀ ପଟ୍ଟନାୟକ ଆହୁରି ମଧ୍ୟ କହିଥିଲେ ଯେ ନିକଟରେ ରାହୁଲ ଗାନ୍ଧୀ ନିର୍ବାଚନରେ ସ୍ୱଚ୍ଛତାକୁ ନେଇ ପ୍ରଶ୍ନ ଉଠାଇବା ପରେ ରାଜ୍ୟରେ କଂଗ୍ରେସ ମଧ୍ୟ ପ୍ରଶ୍ନ କରିଛି। କିନ୍ତୁ ଏହାର ବହୁ ପୂର୍ବରୁ ବିଜୁ ଜନତା ଦଳ ଏହି ପ୍ରସଙ୍ଗ ଉଠାଇଥିଲା। ବିଜେଡି ଦ୍ୱାରା ପୂର୍ବରୁ ଦାବି କରାଯାଇଥିବା ଅଡିଟ୍ ବ୍ୟବସ୍ଥାକୁ ମଧ୍ୟ ରାହୁଲ ଗାନ୍ଧୀ ଦୋହରାଇଛନ୍ତି। ନିର୍ବାଚନ ଫଳାଫଳକୁ ନେଇ ରାଜ୍ୟବାସୀଙ୍କ ମନରେ ନିର୍ବାଚନର ସ୍ୱଚ୍ଛତାକୁ ସୃଷ୍ଟି ହୋଇଥିବା ସନ୍ଦେହକୁ ଦୂର କରିବାରେ ନିର୍ବାଚନ କମିସନ ସକ୍ଷମ ହୋଇପାରି ନାହାନ୍ତି, ଯେଉଁଥିପାଇଁ ବିଜୁ ଜନତା ଦଳ ଉଚ୍ଚନ୍ୟାୟାଳୟର ଦ୍ୱାରସ୍ଥ ହେବ ବୋଲି ଶ୍ରୀ ପଟ୍ଟନାୟକ କହିଥିଲେ।

ସେହିପରି ଶର୍ମିଷ୍ଠା ସେଠୀ କହିଥିଲେ ଯେ ନିର୍ବାଚନ ଫଳାଫଳ ପ୍ରକାଶ ପାଇବାର ପରଦିନ ମୁଁ ନିର୍ବାଚନ କମିସନଙ୍କୁ ଯାଜପୁର ସଂସଦ କ୍ଷେତ୍ରର ଫର୍ମ ୧୭-ସି ପାଇଁ ଆବେଦନ କରିଥିଲି। ଏହା ମୋତେ ପ୍ରଦାନ କରା ନ ଯିବାରୁ ମୁଁ ଭାରତର ନିର୍ବାଚନ କମିସନଙ୍କୁ ଚିଠି ଲେଖିଥିଲି। ମାତ୍ର ମୋତେ ସନ୍ତୋଷଜନକ ଉତ୍ତର ମିଳି ନଥିଲା। ଯାହାଫଳରେ ମୁଁ ବାଧହୋଇ ଉଚ୍ଚନ୍ୟାୟାଳୟର ଦ୍ୱାରସ୍ଥ ହୋଇଥିଲି। ଏବେ ତାହା ବିଚାରାଧୀନ ରହିଛି ବୋଲି ସେ ସୂଚନା ଦେଇଛନ୍ତି।

ଓଟିଇଟି ପ୍ରଶ୍ନପତ୍ର ପ୍ରଘଟ ଘଟଣା

## ଜିତନ, ବିଜୟଙ୍କୁ କ୍ରାଇମବ୍ରାଞ୍ଚର ମାରାଥନ୍ ଜେରା

■ ନଗଦ ଆକାରରେ ଆଦାୟ ହୋଇଛି ଲକ୍ଷ ଲକ୍ଷ ଟଙ୍କା !
■ ମୋବାଇଲରୁ ରିକଭରି ହେଲା ଡିଲିଟ୍ ତଥ୍ୟ
■ ଆଗକୁ ବଢ଼ିପାରେ ଗିରଫଦାରୀ ସଂଖ୍ୟା !

କଟକ, ୧୧।୮ (ସମିସ): ଓଟିଇଟି ପ୍ରଶ୍ନପତ୍ର ଲିକ୍ ଘଟଣାକୁ ନେଇ କ୍ରାଇମବ୍ରାଞ୍ଚ ଦୁଇ ଅଭିଯୁକ୍ତ ତଥା (ମାଧ୍ୟମିକ ଶିକ୍ଷା ପରିଷଦ) ବୋର୍ଡର ଡାଟାଏଣ୍ଟ୍ରି ଅପରେଟର୍ ଜିତନ ମହାରାଣା ଓ ଶିକ୍ଷକ ନେତା ବିଜୟ ମିଶ୍ରଙ୍କୁ ଦୁଇଦିନିଆ ରିମାଣ୍ଡରେ ନେଇ ଘନଘନ ଜେରା କରିଛି। ଉଭୟ ଅଭିଯୁକ୍ତଙ୍କୁ ଚୌଦ୍ୱାର ଜେଲରୁ କ୍ରାଇମବ୍ରାଞ୍ଚ ମୁଖ୍ୟାଳୟକୁ ନିଆଯିବା ପରେ ପୂର୍ବରୁ ପ୍ରସ୍ତୁତ ପ୍ରଶ୍ନାବଳୀ ଆଧାରରେ ପୃଥକ୍ ଜେରା କରାଯାଇଥିଲା। କ୍ରାଇମବ୍ରାଞ୍ଚର ୪ଜଣିଆ ଟିମ୍ ସେମାନଙ୍କୁ ପ୍ରଶ୍ନପତ୍ର ପ୍ରଘଟ ଘଟଣାରେ ଗୁଡ଼େଇତୁଡ଼େଇ ପ୍ରଶ୍ନ କରିଛି। ଗୁରୁତ୍ୱପୂର୍ଣ୍ଣ ବିଷୟ ହେଲା, ଗିରଫ ଭୟରେ ଉଭୟ ନିଜ ମୋବାଇଲରୁ ଅନେକ ତଥ୍ୟ ଡିଲିଟ୍ କରିଦେଇଥିଲେ। ହେଲେ କ୍ରାଇମବ୍ରାଞ୍ଚ ଉଭୟଙ୍କ ମୋବାଇଲକୁ ଜବତ କରି ଡିଲିଟ୍ ହୋଇଥିବା ସମସ୍ତ ତଥ୍ୟକୁ ରିକଭରି କରିବାରେ ସଫଳ ହୋଇଛି। ଆଜି ସ୍ୱେସାଲ ଟିମ୍ ଏହି ତଥ୍ୟ ସମ୍ପର୍କରେ ସେମାନଙ୍କୁ ଜେରା କରିଛି।

ଏହି ଜେରାରୁ କ୍ରାଇମବ୍ରାଞ୍ଚକୁ ଅନେକ ଗୁରୁତ୍ୱପୂର୍ଣ୍ଣ ତଥ୍ୟ ମିଳିଥିବା ଜଣାଯାଇଛି। ଏପରିକି, ଜିତନ ଓ ବିଜୟଙ୍କ ମଧ୍ୟରେ କେତେ ନଗଦ କାରବାର ଓ ଆକାଉଣ୍ଟ ମାଧ୍ୟମରେ କାରବାର ହୋଇଛି, ସେନେଇ ଘନଘନ ଜେରା କରାଯାଇଥିଲା। ପ୍ରଶ୍ନପତ୍ର ଲିକ୍ ଘଟଣାର ମୁଖ୍ୟ ସୂତ୍ରଧର ଜିତନଙ୍କ ଆକାଉଣ୍ଟକୁ ଶିକ୍ଷକ ସଂଘ ନେତା ବିଜୟ ମିଶ୍ରଙ୍କ ତରଫରୁ ଫୋନ-ପେ' ଜରିଆରେ ୨ ଲକ୍ଷ ୫୦ ହଜାର ଟଙ୍କା ଆସିଥିଲା ଓ ବିଜୟଙ୍କ ଆକାଉଣ୍ଟକୁ ଅନୁରୂପ ଆଉ ଜଣେ ଶିକ୍ଷକଙ୍କ ଠାରୁ ୯୯ହଜାର ଟଙ୍କା ଆସିଥିଲା। ଏଣୁ ଉଭୟ ଏହି କେଳେଙ୍କାରୀ ଘଟଣାରେ ନଗଦ ଓ ଆକାଉଣ୍ଟ ଜରିଆରେ ଆହୁରି ଅଧିକ ଅର୍ଥ ଆଦାୟ କରିଥିବା ଜେରାରୁ କ୍ରାଇମବ୍ରାଞ୍ଚ ଜାଣିବାକୁ ପାଇଛି। ଉଭୟଙ୍କୁ ସେମାନଙ୍କ ବ୍ୟାଙ୍କ ଜମାଖାତା ବିବରଣୀ ଓ ଅନ୍ୟ ଦସ୍ତାବିଜ୍ ସହ କ୍ରାଇମବ୍ରାଞ୍ଚ ଟିମ ଅର୍ଥ କାରବାର ସମ୍ପର୍କରେ ତନାଘନା ଚଳାଇଛି। କୋରାପୁଟ, କଳାହାଣ୍ଡି, ରାୟଗଡ଼ା, କେନ୍ଦୁଝର ଆଦି କେତେକ ଜିଲ୍ଲାରେ ଆଶାୟୀ ପରୀକ୍ଷାର୍ଥୀ ତଥା ଶିକ୍ଷକମାନଙ୍କଠାରୁ ପ୍ରଶ୍ନପତ୍ର ବାବଦରେ ଲକ୍ଷଲକ୍ଷ ଟଙ୍କା ଆଦାୟ କରାଯାଇଥିବା ନେଇ ଅଭିଯୋଗ ଆସିଥିଲା। ଏସବୁ ଅର୍ଥ କାରବାରରେ ଉଭୟ ଅଭିଯୁକ୍ତଙ୍କ ସହ ଆଉ କିଏ ସମ୍ପୃକ୍ତ ରହିଛନ୍ତି, ସେନେଇ କ୍ରାଇମବ୍ରାଞ୍ଚ ପକ୍ଷରୁ ପ୍ରଶ୍ନ କରାଯାଇଥିଲା। ଏହି ଘଟଣାରେ ଗିରଫ ହୋଇଥିବା ଅନ୍ୟତମ ମୁଖ୍ୟ ଅଭିଯୁକ୍ତ ବୋର୍ଡର ଉପସଭାପତି ନୀହାର ରଞ୍ଜନ ମହାନ୍ତିଙ୍କ ସହିତ ଜିତନଙ୍କ ଆର୍ଥିକ କାରବାର ଘଟଣାର ମଧ୍ୟ ଖୋଳତାଡ଼ କରିଛି କ୍ରାଇମବ୍ରାଞ୍ଚ। ପରୀକ୍ଷା ପରିଚାଳନାରେ ଜିତନଙ୍କ କିଛି ଦାୟିତ୍ୱ ନଥିଲେ ମଧ୍ୟ ନୀହାରଙ୍କ ସହ ଅଫିସ ସମୟ ବାଦ୍ ୧୦୦ଥର ଫୋନରେ ବାର୍ତ୍ତାଳାପ ହୋଇଥିବା କ୍ରାଇମବ୍ରାଞ୍ଚ ପୂର୍ବରୁ ଜାଣିବାକୁ ପାଇଥିଲା। ଏ ସମ୍ପର୍କରେ ମଧ୍ୟ ଜିତନଙ୍କୁ କ୍ରାଇମବ୍ରାଞ୍ଚ ଟିମ ପ୍ରଶ୍ନ କରିଥିଲା। ପ୍ରଥମ ପର୍ଯ୍ୟାୟରେ ଆଜି ଜିତନ ଓ ବିଜୟଙ୍କୁ ପୃଥକ୍ ଜେରା କରାଯାଇଥିବା ବେଳେ ଆସନ୍ତାକାଲି ସେମାନଙ୍କୁ ସାମ୍ନାସାମ୍ନି ଜେରା କରାଯିବ ବୋଲି ଜଣାପଡ଼ିଛି।

ଅପରପକ୍ଷେ, ଆଗକୁ ଏହି ଘଟଣାରେ ଗିରଫ ହୋଇଥିବା ଅନ୍ୟ ଅଭିଯୁକ୍ତମାନଙ୍କୁ ମଧ୍ୟ ରିମାଣ୍ଡରେ ଆଣିବା ପାଇଁ କ୍ରାଇମବ୍ରାଞ୍ଚ ଯୋଜନା କରୁଥିବା ଜଣାପଡ଼ିଛି। ଏଥିସହ ଏହି ଘଟଣାରେ ସଂପୃକ୍ତ ଥିବା ଆଉ କିଛି ବୋର୍ଡ କର୍ମଚାରୀ ଓ ଶିକ୍ଷକଙ୍କୁ ମଧ୍ୟ ତଦନ୍ତ ପରିସରଭୁକ୍ତ କରାଯିବ ବୋଲି କ୍ରାଇମବ୍ରାଞ୍ଚର ଜଣେ ବରିଷ୍ଠ ଅଧିକାରୀ ଆଲୋଚନା ପ୍ରସଙ୍ଗରେ କହିଛନ୍ତି।

ସମ୍ବଲପୁର ରେଳମଣ୍ଡଳର ଅବହେଳା !

## ବିଦ୍ୟୁତ ଖୁଣ୍ଟି ପଡ଼ି ଚାଲିଗଲା ଛାତ୍ରଙ୍କ ଜୀବନ

ସମ୍ବଲପୁର,୧୧।୮ (ସମିସ): ସ୍କୁଲ ବନ୍ଦ ହେବାକୁ ମାତ୍ର ଆଉ ୧୫ ମିନିଟ ଥିଲା। ପରିସ୍ରା କରିବାକୁ କହି ସ୍କୁଲ ଛାତ୍ର ବାହାରକୁ ଆସିଥିଲେ। ହେଲେ ଏହି ସମୟରେ ଗୋଟିଏ ବିଦ୍ୟୁତ ଖୁଣ୍ଟି ତାଙ୍କ ଉପରେ ପଡ଼ିଯାଇଥିଲା।

**ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଉତ୍ତେଜନା**

ଗୁରୁତର ଅବସ୍ଥାରେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ନିଆଯାଇଥିଲା। କିନ୍ତୁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ବୁଢ଼ାରଜା ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପରିସରରେ ଆଜି ଏପରି ଏକ ଅଭାବନୀୟ ଘଟଣା ଘଟିଛି। ମୃତ ଛାତ୍ରଜଣଙ୍କ ହେଲେ, ବିହାରୀପଡ଼ାର ଷଷ୍ଠ ଶ୍ରେଣୀରେ ପଢୁଥିବା ରାହୁଲ ଯାଦବ(୧୨)। ଆଜି ଅପରାହ୍ନ ପ୍ରାୟ ୩ଟା ୪୫ରେ ଏହି ଅଘଟଣ ଘଟିଛି। ରାହୁଲ ପରିସ୍ରା କରିବା ପାଇଁ ବାହାରକୁ ଆସିଥିବା ବେଳେ ତାଙ୍କ ଉପରେ ବିଦ୍ୟୁତ ଖୁଣ୍ଟି ପଡ଼ି ଯାଇଥିଲା। ରେଳବାଇ କର୍ମଚାରୀଙ୍କ ଅବହେଳା କାରଣରୁ ଏହା ଘଟିଥିବା ପରିବାର ଲୋକ ଅଭିଯୋଗ କରିଛନ୍ତି।



ସୂଚନାଯୋଗ୍ୟ, ସ୍କୁଲ ପରିସରକୁ ଲାଗି ସମ୍ବଲପୁର ରୋଡ ଷ୍ଟେସନଟି ରହିଛି। ଏହି ଷ୍ଟେସନରେ ରେଳ ବିଭାଗ ପକ୍ଷରୁ କାମ ଚାଲିଥିବା ବେଳେ ଖୁଣ୍ଟିଟି ସ୍କୁଲ ଉପରେ ପଡ଼ିଯାଇଥିଲା। ପ୍ରଧାନ ଶିକ୍ଷୟିତ୍ରୀଙ୍କ କହିବା ଅନୁଯାୟୀ, ରେଳ ବିଭାଗ ପକ୍ଷରୁ ଏନେଇ ଆମକୁ କୌଣସି ସୂଚନା ଦିଆଯାଇନଥିଲା। କେତେବେଳେ କାମ ଆରମ୍ଭ କଲେ ଏଥିପାଇଁ କ'ଣ ପଦକ୍ଷେପ ନିଆଯିବା କଥା, ସେନେଇ କିଛି କହିଲେ ନାହିଁ। ହୁଏତ ଆମେ ଏ ବିଷୟରେ ଜାଣିଥିଲେ। ସେ ସମୟରେ ପିଲାଙ୍କୁ ବାହାରକୁ ଯିବାକୁ ବାରଣ କରିଥାନ୍ତୁ। ରାହୁଲର ମୃତ୍ୟୁ ପରେ ଡିଏଚ୍ଏଚ୍ ପରିସରରେ ଦୀର୍ଘ ସମୟ ଧରି ଉତ୍ତେଜନା ଜାରି ରହିଥିଲା। ପରିବାରଲୋକେ ରେଳ ବିଭାଗକୁ ସମ୍ପୂର୍ଣ୍ଣ ଦାୟୀ କରିଛନ୍ତି। କୌଣସି ସତର୍କତା ଅବଲମ୍ବନ ନ କରି ଖୁଣ୍ଟି କିପରି କାଟୁଥିଲା। ଦୀର୍ଘ ସମୟର ଉତ୍ତେଜନା ପରେ ଡାକ୍ତରଖାନା ପରିସରରେ ଏଡିଆରଏମ ପହଞ୍ଚି ସ୍ଥିତି ପରଖିଥିଲେ। ମୃତ ଛାତ୍ରଙ୍କ ବଡ଼ଭାଇଙ୍କୁ ସରକାରୀ ଚାକିରୀ ଓ ଅନୁକମ୍ପା ରାଶି ୨୦ଲକ୍ଷ ଟଙ୍କା ଦେବା ପାଇଁ ଏଡିଆରଏମଙ୍କ ପାଖେ ଦାବି କରାଯାଇଛି। ରେଳବିଭାଗ ଏହାକୁ ନ ମାନିଲେ ଡିଆରଏମ ଓ ରେଳଲାଇନ ଉପରେ ବସି ଆନ୍ଦୋଳନ କରିବୁ ବୋଲି ପରିବାର ଓ ପଡ଼ାବାସୀ ଦାବି କରିଥିଲେ।

## ଖୁବ୍ ଶୀଘ୍ର ଆସିବ ନୂଆ ବିସ୍ଥାପନ ଓ ଥଇଥାନ ନୀତି

■ ପ୍ରାକୃତିକ ବିପର୍ଯ୍ୟୟରେ ଜମିହରାଙ୍କୁ ସରକାର ଦେବେ ଜମି
■ ରହିବ ଆର୍ଥିକ କ୍ଷତିପୂରଣ, ଅଂଶୀଦାର ଓ ଜମି ବଦଳରେ ଜମି

ଭୁବନେଶ୍ୱର,୧୧।୮ (ସମିସ): ଜମି ଅଧିଗ୍ରହଣ ସମୟରେ ବିସ୍ଥାପିତଙ୍କ ସ୍ୱାର୍ଥକୁ ଦୃଷ୍ଟିରେ ରଖି ଏକ ନୂତନ ବିସ୍ଥାପନ ଓ ଥଇଥାନ ନୀତି ଆଣିବେ ରାଜ୍ୟ ସରକାର। ଏ ନେଇ ଏକ ନୂତନ ବ୍ୟବସ୍ଥା ପ୍ରଣୟନ ପାଇଁ ପ୍ରକ୍ରିୟା ଆରମ୍ଭ ହୋଇଛି ବୋଲି ରାଜସ୍ୱ ଏବଂ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ ସୂଚନା ଦେଇଛନ୍ତି। ମନ୍ତ୍ରୀ କହିଛନ୍ତି ଯେ ପ୍ରସ୍ତାବିତ ନୀତିର ଅଂଶ ଭାବରେ ବିସ୍ଥାପିତ ଲୋକଙ୍କୁ ବିଭିନ୍ନ ପ୍ରକାରର କ୍ଷତିପୂରଣ ମଧ୍ୟରୁ ଗୋଟିଏ ବାଛିବାର ଅଧିକାର ରହିବ। ଯଦି କୌଣସି ପ୍ରକଳ୍ପ ପାଇଁ ଜମି ଆବଶ୍ୟକ ହୁଏ, ତେବେ ସରକାର ଜମି ହରାଇଥିବା ଲୋକଙ୍କ ଉପରେ ଏହାର ଯୋଜନା ଜୋରଜବରଦସ୍ତ ଲଦି ଦେବେ ନାହିଁ। ପ୍ରଭାବିତ ଲୋକଙ୍କ ଦାବି ଏବଂ ସୁବିଧା ଆଧାରରେ ବିଭିନ୍ନ ବିକଳ୍ପ ଦିଆଯିବ। ଏଥିରେ ଆର୍ଥିକ କ୍ଷତିପୂରଣ ବ୍ୟତୀତ ଜମି ହରାଇଥିବା ଲୋକମାନେ ପ୍ରକଳ୍ପରେ ଅଂଶୀଦାର ମଧ୍ୟ ହୋଇପାରିବେ। ଏହା ବ୍ୟତୀତ ଜମି ବଦଳରେ ଜମି ପାଇଁ ମଧ୍ୟ ସରକାର ବ୍ୟବସ୍ଥା କରିବେ। ଯଦି ପ୍ରଭାବିତ ଲୋକମାନେ ଚାହାଁନ୍ତି, ତେବେ ସେମାନେ ଆର୍ଥିକ କ୍ଷତିପୂରଣ ବଦଳରେ ପ୍ରକଳ୍ପରେ ଏକ ଆନୁପାତିକ ଅଂଶଧନ ମଧ୍ୟ ନେଇପାରିବେ ବୋଲି ମନ୍ତ୍ରୀ କହିଛନ୍ତି।

ଏହା ବ୍ୟତୀତ କ୍ଷତିପୂରଣ ଭାବରେ ପ୍ରଦାନ କରାଯାଇଥିବା ଟଙ୍କା ଅନେକ କ୍ଷେତ୍ରରେ ତିନି ବର୍ଷରୁ ଅଧିକ ସମୟ ପର୍ଯ୍ୟନ୍ତ ପାଖରେ ରହି ନ ଥାଏ। ସେହିପରି ଅନେକ ଲୋକ ବ୍ୟବସାୟ ଓ ନିବେଶ କିପରି କରିବେ ତାହା ଜାଣନ୍ତି ନାହିଁ। ଫଳରେ ସେମାନେ କ୍ଷତିପୂରଣ ଟଙ୍କା ହରାଇ ଦେଇଥାନ୍ତି। ପ୍ରଭାବିତ ପରିବାର ପାଇଁ ଦୀର୍ଘକାଳୀନ ଜୀବିକା ସୁରକ୍ଷା ସୁନିଶ୍ଚିତ କରିବା ପାଇଁ ଗୁରୁତ୍ୱ ଦିଆଯାଉଛି। ଏହି ପଦ୍ଧତି ଦ୍ୱାରା ପ୍ରକଳ୍ପରେ ଅଂଶଗ୍ରହଣ, ବିକଳ୍ପ ଜୀବିକା ସୁଯୋଗ ଏବଂ ଭୂମି ବିନିମୟ ସମେତ ବହୁବିଧ ଥଇଥାନର ବିକଳ୍ପ ପ୍ରଦାନ କରିବା ଲକ୍ଷ୍ୟ ରହିଛି ବୋଲି ମନ୍ତ୍ରୀ କହିଛନ୍ତି।

ଏହା ବ୍ୟତୀତ ପ୍ରାକୃତି ବିପର୍ଯ୍ୟୟରେ ଯେଉଁମାନେ ଜମି ହରାଇଥିବେ, ସେମାନଙ୍କୁ ସରକାର ଜମି ଦେବେ ବୋଲି ମଧ୍ୟ ମନ୍ତ୍ରୀ ସୂଚନା ଦେଇଛନ୍ତି। ଏ ନେଇ ଖୁବଶୀଘ୍ର ସବୁ ଜିଲ୍ଲାପାଳମାନଙ୍କୁ ରିପୋର୍ଟ ମଗାଯିବ ବୋଲି ସେ କହିଛନ୍ତି। ତାଙ୍କ କହିବା ମୁତାବକ, ନିଆଳିରେ ୧୯୮୨ମସିହାରୁ ଏହି ସମସ୍ୟା ନଜରକୁ ଆସିଛି। ନିଆଳି ସହ ବଡମ୍ବାରେ ବି ବନ୍ୟା ସମୟରେ ନଦୀ ତା'ର ଗତିପଥ ବଦଳାଇବାରୁ ଅନେକ ଲୋକ ଜମି ହରାଇଛନ୍ତି। ସେମାନଙ୍କ ଜମି ନଦୀ ଭିତରକୁ ଚାଲି ଯାଇଥିବାରୁ ସେମାନେ ଏବେ ଜମିହୀନ ହୋଇଛନ୍ତି। ତେଣୁ ଜମି ହରାଇଥିବା ଲୋକଙ୍କୁ ସରକାର ଜମି ଦେବେ ବୋଲି ନିଷ୍ପତ୍ତି ନେଇଛନ୍ତି। ଜିଲ୍ଲପାଳମାନଙ୍କ ରିପୋର୍ଟ ଆସିବା ପରେ ଏହି ନିଷ୍ପତ୍ତି ନିଆଯିବ ବୋଲି ସେ କହିଛନ୍ତି।

## ବାପ-ଝିଅଙ୍କ ଉପରେ ଚଢ଼ିଗଲା ଟ୍ରକ୍

କେନ୍ଦୁଝର,୧୧।୮ (ସମିସ): କେନ୍ଦୁଝର ଜିଲ୍ଲା ଚମ୍ପୁଆ ଦେଇ ଯାଇଥିବା ୫୨୦ ନମ୍ବର ଜାତୀୟ ରାଜପଥରେ ଆଜି ଏକ ଦୁର୍ଘଟଣାରେ ବାପା-ଝିଅଙ୍କ ଶୋଚନୀୟ ମୃତ୍ୟୁ ଘଟିଛି। ମୃତକଦ୍ୱୟ ହେଲେ, ରୁଗୁଡ଼ି ଥାନା ଲୋଇଡ଼ାପଦା ଅଞ୍ଚଳର ଦିଲୀପ ସିଙ୍କୁ ଓ ତାଙ୍କର ଦୁଇବର୍ଷର ଝିଅ ଜସ୍ମିନ ସିଙ୍କୁ। ଏହି ଘଟଣାରେ ଦିଲ୍ଲୀପଙ୍କ ସ୍ତ୍ରୀ ତୁଳସୀ ସିଙ୍କୁ ମଧ୍ୟ ଗୁରୁତର ଆହତ ହୋଇଛନ୍ତି। ତାଙ୍କୁ ବଡ଼ବିଲ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରାଯାଇଛି। ସୂଚନାନୁଯାୟୀ, ଆଜି ସଂଧ୍ୟାରେ ସ୍ତ୍ରୀ ଓ ଝିଅକୁ ଧରି ଦିଲ୍ଲୀପ ଏକ ସ୍କୁଟିରେ ଯାଉଥିବା ବେଳେ ଟୋପାଡ଼ିହି ଛକ ନିକଟରେ ଏକ ଟ୍ରକ୍ ସେମାନଙ୍କୁ ପଛପଟୁ ଧକ୍କା ଦେଇ ଘୋଷାଡ଼ି ନେଇଥିଲ। ଏଥିରେ ଘଟଣାସ୍ଥଳରେ ଦିଲ୍ଲୀପ ଓ ଝିଅ ଜସ୍ମିନର ମୃତ୍ୟୁ ହୋଇଯାଇଥିଲା। ଅପରପକ୍ଷେ, ଦୁର୍ଘଟଣା ଘଟାଇବା ପରେ ଟ୍ରକ୍ ଚାଳକ ଫେରାର୍ ହୋଇଯାଇଥିବା ଜଣାଯାଇଛି। ରୁଗୁଡ଼ି ପୁଲିସ୍ ଏକ ଦୁର୍ଘଟଣାଜନିତ ମାମଲା ରୁଜୁ ତଦନ୍ତ ଆରମ୍ଭ କରିବା ସହ ଶବଦ୍ୱୟକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇଛି।

ପାରିବାରିକ କଳହର କରୁଣ ପରିଣତି

## ସ୍ତ୍ରୀକୁ କାତିରେ ହାଣି ହତ୍ୟା


ମୋହନା, ୧୧।୮ (ସମିସ): ପାରିବାରିକ କଳହରୁ ସ୍ତ୍ରୀକୁ କାତିରେ ହାଣି ହତ୍ୟା। ଗଜପତି ଜିଲ୍ଲା ମୋହନା ଥାନା କୁଙ୍କୁଣୀ ଗାଁରେ ଏଭଳି ଏକ ଅଭାବନୀୟ ଘଟଣା ଘଟିଛି। ମୃତ ମହିଳା ହେଲେ, ରେଶମା ବାଗସିଂ। ଏହି ଘଟଣାରେ ପୁଲିସ୍ ଅଭିଯୁକ୍ତ ସ୍ୱାମୀ ଅନନ୍ତ ବାଗ୍‌ସିଂକୁ ଗିରଫ କରିବା ସହ ଅଧିକ ତଦନ୍ତ ଚଳାଇଛି। ସୂଚନାନୁସାରେ, କୁଙ୍କୁଣୀ ଗ୍ରାମର ରେଶମା ୯ ବର୍ଷ ତଳେ କନ୍ଧମାଳ ଜିଲ୍ଲା ବ୍ରାହ୍ମଣୀଗାଁ ପକେଲମା ଗ୍ରାମର ଅନନ୍ତଙ୍କୁ ବିବାହ କରିଥିଲେ। କିନ୍ତୁ ବିବାହ ପରଠାରୁ ଉଭୟଙ୍କ ମଧ୍ୟରେ କଳହ ଲାଗି ରହୁଥିଲା। ଏଥିପାଇଁ ୪ ମାସ ହେଲା ରେଶମା ବାପଘରେ ଆସି ରହୁଥିଲେ। ଗତରାତିରେ ଅନନ୍ତ ମୋହନା ଆସିଥିଲେ। ଉଭୟ ସ୍ୱାମୀ, ସ୍ତ୍ରୀ ମୋହନା ବଜାର ବୁଲିବାକୁ ଯାଇ ରାତି ପ୍ରାୟ ୧୦ ଟାରେ କୁଙ୍କୁଣୀ ଗାଁକୁ ଫେରିଥିଲେ। ରାତ୍ରି ଭୋଜନ ପରେ ଅନନ୍ତ ରେଶମାଙ୍କୁ ପାଣି ଆଣିବା ପାଇଁ କହିଥିଲା। ଏହି ସମୟରେ ଅନନ୍ତ ତାଙ୍କ ବେକ ଏବଂ ମୁହଁକୁ କାତିରେ ଦୁଇ ଚୋଟ ପକାଇଥିଲେ। ଗୁରୁତର ଅବସ୍ଥାରେ ପରିବାରଲୋକେ ବିଳମ୍ବିତ ରାତିରେ ରେଶମାଙ୍କୁ ମୋହନା ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଇଥିଲେ। କିନ୍ତୁ ଡାକ୍ତର ସେଠାରେ ତାଙ୍କୁ ମୃତ ଘୋଷଣା କରିଥିଲେ। ପରିବାରଲୋକଙ୍କ ଅଭିଯୋଗ ପରେ ପୁଲିସ ଏବଂ ସାଇଣ୍ଟିଫିକ ଟିମ୍ ଘଟଣାସ୍ଥଳରେ ପହଞ୍ଚି ହତ୍ୟାରେ ବ୍ୟବହୃତ କାତିକୁ ଜବତ କରିବା ସହ ଘଟଣାର ତଦନ୍ତ କରୁଛି। ଅଭିଯୁକ୍ତ ସ୍ୱାମୀ ଅନନ୍ତକୁ କୋର୍ଟ ଚାଲାଣ କରାଯାଇଛି।





## ମା'କୁ ଫୋନ୍ କରି ନିଜକୁ ଗୁଳି କଲେ ଯବାନ

କାମାକ୍ଷାନଗର,୧୧।୮ (ସମିସ): ମା' ସହ ଫୋନ୍‌ରେ କଥା ହେଉହେଉ ନିଜକୁ ଗୁଳି କରିଦେଲେ ଯବାନ। ମୃତ ଯବାନଜଣଙ୍କ ହେଲେ, ଜମ୍ମୁ କାଶ୍ମୀରରେ ବିଏସ୍ଏଫ୍ ଯବାନ ଭାବେ କାର୍ଯ୍ୟରତ ଢେଙ୍କାନାଳ ଜିଲ୍ଲା କାମାକ୍ଷାନଗର ଥାନା ମାଳପୁରା ଗ୍ରାମର ସୁରେଶ ବିଶ୍ୱାଳ। ତାଙ୍କ ପରିବାର କାମାକ୍ଷାନଗର ସହରର ଅନନ୍ତପୁର ସାହିରେ ରହୁଥିଲା। ସୁରେଶ ୧୫ ବର୍ଷ ହେବ, ବିଏସ୍ଏଫ୍ ଯବାନ ଭାବେ କାର୍ଯ୍ୟ କରିଆସୁଥିବା ବେଳେ ଏବେ ଜାମ୍ମୁ କାଶ୍ମୀରରେ ନିୟୋଜିତ ଥିଲେ। ୯ଦିନ ତଳେ ସେ ଘରକୁ ଛୁଟିରେ ଆସି ପୁଣି ଫେରିଥିଲେ। ତେବେ ଆଜି ସଂଧ୍ୟାରେ ସେ ଡ୍ୟୁଟିରେ ଥିବା ବେଳେ ମା'ଙ୍କ ସହ ଫୋନ୍‌ରେ କଥା ହୋଇଥିଲେ। ଏହି ସମୟରେ ସେ ନିଜ ସର୍ଭିସ୍ ରିଭଲଭର୍‌ରୁ ନିଜକୁ ଗୁଳି କରି ଆତ୍ମହତ୍ୟା କରିଥିଲେ। ତେବେ ଏପରି ଚରମ ପଦକ୍ଷେପ ନେବାର କାରଣ ସଂପର୍କରେ ତାଙ୍କ ମା'ଙ୍କ ଫୋନ୍‌କୁ ମେସେଜ୍ କରିଥିବା ଜଣାଯାଇଛି।



ଆଜି ବିଶ୍ୱ ହସ୍ତୀ ଦିବସ

# ଓଡ଼ିଶା ଦନ୍ତାଙ୍କୁ ପେଟ ଚିନ୍ତା

■ ଖାଦ୍ୟ ସନ୍ଧାନରେ ଦିନକୁ ଚାଲୁଛନ୍ତି ୪୦ କିମି
■ ଓଡ଼ିଶା ଜଙ୍ଗଲରେ ଅଛନ୍ତି ଅଧିକ ୪୦୦ ହାତୀ
■ ଜନବସତି ମୁହାଁ ହେବା ପଛରେ ଖାଦ୍ୟାଭାବ

ଭୁବନେଶ୍ୱର,୧୧।୮ (ସମିସ): ରାଜ୍ୟରେ ଜଙ୍ଗଲ ଅନୁପାତରେ ହାତୀମାନଙ୍କ ସଂଖ୍ୟା ସମାନୁପାତିକ ରହିଛି। ମାତ୍ର ଦିନକୁ ଦିନ ହାତୀ-ମଣିଷ ଲଢ଼େଇ ଓ କ୍ଷୟକ୍ଷତି ବିଶେଷଜ୍ଞଙ୍କୁ ଅଧିକ ଚିନ୍ତିତ କରିଛି। ହାତୀ-ମଣିଷ ଲଢ଼େଇ ଯୋଗୁଁ ପ୍ରତି ବର୍ଷ ଶତାଧିକ ଲୋକଙ୍କ ଜୀବନ ଯାଉଛି। ବର୍ତ୍ତମାନ ରାଜ୍ୟର ପ୍ରାୟ ସବୁ ଜଙ୍ଗଲରେ ହାତୀଙ୍କ ଖାଦ୍ୟ ଉପଯୋଗୀ ସାମଗ୍ରୀର ଅଭାବ ରହିଥିବା ଜଣାପଡ଼ିଛି। ଯାହାଫଳରେ ହାତୀମାନେ ଖାଦ୍ୟ ଅନ୍ୱେଷଣରେ ଜଙ୍ଗଲରୁ ଜନବସତୀ ମୁହାଁ ହେଉଛନ୍ତି ଓ ହାତୀ-ମଣିଷ ଲଢ଼େଇ ବୃଦ୍ଧି ପାଉଛି। ସାଧାରଣତଃ ଗୋଟିଏ ହାତୀ ଦିନକୁ ୧ କୁଇଣ୍ଟାଲ୍‌ରୁ ଦେଢ଼ କୁଇଣ୍ଟାଲର ଖାଦ୍ୟ ଓ ୨୦୦-୨୫୦ ଲିଟର ପାଣି ଆବଶ୍ୟକ କରିଥାଏ। ମାତ୍ର ଜଙ୍ଗଲରେ ହାତୀମାନଙ୍କୁ ଏତେ ପରିମାଣରେ ଆଉ ଖାଦ୍ୟ ପଦାର୍ଥ ମିଳିପାରୁ ନ ଥିବାରୁ ସେମାନେ ଜଙ୍ଗଲରୁ ବାହାରି ଆସୁଛନ୍ତି ଓ କ୍ଷେତ କିମ୍ବା ଜନବସତି ମୁହାଁ ହେଉଛନ୍ତି। ଏହି ସମୟରେ ହାତୀ-ମଣିଷଙ୍କ ମଧ୍ୟରେ ଘମାଘୋଟ୍ ଲଢ଼େଇ ହେଉଛି ଓ ଏଥିରେ ଲୋକଙ୍କ ଜୀବନ ଯାଉଛି। ହାତୀମାନେ ମୁଖ୍ୟତଃ ଶିଆଳି, ଡିମ୍ବିରି, କୁମ୍ଭୀ, ତାଳ, ଆମ୍ବ ଓ ପଣସ ଭଳି ଖାଦ୍ୟ ଖାଉଥିବା ବେଳେ ବାଉଁଶକୁ ପ୍ରମୁଖ ଖାଦ୍ୟ ଭାବେ ଖାଇଥାନ୍ତି। ପୂର୍ବରୁ ରାଜ୍ୟର ବିଭିନ୍ନ ଜଙ୍ଗଲରେ ବ୍ୟାପକ ବାଉଁଶ ମିଳୁଥିଲା। ହେଲେ ଏବେ ଜଙ୍ଗଲରେ ହାତୀଙ୍କୁ ଖାଇବା ପାଇଁ ଆବଶ୍ୟକୀୟ ପରିମାଣରେ ବାଉଁଶ ବି ମିଳୁ ନଥିବା ଅଭିଯୋଗ ହୋଇଛି। ଯାହାପାଇଁ ହାତୀଙ୍କ ପାଇଁ ଜଙ୍ଗଲରେ ଖାଦ୍ୟାଭାବ ସମସ୍ୟା ସୃଷ୍ଟି ହୋଇଛି।

ଅନ୍ୟପଟେ ହାତୀଙ୍କ ଖାଦ୍ୟାଭାବ ନେଇ ମୁଖ୍ୟମନ୍ତ୍ରୀ ମଧ୍ୟ ଚିନ୍ତା ପ୍ରକଟ କରିଛନ୍ତି। ଯେହେତୁ ଧାନ ଚାଷ ସମୟରେ ହାତୀମାନେ କ୍ଷେତ ମୁହାଁ ହେଉଛନ୍ତି, ତେଣୁ ଜଙ୍ଗଲ ମଧ୍ୟରେ ଥିବା ଖାଲି ସ୍ଥାନଗୁଡ଼ିକରେ ଧାନ ଚାଷ କରିବାକୁ ମୁଖ୍ୟମନ୍ତ୍ରୀ ଜଙ୍ଗଲ ବିଭାଗକୁ ପରାମର୍ଶ ଦେଇଛନ୍ତି। ଏହା କେତେ ଫଳପ୍ରଦ ହେବ ତାହା ଉପରେ ମଧ୍ୟ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

ଅନ୍ୟପଟେ ରାଜ୍ୟରେ ଯେତିକି ହାତୀ ରହିବା କଥା ସେହି ତୁଳନାରେ ହାତୀଙ୍କ ସଂଖ୍ୟା ଅଧିକ ରହିଥିବା ଜଣାପଡ଼ିଛି। ଏ ସମ୍ପର୍କରେ ପୂର୍ବତନ ପିସିସିଏଫ୍ ସୁଶାନ୍ତ ନନ୍ଦ କହିଛନ୍ତି ଯେ ବର୍ତ୍ତମାନ ରାଜ୍ୟରେ ଯେତିକି ହାତୀ ରହିବା କଥା, ତାହାର ସଂଖ୍ୟା ଅଧିକ ରହିଛି। ଏହାସହିତ ହାତୀମାନଙ୍କର ଯେଉଁ କରିଡ଼ର ଥିଲା, ତାହା ପ୍ରଭାବିତ ହୋଇଥିବାରୁ ହାତୀମାନେ ଯିବା ଆସିବାରେ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ତେଣୁ ହାତୀଙ୍କ ଜନ୍ମହାର ରୋକିବା ଉପରେ ବିଶେଷଜ୍ଞ ପ୍ରାଧାନ୍ୟ ଦେଉଛନ୍ତି। ଏଥିପାଇଁ ଇଂଜେକ୍ସନ ସହିତ କିଛି କିଛି ସ୍ଥାନରେ କ୍ୟାମ୍ପ କରି ଯୁବ ହାତୀମାନଙ୍କୁ ରଖିଦେବା ଆବଶ୍ୟକ। ଏହା ବ୍ୟତୀତ କରିଡୋରର ପୁନରୁଦ୍ଧାର ପାଇଁ ଯଥାସମ୍ଭବ ପଦକ୍ଷେପ ନିଆଯିବା ଆବଶ୍ୟକ ବୋଲି ଶ୍ରୀ ନନ୍ଦ କହିଛନ୍ତି। ସୂଚନା ଥାଉ କି ୨୦୨୪ ହାତୀ ଗଣନା ଅନୁଯାୟୀ ରାଜ୍ୟର ୨୮ଟି ଜିଲ୍ଲାର ୪୮ଟି ବନଖଣ୍ଡରେ ୨,୦୯୮ ହାତୀ ରହିଛନ୍ତି। ୨୦୧୭ରେ ଏହି ସଂଖ୍ୟା ୧,୯୩୮ ରହିଥିଲା। ନୂଆ ଗଣତିରେ ୧,୦୩୦ ମାଈ, ୪୭୪ ପୁରୁଷ ଏବଂ ୫୯୪ ଛୁଆ ହାତୀ ଚିହ୍ନଟ ହୋଇଛନ୍ତି। ଏନ୍‌ସିଏଫ୍ ଦ୍ୱାରା କରାଯାଇଥିବା ଏକ ଅଧ୍ୟୟନରେ କୁହାଯାଇଥିଲା ଯେ ଓଡ଼ିଶାର ଜଙ୍ଗଲର ୧୭୦୦-୧୮୦୦ ହାତୀ ରହି ପାରିବେ।

## ସାତକୋଶିଆ ରେଞ୍ଜରେ ଅସୁସ୍ଥ ମାଈହାତୀ ମୃତ

ଠାକୁରମୁଣ୍ଡା,୧୧।୮ (ସମିସ): କରଞ୍ଜିଆ ବନଖଣ୍ଡ ସାତକୋଶିଆ ରେଞ୍ଜ ବେଣୁଆଦର ଜଙ୍ଗଲରେ ଗୋଟିଏ ମାଈହାତୀର ମୃତ୍ୟୁ ଘଟିଛି। ହାତୀଟି କିଛି ଦିନ ହେବ ଅସୁସ୍ଥ ଥିଲା। ତେବେ କେଉଁ କାରଣରୁ ତା'ର ମୃତ୍ୟୁ ହୋଇଛି, ତାହା ଜଣାପଡ଼ିନାହିଁ। ମଙ୍ଗଳବାର ଶବ ବ୍ୟବଚ୍ଛେଦ ପରେ ମୃତ୍ୟୁର କାରଣ ଜଣାପଡ଼ିବ ବୋଲି ବନ ବିଭାଗ କହିଛି। ମୃତ ହାତୀର ବୟସ ପ୍ରାୟ ୧୫ରୁ ୨୦ ବର୍ଷ ମଧ୍ୟରେ ହେବ ବୋଲି ଅନୁମାନ କରାଯାଉଛି। ସୂଚନାନୁଯାୟୀ, ରବିବାର କମ୍ପାର୍ଟମେଣ୍ଟ ନମ୍ବର ୧୯ ଡାଲିଆଡାଳ ପଞ୍ଚାୟତ



ବେଣୁଆଦର ସାହି ଜଙ୍ଗଲ ଭିତରେ ଏକ ହାତୀ ଦୀର୍ଘ ସମୟ ଧରି ଗୋଟିଏ ସ୍ଥାନରେ ଛିଡ଼ା ହୋଇଥିବା ସ୍ଥାନୀୟ ଲୋକେ ଦେଖି ବନବିଭାଗକୁ ଖବର ଦେଇଥିଲେ। ସାତକୋଶିଆ ବନ୍ୟପ୍ରାଣୀ ରେଞ୍ଜ ଅଧିକାରୀ ରବୀନ୍ଦ୍ରନାଥ ମହାନ୍ତ ଓ ଅନ୍ୟ କର୍ମଚାରୀମାନେ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିବା ପରେ ହାତୀଟି ଅସୁସ୍ଥ ଥିବା ଜାଣିବାକୁ ପାଇଥିଲେ। କିନ୍ତୁ ତା'ର ଚିକିତ୍ସା ପାଇଁ ଉଦ୍ୟମ କରୁଥିବା ବେଳେ ହାତୀଟିର ମୃତ୍ୟୁ ହୋଇଯାଇଥିଲା।

## ଗାଈଗୋରୁଙ୍କ ଯୋଗୁଁ ବଜାର ହାଟ ଓ ରାଜପଥରେ ଟ୍ରାଫିକ୍ ସମସ୍ୟା ଉତ୍କଟ

# ଦୁର୍ଘଟଣାରେ ଧନଜୀବନ କ୍ଷତି; ପ୍ରଶାସନ ନୀରବଦ୍ରଷ୍ଟା



ବାଲୁଗାଁ,୧୧।୮ (ସମିସ): ଗୋରୁଗାଈଙ୍କୁ ଘରେ ରଖିବା ପରିବର୍ତ୍ତେ ମାଲିକମାନେ ନିଜର ସ୍ୱାର୍ଥ ହାସଲ ପରେ ବାହାରକୁ ଅବାଧରେ ଚରାବୁଲା କରିବା ପାଇଁ ଛାଡ଼ି ଦେଉଛନ୍ତି। ଏହା ଦ୍ୱାରା ଅଞ୍ଚଳରେ ଜନସାଧାରଣଙ୍କ ବହୁ ସମସ୍ୟା ଉପୁଜୁଥିବା ଏବେ ପରିଲକ୍ଷିତ ହେଉଛି। ଗୋରୁଗାଈ ଚରାବୁଲା ପାଇଁ ଚାଷ ଜମିରୁ ଫସଲ ଖାଇବାକୁ ଯାଉଥିବାବେଳେ ବର୍ତ୍ତମାନ ଜମିରେ ଚାଷ କାମ ଚାଲିଥିବାବେଳେ ଲୋକେ ଗୋରୁଗାଈଙ୍କୁ ଘଉଡ଼ାଇ ଦେଉଥିବାରୁ ସେମାନେ ବର୍ତ୍ତମାନ ବଜାର ରାସ୍ତାମୁହାଁ ହେଉଛନ୍ତି। ବାଲୁଗାଁ ବାଣପୁର ଏନ୍‌ଏସି ଓ ଚିଲିକା ବାଣପୁର ବ୍ଲକ୍ ବାସିନ୍ଦାମାନଙ୍କର ଗୋରୁଗାଈଙ୍କ ଆଶ୍ରୟସ୍ଥଳି ପାଲଟିଛି ବଜାର ହାଟ ଓ ରାଜ୍ୟ ରାଜପଥ। ଅପରାହ୍ଣ ହେବା ମାତ୍ରେ ଗୋରୁଗାଈ ଘରକୁ ଫେରିବା ପରିବର୍ତ୍ତେ ବାଲୁଗାଁ ବାଣପୁର ବଜାର, ଚିଲିକା କୂଳ, ରେଳ ଓଭରବ୍ରିଜ୍ ବଲୁଗାଁ ବାଣପୁର ମୁଖ୍ୟରାସ୍ତା ସହ ୫ ଏବଂ ୧୬ନଂ ଜାତୀୟ ରାଜପଥ ଓ ଏହାର ଆଖପାଖ ଅଞ୍ଚଳ ରାସ୍ତାମୁହାଁ ହୋଇ ଗୋରୁଗାଈ ରାସ୍ତା ଉପରେ ଶୋଇରହି ରାଜପଥକୁ ଅବରୋଧ କରି ରହୁଥିବା ଦିନକୁ ଦିନ ବୃଦ୍ଧି ପାଉଥିବା ଦେଖିବାକୁ ମିଳିଛି। ଗୋରୁଗାଈଙ୍କ ଯୋଗୁଁ ଏଠାରେ ଟ୍ରାଫିକ୍ ସମସ୍ୟା ଦେଖାଦେବା ସହ ଦୈନନ୍ଦିନ ଛୋଟ ବଡ଼ ଦୁର୍ଘଟଣା ଓ ପରିବେଶ ଦୂଷିତ ଆଦି ବିଭିନ୍ନ ସମସ୍ୟା ଉପୁଜୁଥିବାବେଳେ ବିଶେଷକରି ସନ୍ଧ୍ୟା ପରେ ଅଞ୍ଚଳରେ ଅତ୍ୟଧିକ ଦୁର୍ଘଟଣା ବୃଦ୍ଧି ପାଇ ଗୋରୁଗାଈଙ୍କ ସହ ବହୁ ଧନଜୀବନ ହାନୀ ହେଉଥିବାର ବହୁ ନଜିର ରହିଛି। ମାତ୍ର ପ୍ରଶାସନ ଚିର ନିଦ୍ରାରେ ଶୋଇଛି। ଉଭୟ ବ୍ଲକ୍ ଅଞ୍ଚଳରେ ସରକାରଙ୍କ ଗୁହାଳ ଯୋଜନା ବାଟବଣା ହେଉଥିବାବେଳେ କିଛି ନ୍ୟସ୍ତସ୍ୱାର୍ଥ ବ୍ୟକ୍ତି ଅଞ୍ଚଳରେ ଗୋ-ଶାଳା ନିର୍ମାଣ ନାମରେ ନାମକୁ ମାତ୍ର କିଛି ଗୋରୁଗାଈଙ୍କୁ ସେଠାରେ ରଖି ସରକାରୀ ଜମି ଜବରଦଖଲ କରୁଥିବା ଅଭିଯୋଗ ହେଉଛି। ଏପରିସ୍ଥଳେ ବାଲୁଗାଁ ବାଣପୁର ଅଞ୍ଚଳରେ କାଞ୍ଜିଆହୁଦା ନିର୍ମାଣ କରାଗଲେ ନିରିହ ଜୀବଜନ୍ତୁଙ୍କ ସହ ବହୁ ଧନଜୀବନ କ୍ଷତି ଘଟିବାକୁ ରୋକାଯାଇ ପାରିବ ବୋଲି ବୁଦ୍ଧିଜୀବୀ ମତପ୍ରକାଶ କରିଛନ୍ତି।

ବାଲୁଗାଁ ବଜାର ଦେଇ ଯାଇଥିବା ଜାତୀୟ ରାଜପଥଟି ବୁଲା ଗାଈଗୋରୁଙ୍କ ଅବାଧ ଆଶ୍ରୟସ୍ଥଳୀ ପାଲଟିଥିବା ସହ ପରିବା ବଜାର ଗାଈଗୋରୁଙ୍କ ଚାରଣଭୂଇଁ ପାଲଟିଛି। ପ୍ରଶାସନ ଏଥିପ୍ରତି ଦୃଷ୍ଟି ଦେଉ ନ ଥିବା ଅଭିଯୋଗ ହେଉଛି। ଗୋରୁଗାଈ ମାଲିକମାନଙ୍କ ଉଦାସିନତା ଓ ଦାୟିତ୍ୱହୀନତା ଯୋଗୁଁ ଅଞ୍ଚଳରେ ଏପରି ସମସ୍ୟା ଉପୁଜୁଥିବା ଜଣାଯାଇଛି। ଗୋରୁଗାଈମାନେ ସକାଳ ହେବା ମାତ୍ରେ ନିଜ ନିଜ ମାଲିକ ଘରକୁ ଯାଉଥିବାବେଳେ ମାଲିକମାନେ କ୍ଷୀର ଦୁହିଁସାରି ନିଜର ସ୍ୱାର୍ଥ ହାସଲ ପରେ ପୁନର୍ବାର ଗୋରୁଗୁଡ଼ିକୁ ବଜାର ଅଞ୍ଚଳକୁ ଅବାଧରେ ଚରିବା ପାଇଁ ଛାଡ଼ି ଦେଉଛନ୍ତି। ଯାହା ଫଳରେ ରାସ୍ତାସାରା ଗୋରୁଗାଈମାନଙ୍କର ଏକ ପ୍ରକାର ଚରାଭୂଇଁ ସଦୃଶ ପାଲଟିଥିବା ଦେଖିବାକୁ ମଲୁଛି। ଅନ୍ଧାର ରାତିରେ ରାସ୍ତାରେ ଗୋରୁଗାଈ ଶୋଇରହିବା ଫଳରେ ବହୁ ଦୁର୍ଘଟଣା ଘଟି ବହୁ ଧନଜୀବନ କ୍ଷୟକ୍ଷତି ଘଟୁଥିବା ଦେଖାଯାଇଛି। କିଛି ସ୍ୱେଚ୍ଛାସେବୀ ଅନୁଷ୍ଠାନ ତରଫରୁ ଗୋଶାଳା ନିର୍ମାଣ ପାଇଁ ଦାବି ହୋଇଆସୁଥିବା ବେଳେ ଜିଲ୍ଲା ପ୍ରଶାସନ ନିରବ ରହିଛି। ବାରମ୍ବାର ଅଭିଯୋଗ ହେବା ଫଳରେ କିଛି ବର୍ଷ ପୂର୍ବେ ଏନ୍‌ଏସି ତରଫରୁ ସନ୍ଧ୍ୟାବେଳେ ଗୋରୁମାନଙ୍କୁ ରାସ୍ତା ବଜାର ହାଟରୁ ହଟାଇବା ପାଇଁ କିଛି କର୍ମଚାରୀଙ୍କୁ ନିୟୋଜିତ କରାଯାଇଥିଲା। ହେଲେ କିଛିଦିନ ଏହି କାର୍ଯ୍ୟ ଚାଲିଲା ପରେ ଏହା ବହୁ ବର୍ଷ ହେଲା ବନ୍ଦ ହୋଇଯିବା ଯୋଗୁଁ ପୁଣି ବାଲୁଗାଁ ବଜାର ଓ ଏହାର ଆଖପାଖ ଅଞ୍ଚଳ ପୁନର୍ବାର ଗାଈଗୋରୁଙ୍କ ଚରାଭୂଇଁ ପାଲଟିଛି। ତେବେ ଅଞ୍ଚଳରେ ବିଗତ ଦିନରେ ଗୋରୁ ଲୁଟି ଚାଲାଣ ହେଉଥିବା ନେଇ ଅଭିଯୋଗ ହେବାରେ ପୁଲିସ ପକ୍ଷରୁ ଚଢ଼ଉ କରି କିଛି ଗୋରୁ ଉଦ୍ଧାର ଓ ଲୁଟେରା ଧରିପଡ଼ିଥିବାବେଳେ ଆଉ କିଛି ଖସିବାରେ ସଫଳ ହୋଇ ପୁନର୍ବାର ରାସ୍ତାରେ ଗୋରୁଗାଈଙ୍କୁ ପାଇ ରାତିର ଅନ୍ଧାର ଓ ନିର୍ଜନତାର ସୁଯୋଗ ନେଇ ଗୋରୁ ଚୋରାଚାଲାଣ କରିବାରେ ଗୋ-ଚାଲାଣକାରୀ ସକ୍ରିୟ ହୋଇପଡ଼ିଥିବାବେଳେ ଗୋ-ମାଫିଆଙ୍କ କଟେ ପୁଅ ବାର ହୋଇ ପଡ଼ିଛି। ଅଞ୍ଚଳରୁ ଏହିସବୁ ସମସ୍ୟାରୁ ମୁକ୍ତି ପାଇଁ ତୁରନ୍ତ ବିଭାଗୀୟ ଅଧିକାରୀ ଏ ଦିଗରେ ଦୃଷ୍ଟି ଦେଇ ଏହି ସମସ୍ୟାର ନିରାକରଣ କରିବା ପାଇଁ ସାଧାରଣରେ ଦୃଢ଼ ଦାବି ହେଉଛି।

## ଜନପ୍ରତିନିଧିଙ୍କ ଅଣଦେଖା; ଚାଷକାର୍ଯ୍ୟରେ ଶିଥିଳତା

ଗମ୍ଭାରୀପଦା,୧୧।୮ (ସମିସ): କାକଟପୁର, ଅସ୍ତରଙ୍ଗ ବ୍ଲକ୍‌ର କେନାଲଗୁଡ଼ିକରେ ବିଗତ ଦୁଇ ଦଶନ୍ଧି ଧରି ଚାଷ ପାଇଁ ଆବଶ୍ୟକ ଜଳ ପ୍ରବାହିତ ହେଇପାରୁ ନାହିଁ। ତା'ର କାରଣ ଲୋକ ପ୍ରତିନିଧିଙ୍କ ଦୃଢ଼ତା ଓ ଦକ୍ଷତାର ଅଭାବ ତଥା ଅନିୟମିତ ବର୍ଷା ବୋଲି ଅଞ୍ଚଳର ଚାଷୀମାନେ ଅଭିଯୋଗ କରୁଛନ୍ତି। ପୂର୍ବତନ ବିଧାୟକ ସ୍ୱର୍ଗତ ବୈକୁଣ୍ଠ ସ୍ୱାଇଁ ଓ ସ୍ୱର୍ଗତ ସୁରେନ୍ଦ୍ର ନାଥ ନାୟକଙ୍କ ସମୟରେ ରବି ଓ ଖରିଫ ଚାଷ ପାଇଁ କେନାଲଗୁଡ଼ିକରେ ପର୍ଯ୍ୟାପ୍ତ ଜଳ ଯୋଗାଇ ଦିଆଯାଉଥିଲା। କାରଣ ସେମାନେ ଜାଣିଥିଲେ କି ଆମ ଅଞ୍ଚଳର ଆର୍ଥିକ ଉନ୍ନତି କେବଳ ଚାଷ ଉପରେ ନିର୍ଭର କରେ। ତେଣୁ ଚାଷୀର ସୁବିଧା ପାଇଁ ଚାଷ ସମୟରେ ସେମାନେ ସ୍ଥାନୀୟ ଅଧିକାରୀଙ୍କ ସହ ଯାଇ ଉପର ମୁଣ୍ଡରୁ ଜଳ ଆଣିବାରେ ବ୍ୟବସ୍ଥା କରୁଥିଲେ। କିନ୍ତୁ ସେମାନଙ୍କ କାର୍ଯ୍ୟକାଳ ଅନ୍ତେ କାକଟପୁର ଓ ଅସ୍ତରଙ୍ଗ ବ୍ଲକ୍‌ର ଚାଷୀମାନେ କେନାଲ ଜଳ ପାଇଁ କେବଳ ଅଧିକାରୀମାନଙ୍କ ଉପରେ ନିର୍ଭର କରିବାକୁ ବାଧ୍ୟ ହେଉଛନ୍ତି। ଦୃଢ଼ ରାଜନେତାଙ୍କ ଆଗରେ ଅଧିକାରୀମାନେ କାର୍ଯ୍ୟତଃ ନିଷ୍କ୍ରିୟ ହୋଇଯାଇ ଥାଆନ୍ତି। ଫଳରେ ଉପର ମୁଣ୍ଡରେ ଚାଷୀଙ୍କ ଆବଶ୍ୟକତା ପୂରଣ ହେବା ପରେ ବଳକା ଜଳ ଆମ ଅଞ୍ଚଳକୁ ଆସୁଛି। ଏକ ଆକଳନରୁ ଜଣାପଡ଼ିଛି କି, ଭଇଁରୁଆଠାରେ ୧.୫ ମିଟର ଜଳ ପ୍ରବାହିତ ହେଲେ କାକଟପୁର ଅସ୍ତରଙ୍ଗ ବ୍ଲକ୍‌ର ଟେଲ୍ ଏଣ୍ଡ ପର୍ଯ୍ୟନ୍ତ ଜଳଯୋଗାଣରେ ସମସ୍ୟା ରହିବ ନାହିଁ। କିନ୍ତୁ ଏବେ ଭଇଁରୁଆଠାରେ ୧ ମିଟରରୁ କମ୍ ଜଳ ପ୍ରବାହିତ ହେଉଥିବା ଫଳରେ ଉକ୍ତ ଦୁଇଟି ବ୍ଲକ୍‌ରେ ଜଳର ସମସ୍ୟା ଲାଗିରହୁଛି। କାକଟପୁର ଜଳସେଚନ ଉପଖଣ୍ଡରେ ଅମିନ ପଦ ଥିବା ସମୟରେ ଜଳସମ୍ପଦ ଜମିର ପରିସୀମା ଅକ୍ଷୁଣ୍ଣ ରହିଥିଲା। କିନ୍ତୁ ଅମିନ ପଦ ଖାଲି ପଡ଼ିବା ସହିତ ଆବଶ୍ୟକ ସଂଖ୍ୟକ ଖଲାସି ନ ଥିବାରୁ ପ୍ରାୟ ମୁଖ୍ୟ କେନାଲ ଓ ଉପ କେନାଲଗୁଡ଼ିକ ଜବରଦଖଲକାରୀଙ୍କ କବ୍‌ଜାରେ ରହି ଜଳ ପ୍ରବାହରେ ବାଧା ସୃଷ୍ଟି ହେଉଛି। ଏପରିକି କେତେକ ଜାଗାରେ ଉପ କେନାଲଗୁଡ଼ିକ ସତ୍ତା ହରାଇଥିବା ଦେଖିବାକୁ ମିଳୁଛି। କାକଟପୁର ଜଳସେଚନ ଉପଖଣ୍ଡରେ ପଦଗୁଡ଼ିକ ପୂରଣ କରିବା ସହ ଚାଷ ସମୟରେ ତଳମୁଣ୍ଡ ପର୍ଯ୍ୟନ୍ତ କିପରି ଜଳ ଯୋଗାଇ ଦିଆଯିବ ସେ ଉପରେ ଦୃଷ୍ଟି ଦେବାକୁ ଚାଷୀମାନେ ଦାବି କରିଛନ୍ତି।

## ଦଶପଲ୍ଲାରୁ ଚୋରି ବୋଲେରୋ ବଲଙ୍ଗାରୁ ଉଦ୍ଧାର

ବଲଙ୍ଗା,୧୧।୮ (ସମିସ): ଦଶପଲ୍ଲା ଥାନା ଅଞ୍ଚଳର ଏକ ଚୋରି ବୋଲେରୋ (ଓଆର୨୫ ବି୫ ୬୩୩) କୁ ବଲଙ୍ଗା ଥାନା ଅନ୍ତର୍ଗତ ଶାଳଜଙ୍ଗ ଛକଠାରୁ ବଲଙ୍ଗା ପୁଲିସ ଉଦ୍ଧାର କରିଛି। ସୂଚନା ମୁତାବକ, ରବିବାର ରାତି ୯ଟାରେ ବୋଲେରୋ ଗାଡ଼ିଟି ବାଣପୁର ଛକରେ ଥିବା ନେଇ ସ୍ଥାନୀୟ ଲୋକମାନେ ଦେଖିଥିଲେ। ସୋମବାର ସକାଳୁ ଶାଳଜଙ୍ଗ ଛକଠାରେ ସେଇ ବୋଲେରୋଟି ଥୁଆ ହୋଇଥିବା ଦେଖି ଲୋକମାନଙ୍କ ସନ୍ଦେହ ହେବାରୁ ଗାଡ଼ି ପାଖକୁ ଯିବାରୁ ଗାଡ଼ିରେ ସବୁ ଡୋର୍ ଖୋଲା ରହିଥିବାବେଳେ ଗାଡ଼ି ଭିତର ସିଟ୍‌ରେ ଏକ ହେଲ୍‌ମେଟ ଥୁଆ ହୋଇଥିବା ଦେଖିଥିଲେ। ଏନେଇ ବଲଙ୍ଗା ପୁଲିସକୁ ସୂଚନା ମିଳିବା ପରେ ସେଠାରେ ବଲଙ୍ଗା ଥାନା ଏସ୍‌ଆଇ କେଦାର ଚନ୍ଦ୍ର ଦୋରା ପହଞ୍ଚି ନମ୍ବର ପ୍ଲେଟ୍‌ଟିକୁ ଯାଞ୍ଚ କରିବାରେ ନୟାଗଡ଼ ଜିଲ୍ଲାର ଦଶପଲ୍ଲା ଥାନା ଅନ୍ତର୍ଗତ ସୂର୍ଯ୍ୟମଣି ସାହୁଙ୍କର ବୋଲି ଜଣାପଡ଼ିଥିଲା। ତେବେ ୫ ତାରିଖ ରାତିରେ ଗାଡ଼ି ଚୋରି ହୋଇଥିବା ଓ ୬ ତାରିଖ ଦିନ ଦଶପଲ୍ଲା ଥାନାରେ ଚୋରି ଅଭିଯୋଗ ହୋଇଥିବା ଜଣାପଡ଼ିଥିଲା।

## ବିଦ୍ୟାଳୟରେ ଛାତ୍ରଛାତ୍ରୀଙ୍କୁ ପୋଷାକ ବଣ୍ଟନ



କଣାସ,୧୧।୮ (ସମିସ): କଣାସ ବ୍ଲକ୍ ଦୋଛିଆଁ ଗ୍ରାମପଞ୍ଚାୟତରେ ପ୍ରତିଷ୍ଠିତ ଦୋଛିଆଁ ଉନ୍ନୀତ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଚଳିତ ବର୍ଷର ଛାତ୍ରଛାତ୍ରୀମାନଙ୍କୁ ପ୍ରଧାନଶିକ୍ଷକ ଅଜୟ କୁମାର ସେଠୀଙ୍କ ତତ୍ତ୍ୱାବଧାନରେ ୪୬ ଜଣ ଛାତ୍ର ଓ ୪୭ ଜଣ ଛାତ୍ରୀଙ୍କୁ ଡ୍ରେସ୍, ଜୋତା, ମୋଜା, ଟୋପି ଓ ପରିଚୟପତ୍ର ବଣ୍ଟନ କରିଥିଲେ। ରାକ୍ଷୀ ପୂର୍ଣ୍ଣିମା ଓ ଆଗକୁ ଅଗଷ୍ଟ ୧୫ ଥିବାରୁ ଛାତ୍ରଛାତ୍ରୀମାନେ ଡ୍ରେସ୍ ପାଇ ଖୁସିବ୍ୟକ୍ତ କରିଥିଲେ। ଏହି କାର୍ଯ୍ୟକ୍ରମରେ ଶିକ୍ଷକ ଅନିୟ କୁମାର ଛୋଟରାୟ, ନଟବର ବେହେରା, ବିଭୂତିଭୂଷଣ ସାମନ୍ତସିଂହାର, ଡାକ୍ତର ମାଝୀଙ୍କ ସମେତ ବିଦ୍ୟାଳୟର ପରିଚାଳନା କମିଟି ସଭ୍ୟସଭ୍ୟା ତଥା ଅଙ୍ଗନବାଡ଼ି କର୍ମୀ ଉପସ୍ଥିତ ରହି ଛାତ୍ରଛାତ୍ରୀଙ୍କୁ ପୋଷାକ ବଣ୍ଟନ କରିଥିଲେ।

## ଘରେ ଘରେ ତ୍ରିରଙ୍ଗା; ସ୍ୱଚ୍ଛତା ଓ ସଚେତନତା କାର୍ଯ୍ୟକ୍ରମ



ବ୍ରହ୍ମଗିରି,୧୧।୮ (ସମିସ): ସୋମବାର ଘରେ ଘରେ ତ୍ରିରଙ୍ଗା ଅଭିଯାନ ଅବସରରେ ଘରେ ଘରେ ସ୍ୱଚ୍ଛତା ଓ ସାମାଜିକ ସଚେତନତା ସୃଷ୍ଟି ପ୍ରତି ଗୁରୁତ୍ୱ ଦିଆଯାଇଛି। ବ୍ରହ୍ମଗିରି ବ୍ଲକ୍ ପରିସରରେ ସୋମବାର ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ା ଉପସ୍ଥିତ ରହି ସ୍ୱଚ୍ଛତା ସମସ୍ତଙ୍କ ପାଇଁ ଜରୁରୀ ବୋଲି କହିବା ସହ ପ୍ରତ୍ୟେକ ନିଜ ଗୃହକୁ ସ୍ୱଚ୍ଛ ରଖିବାକୁ ସଚେତନ କରାଇଥିଲେ। ଜାତିର ଜନକ ମହାତ୍ମା ଗାନ୍ଧୀ ସ୍ୱଚ୍ଛତା ପ୍ରତି ଗୁରୁତ୍ୱ ଦେଉଥିଲେ। ତେଣୁ ଆମେ ସମସ୍ତେ ସ୍ୱଚ୍ଛତା ପ୍ରତି ନିଷ୍ଠା ରଖିବା ସହ ଅପରିଷ୍କାର ପ୍ରତି କଠୋର ହେବାକୁ ଆହ୍ୱାନ ଦିଆଯାଇଥିଲା। ଅନ୍ୟମାନଙ୍କ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ (ପ୍ରଶାସନ) ଶରତ ଚନ୍ଦ୍ର ବେହେରା, ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ପ୍ରିୟରଞ୍ଜନ ପୃଷ୍ଟି, ଉପଜିଲ୍ଲାପାଳ ରାଜ କିଶୋର ଜେନା, ପୁଲିସ ଏସ୍‌ଡିପିଓ ଆର୍‌ଏନ୍ ଭଞ୍ଜ, ଜିଲ୍ଲା ସଂସ୍କୃତି ଅଧିକାରୀ ହେମନ୍ତ ବେହେରା, ଅନ୍ୟାନ୍ୟ ଜିଲ୍ଲାସ୍ତରୀୟ ଅଧିକାରୀ, ବ୍ରହ୍ମଗିରି ବିଡିଓ ଅମୀୟ କୁମାର ପଣ୍ଡା, ତହସିଲ୍‌ଦାର ଶଶିଭୂଷଣ ମିଶ୍ର ପ୍ରମୁଖ ଉପସ୍ଥିତ ଥିଲେ।

## ବାକି ଟଙ୍କାକୁ କେନ୍ଦ୍ରକରି ଯୁବକଙ୍କୁ ଆକ୍ରମଣ

ବଲଙ୍ଗା,୧୧।୮ (ସମିସ): ବାକି ଟଙ୍କାକୁ କେନ୍ଦ୍ରକରି ସୋମବାର ପୂର୍ବାହ୍ଣରେ ବଲଙ୍ଗା ଥାନା ଅନ୍ତର୍ଗତ ରେଶିଙ୍ଗା ଛକରେ ଜଣେ ଯୁବକଙ୍କୁ ଆକ୍ରମଣ କରାଯାଇଥିବା ନେଇ ଥାନାରେ ଅଭିଯୋଗ ହୋଇଛି। ଅଭିଯୋଗ ଆଧାରରେ ଥାନାରେ ଏକ ମାମଲା ରୁଜୁ କରାଯାଇ ତଦନ୍ତ ଜାରି ରହିଛି। ଉକ୍ତ ଥାନା ଅନ୍ତର୍ଗତ ରେରହଳ ଗ୍ରାମର ଦୁଃଶାସନ ପରିଡ଼ାଙ୍କଠାରୁ ରେଶିଙ୍ଗା ଗ୍ରାମର ଛବି ଓଝା ୯୦ ହଜାର ଟଙ୍କାରେ ୩ଟି ଚାକୁଣ୍ଡା ଗଛ କିଣିଥିଲାବେଳେ ୩୨ ହଜାର ଟଙ୍କା ବାକି ରଖିଥିଲେ। ଗଛ ବିକ୍ରିକୁ ୨ମାସ ବିତିଯାଇଥିଲେ ସୁଦ୍ଧା ଛବି ବାକି ଟଙ୍କା ଦେଉ ନ ଥିଲେ। ସୋମବାର ପୂର୍ବାହ୍ଣରେ ଦୁଃଶାସନ ରେଶିଙ୍ଗା ଛକରେ ପହଞ୍ଚି ଛବିଙ୍କୁ ଫୋନ୍ କରି ଟଙ୍କା ମାଗିଥିଲେ। ଛକରେ ଅପେକ୍ଷା କରିବାକୁ କହି ଟଙ୍କା ନେଇ ଯାଉଛି ବୋଲି କହିଥିଲେ ଛବି। ଅଳ୍ପ ସମୟ ମଧ୍ୟରେ ଛବି ଏକ ଟ୍ରାକ୍ଟର ନେଇ ଛକରେ ପହଞ୍ଚି ଛକରେ ଠିଆ ହୋଇଥିବା ଦୁଃଶାସନଙ୍କୁ ମଡ଼ାଇ ଦେବାକୁ ଉଦ୍ୟମ କରିଥିଲେ। ପରେ ହାତରେ ଏକ ଲୁହା ଜଗରଡ୍ ଧରି ଦୁଃଶାସନଙ୍କୁ ଆକ୍ରମଣ କରିଥିଲେ ଛବି। ଆକ୍ରମଣରେ ଦୁଃଶାସନଙ୍କ ମୁଣ୍ଡ ଫାଟି ଯାଇଥିଲାବେଳେ ଛବି ଦୁଃଶାସନଙ୍କ ବାମପଟ ଛାତିକୁ କାମୁଡ଼ି କ୍ଷତାକ୍ତ କରିଦେଇଥିଲେ। ଖବର ପାଇ ଦୁଃଶାସନଙ୍କ ସମ୍ପର୍କୀୟ ଘଟଣାସ୍ଥଳରେ ପହଞ୍ଚି ତାଙ୍କୁ ଉଦ୍ଧାର କରି ମେଡିକାଲ୍ ନେଇଥିଲେ ବୋଲି ଦୁଃଶାସନ ଥାନାରେ ଅଭିଯୋଗ କରିଛନ୍ତି।

## ଭଇଁଚିଗୋରଡ଼ି ଅନନ୍ତବଟ ଧାମରେ ବିଶ୍ୱଶାନ୍ତି ମହାଯଜ୍ଞ

ଚାରିଛକ,୧୧।୮ (ସମିସ): ଚାରିଛକ ନିକଟସ୍ଥ ଅମରେଶ୍ୱର ଭଇଁଚିଗୋରଡ଼ି ଅନନ୍ତବଟ ଧାମରେ ୪ ଦିନ ଧରି ଚାଲିଥିବା ୪୩ତମ ବାର୍ଷିକ ବିଶ୍ୱଶାନ୍ତି ମହାଯଜ୍ଞ ଉଦ୍‌ଯାପିତ ହୋଇଯାଇଛି। ନିକଟସ୍ଥ ପ୍ରାଚୀ ନଦୀ ଗୋତୀର୍ଥ ପୀଠରୁ କଳସ ପାଣି ଯଜ୍ଞ ମଣ୍ଡପରେ ସ୍ଥାପନ କରିଥିଲେ। କର୍ତ୍ତା ଭାବେ ପୂର୍ଣ୍ଣ ଚନ୍ଦ୍ର ସାହୁ ଓ କୃଷ୍ଣ ପ୍ରିୟା ସାହୁ କାର୍ଯ୍ୟ ସମାପନ କରିଥିଲେ। ଶେଷ ଦିନରେ ସକାଳୁ ସୂର୍ଯ୍ୟପୂଜା କରାଯାଇ ଯଜ୍ଞ କାର୍ଯ୍ୟ ଆରମ୍ଭ ହୋଇଥିଲା। ପରେ ସନ୍ଧ୍ୟା ସମୟରେ ଗୁରୁ ଅଦୈତ୍ୟ ଗୋସ୍ୱାମୀ (ଉପେନ୍ଦ୍ର ଦାଶ), ଗୁରୁମା' ମନୋରମା ଦାଶଙ୍କୁ ବନ୍ଦାପନା କରି ଗୁରୁ ପୂଜା କରିଥିଲେ। ପରେ ବିଭିନ୍ନ ଅଞ୍ଚଳରୁ ଆସିଥିବା ଭକ୍ତମାନେ ଗୁରୁ ପୂଜା କରି ଆଶୀର୍ବାଦ ଗ୍ରହଣ କରିଥିଲେ। ମୁଖ୍ୟ ପଣ୍ଡିତ ସୁବାସ ଚନ୍ଦ୍ର ମିଶ୍ର, ଅମୂଲ୍ୟ ମିଶ୍ର ଓ ତାଙ୍କ ଟିମ୍ ଦ୍ୱାରା ୪ଦିନ ଧରି ମହାଯଜ୍ଞ ପୂଜା କାର୍ଯ୍ୟ ତୁଲାଇଥିଲେ। ଏହି କାର୍ଯ୍ୟକ୍ରମରେ ପ୍ରମୋଦ ମଲ୍ଲିକ, ପ୍ରକାଶ ଚନ୍ଦ୍ର ମଲ୍ଲିକ, ଲକ୍ଷ୍ମୀଧର ମଲ୍ଲିକ, ବଟକୃଷ୍ଣ ମଲ୍ଲିକ, ନିଲୁ ମଲ୍ଲିକ, ଗୁଣନିଧି ମିଶ୍ର, ଭଗବାନ ମିଶ୍ର, ଅରକ୍ଷିତ ଭୋଇ, ସନ୍ତୋଷ ତ୍ରିପାଠୀ, ସାଧୁ ନିମାଇଁ ଚରଣ ଦାସଙ୍କ ସହିତ ବିଭିନ୍ନ ଅଞ୍ଚଳରୁ ସାଧୁସନ୍ଥ ଭକ୍ତମାନେ ଯୋଗଦେଇଥିଲେ।

## ମାଧବ ମନ୍ଦିରର ବେ-ବନ୍ଦୋବସ୍ତ ଜମି ଉଦ୍ଧାର

ଚାରିଛକ,୧୧।୮ (ସମିସ): ରାଜ୍ୟ ସରକାରଙ୍କ ନିର୍ଦ୍ଦେଶ କ୍ରମେ ସବୁ ଜିଲ୍ଲାର ବିଭିନ୍ନ ତହସିଲ୍ ଅଧୀନରେ ଥିବା ବେ-ବନ୍ଦୋବସ୍ତ, ଭୂମିହୀନମାନଙ୍କୁ ଜମି ଚିହ୍ନଟ କରାଯାଇ ପ୍ରଜାମାନଙ୍କ ନାମରେ ନାମିତ କରାଯାଇ ସ୍ଥାୟୀ ପଟ୍ଟା ବଣ୍ଟନ କରାଯାଇଛି। ନିଆଳି ତହସିଲ୍ ଅନ୍ତର୍ଗତ ଚାରିଛକ ନିକଟସ୍ଥ ମାଧବ ମନ୍ଦିର ପ୍ରଧାନସାହି ମୌଜାରେ ଥିବା ମାଧବ ମନ୍ଦିରର କେତେକ ବେ-ବନ୍ଦୋବସ୍ତ ଜମିକୁ ଫଇସଲା କରାଯାଇ ମାଧବ ମନ୍ଦିର ହେଡିଟାରୀ ଟ୍ରଷ୍ଟି ପ୍ରଶାନ୍ତ କୁମାର ଦେବଗୋସ୍ୱାମୀଙ୍କୁ ସ୍ଥିତିବାନ ପଟ୍ଟା ହସ୍ତାନ୍ତର କରାଯାଇଛି। ଏହି ବଣ୍ଟନ କାର୍ଯ୍ୟକ୍ରମରେ ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀ, କଟକ-ଚୌଦ୍ୱାର ବିଧାୟକ ସୌଭିକ୍ ବିଶ୍ୱାଳ, କଟକ ସଦର ବିଧାୟକ ଇଂ ପ୍ରକାଶ ଚନ୍ଦ୍ର ସେଠୀ, ନିଆଳି ବିଧାୟକ ଛବି ମଲ୍ଲିକ, କଟକ ଜିଲ୍ଲାପାଳ ଦତ୍ତାତ୍ରେୟ ଭାଉସାହେବ ସିନ୍ଧେ, ଉପଜିଲ୍ଲାପାଳ ଜ୍ୟୋସ୍ନା ନାୟକ, ନିଆଳି ତହସିଲ୍‌ଦାର ତାରେଣୀ ରଞ୍ଜନ ରାୟ, ମାଧବ ଆର୍‌ଆଇ ସୁଚିତ୍ରା ମହାନ୍ତି ପ୍ରମୁଖ ଉପସ୍ଥିତ ଥିଲେ।

## ବିଦ୍ୟୁତ୍ ଖୁଣ୍ଟରେ ପିଟି ହୋଇ ବୁଲେଟ୍ ଚାଳକ ଗୁରୁତର

ବଲଙ୍ଗା,୧୧।୮ (ସମିସ): ସୋମବାର ଅପରାହ୍ଣ ବଲଙ୍ଗା ଥାନା ଅନ୍ତର୍ଗତ ବଲଙ୍ଗା ଜଳସମ୍ପଦ ଉପଖଣ୍ଡ ଅଧୀନସ୍ଥ ନୂଆଗାଁ କେନାଲ ବନ୍ଧର ବିଲଗୋରଡ଼ାଠାରେ ବନ୍ଧ ଉପରେ ଥିବା ୧୧ କେଭି ବିଦ୍ୟୁତ୍ ଖୁଣ୍ଟରେ ଏକ ବୁଲେଟ ବାଇକ୍ ପିଟି ହୋଇ ଦୁର୍ଘଟଣାଗ୍ରସ୍ତ ହେଇଛି। ଦୁର୍ଘଟଣାରେ ବୁଲେଟ୍‌ଟି କ୍ଷତିଗ୍ରସ୍ତ ହୋଇଥିଲାବେଳେ ଚାଳକ ଜଣକ ଗୁରୁତର ହୋଇଛନ୍ତି। ସ୍ଥାନୀୟ ଲୋକମାନେ ତାଙ୍କୁ ଉଦ୍ଧାର କରି ସ୍ଥାନୀୟ ମେଡିକାଲରେ ଭର୍ତ୍ତି କରିଥିବାବେଳେ ଗୁରୁତର ଚାଳକ ଜଣଙ୍କ ଘର ଗୋପ ଥାନା ଅଞ୍ଚଳରେ ବୋଲି ଜଣାପଡ଼ିଛି। ସୂଚନା ମୁତାବକ, ସୋମବାର ଅପରାହ୍ଣରେ ଜଣେ ଯୁବକ ବୁଲେଟ୍ ବାଇକ୍‌ରେ ଦଣ୍ଡିପୁରରୁ ଦକ୍ଷିଣରାଉଶ ଅଭିମୁଖେ ଦ୍ରୁତଗତିରେ ଯାଉଥିବାବେଳେ ବାଇକ୍‌ଟି ଭାରସାମ୍ୟ ହରାଇ ବିଲୁଆଗୋରଡ଼ି କେନାଲ ବନ୍ଧ ଉପରେ ଥିବା ବିଦ୍ୟୁତ୍ ଖୁଣ୍ଟରେ ପିଟି ହୋଇଯାଇଥିଲା। ଦୁର୍ଘଟଣାରେ ବିଦ୍ୟୁତ୍ ଖୁଣ୍ଟ ବଙ୍କା ହେବା ସହ ବୁଲେଟ୍‌ଟି ଭାଙ୍ଗିଯାଇଥିଲା।

## କିଷାନ ସଂଘ ଓ ରୋଟାରୀ କ୍ଲବ୍ ତରଫରୁ ଚାରାରୋପଣ

ବାଣପୁର,୧୧।୮ (ସମିସ): ଭାରତୀୟ କିଷାନ ସଂଘର ଖୋର୍ଦ୍ଧା ଜିଲ୍ଲା ଶାଖା ଓ ଚିଲିକା ବାଲୁଗାଁ ରୋଟାରୀ କ୍ଲବ୍‌ର ମିଳିତ ଆନୁକୂଲ୍ୟରେ ବାଲେଡିହିସ୍ଥିତ ଶ୍ରୀନିଗମାନନ୍ଦ ଆଶ୍ରମ ପରିସରରେ ଏକ ବୃକ୍ଷରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଆୟୋଜିତ କାର୍ଯ୍ୟକ୍ରମରେ ଭାରତୀୟ କିଷାନ ସଂଘର ଖୋର୍ଦ୍ଧା ଜିଲ୍ଲା ସଭାପତି ପ୍ରଦୀପ କୁମାର ସାହୁ, ଜିଲ୍ଲା ଉପସଭାପତି ସତ୍ୟେନ୍ଦ୍ର କୁମାର ସ୍ୱାଇଁ, ମଣ୍ଡଳ ଉପସଭାପତି ନବ କିଶୋର ନାୟକ, ସଂଯୋଜକ ସୁକାନ୍ତ କୁମାର ଜେନା, ରୋଟାରୀ କ୍ଲବ୍ ଚିଲିକା ବାଲୁଗାଁର ସଭାପତି ଗଜେନ୍ଦ୍ର ସେଠୀ, ସମ୍ପାଦକ ଯଦୁମଣି ତରାଇ, ପୂର୍ବତନ ସଭାପତି ଜାନକୀ ବଲ୍ଲଭ ପଟ୍ଟନାୟକ, ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ଗାନ୍ଧୀ ବାରିକ, ଦିଲ୍ଲୀପ ମହାପାତ୍ର, ଶରତ ଚନ୍ଦ୍ର ପରିଡ଼ା, ଯୁଗଳ ଚରଣ ନାୟକ, ରମେଶଚନ୍ଦ୍ର ଖୁଣ୍ଟିଆ, ମକଦ୍ଦମ ଦାସ, ଦେବବ୍ରତ ବଡ଼ଜେନା, ସାଇ ପଲେଇ, ଗୋଲାପ ଖୁଣ୍ଟିଆ ପ୍ରମୁଖ ବହୁ କର୍ମକର୍ତ୍ତା ସାମିଲ୍ ହୋଇ ବିଭିନ୍ନ ପ୍ରକାରର ଫଳଚାରା ରୋପଣ କରିଥିଲେ। ଅବସରପ୍ରାପ୍ତ ପ୍ରଧାନଶିକ୍ଷୟିତ୍ରୀ ରୋଟାରିଆନ ବିଜୟଲକ୍ଷ୍ମୀ ପଟ୍ଟନାୟକ କାର୍ଯ୍ୟକ୍ରମ ପରିଚାଳନା କରିଥିବାବେଳେ ଆଶ୍ରମର ସନ୍ୟାସିନୀ ମା' କରୁଣାମୟୀ ସମସ୍ତଙ୍କୁ ଆଶୀର୍ବାଦ ଦେଇଥିଲେ।

## ଖୋର୍ଦ୍ଧା ରୋଡ୍ ରେଳମଣ୍ଡଳ ଦ୍ୱାରା 'ତ୍ରିରଙ୍ଗା ରାଲି'



ଜଟଣୀ,୧୧।୮ (ସମିସ): ପୂର୍ବତଟ ରେଳପଥ ଖୋର୍ଦ୍ଧା ରୋଡ୍ ରେଳମଣ୍ଡଳ ଦ୍ୱାରା ରବିବାର ହର ଘର ତିରଙ୍ଗା ଅଭିଯାନ ଅବସରରେ ଏକ ଉତ୍ସାହପୂର୍ଣ୍ଣ "ତ୍ରିରଙ୍ଗା ରାଲି' ଆୟୋଜିତ ହୋଇଥିଲା। ଏଥିରେ ଭାରତ ସ୍କାଉଟ୍ସ ଓ ଗାଇଡ୍ସ ସ୍ୱେଚ୍ଛାସେବୀ ଏବଂ ସିଭିଲ୍ ଡିଫେନ୍ସ କର୍ମଚାରୀମାନେ ଅଂଶଗ୍ରହଣ କରିଥିଲେ। ତିରଙ୍ଗା ରାଲି ଖୋର୍ଦ୍ଧା ରୋଡ୍ ରେଳ ଷ୍ଟେସନ୍, ଡିଆର୍‌ଏମ୍ ଭବନ, ସମୀପବର୍ତ୍ତୀ ରେଲ୍‌ୱେ କଲୋନୀ ଏବଂ ସୀତାରାମ ଛକ ଅଞ୍ଚଳ ମାର୍ଗ ଦେଇ ଯାତ୍ରା କରିଥିବାବେଳେ ସାଧାରଣ ଲୋକମାନଙ୍କୁ ଦେଶପ୍ରେମର ସଚେତନତା କରିଥିଲେ। ଏହି କାର୍ଯ୍ୟକ୍ରମରେ ରେଳବାଇ ପରିବାର ଓ ସ୍ଥାନୀୟ ଲୋକଙ୍କ ଉତ୍ସାହଭରା ଅଂଶଗ୍ରହଣ ଦେଶପ୍ରେମର ଆଶାକୁ ପରିପ୍ରକାଶ କରିଥିଲା।

## 'ପରଦା' ପକ୍ଷରୁ ଜାତୀୟ ହସ୍ତତନ୍ତ ଦିବସ



ବେଗୁନିଆ,୧୧।୮ (ସମିସ): ବୋଲଗଡ଼ ବ୍ଲକ୍ ଅନ୍ତର୍ଗତ ଧଳାପଥର ଗ୍ରାମସ୍ଥିତ "ପରଦା' ଅନୁଷ୍ଠାନ ପକ୍ଷରୁ ସ୍ଥାନୀୟ କଲ୍ୟାଣ ମଣ୍ଡପ ପରିସରରେ ନାବାର୍ଡ ସହଯୋଗରେ 'ପରଦା' ଅନୁଷ୍ଠାନ ପକ୍ଷରୁ ଜାତୀୟ ହସ୍ତତନ୍ତ ଦିବସ ପାଳନ ହୋଇଛି। ଏଥିରେ ଅନୁଷ୍ଠାନର ନିର୍ଦ୍ଦେଶକ ରମେଶ ଚନ୍ଦ୍ର ସାହୁ ଅଧ୍ୟକ୍ଷତା ଓ ଜିଲ୍ଲା ସଂଯୋଜକ ସରୋଜ କୁମାର ସାହୁଙ୍କ ସଂଯୋଜନାରେ ଜିଲ୍ଲା ଡିଡିଏମ୍ ତୃପ୍ତି ତାପସୀ ମୁଖ୍ୟଅତିଥି, ଫାବ୍‌ଇଣ୍ଡିଆ ମାର୍କେଟିଂ ଅଧିକାରୀ ସୁରେଶ କୁମାର ସାହୁ ମୁଖ୍ୟବକ୍ତା, ପ୍ରମୋଟର ରମେଶ ରାଉତ, ଭାବଗ୍ରାହୀ ସାହୁ, ସରପଞ୍ଚ ନାରାୟଣ ସାହୁ, ସମିତିସଭ୍ୟ ବିଜୟ କୁମାର ସୁବୁଦ୍ଧି ଓ ବୋର୍ଡ ଅଫ୍ ଡାଇରେକ୍ଟର ଲିଙ୍ଗରାଜ ବେହେରା ପ୍ରମୁଖ ସମ୍ମାନିତ ଅତିଥି ଭାବେ ଯୋଗଦେଇ ଅନ୍ତର୍ଜାତୀୟସ୍ତରରେ ହସ୍ତତନ୍ତର ପ୍ରଚାରପ୍ରସାର ପାଇଁ ଡିଜିଟାଲ ମାଧ୍ୟମକୁ ଆପଣାଇଲେ ଆର୍ଥିକ ଅଭିବୃଦ୍ଧି ହୋଇପାରିବ ବୋଲି ମତପ୍ରକାଶ କରିଥିଲେ। ପରେ ବୁଣାକାର ସରୋଜିନୀ ରଣା, ଉର୍ମିଳା ନାୟକ, ବାଙ୍କନିଧି ବେହେରା, ଲିଙ୍ଗରାଜ ବେହେରା ଓ ମାନସ ରଞ୍ଜନ ସାହୁଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା।


# ବ୍ରହ୍ମଗିରିରେ ଜିଲ୍ଲାପାଳଙ୍କ ଜନଶୁଣାଣି ଶିବିର



ବ୍ରହ୍ମଗିରି,୧୧।୮ (ସମିସ): ସୋମବାର ପୁରୀ ଜିଲ୍ଲା ପ୍ରଶାସନ ପକ୍ଷରୁ ବ୍ରହ୍ମଗିରି ବ୍ଲକ୍ ସମ୍ମିଳନୀ କକ୍ଷରେ ଜିଲ୍ଲାପାଳଙ୍କ ଜନଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ା, ଅତିରିକ୍ତ ଜିଲ୍ଲାପାଳ ଶରତ ଚନ୍ଦ୍ର ବେହେରା, ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ପ୍ରିୟ ରଞ୍ଜନ ପୃଷ୍ଟି, ଅତିରିକ୍ତ ଏସ୍‌ପି ସୌମ୍ୟ ରଞ୍ଜନ ମଲ୍ଲିକ, ଅଧ୍ୟକ୍ଷା ରତ୍ନମାଳା ବେହେରା, ଉପାଧ୍ୟକ୍ଷା ମାଳିନୀ ଦଳାଇ, ବିଡିଓ ଅମିୟ କୁମାର ପଣ୍ଡା, ତହସିଲ୍‌ଦାର ଶଶୀଭୂଷଣ ମିଶ୍ର, ଏସ୍‌ଡିପିଓ ରବିନାରାୟଣ ଭଞ୍ଜ, ବ୍ରହ୍ମଗିରି ଥାନା ଆଇଆଇସି ପ୍ରଜ୍ଞା ମହାନ୍ତି ସାହୁଙ୍କ ସମେତ ବିଭିନ୍ନ ବିଭାଗର ଅଧିକାରୀମାନେ ଉପସ୍ଥିତ ଥିଲେ। ଏଥିରେ ମୋଟ୍ ୬୯ଟି ଅଭିଯୋଗ ମିଳିଥିଲା। ସେଥିରୁ ୬୫ଟି ବ୍ୟକ୍ତିଗତ, ୪ଟି ଗ୍ରାମ ସମ୍ବନ୍ଧୀୟ ଓ ୩ଟି ମୁଖ୍ୟମନ୍ତ୍ରୀଙ୍କ ରିଲିଫ୍ ପାଣ୍ଠିରୁ ସହାୟତା ସମ୍ପର୍କରେ ରହିଥିଲା। ତତ୍‌କ୍ଷଣାତ ୩ଟିର ସମାଧାନ କରାଯାଇଥିଲା। ଅନ୍ୟ ଅଭିଯୋଗଗୁଡ଼ିକର ଆଇନ ଅନୁସାରେ ସମାଧାନ ପାଇଁ ସମ୍ପୃକ୍ତ ବିଭାଗମାନଙ୍କୁ ପ୍ରେରଣ କରାଯାଇଥିଲା। ଶିବିରରେ ବିଦ୍ୟୁତ୍, ସ୍ୱାସ୍ଥ୍ୟ, ଜଳସେଚନ, ବେଆଇନ ମଦ କାରବାର ବନ୍ଦ, ଭତ୍ତା, ରାସ୍ତା ମରାମତି, ରାସନ କାର୍ଡ, ସୁଭଦ୍ରା ଯୋଜନା, ପାନୀୟଜଳଯୋଗାଣ ଆଦି ସର୍ବମୋଟ ୭୫ଟି ଅଭିଯୋଗପତ୍ର ଗ୍ରହଣ କରାଯାଇଥିଲା। ବିଶେଷକରି ପୁରୀରୁ ସାତପଡ଼ା ପର୍ଯ୍ୟନ୍ତ ରାଜରାସ୍ତାରେ ମାଳମାଳ ଗାଈଗୋରୁ ବୁଲୁଥିବାରୁ ଅନେକ ସମୟରେ ଦୁର୍ଘଟଣା ଘଟିଥିବା ନଜରକୁ ଆସିଛି। ସେଥିପାଇଁ ଆଇନଜୀବୀ ଭାସ୍କର ଚନ୍ଦ୍ର ଜେନା ଜିଲ୍ଲାପାଳଙ୍କ ଦୃଷ୍ଟିଗୋଚର କରିଥିଲେ। ଉକ୍ତ ଅଭିଯୋଗଗୁଡ଼ିକର ଖୁବ୍‌ଶୀଘ୍ର ସମାଧାନ କରିବା ପାଇଁ ବିଭାଗୀୟ ଅଧିକାରୀମାନଙ୍କୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଛନ୍ତି।

୧୧/୮/୨୦୨୫ (ସୋମବାର) ଶ୍ରୀଜଗନ୍ନାଥଙ୍କ ହୁଣ୍ଡିରେ ସମର୍ପଣ
ଟ. ୫,୦୭,୩୧୭/- ସୁନା: ୦୦.୨୫୦ ଗ୍ରାମ୍ ରୁପା: ୨୦.୭୦୦ ଗ୍ରାମ୍





## ଶ୍ରୀସତ୍ୟସାଇ ଦିବ୍ୟ ପାଦୁକା ଯାତ୍ରାର ପୁରୀ ଆଗମନ

ପୁରୀ,୧୧।୮ (ସମିସ): ଶ୍ରୀସତ୍ୟସାଇ ସେବା ସଂଗଠନ ଓଡ଼ିଶା ପକ୍ଷରୁ ଶ୍ରୀସତ୍ୟସାଇ ଦିବ୍ୟ ପାଦୁକା ଯାତ୍ରା ପୁରୀ ଆସିବ । ଏହି ପାଦୁକା ଯାତ୍ରା ମଙ୍ଗଳବାର ପୂର୍ବାହ୍ଣ ସାଢ଼େ ୧୦ଟାରେ ବୀର ହରେକୃଷ୍ଣପୁର, ରେଣ୍ଟୁଅ, ନୂଆପାଟଣାରେ ପହଞ୍ଚିବ । ଅପରାହ୍ଣ ୧ଟାରେ ସମଙ୍ଗରା, ବାଲିଗୁଆଳି, ୨ଟାରେ ସ୍ୱାମୀ ଚିଦାନନ୍ଦ ଆଶ୍ରମ, ୪ଟାରେ ନୂଆସାହି, ଗୋପାଳପୁର, ବାଲିଘାଟ ଛକ, ମାରୁତୀ ନଗର ହୋଇ ସନ୍ଧ୍ୟା ୭ଟାରେ ପିକେଆର୍‌ଆଇଟି କଲୋନୀରେ ପହଞ୍ଚି ରାତ୍ରୀଯାପନ କରିବ । ୧୩ ତାରିଖ ପୂର୍ବାହ୍ଣ ୧୦ଟାରେ ଶ୍ରୀକ୍ଷେତ୍ର କଲୋନୀ, ଜିଲ୍ଲା ସ୍କୁଲ, ମୋଚିସାହି, ଶ୍ରୀସତ୍ୟସାଇ ମନ୍ଦିର, ଏସ୍‌ସିଏସ୍ କଲେଜ ଛକ ହୋଇ ରାତ୍ରିଯାପନ କରିବା ପରେ ୧୪ ତାରିଖ ସାଢ଼େ ୧୦ରେ ମଙ୍ଗଳା ଘାଟ, ମାଟିତୋଟା, ଖଡ଼ିପଦା ଭଜନ ମଣ୍ଡଳୀ ହୋଇ ରାତ୍ରିଯାପନ କରିବେ । ୧୫ ଓ ୧୬ ତାରିଖ କଣାସ ବ୍ଲକ୍ ବିନ୍ଧଣ ଭଜନ ମଣ୍ଡଳୀରେ ରହଣୀ ହୋଇ ୧୮ ରେ ନୟାଗଡ଼ ଜିଲ୍ଲାକୁ ହସ୍ତାନ୍ତର କରାଯିବ ବୋଲି ଉଦ୍ୟୋକ୍ତା କହିଛନ୍ତି ।

### ଶ୍ରୀମନ୍ଦିର କଡ଼ରେ ଉଚ୍ଚ ଅଟ୍ଟାଳିକା

# ପ୍ରଶାସନ ନୀରବତାକୁ ନେଇ ପ୍ରଶ୍ନକଲା ଆପ୍

ପୁରୀ,୧୧।୮ (ସମିସ): ସୁରକ୍ଷା ଦୃଷ୍ଟିକୋଣରୁ ଶ୍ରୀମନ୍ଦିର ଚତୁଃପାଶ୍ୱର୍ରେ ଉଚ୍ଚ ବା ବଡ଼ ବଡ଼ ଅଟ୍ଟାଳିକା ନିର୍ମାଣ ଉପରେ କଟକଣା ରହିଛି । ହେଲେ ଏହି ନିୟମ କଡ଼ାକଡ଼ି ପାଳନ କରାଯାଉନାହିଁ । ଫଳରେ ମନ୍ଦିର ଚାରିପାଖରେ ବଡ଼ କୋଠା ତିଆରି ହେଉଛି । ଏହାକୁ ନେଇ ପ୍ରତିବାଦ ଉଠାଇଛି ପୁରୀ ଜିଲ୍ଲା ଆମ୍ ଆଦ୍‌ମୀ ପାର୍ଟି (ଆପ୍) । ସୋମବାର ଆପ୍ ପକ୍ଷରୁ ତହସିଲ୍‌ଦାରଙ୍କୁ ଦାବିପତ୍ର ପ୍ରଦାନ କରାଯାଇଛି । ତୁରନ୍ତ ଏହାର ଅନୁଧ୍ୟାନ କରି ବିହୀତ ପଦକ୍ଷେପ ଗ୍ରହଣ କରିବାକୁ ଦାବି କରିଛି ଆପ୍ ।

ଶ୍ରୀମନ୍ଦିର ସୁରକ୍ଷା ଏବଂ ସୌନ୍ଦର୍ଯ୍ୟକରଣ ସାଙ୍ଗକୁ ଭକ୍ତଙ୍କୁ ମୌଳିକ ସୁବିଧା ପ୍ରଦାନ ଉଦ୍ଦେଶ୍ୟରେ ଶ୍ରୀମନ୍ଦିର ପରିକ୍ରମା ପ୍ରକଳ୍ପ କରାଯାଇଛି । ଏଥିମଧ୍ୟରୁ ସୁରକ୍ଷା ହେଉଛି ବଡ଼ ପ୍ରସଙ୍ଗ । ଶ୍ରୀମନ୍ଦିର ପ୍ରତି ଆତଙ୍କବାଦୀ ଆକ୍ରମଣର ଭୟ ରହିଥିବା ପୂର୍ବରୁ ଅନେକଥର ଗୁଇନ୍ଦା ବିଭାଗ ରିପୋର୍ଟ ଦେଇଛି । ଏହାକୁ ଭିତ୍ତିକରି ବିଭିନ୍ନ ସମୟରେ ଏନ୍‌ଏସ୍‌ଜି ପକ୍ଷରୁ ବଡ଼ଦେଉଳର ସୁରକ୍ଷା ବ୍ୟବସ୍ଥା ଯାଞ୍ଚ କରାଯାଉଛି । ଶ୍ରୀମନ୍ଦିର ପ୍ରଶାସନ ମଧ୍ୟ ଏ ଦିଗରେ ଅନେକ ପଦକ୍ଷେପ ନେଇଛି । ତେଣୁ ସୁରକ୍ଷା ଦୃଷ୍ଟିକୋଣରୁ ଶ୍ରୀମନ୍ଦିର ଚତୁଃପାଶ୍ୱର୍ରେ ଉଚ୍ଚ ଅଟାଳିକା ଉପରେ କଟକଣା ଅଛି । ଆମ୍‌ସାର ଆକ୍ଟରେ ମଧ୍ୟ ଐତିହ୍ୟ କୀର୍ତ୍ତିରାଜି ଚତୁଃପାଶ୍ୱର୍ରେ କେତେ ଦୂରରେ କୋଠା ବା ନିର୍ମାଣ ରହିବ ଏହାର ଉଚ୍ଚତା କେତେ ହେବ ତାହା ଉଲ୍ଲେଖ ରହିଛି । ଏ ସବୁକୁ ନଜରରେ ରଖି ଶ୍ରୀମନ୍ଦିର ପ୍ରଶାସନ ମଧ୍ୟ ଏକ ନୂଆ ପଦକ୍ଷେପ ନେବାକୁ ଯାଉଛି । ଶ୍ରୀମନ୍ଦିର ପରିକ୍ରମା ମାର୍ଗକୁ ଲାଗି ରହିଥିବା କୋଠାଗୁଡ଼ିକ ନିର୍ଦ୍ଦିଷ୍ଟ ଉଚ୍ଚତାରେ ସୀମିତ ରହିବ । ଘରର ଆକୃତି ମଧ୍ୟ ପାରମ୍ପରିକ କଳିଙ୍ଗ ସ୍ଥାପତ୍ୟ କଳାରେ ଝଲସିବ । ସେହିପରି ଅନୁରୂପ ଭାବେ ଏହି ନିୟମ ଗୁଣ୍ଡିଚା ମନ୍ଦିର ଚାରିପାର୍ଶ୍ୱ ପାଇଁ ଲାଗୁ ହେବ । ଗୁଣ୍ଡିଚା ମନ୍ଦିର ଚତୁଃପାଶ୍ୱର୍ ହେଉ ଅବା ଶ୍ରୀମନ୍ଦିର ଚାରିପାଖରେ କେହି ମନଇଚ୍ଛା ଘର ନିର୍ମାଣ କରିପାରିବେ ନାହିଁ । ଏଥିପାଇଁ ଶ୍ରୀମନ୍ଦିର ପ୍ରଶାସନଠାରୁ ଅନୁମତି ନେବାକୁ ପଡ଼ିବ । ଶ୍ରୀମନ୍ଦିର ଏବଂ ଗୁଣ୍ଡିଚା ମନ୍ଦିର ଭଳି ଐତିହ୍ୟ କୀର୍ତ୍ତିରାଜିର ସୁରକ୍ଷାକୁ ଦୃଷ୍ଟିରେ ରଖାଯାଇ ଏହି ପଦକ୍ଷେପ ନେବାକୁ ରାଜ୍ୟ ସରକାରଙ୍କୁ ସୁପାରିସ୍ କରିଛି ଶ୍ରୀମନ୍ଦିର ପ୍ରଶାସନ । ଏହି ପଦକ୍ଷେପକୁ ସ୍ୱାଗତ କରିଛନ୍ତି ସେବାୟତ ।



ଶ୍ରୀମନ୍ଦିର ଏବଂ ଗୁଣ୍ଡିଚା ମନ୍ଦିର ଚତୁଃପାର୍ଶ୍ୱରେ ଅନେକ ଉଚ୍ଚ ଅଟ୍ଟାଳିକା ଥିବାରୁ ଅନେକ ଗୁପ୍ତ ନୀତିକାନ୍ତି ଦୃଶ୍ୟମାନ ହେଉଛି । ଏହାଦ୍ୱାରା ମହାପ୍ରଭୁଙ୍କର ଅନେକ ଗୁପ୍ତ ନୀତି ସାର୍ବଜନୀନ ହୋଇଯାଉଛି, ଯାହାକୁ ନେଇ ସେବାୟତମାନେ ଚିନ୍ତାପ୍ରକଟ କରିବା ସହ ଏନେଇ ସ୍ୱତନ୍ତ୍ର ପଦକ୍ଷେପ ନେବାକୁ ଶ୍ରୀମନ୍ଦିର ପ୍ରଶାସନକୁ ଅନୁରୋଧ କରିଥିଲେ । ସେହିପରି ଶ୍ରୀମନ୍ଦିର ଏବଂ ଗୁଣ୍ଡିଚା ମନ୍ଦିରର ଚତୁଃପାର୍ଶ୍ୱ ବହୁ ଜନଗହଳିପୂର୍ଣ୍ଣ ଏବଂ ଅଣଓସାରିଆ ରାସ୍ତା ଥିବାରୁ ଐତିହ୍ୟ କୀର୍ତ୍ତିରାଜି ପ୍ରତି ବିପଦ ରହିଥିବା ପୂର୍ବରୁ କେନ୍ଦ୍ରୀୟ ଗୁଇନ୍ଦା ଏଜେନ୍ସି ସତର୍କ କରାଇ ଆସିଛି । ହେଲେ ଏବେ ଶ୍ରୀମନ୍ଦିର କଡ଼ରେ ଉଚ୍ଚ ଅଟ୍ଟାଳିକା ତିଆରି କରାଯାଉଥିବାରୁ ଆପତ୍ତି ଉଠାଇଛି ଆପ୍ ।

ଆପ୍ ଜିଲ୍ଲା ସଭାପତି ସଞ୍ଜୀବ ମହାନ୍ତି କହିଛନ୍ତି, ଶ୍ରୀମନ୍ଦିର ଚତୁଃପାଶ୍ୱର୍ରେ ବଡ଼ ବଡ଼ ଅଟ୍ଟାଳିକା ନିର୍ମାଣ ପାଇଁ ନିୟମ ରହିଛି । କିନ୍ତୁ ଏଥିରେ ବ୍ୟତିକ୍ରମ ଦେଖିବାକୁ ମିଳିଛି । ଉତ୍ତର ଦ୍ୱାର ପାଶ୍ୱର୍ରେ ଯେଉଁ ନିର୍ମାଣ ହେଉଛି ତାହା ସରକାରୀ ନିୟମକୁ ଉଲ୍ଲଂଘନ କରୁଛି । ଗତ ମାସ ୩୦ ତାରିଖରେ ପୁରୀ ତହସିଲ୍‌ଦାରଙ୍କ ପାଖକୁ ଅଭିଯୋଗ ଆସିଥିଲେ ମଧ୍ୟ କୌଣସି ପଦକ୍ଷେପ ନିଆଯାଇ ନାହିଁ । ଶ୍ରୀମନ୍ଦିର ପ୍ରଶାସନ ମଧ୍ୟ ନିରବ ରହିଛି । ଆପ୍ ଜାଣିବାକୁ ପାଇଛି ଯେ, ଇସ୍କନ୍ ପରଦା ପଛରେ ରହି ଏହି ନିର୍ମାଣ କରୁଛି । ତେବେ ବେନିୟମ ଭାବେ ନିର୍ମାଣ ଚାଲିଥିବାବେଳେ ପ୍ରଶାସନ କାହିଁକି ନିରବ ବୋଲି ପ୍ରଶ୍ନ କରିଛନ୍ତି ସଞ୍ଜୀବ । ସେ କହିଛନ୍ତି, ଏତେବଡ଼ ଅଟ୍ଟାଳିକା ହେଲେ ଶ୍ରୀମନ୍ଦିର ଉପରେ ଏହାର ପ୍ରଭାବ ପଡ଼ିବ । ତେଣୁ ସୋମବାର ତହସିଲ୍‌ଦାରଙ୍କୁ ଏହି ଜାଗା ଉପରେ ତୁରନ୍ତ ତଦନ୍ତ କରିବାକୁ ଅନୁରୋଧ କରିଛୁ । ଯଦି କିଛି ବେନିୟମ ଥାଏ ତୁରନ୍ତ କାର୍ଯ୍ୟାନୁଷ୍ଠାନ ନେବା ପାଇଁ ଦାବି କରିଛୁ । ଏହାର ସତ୍ୟତା ବାହାରକୁ ଆସିବା ନିହାତି ଦରକାର । ନଚେତ୍ ଆମେ ଆନ୍ଦୋଳନ କରିବୁ ବୋଲି କହିଛନ୍ତି ଆପ୍ ଜିଲ୍ଲା ସଭାପତି ସଞ୍ଜୀବ । ଦାବିପତ୍ର ପ୍ରଦାନବେଳେ ନଗର ସଭାପତି ରମାକାନ୍ତ ସ୍ୱାଇଁ, କୃଷକ ସଭାପତି ଦେବ ପ୍ରଧାନ, ରତିକାନ୍ତ ପରିଡ଼ା ପ୍ରମୁଖ ଉପସ୍ଥିତ ଥିଲେ ।


ପୁରୀ ବେଳାଭୂମିର ମନୋରମ ଦୃଶ୍ୟ

## 'ଆପଣଙ୍କ ସେବାରେ' ପକ୍ଷରୁ ବିବିଧ କାର୍ଯ୍ୟକ୍ରମ

ପୁରୀ,୧୧।୮ (ସମିସ)

ଅଗ୍ରଣୀ ସାମାଜିକ ଅନୁଷ୍ଠାନ 'ଆପଣଙ୍କ ସେବାରେ' ତରଫରୁ ଶନିବାର ବିବିଧ କାର୍ଯ୍ୟକ୍ରମ ସ୍ଥାନୀୟ ଗୁଡ଼ିଆ ସାହିସ୍ଥିତ ମା' ରାବେଣୀ ଚଉରା ମନ୍ଦିର ପ୍ରାଙ୍ଗଣରେ ଅନୁଷ୍ଠିତ ହୋଇଯାଇଛି । ତନ୍ମଧ୍ୟରୁ ଅନୁଷ୍ଠାନର ପ୍ରମୁଖ ନାରୀ ଶାଖା, ମାଳତୀ ଦେବୀ ଚୌଧୁରୀ ନାରୀ ସମ୍ମାନ ପ୍ରକଳ୍ପ ଦ୍ୱାରା ପ୍ରତିବର୍ଷ ଭଳି ଏ ବର୍ଷ ମଧ୍ୟ ପବିତ୍ର ରକ୍ଷାବନ୍ଧନ ପର୍ବ ଅନୁଷ୍ଠାନର ରାଜ୍ୟ ସଭାପତି ଜିତେନ୍ଦ୍ର ମହାପାତ୍ରଙ୍କ ସଭାପତିତ୍ୱରେ ପାଳନ କରାଯାଇଥିଲା । କାର୍ଯ୍ୟକ୍ରମ ପ୍ରାରମ୍ଭରେ ନାରୀ ସମ୍ମାନ ପ୍ରକଳ୍ପ ତରଫରୁ ଅନୁପମା କର ସ୍ୱାଗତ ଭାଷଣ ଦେବା ସହ ଲକ୍ଷ୍ମୀପ୍ରିୟା ସାହୁ ଦିନର ମହତ୍ୱ ସମ୍ପର୍କରେ ଆଲୋକପାତ କରିଥିଲେ । ମଞ୍ଚାସୀନ ଅନୁଷ୍ଠାନର ବରିଷ୍ଠ ମାର୍ଗଦର୍ଶକ ମନୋଜ ରଥ, ରାଜ୍ୟ ଉପସଭାପତି ବିଜୟ କୃଷ୍ଣ ବ୍ରହ୍ମା, ରାଜ୍ୟ ସମ୍ପାଦକ ଚିତ୍ତରଞ୍ଜନ ବିଶ୍ୱାଳ, ବରିଷ୍ଠ ସଦସ୍ୟ ବିରଞ୍ଚି ମିଶ୍ର ପ୍ରମୁଖ ଭାଇ-ଭଉଣୀ ସମ୍ପର୍କର ଅତୁଟ ବନ୍ଧନ ରାକ୍ଷୀ ପର୍ବର ମହତ୍ୱ ବିଷୟରେ ଆଲୋକପାତ କରିଥିଲେ । ଅନୁଷ୍ଠାନର ବରିଷ୍ଠ ସଦସ୍ୟା ମଞ୍ଜୁଳା ଦେବୀ ରାକ୍ଷୀ କବିତାପାଠ କରିଥିଲେ । ଅନୁଷ୍ଠାନର ଉପସ୍ଥିତ ସମସ୍ତ ଭାଇଙ୍କୁ ଭଉଣୀମାନେ ରାକ୍ଷୀ ବାନ୍ଧିଥିଲେ ।

ଏହି ଅବସରରେ ପୁରୀ ଜିଲ୍ଲା ସମିତିର ପୁନଃଗଠନ କରାଯାଇ ନୂତନ ଭାବେ ଦାୟିତ୍ୱ ଦିଆଯାଇଥିବା ସଦସ୍ୟ ସଦସ୍ୟାମାନଙ୍କୁ ରାଜ୍ୟ ସଭାପତି ଶ୍ରୀ ମହାପାତ୍ରଙ୍କ ଦ୍ୱାରା ପଦ ଗୋପନୀୟତାର ଶପଥପାଠ କରାଯାଇଥିଲା । ନୂତନ ଭାବେ ଦାୟିତ୍ୱ ଗ୍ରହଣ କରିଥିବା ଜିଲ୍ଲା ସଭାପତି ଭାବେ ଦେବାନନ୍ଦ ମିଶ୍ର, ଉପସଭାପତି ସୌମ୍ୟଶ୍ରୀ ଆଶୀର୍ବାଦମ୍ ଓ ଜଗନ୍ନାଥ ରେଡ୍ଡି, ଜିଲ୍ଲା ସାଧାରଣ ସମ୍ପାଦକ ଦେବୀପ୍ରସାଦ ବ୍ରହ୍ମା, ସମ୍ପାଦକ ସିସେନ ପ୍ରତିହାରୀ ଓ ମୌସୁମୀ ଦାସ, କୋଷାଧ୍ୟକ୍ଷ ରଞ୍ଜେଶ କୁମାର ସାହୁ, ସମ୍ପର୍କ ସମ୍ପାଦକ ସୁଚିସ୍ମିତା ଆଖୁଆ, ସେବା ସମ୍ପାଦକ ସୁଶାନ୍ତ ଦାସ, ସହ ସେବା ସମ୍ପାଦକ ସତ୍ୟନାରାୟଣ ଜେନା ଓ ସୁବାସ ଘଡ଼େଇ, ସାଂସ୍କୃତିକ ସମ୍ପାଦକ ଅର୍ଜୁନ ମହାରଣା, ସଂଗଠକ ଭଗବାନ ମିଶ୍ର, ସହ ସଂଗଠକ ପ୍ରସନ୍ନ ପଟ୍ଟନାୟକ, ଗଣମାଧ୍ୟମ ସମ୍ପାଦକ ନାରାୟଣ ସାହୁ, ଆଚାର୍ଯ୍ୟ ହରିହର ଶିକ୍ଷା ପ୍ରକଳ୍ପର ପ୍ରମୁଖ ଭାବେ ଦିବ୍ୟରଞ୍ଜନ ଦାସ, ସସ୍ମିତା ମହାପାତ୍ର ଓ ସୁଲେଖା ମିଶ୍ର, ଧନନ୍ତ୍ୱରୀ ସେବା ପ୍ରକଳ୍ପର ସଂଯୋଜକ ଭାବେ ଡା. ସୂର୍ଯ୍ୟନାରାୟଣ ପୃଷ୍ଟି, ଜିଲ୍ଲା ସଂଯୋଜିକା ଲକ୍ଷ୍ମୀପ୍ରିୟା ସାହୁ ଓ ମୀରାରାଣୀ ଦେବୀ ପ୍ରମୁଖଙ୍କୁ ଚୟନ କରାଯାଇଛି । ରାଜ୍ୟ ମୁଖପାତ୍ର ଓ ଗଣମାଧ୍ୟମ ପ୍ରଭାରୀ ଜଗଦୀଶ ପ୍ରଧାନ କାର୍ଯ୍ୟକ୍ରମ ସଞ୍ଚାଳନ କରିଥିଲେ ।

## ୨୩ ଓ ୨୪ରେ ଜିଲ୍ଲାସ୍ତରୀୟ ବିବିଧ ପ୍ରତିଯୋଗିତା

ପୁରୀ,୧୧।୮ (ସମିସ): କୁମାର ଉତ୍ସବ ସମିତି ପକ୍ଷରୁ ଆସନ୍ତା ଅକ୍ଟୋବର ୮ ରୁ ୧୦ ତିନିଦିନ ଧରି ମୁକ୍ତାକାଶ ରଙ୍ଗମଞ୍ଚରେ ଅନୁଷ୍ଠିତ ହେବ ୫୮ତମ କୁମାର ଉତ୍ସବ । ଏହି ଉପଲକ୍ଷେ ଆସନ୍ତା ୨୩ ଓ ୨୪ ତାରିଖ ଦୁଇଦିନ ଧରି ସକାଳ ୯ଟାରୁ ଅନ୍ନପୂର୍ଣ୍ଣା ଥିଏଟରରେ ଜିଲ୍ଲାସ୍ତରୀୟ ବିଭିନ୍ନ ପ୍ରତିଯୋଗିତା (ଗୀତାପାଠ, ଯୋଗ, ଶ୍ରୀକ୍ଷେତ୍ର କୁମାର ଓ କୁମାରୀ, ଶ୍ରୀକ୍ଷେତ୍ର ଗୃହିଣୀ, ଚିତ୍ରାଙ୍କନ, ଝୋଟି, ସଙ୍ଗୀତ, ଓଡ଼ିଶୀ ନୃତ୍ୟ, ଓଡ଼ିଆ ଭାଗବତ ପଠନ, ଫ୍ୟାନ୍‌ସି ଡ୍ରେସ୍, ଭଜନ, ଲୋକନୃତ୍ୟ ଓ ବକ୍ତୃତା) ଅନୁଷ୍ଠିତ ହେବ । ଆଗ୍ରହୀ ପ୍ରତିଯୋଗୀମାନେ ଆସନ୍ତା ୧୨ ତାରିଖଠାରୁ ପ୍ରତିଦିନ ପୂର୍ବାହ୍ଣ ୧୧ଟାରୁ ଅପରାହ୍ଣ ୨ଟା ମଧ୍ୟରେ କୁମାର ଉତ୍ସବ ସମିତି କାର୍ଯ୍ୟାଳୟରେ ନିଜର ନାମ ପଞ୍ଜିକୃତ କରିପାରିବେ । ପୂର୍ବବର୍ଷ ଭଳି ଏବର୍ଷ ମଧ୍ୟ ଶ୍ରୀକାନ୍ତ ମହାନ୍ତିଙ୍କ ସମ୍ପାଦନାରେ ଶୋଭନୀୟ ସ୍ମରଣିକା ପ୍ରକାଶ ପାଇବ । ଲେଖକ, ଲେଖିକାମାନେ ପୁରୀର ଐତିହ୍ୟ, ସଂସ୍କୃତି ଓ ପରମ୍ପରା ଉପରେ ଆଧାରିତ ଲେଖା ସ୍ମରଣିକା ସମ୍ପାଦକ କିମ୍ବା କୁମାର ଉତ୍ସବ ସମିତି କାର୍ଯ୍ୟାଳୟରେ ସେପ୍ଟେମ୍ବର ୫ ତାରିଖ ସୁଦ୍ଧା ଦେବା ପାଇଁ ଅନୁଷ୍ଠାନର ସାଧାରଣ ସମ୍ପାଦକ ସ୍ୱାଧୀନ କୁମାର ପଣ୍ଡା ଜଣାଇଛନ୍ତି ।

## ଢାବା ମାଲିକଙ୍କଠାରୁ ଦାଦାବଟି ଆଦାୟ; ୩ ଗିରଫ

ପୁରୀ,୧୧।୮ (ସମିସ): ଦାଦାବଟି ଆଦାୟ ଅଭିଯୋଗରେ ଚନ୍ଦନପୁର ଥାନା ପୁଲିସ ୩ ଜଣଙ୍କୁ ଗିରଫ କରିଛି । ଅଭିଯୁକ୍ତମାନେ ହେଲେ ପୁରୀ ସଦର ଥାନା ଅନ୍ତର୍ଗତ ବାଟଗାଁର ସୁରେନ୍ଦ୍ର ମଲ୍ଲିକ, ମଳୟ ଶତପଥୀ ଓ ଅରକ୍ଷୀତ ରାଉତ ।



ଅଭିଯୋଗ ଅନୁଯାୟୀ, ସୋମବାର ତୁଳସୀ ଚଉରା ଛକରେ ଏମ୍‌ଭିଆଇ ଚେକିଂ ଚାଲିଥିଲା । ସେହି ସମୟରେ ଦାଦାବଟି ଆଦାୟ ଖବର ପାଇଥିଲା ପୁଲିସ । ଭୁବନେଶ୍ୱର-ପୁରୀ ୩୧୬ ନମ୍ବର ଜାତୀୟ ରାଜପଥର ବୀର ବଳଭଦ୍ରପୁର ଓଭରବ୍ରିଜ୍ ନିକଟ ଏକ ଢାବା ମାଲିକଙ୍କୁ ଖଣ୍ଡା ଦେଖାଇ ୩ ଯୁବକ ଦାଦାବଟି ଆଦାୟ କରୁଥିବା ଖବର ପାଇ ପୁଲିସ ସେଠାରେ ପହଞ୍ଚିଥିଲା । ଅଭିଯୁକ୍ତମାନେ ଖଣ୍ଡା ଦେଖାଇ ଢାବା ମାଲିକଙ୍କୁ ଭୟଭୀତ କରି ଦାଦାବଟି ମାଗିଥିଲେ । ପୁଲିସ ୩ ଜଣଙ୍କୁ କାବୁ କରିବା ସହ ସେମାନଙ୍କଠାରୁ ୧୮ ଇଞ୍ଚର ଏକ ଖଣ୍ଡା, ଏକ ବାଇକ୍ ଏବଂ ୧,୩୫୦ ଟଙ୍କା ଜବତ କରିଥିଲା । ଏ ନେଇ ଥାନାରେ ଏକ ମାମଲା (ନଂ.୧୭୧/୨୫) ରୁଜୁ କରାଯାଇ ଅଭିଯୁକ୍ତମାନଙ୍କୁ କୋର୍ଟଚାଲାଣ କରିଛି ପୁଲିସ ।

## ସମୁଦ୍ରରେ ନିଖୋଜ ଯୁବକଙ୍କ ମୃତଦେହ ଉଦ୍ଧାର

ପୁରୀ,୧୧।୮ (ସମିସ): କୃଷ୍ଣପ୍ରସାଦ ବ୍ଲକ୍ ଆଲୁପାଟଣା ଗ୍ରାମର କିଛି ଯୁବକ ରବିବାର ରାଜହଂସ ନିକଟ ପିତାଖାଲଠାରେ ବଣଭୋଜି କରୁଥିଲେ । ବଣଭୋଜି ପରେ ସେମାନେ ନିକଟସ୍ଥ ସମୁଦ୍ରରେ ଗାଧୋଉଥିଲେ । ହେଲେ ଅସାବଧାନତାବଶତଃ ୫ ଜଣ ଗଭୀର ଜଳରାଶିକୁ ଚାଲି ଯାଇଥିଲେ । ସ୍ଥାନୀୟ ମତ୍ସ୍ୟଜୀବୀ ୪ ଜଣଙ୍କୁ ଉଦ୍ଧାର କରିଥିବାବେଳେ ଅନ୍ୟ ଜଣେ ଯୁବକ ରିତେଶ କୁମାର ଜେନାଙ୍କର ପତ୍ତା ମିଳି ନ ଥିଲା । ଖବର ପାଇ ଗ୍ରାମବାସୀ, ଓଡ୍ରାଫ ଟିମ୍ ବହୁ ଖୋଜାଖୋଜି କରି ନିରାଶ ହୋଇଥିଲେ । ସୋମବାର ଭୋର୍ ସମୟରେ ନିଖୋଜ ଯୁବକଙ୍କ ମୃତଦେହ ସିପକୁଦା ନିକଟ ସମୁଦ୍ର କୂଳରେ ଲାଗିଥିବା ଦେଖିବାକୁ ମିଳିଥିଲା । ଖବର ପାଇ ଅରଖକୁଦା ସାମୁଦ୍ରିକ ଥାନା ପୁଲିସ ମୃତଦେହକୁ ଉଦ୍ଧାର କରି ଶବ ବ୍ୟବଚ୍ଛେଦ ନିମନ୍ତେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ପଠାଇଥିଲା । ଏ ସଂକ୍ରାନ୍ତରେ ଅରଖକୁଦା ଥାନାରେ ଏକ ଅପମୃତ୍ୟୁ ମାମଲା (ନଂ.୨/୨୫) ରୁଜୁ କରାଯାଇଛି । ମୃତଙ୍କ ବାପା ରୋଗରେ ପଡ଼ିଥିବାବେଳେ ଏକମାତ୍ର ପୁତ୍ରର ମୃତ୍ୟୁକୁ ନେଇ ସାରା ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି ।

## ପୁରୀ ପୌରପାଳିକାରେ 'ହର୍ ଘର୍ ତିରଙ୍ଗା' କାର୍ଯ୍ୟକ୍ରମ

ପୁରୀ,୧୧।୮ (ସମିସ): ହର୍ ଘର୍ ତିରଙ୍ଗା କାର୍ଯ୍ୟକ୍ରମ ଅବସରରେ ସୋମବାର ଅପରାହ୍ଣରେ ପୁରୀ ପୌରପାଳିକା ପକ୍ଷରୁ ତିରଙ୍ଗା ପତାକା ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ାଙ୍କ ପରାମର୍ଶ କ୍ରମେ ସ୍ୱଚ୍ଛ ସବାରୀରେ ଆୟୋଜିତ ଏହି ଶୋଭାଯାତ୍ରା



ପୌରନିର୍ବାହୀ ଅଧିକାରୀ ଅଭିମନ୍ୟୁ ବେହେରାଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ହୋଇଥିଲା । ଶ୍ରୀମନ୍ଦିର ସମ୍ମୁଖରୁ ଦେଶପ୍ରେମର ଆହ୍ୱାନ ଦେଇ ସ୍ୱଚ୍ଛ ସବାରୀଗୁଡ଼ିକ ବଡ଼ଦାଣ୍ଡ, ମେଡିକାଲ ଛକ, ଭିଆଇପି ରୋଡ୍, ପେଣ୍ଠକଟା, ତାଳବଣିଆ, କଚେରୀ ଛକ ଇତ୍ୟାଦି ଦେଇ ସମସ୍ତ ୱାର୍ଡ ଓ ସହର ପରିଭ୍ରମଣ କରିଥିଲା । ପୌରପାଳିକାର ଅଧିକାରୀ କର୍ମଚାରୀ ସାମିଲ ହୋଇଥିଲେ ।

## କ୍ଷେତରେ କାମ କଲାବେଳେ ଟଳିପଡ଼ିଲେ ଚାଷୀ

ସାକ୍ଷୀଗୋପାଳ,୧୧।୮ (ସମିସ): ପୁରୀ ଜିଲ୍ଲା ସତ୍ୟବାଦୀ ଥାନା ଅନ୍ତର୍ଗତ ବଳପୁର ଗ୍ରାମ ପଞ୍ଚାୟତ ଅଧୀନ ଆନନ୍ଦପୁର ଗ୍ରାମର ଜଣେ ଚାଷୀ କ୍ଷେତରେ କାମ କରିବା ସମୟରେ ପ୍ରାଣ ହରାଇଛନ୍ତି । ମୃତକ ଜଣକ ହେଲେ କାଶିନାଥ ସାହୁ (୫୫) । କାଦୁଅ ଜମିରୁ ଘାସ ବାହାର କରୁଥିବା ସମୟରେ ଟାଣ ଖରାରେ ତାଙ୍କ ମୁଣ୍ଡ ବୁଲାଇଥିଲା । ସେ ରାସ୍ତା ପାଶ୍ୱର୍ରେ ପୋଲ ଉପରକୁ ଉଠି ଆସିଥିଲେ । ହେଲେ ଅସହ୍ୟ ତାତିରେ ସେ ପୋଲ ତଳ ପାଣିକୁ ଖସି ପଡ଼ିଥିଲେ । ସେହିଠାରେ ହିଁ ତାଙ୍କର ମୃତ୍ୟୁ ଘଟିଥିଲା । ସେ ମୁହଁ ମାଡ଼ି ପାଣି ଭିତରେ ପଡ଼ିଥିବା ଦେଖାଯାଇଛି । ଖବରପାଇ ପରିବାର ଲୋକେ ଓ ଗ୍ରାମବାସୀ ଘଟଣାସ୍ଥଳରେ ପହଞ୍ଚିଥିଲେ । ସତ୍ୟବାଦୀ ପୁଲିସ ଶବ ଜବତ କରି ବ୍ୟବଚ୍ଛେଦ ନିମନ୍ତେ ପଠାଇଛି ।

# ଜେଟିପିଙ୍କୁ ଖାକି ପୋଷାକ ନେଇ ଦ୍ୱନ୍ଦ୍ୱ

ପୁରୀ,୧୧।୮ (ସମିସ)

ସାଧାରଣତଃ ଖାକି ପୋଷାକ କଥା ଉଠିଲେ ସମସ୍ତଙ୍କ ଆଖି ସାମ୍ନାକୁ ପୁଲିସଙ୍କ ଚିତ୍ର ଚାଲିଆସେ । ଅର୍ଥାତ୍ ଖାକି ମାନେ ହିଁ ପୁଲିସ ବୋଲି ସମସ୍ତଙ୍କର ଧାରଣା ରହିଛି । ଏହା ବି ଠିକ୍ । ଏହାଛଡ଼ା ଆଉ କିଛି ବର୍ଗର କର୍ମଚାରୀଙ୍କୁ ମଧ୍ୟ ଖାକି ପୋଷାରେ ଦେଖିବାକୁ ମିଳେ । ହେଲେ ଶ୍ରୀମନ୍ଦିର ପରିସରରେ ଓଡ଼ିଶା ପୁଲିସଙ୍କ ବ୍ୟତୀତ ଜେଟିପି (ଜଗନ୍ନାଥ ଟେମ୍ପୁଲ ପୁଲିସ) ମାନେ ମଧ୍ୟ ଏହି ଖାକି ପୋଷାକ ପରିଧାନ କରୁଛନ୍ତି । ବାସ୍ତବରେ ଜେଟିପିମାନେ ଖାକି ପୋଷାକ ପିନ୍ଧିବା କଥା କି ନୁହେଁ ସେ ନେଇ କୌଣସି ନିର୍ଦ୍ଦିଷ୍ଟ ନିୟମ ନ ଥିଲେ ମଧ୍ୟ ଜେଟିପି କିନ୍ତୁ ପିନ୍ଧୁଛନ୍ତି । ହେଲେ ସେମାନଙ୍କୁ ନେଇ ମନ୍ଦିର ଭିତରେ କୌଣସି ପ୍ରକାର ଅପ୍ରୀତିକର ପରିସ୍ଥିତି ଉପୁଜିଥିଲେ ଦୋଷ ପୁଲିସକୁ ହିଁ ଦିଆଯାଉଛି । ଅର୍ଥାତ୍ ସେଠି ବଦ୍‌ନାମ ହେଉଛି ଓଡ଼ିଶା ପୁଲିସ । ବାହାରୁ ଆସୁଥିବା ଭକ୍ତ ଓଡ଼ିଶା ପୁଲିସ ଏବଂ ଜେଟିପିଙ୍କ ମଧ୍ୟରେ ଫରକ୍ ଜାଣିବା ସମ୍ଭବ ନୁହେଁ । ଫଳରେ ଜେଟିପିଙ୍କ ଖାକି ପୋଷାକ ପରିଧାନକୁ ନେଇ ଏମିତି ଦ୍ୱନ୍ଦ୍ୱ ଉପୁଜୁଛି । ନିକଟରେ ଜଣେ ଜେଟିପି ହାତଗୁଞ୍ଜା ନେଇ ଧରାପଡ଼ିବା ପରେ ତାଙ୍କୁ ବହିଷ୍କାର କରାଯାଇଛି । ସେମାନେ ବି ଖାକି ପୋଷାକ ପିନ୍ଧିଥିବାରୁ ଏହାକୁ ନେଇ ଓଡ଼ିଶା ପୁଲିସଙ୍କ ମନରେ କେଁ ଉପୁଜିଥିବା ଚର୍ଚ୍ଚା ହେଉଛି ।



ତେଣୁ ଜେଟିପିଙ୍କୁ ଖାକି ପୋଷାକ ନୁହେଁ ସେମାନଙ୍କ ପାଇଁ ଶ୍ରୀମନ୍ଦିର ପ୍ରଶାସନ ସ୍ୱତନ୍ତ୍ର ଭାବେ ଡ୍ରେସ୍‌କୋଡ୍ କରିବାକୁ ପୁଲିସଙ୍କ ମଧ୍ୟରେ ଆଲୋଚନା ହେଉଥିବା ଖବର ମିଳିଛି ।

ଜେଟିପି ବା ଜଗନ୍ନାଥ ଟେମ୍ପୁଲ ପୁଲିସ ଶ୍ରୀମନ୍ଦିର ଭିତରେ ଶାନ୍ତିଶୃଙ୍ଖଳା ରକ୍ଷା ଦିଗରେ କାମ କରୁଛନ୍ତି । ଏତଦ୍‌ବ୍ୟତୀତ ମହାପ୍ରଭୁଙ୍କ ନୀତିକାନ୍ତି ଶୃଙ୍ଖଳିତ ଭାବେ କିପରି ସମ୍ପାଦନ ହେବ ପରୋକ୍ଷରେ ମଧ୍ୟ ସେମାନଙ୍କର ସହଯୋଗ ରହିଥାଏ । ଓଡ଼ିଶା ପୁଲିସ ମନ୍ଦିର ଭିତରେ ଓ ବାହାରେ ରହି ଶାନ୍ତିଶୃଙ୍ଖଳା ରକ୍ଷା କରିଥାଏ । ଏଥିସହ ମନ୍ଦିର ଭିତରେ ଭିଡ଼ ନିୟନ୍ତ୍ରଣ, ଭକ୍ତ କିପରି ଲୁଟ୍‌ର ଶିକାର ନ ହେବେ, କୌଣସି ଅପ୍ରୀତିକର ପରିସ୍ଥିତି ଉପୁଜିଲେ ତାହାର ସମାଧାନ ସହିତ ଅନ୍ୟାନ୍ୟ କ୍ଷେତ୍ରରେ ମଧ୍ୟ ଡ୍ୟୁଟି କରିଥା'ନ୍ତି । ହେଲେ ଉଭୟ ଖାକି ପୋଷାକ ପରିଧାନ କରିଥା'ନ୍ତି । ନିକଟରେ ନବନିଯୁକ୍ତ ଜଣେ ଜେଟିପି ଲାଞ୍ଚ କାରବାରରେ ସମ୍ପୃକ୍ତ ଥିବା ଭିଡିଓ ଭାଇରାଲ ହୋଇଥିଲା । ମହାପ୍ରଭୁଙ୍କ ଦର୍ଶନ କରିବାକୁ ଆସିଥିବା ଜଣେ ଗୁମାସ୍ତାଠାରୁ ସେ ଲାଞ୍ଚ ନେଉଥିବା ଜଣାପଡ଼ିବା ପରେ ତାଙ୍କୁ କାର୍ଯ୍ୟରୁ ବହିଷ୍କାର କରାଯାଇଛି । ଏହି ଘଟଣାକୁ ନେଇ ଶ୍ରଦ୍ଧାଳୁମାନେ ପୁଲିସ ଉପରକୁ ଅଙ୍ଗୁଳି ଉଠାଇଛନ୍ତି । ଭିଡିଓରେ ଖାକି ପୋଷାକ ଦେଖିବା ପରେ ସ୍ୱତଃପ୍ରବୃତ୍ତ ଭାବେ ପୁଲିସ ହାତଗୁଞ୍ଜା ନେଇ ଗଳାବାଟରେ ଭକ୍ତଙ୍କୁ ଛାଡୁଛି ବୋଲି ଭକ୍ତଙ୍କ ମନରେ ଧାରଣା ହୋଇଛି । ତେଣୁ ଏ ନେଇ ଓଡ଼ିଶା ପୁଲିସ କର୍ମଚାରୀଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି । ଜେଟିପିଙ୍କ ପାଇଁ ସ୍ୱତନ୍ତ୍ର ଡ୍ରେସ୍‌କୋଡ୍ କରାଯିବାକୁ ମଧ୍ୟ ଦାବି ଉଠିଛି ।

ଏ ସମ୍ପର୍କରେ ଶ୍ରୀମନ୍ଦିର ସୁରକ୍ଷା ପ୍ରଶାସକ ହେମନ୍ତ କୁମାର ପାଢ଼ୀ କହିଛନ୍ତି, ଆରମ୍ଭରୁ ଜେଟିପିମାନେ ଖାକି ପୋଷାକ ପରିଧାନ କରୁଛନ୍ତି । ଯଦିଓ ଏ ନେଇ କୌଣସି ନିର୍ଦ୍ଦିଷ୍ଟ ନିୟମ ନାହିଁ କିନ୍ତୁ ସେମାନେ ପିନ୍ଧି ଆସୁଛନ୍ତି । କେବଳ ଜେଟିପି ନୁହେଁ ଆଉ କିଛି ବିଭାଗର କର୍ମଚାରୀ ମଧ୍ୟ ମାଟିଆ ପୋଷାକ ପିନ୍ଧୁଛନ୍ତି । କିନ୍ତୁ ଜେଟିପି ଅନ୍ୟ ରଙ୍ଗର ପୋଷାକ ପିନ୍ଧିଥିଲେ ସେମାନେ ପୁଲିସଙ୍କଠାରୁ ସ୍ୱତନ୍ତ୍ର ବୋଲି ଯେକେହି ଜାଣିପାରନ୍ତେ ।


ମହାପ୍ରଭୁଙ୍କୁ ଦର୍ଶନକଲେ ନୂତନ ମହିଳା କମିଶନର ଶୋଭନା ମହାନ୍ତି

# ସମ୍ପାଦକୀୟ



ପାଠାଗାର ଏକ ଅଭିବୃଦ୍ଧିଶୀଳ ସଂଗଠନ।
-ଏସ୍ ଆର ରଙ୍ଗନାଥନ୍

ସକାଳ
THE SAKALA

## ଆତ୍ମଘାତୀ ଗୋଲ

ଆନ୍ତର୍ଜାତିକ ସ୍ତରରେ ଭୂରାଜନୈତିକ ଆବଶ୍ୟକତା ଦୃଷ୍ଟିରୁ ନୂଆ ସଂପର୍କ ଯୋଡ଼ିବାର ବାଧ୍ୟବାଧକତା ଯେମିତି ଅଛି ସେମିତି ପୁରୁଣା ସଂପର୍କକୁ ସୁଦୃଢ଼ ବା ପୁନର୍ବିନ୍ୟାସ କରିବାର ମଧ୍ୟ ସ୍ୱତନ୍ତ୍ର ଗୁରୁତ୍ୱ ରହିଛି। ଏକ୍ଷେତ୍ରରେ ଆର୍ଥିକ ଲାଭ – କ୍ଷତିର ଅଙ୍କକଷା ଅପେକ୍ଷା ପ୍ରତିପକ୍ଷର ଶକ୍ତି ଓ ସାମର୍ଥ୍ୟ ବୃଦ୍ଧିକୁ ଦୃଷ୍ଟିରେ ରଖି ରଣନୀତି ପ୍ରସ୍ତୁତି କରିବା ଯେ ଜରୁରୀ ଏକଥା ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କୁ ବୁଝିବାକୁ ସମୟ ଲାଗିବ। ଶୀତଳ ଯୁଦ୍ଧର ଅବସାନ ପରେ ଭାରତର ରୁଷ ଅନୁଗାମୀ କୂଟନୀତିରେ ପରିବର୍ତ୍ତନ ଆଣି ଦୁଇଗଣତାନ୍ତ୍ରିକ ରାଷ୍ଟ୍ର ମଧ୍ୟରେ ସଂପର୍କର ଯେଉଁ ନୂଆ ଭିତ୍ତିଭୂମି ବର୍ଷ ବର୍ଷର ପ୍ରୟାସ ମାଧ୍ୟମରେ ଆମେରିକା ସୁଦୃଢ଼ କରିଥିଲା ତାହାକୁ ଟ୍ରମ୍ପ ମାତ୍ର ମାସ କେଇଟାରେ ଧ୍ୱଂସ କରିଛନ୍ତି। ଏହା ତାଙ୍କର ଆତ୍ମଘାତୀ ଗୋଲ୍ ବୋଲି ଉଲ୍ଲେଖ କରିଛନ୍ତି ଆମେରିକାର ଜାତୀୟ ନିରାପତ୍ତା ପରାମର୍ଶଦାତା ଜନ୍ ବୋଲ୍ଟନ୍। ସୂଚନା ଯୋଗ୍ୟ କି ଟ୍ରମ୍ପଙ୍କ ପୂର୍ବ କାର୍ଯ୍ୟକାଳରେ ତାଙ୍କର ନିକଟତମ ବ୍ୟକ୍ତି ଭାବେ ବୋଲ୍ଟନ୍ ଏହି ଦାୟିତ୍ୱ ତୁଲାଉଥିଲେ। ସେହିଭଳି ଅନ୍ୟତମ ବରିଷ୍ଠ ବିଦେଶ ନୀତି ବିଶେଷଜ୍ଞ କ୍ରିଷ୍ଟୋଫର ପାଡିଲା ମଧ୍ୟ ଟ୍ରମ୍ପ ପ୍ରଶାସନକୁ ଏ ନେଇ ବଡ଼ ଚେତାବନୀ ଶୁଣାଇଛନ୍ତି। ଭାରତ-ଆମେରିକା ସଂପର୍କ ଉପରେ ଏହି ଶୁଳ୍କ ନୀତିର ଦୀର୍ଘ ମିଆଦୀ ପ୍ରଭାବ ପଡ଼ିବ। ଆମେରିକାର ଦକ୍ଷିଣ-ଏସିଆ କୂଟନୀତିରେ ନୂଆଦିଲ୍ଲୀକୁ ଅଂଶୀଦାର କରିବା ଆଗାମୀ ଦିନରେ ଏତେ ସହଜ ହେବନାହିଁ। ଆମକୁ ଏଠାରେ କହିବାକୁ ପଡୁଛି ଯେ ଆମେରିକାର ରିପବ୍ଲିକାନ ପାର୍ଟି କ୍ଷମତାକୁ ଆସିଲେ ଭାରତ ବିରୋଧୀ ଆଭିମୁଖ୍ୟ ଜୋର ଧରିଥାଏ। ଏକ୍ଷେତ୍ରରେ ଟ୍ରମ୍ପଙ୍କ ପୂର୍ବଶାସନକାଳକୁ କେବଳ ଏକ ବ୍ୟତିକ୍ରମ ଭାବେ ଗ୍ରହଣ କରାଯାଇପାରେ।

ଟ୍ରମ୍ପ ବେପରୱା ଭାବରେ ଶତ୍ରୁମିତ୍ର ନିର୍ବିଶେଷରେ ଅତିରିକ୍ତ ବାଣିଜ୍ୟ ଶୁଳ୍କ ଲାଗୁ କରିଥିବାରୁ ସମଗ୍ର ବିଶ୍ୱଜନମତ ତାଙ୍କ ବିରୋଧରେ ଦାନା ବାନ୍ଧୁଥିବାରୁ ଲକ୍ଷ୍ୟ କରାଯାଇଛି। ଆମେରିକାର ଏକଚାଟିଆ କାରବାର କ୍ରମେ ଗତି ହରାଇଥିବାର ପରିଲକ୍ଷିତ ହେଉଛି। ମୁଣ୍ଡ ଟେକୁଥିବା ନୂଆ ସମୀକରଣ ପ୍ରାଧାନ୍ୟ ହାସଲ କରିବାକୁ ସମୟ ଲାଗିପାରେ, ହେଲେ ମୁହଁ ଖୋଲି ଆମେରିକାକୁ ଜବାବ ଦେବା ଭଳି ନେତୃତ୍ୱ ସାମ୍ନାକୁ ଆସୁଥିବାର ପରିଲକ୍ଷିତ ହେଉଛି। ସିଲିକନ୍ ଭ୍ୟାଲି ଓ ହ୍ୱାଇଟ ହାଉସର ଆଧିପତ୍ୟ ସତ୍ତ୍ୱେ ଡଲାରର ପ୍ରାଧାନ୍ୟ ହ୍ରାସ ପାଇଁ ଆରମ୍ଭ ହୋଇଥିବା ଉଦ୍ୟମ ଟ୍ରମ୍ପଙ୍କ ପାଇଁ ମୁଣ୍ଡବ୍ୟଥାର କାରଣ ହୋଇଛି। ଭାରତ ସମେତ ଅନ୍ୟ କେତେକ ରାଷ୍ଟ୍ର ଡଲାର ବଦଳରେ ନିଜ ମୁଦ୍ରାରେ ଦ୍ୱିପାକ୍ଷିକ କାରବାର ଆରମ୍ଭ କଲେଣି। ଆମେରିକାର ନାଲିଆଖି ଏହାକୁ ରୋକି ପାରିନି। ଏଠାରେ ମନେ ରଖିବାକୁ ହେବ ଯେ ୧୦ ବର୍ଷ ତଳର ଭାରତ ସଂପ୍ରତି ବିଶ୍ୱ ଅର୍ଥନୀତିର ଅନ୍ୟତମ ଅଗ୍ରଣୀ ସାରଥି। ସେହିଭଳି ଭାରତ ‘ବ୍ରିକ୍ସ’ର ଅନ୍ୟତମ ପ୍ରଭାବୀ ସଦସ୍ୟ। ପରିବର୍ତ୍ତିତ ବହୁଧ୍ରୁବୀୟ ଭୂ-ରାଜନୀତିରେ ଆମେରିକାକୁ ମଧ୍ୟ ସାଲିସ କରିବାକୁ ପଡୁଛି। ଜାନୁଆରୀ ୨୦ ରେ କ୍ଷମତାସୀନ ହେବା ପରେ ବାଣିଜ୍ୟ ଶୁଳ୍କକୁ ନେଇ ଟ୍ରମ୍ପ ଯେଉଁ ଚଢ଼ଉ ଆରମ୍ଭ କରିଥିଲେ ତାହାକୁ କ’ଣ ବଳବତ୍ତର ରଖିବା ସମ୍ଭବ ହେଲା? ସବୁଠାରୁ ବଡ଼କଥା ହେଲା, ପ୍ରତିଦ୍ୱନ୍ଦ୍ୱୀ ଚୀନ ସହ ସେ ସାଲିସ କରିବାକୁ ବାଧ୍ୟ ହୋଇଛନ୍ତି।

ସମସ୍ତ ଧମକଚମକର ଭାରତ ରୋକଠୋକ ଉତ୍ତର ଦେଇ ନ ଥିଲେ ମଧ୍ୟ ରୁଷ ସହ ବାଣିଜ୍ୟିକ ସଂପର୍କ ଅତୁଟ ରଖିଛି। ଗୋଟିଏ ପରେ ଗୋଟିଏ ପାଲଟା ପଦକ୍ଷେପ ବା ନିଷ୍ପତ୍ତି ନେଇ ଆମେରିକାର ପ୍ରଭୂତ ଆର୍ଥିକ କ୍ଷତି ଘଟାଇ ଚାଲିଛି ଭାରତ। ଏଥିମଧ୍ୟରେ ୩୧, ୫୦୦ କୋଟି ଟଙ୍କାର ବୋଇଂ ଚୁକ୍ତିକୁ ମଧ୍ୟ ରଦ୍ଦ କରିଛି। କେବଳ ସେତିକି ନୁହେଁ ନୌସେନା ସକାଶେ ପି-୮ ସାମୁଦ୍ରିକ ବିମାନ କ୍ରୟ ଚୁକ୍ତି ବାତିଲ କରିବା ସହ ଆମେରିକାଠାରୁ ଏଫ-୩୫ ଯୁଦ୍ଧ ବିମାନ ନ କିଣିବାକୁ ସ୍ଥିର କରିଛି ଭାରତ। ଏଥିରୁ ସ୍ପଷ୍ଟ ଯେ ଭାରତ ସାଲିସ ନ କରି ୫୦% ଶୁଳ୍କ ପାଇଁ ଆମେରିକାରେ ଭାରତ ଯେଉଁ ବାଣିଜ୍ୟିକ କ୍ଷତି ସହିବ, ତାହାର ଭରଣା ସକାଶେ ବିକଳ୍ପ ବଜାର ପ୍ରତି ସ୍ୱତନ୍ତ୍ର ଧ୍ୟାନ ଦେବ। କାହାଠୁ କ’ଣ କିଣିବ ଓ କାହାକୁ କ’ଣ ବିକିବ, ତାହା ଭାରତର ନିଜସ୍ୱ ବ୍ୟାପାର। ଶୁଳ୍କ ସିନା ଆମେରିକା ଲାଗୁ କରିଛି, କିନ୍ତୁ ଅନ୍ୟ ରାଷ୍ଟ୍ରଙ୍କୁ କମ ଶୁଳ୍କରେ ରପ୍ତାନି କରିବାର ସୁଯୋଗ ବା ବାଟ ଯେ ବନ୍ଦ ହୋଇଯାଇଛି ଏକଥା ନୁହେଁ। କିନ୍ତୁ ଭାରତ ପଛକୁ ଚୀନ ଉପରେ ୩୦% ଭିଏତନାମ ଉପରେ ୨୦%, ବାଂଲାଦେଶ ଉପରେ ୧୮ % ଏବଂ ଇଣ୍ଡୋନେସିଆ, ମାଲେସିଆ ଓ ଫିଲିପାଇନ୍ସ ଉପରେ ୧୯% ଜାପାନ ଓ ଦକ୍ଷିଣକୋରିଆ ଉପରେ ଆମେରିକା ୧୫ ପ୍ରତିଶତ ଶୁଳ୍କ ଲାଗୁକରିଛି। ଏଠାରେ ଏହି ତଥ୍ୟ ଉପସ୍ଥାପନ କରିବାର ଉଦ୍ଦେଶ୍ୟ ହେଲା, ଶୁଳ୍କ କ୍ଷେତ୍ରରେ ଏହି ତାରତମ୍ୟ ଯୋଗୁଁ ଆମେରିକା ବଜାରରେ ଅନ୍ୟମାନଙ୍କ ସହ ପ୍ରତିଦ୍ୱନ୍ଦ୍ୱିତା କରିବା ଭାରତ ସକାଶେ ସହଜ ହେବନାହିଁ। କିନ୍ତୁ ବିଶେଷଜ୍ଞଙ୍କ ମତାମତ ଅନୁଯାୟୀ ଭାରତର ଫାର୍ମା, ଇଲେକ୍ଟ୍ରୋନିକ୍ସ ଓ ଆଇଟି ଭଳି ଗୁରୁତ୍ୱପୂର୍ଣ୍ଣ ରପ୍ତାନି କ୍ଷେତ୍ର ଅତିରିକ୍ତ ଶୁଳ୍କ ସତ୍ତ୍ୱେ ବିଶେଷ ପ୍ରଭାବିତ ହେବ ନାହିଁ। ଆମେରିକୀୟ ବଜାରରେ ଭାରତୀୟ ଔଷଧ ଓ ଇଲେକ୍ଟ୍ରୋନିକ୍ସ ଚାହିଦା ଅପରିବର୍ତ୍ତିତ ରହିଛି।

କପଡ଼ା ଓ ପୋଷାକ ଶିଳ୍ପ ଉପରେ ବାଣିଜ୍ୟ ଶୁଳ୍କର ତୁରନ୍ତ ପ୍ରଭାବ ପଡ଼ିଛି। ତାମିଲନାଡୁର ତିରିପୁର ଦେଶର ପ୍ରମୁଖ କପଡ଼ା ଉତ୍ପାଦନ କେନ୍ଦ୍ର। ଏହି ଅଞ୍ଚଳରୁ ୪୫ ହଜାର କୋଟି ଟଙ୍କାର ପୋଷାକ ରପ୍ତାନି ହୋଇଥାଏ। ଏହି ରପ୍ତାନି ମଧ୍ୟରେ ଆମେରିକା ଯାଉଥିବା ୧୨ ହଜାର କୋଟି ଟଙ୍କାର ପୋଷାକ ଅନ୍ତର୍ଭୁକ୍ତ। ସେହିଭଳି ଅଟୋପାର୍ଟସ୍, ଅଳଙ୍କାର, ଚମଡ଼ାରୁ ପ୍ରସ୍ତୁତ ସାମଗ୍ରୀ ରପ୍ତାନି ବାଧାପ୍ରାପ୍ତ ହେବ। ତେଣୁ ଏକ୍ଷେତ୍ରରେ କାମ କରୁଥିବା ଲୋକଙ୍କୁ ଛଟେଇ କରାଯିବାର ସମ୍ଭାବନା ଅଛି। ଏସବୁ ସତ୍ତ୍ୱେ ସମଗ୍ର ବିଶ୍ୱର ବୃହତ୍ତମ ବଜାର ହେଉଛି ଭାରତ। ଆଭ୍ୟନ୍ତରୀଣ ବଜାରରେ ଚାହିଦା ବୃଦ୍ଧି ଘଟାଇ ପରିସ୍ଥିତିରେ କିଛିଟା ସୁଧାର ଆଣାଯାଇପାରିବ। ସରକାର ପରିସ୍ଥିତିର ଗୁରୁତ୍ୱ ଉପଲବ୍ଧି କରି ରପ୍ତାନୀକାରୀଙ୍କ ପାଇଁ ୨୨୫୦ କୋଟି ଟଙ୍କାର ଯୋଜନା ପ୍ରସ୍ତୁତ କରିଛନ୍ତି। ଏହି ମିସନ୍‌ରେ ଏମ୍‌ଏସ୍‌ଏମ୍‌ଇ ଓ ଇ-କମର୍ସ ରପ୍ତାନିକାରୀଙ୍କ ପାଇଁ ସହଜ ଋଣ ଯୋଜନା, ବିଦେଶରେ ଗୋଦାମ ପ୍ରତିଷ୍ଠା ଏବଂ ବିଶ୍ୱସ୍ତରୀୟ ବ୍ରାଣ୍ଡିଂ ଭଳି ପଦକ୍ଷେପ ଗ୍ରହଣ କରାଯାଇପାରେ।

ଚୀନ ପ୍ରତି କୋହଳ ଓ ଭାରତ ପ୍ରତି କଠୋର ଆଭିମୁଖ୍ୟକୁ ଆମେରିକୀୟ ବିଶେଷଜ୍ଞମାନେ କଠୋର ସମାଲୋଚନା କରିଛନ୍ତି। ରୁଷ ଓ ଚୀନଠାରୁ ଭାରତକୁ ଦୂରେଇ ରଖିବା ସକାଶେ ଦଶନ୍ଧି ଧରି ସକାରାତ୍ମକ କୂଟନୀତି ମାଧ୍ୟମରେ ଆମେରିକା ଯେଉଁ ସଫଳ ପ୍ରୟାସ କରିଥିଲା ତାହା ଏବେ ଧୂଳିସାତ ହୋଇଯାଇଛି। ତେଣୁ ବୋଲ୍ଟନ୍ କହିଛନ୍ତି ଟ୍ରମ୍ପଙ୍କ ବାଣିଜ୍ୟ ନୀତି ଭୟଙ୍କର ତ୍ରୁଟିପୂର୍ଣ୍ଣ ଏବଂ ଆମେରିକା ଉପରେ ତାହାର ପ୍ରତିକୂଳ ପ୍ରଭାବ ପକାଇବ। ଦକ୍ଷିଣ ଏସୀୟ ବଜାରରେ ଆମେରିକାର ସ୍ଥିତି ବିପନ୍ନ। ରୁଷ ଓ ଚୀନ ସହ ଭାରତର ବର୍ଦ୍ଧିତ ସଂପର୍କ ଭବିଷ୍ୟତରେ ଆମେରିକା ପାଇଁ କ୍ଷତିକାରକ ହେବ। ●

## ଭାଗ୍ୟ ହାତେ ବନ୍ଧା ଦାଦନ ଡୋରି

**ସୌଭାଗ୍ୟ ସୁନ୍ଦରରାୟ**

ଅଗଷ୍ଟ ୩ ତାରିଖରେ ଆନ୍ଧ୍ରପ୍ରଦେଶର ବାପତଲାସ୍ଥିତ ଏକ ଗ୍ରାନାଇଟ ଖଣିରେ ଶ୍ରମିକମାନେ କାର୍ଯ୍ୟ କରୁଥିବା ସମୟରେ ଖଣିର କିଛିଅଂଶ ସେମାନଙ୍କ ଉପରେ ଭୁଶୁଡ଼ି ପଡ଼ିଥିଲା। ଫଳରେ ଗ୍ରାନାଇଟ ଧ୍ୱଂସାବଶେଷ ତଳେ ଚାପି ହୋଇ ୬ ଜଣ ଓଡ଼ିଆ ଶ୍ରମିକଙ୍କ ମୃତ୍ୟୁ ଘଟିଛି। ମୃତକମାନେ ଗଞ୍ଜାମ ଓ ନୂଆପଡ଼ା ଜିଲ୍ଲା ବାସିନ୍ଦା। ବାପତଲା ପୁଲିସ ଏସ୍‌ପିଙ୍କ କହିବା ଅନୁଯାୟୀ ଆବଶ୍ୟକ ଖଣି ନିରାପତ୍ତା ବ୍ୟବସ୍ଥା ଅଭାବରୁ ଏହି ଦୁର୍ଘଟଣା ଘଟିଛି। ଏଭଳି ଦୁର୍ଘଟଣା ପ୍ରଥମ ଥର ପାଇଁ ଘଟିନାହିଁ। ଗତ ଜୁଲାଇ ମାସରେ ତେଲେଙ୍ଗାନାର ସିଗାଚିଠାରେ ଏକ ରାସାୟନିକ କାରଖାନାରେ ବିସ୍ଫୋରଣ ଘଟି ଗଞ୍ଜାମ, ବାଲେଶ୍ୱର, କଟକ ଓ ଯାଜପୁର ଜିଲ୍ଲାରୁ ଯାଇଥିବା ୪ ଜଣ ଓଡ଼ିଆ ଶ୍ରମିକଙ୍କୁ ମୃତ୍ୟୁ ଘଟିଥିଲା। ଗତ ଜାନୁୟାରୀ ମାସରେ କେରଳକୁ କାମଧନ୍ଦା ଉଦ୍ଦେଶ୍ୟରେ ଯାଉଥିବା ଯାଉଥିବା ଦୁଇ ଓଡ଼ିଆ ଶ୍ରମିକ ଟ୍ରେନରୁ ଖସିପଡ଼ି ପ୍ରାଣ ହରାଇଥିଲେ। ବଲାଙ୍ଗୀର ଜିଲ୍ଲା ହାତୀଶାଳପଡ଼ା ନିବାସୀ ଉମେଶ ପାଣ୍ଡେ ଓ କୁନୁ ବନ୍‌ଛୋର ଟ୍ରେନର ପାହାଚ ନିକଟରେ ବସି ଯାତ୍ରା କରୁଥିଲେ। ଉଭୟେ ଘୁମେଇ ପଡ଼ିଥିବା କାରଣରୁ ଟ୍ରେନରୁ ଖସିପଡ଼ି ପ୍ରାଣ ହରାଇଥିବା କୁହାଯାଇଥିଲା। ଚେନ୍ନାଇ ନିକଟବର୍ତ୍ତୀ ପେରାମ୍ବୁର ରେଳ ଧାରଣାରୁ ସେମାନଙ୍କ ମୃତ ଦେହ ଉଦ୍ଧାର କରାଯାଇଥିଲା।

କେନ୍ଦୁଝର ଜିଲ୍ଲା ଘଷିପୁରା ଥାନା ଅନ୍ତର୍ଗତ କୁମୁନିଆ ଗ୍ରାମ ନିବାସୀ ମଧୁସୂଦନ ନାୟକ (୩୦) ଙ୍କୁ ଗତ ମେ’ ମାସରେ ଚେନ୍ନାଇଠାରେ ବାନ୍ଧି ମାଡ଼ ମରାଯିବା କାରଣରୁ ତାଙ୍କର ମୃତ୍ୟୁ ଘଟିଥିବା ଅଭିଯୋଗ ହୋଇଥିଲା। ମଧୁସୂଦନଙ୍କ କ୍ଷତାକ୍ତ ମୃତଦେହ ଏକ ଜଙ୍ଗଲ ମଧ୍ୟରୁ ଉଦ୍ଧାର କରାଯାଇଥିଲା। ଦୁଃଖର ବିଷୟ ଅର୍ଥାଭାବରୁ ତାଙ୍କ ପରିବାର ଲୋକେ ମୃତଦେହ ଗ୍ରାମକୁ ଆଣିପାରି ନ ଥିଲେ କି ଏଥିପାଇଁ ରାଜ୍ୟ ପ୍ରଶାସନ ମଧ୍ୟ କୌଣସି ସାହାଯ୍ୟ କରି ନ ଥିଲା। ଫଳରେ ତାଙ୍କ ମୃତ ଦେହ ଚେନ୍ନାଇରେ ହିଁ ସତ୍କାର କରାଯାଇଥିଲା।

ଏପ୍ରକାରେ ପ୍ରବାସୀ ଶ୍ରମିକଙ୍କ ଦୁଃଖ ଦୁର୍ଦ୍ଦଶାର ତାଲିକା ବେଶ ଲମ୍ବା। ଗତ ଡିସେମ୍ବର ମାସରେ ବିଧାନସଭାରେ ଏକ ପ୍ରଶ୍ନର ଉତ୍ତର ଦେଇ ରାଜ୍ୟ ଶ୍ରମମନ୍ତ୍ରୀ କହିଥିଲେ ଯେ, ଗତ ୯ ବର୍ଷ ମଧ୍ୟରେ ପ୍ରାୟ ୪୦୦ ଦାଦନ ଶ୍ରମିକ ରାଜ୍ୟ ବାହାରେ ପ୍ରାଣ ହରାଇଛନ୍ତି। ନୂଆଁଖାଇ ପର୍ବକୁ ମାତ୍ର ଆଉ କିଛିଦିନ ରହିଲା। ପଶ୍ଚିମ ଓଡ଼ିଶାର ଏହା ଗଣପର୍ବ। ଏହି ପର୍ବ ପରେ ହାତରେ ଆଉ କାମଧନ୍ଦା ନାହିଁ। ଏଣୁ ବଲାଙ୍ଗୀର ଜିଲ୍ଲା କଣ୍ଟାବାଞ୍ଜି ରେଳଷ୍ଟେସନରେ ଲାଗିବ ଶ୍ରମିକଙ୍କ ଲମ୍ବାଧାଡ଼ି। ଟିକେଟ ମିଳିବ ନାହିଁ। ଠେଲାପେଲା, ଦଳାଚକଟା ହୋଇ ଶ୍ରମିକମାନେ ଯାତ୍ରା କରିବେ ପ୍ରବାସୀ ବା ଦାଦନ ହୋଇ। ଏ ଯାତ୍ରରେ ଯେତିକି ଭରି ରହିଥାଏ ସ୍ୱପ୍ନ, ତା’ଠାରୁ ଅଧିକ ଅନିଶ୍ଚିତତା। ଆଜିକୁ ୪୦ ବର୍ଷ ତଳେ ଏହି ଲେଖକ କଣ୍ଟାବାଞ୍ଜି ଷ୍ଟେସନରେ ନୂଆଁଖାଇ ପରବର୍ତ୍ତୀ ସମୟରେ ଯେଉଁ ଚିତ୍ର ଦେଖିଥିଲେ ତାହା ଅଦ୍ୟାବଧି ଦେଖିବାକୁ ମିଳୁଛି। ଏହି ଦାଦନ ଶ୍ରମିକଙ୍କ ସମସ୍ୟାର ଅବସାନ କେବେ ଏବଂ କିପରି ହୋଇପାରିବ ତାହା ଏକ ଅୟୁତ ଟଙ୍କାର ପ୍ରଶ୍ନ।

ରାଜ୍ୟର ପ୍ରବାସୀ ବା ଦାଦନଙ୍କ ମଧ୍ୟରେ ଗଞ୍ଜାମ ଜିଲ୍ଲାର ଅଂଶ ସର୍ବାଧିକ। ତା’ ପରକୁ ବଲାଙ୍ଗୀର, ନୂଆପଡ଼ା, କଳାହାଣ୍ଡି, କୋରାପୁଟ, କନ୍ଧମାଳ, ଗଜପତି ଜିଲ୍ଲାରୁ ବହୁସଂଖ୍ୟକ ଶ୍ରମିକ ଦେଶାନ୍ତରୀ ହୋଇଥା’ନ୍ତି। ଦେଶାନ୍ତରୀଙ୍କୁ ଦୁଇଭାଗରେ ବିଭକ୍ତ କରାଯାଇପାରେ। ଗୋଟିଏ ଶ୍ରେଣୀ ସ୍ଥାୟୀ ପ୍ରବାସୀ, ଅନ୍ୟଟି ଦାଦନ। ସ୍ଥାୟୀ ପ୍ରବାସୀ ବର୍ଷର ଅଧିକାଂଶ ଦିନ ଗୋଟିଏ ସଂସ୍ଥାରେ କାର୍ଯ୍ୟ କରିଥା’ନ୍ତି। ସୁରଟର ବୟନ ଶିଳ୍ପ ଓ ରଙ୍ଗ ଶିଳ୍ପ କାମଧନ୍ଦା କରୁଥିବା ଶ୍ରମିକଙ୍କୁ ଏହି ଶ୍ରେଣୀରେ ଗ୍ରହଣ କରଯାଇପାରେ। ଯଦି ଆମେ କେନ୍ଦ୍ରପଡ଼ା ଜିଲ୍ଲାର ପଟ୍ଟାମୁଣ୍ଡାଇ ବ୍ଲକକୁ ଦେଖିବା, ତା’ହେଲେ ଏଠାକାର ଶ୍ରମିକଙ୍କୁ ପ୍ରବାସୀ ବୋଲି ବିବେଚନା କରିପାରିବା। ପାଇପ କାରିଗର ଭାବେ ଏହି ଶ୍ରମିକଙ୍କ ଦକ୍ଷତା ରହିଛି। କେବଳ ଭାରତର ବିଭିନ୍ନ ସ୍ଥାନ ନୁହେଁ, ଭାରତ ବାହାରେ ମଧ୍ୟ ଏମାନଙ୍କ ଉପସ୍ଥିତି ରହିଛି। କୋଭିଡ୍ ସମୟରେ ଏହି ବର୍ଗର ଶ୍ରମିକ ମଧ୍ୟ ଅକଥନୀୟ ଦୁର୍ଦ୍ଦଶାର ସମ୍ମୁଖୀନ ହୋଇଥିଲେ। ଅନ୍ୟ ଶ୍ରେଣୀଟି ହେଉଛି ଅସ୍ଥାୟୀ, ଯାହାକୁ ଆମେ ଦାଦନ ବୋଲି କହିପାରିବା। ଅର୍ଥାତ ଏମାନେ ଋତୁକାଳୀନ। ଏହି ଶ୍ରମିକମାନେ ଇଟାଭାଟି, ପଥର ଖାଦାନ, ବାଣ ତିଆରି କାରଖାନା ଆଦିରେ କାର୍ଯ୍ୟ କରିଥା’ନ୍ତି। କହିବାକୁ ଗଲେ କୌଣସି ନିରାପତ୍ତା ବ୍ୟବସ୍ଥା ନଥାଇ ଦାଦନ ଶ୍ରମିକ ବିପଦସଙ୍କୁଳ ଅବସ୍ଥାରେ କାର୍ଯ୍ୟ କରିଥା’ନ୍ତି।

ଗତ ମାର୍ଚ୍ଚ ମାସରେ ତେଲଙ୍ଗାନାର ଏକ ଇଟାଭାଟିରେ କାମ କରୁଥିବା ସମୟରେ କ୍ରେନ ଭାଙ୍ଗି ଜଣେ ଓଡ଼ିଆ ମହିଳା ଶ୍ରମିକଙ୍କର ମୃତ୍ୟୁ ଘଟିଥିଲା। ବରଗଡ଼ ଜିଲ୍ଲାର ହୀରା ମୁଣ୍ଡା ନାମକ ସଂପୃକ୍ତ ମହିଳା ଶ୍ରମିକ ନିଜ ସ୍ୱାମୀଙ୍କ ସହ କରିମନଗର ଜିଲ୍ଲାର ଏକ ଇଟାଭାଟିରେ କାମ କରୁଥିଲେ। ତାଙ୍କୁ କ୍ରେନ ଚଳାଇବାକୁ ଦିଆଯାଇଥିଲା। ସଂପୃକ୍ତ ମହିଳାଙ୍କ ପାଇଁ ତାହା ନିଶ୍ଚିତ ଏକ ବିପଦସଙ୍କୁଳ କାର୍ଯ୍ୟ ଥିଲା।

ସାଧାରଣତଃ ଦଲାଲମାନେ କମିଶନ ନେଇ ଅସ୍ଥାୟୀ ଶ୍ରମିକଙ୍କୁ ଯୋଗାଡ଼ କରି ବିଭିନ୍ନ ରାଜ୍ୟକୁ ପ୍ରେରଣ କରିଥା’ନ୍ତି। ପଠାଇ ସାରିଲା ପରେ ଦଲାଲର ଆଉ କୌଣସି ଭୂମିକା ରହି ନ ଥାଏ। ତା’ପରେ ଶ୍ରମିକ ନିଜ ଭାଗ୍ୟ ନେଇ ଚାଲିଥାଏ। ବଲାଙ୍ଗୀର ଜିଲ୍ଲାରେ ଏହି ଦଲାଲମାନେ ନୂଆଁଖାଇ ଅବ୍ୟବହିତ ପୂର୍ବରୁ ସକ୍ରିୟ ହୋଇଥା’ନ୍ତି। ପୂର୍ବରୁ ବଲାଙ୍ଗୀର ଶ୍ରମିକ ମୁଖ୍ୟତଃ ଛତିଶଗଡ଼ର ରାୟପୁର ଅଞ୍ଚଳକୁ ରିକ୍ସା ଚଳାଇବାକୁ ବା ଅନ୍ୟ କାମଧନ୍ଦା ପାଇଁ ଯାଉଥିବା ବେଳେ ଏବେ ଅନ୍ୟାନ୍ୟ ରାଜ୍ୟକୁ ଯିବା ଆରମ୍ଭ କଲେଣି। ଆନ୍ଧ୍ରପ୍ରଦେଶ ଓ ତେଲଙ୍ଗାନାରେ ପଥରଖାଦାନ, ଚାଷ ଓ ଉଦ୍ୟାନ ଏବଂ ଇଟାଭାଟି କାମ ନିମନ୍ତେ ସେଠାକାର ମାଲିକ କନ୍ଧମାଳ, କଳାହାଣ୍ଡି ଅଞ୍ଚଳକୁ ସିଧାସଳଖ ବସ ପଠାଇ ଯାତ୍ରୀମାନଙ୍କୁ ନେଉଛନ୍ତି। ନେବା ସମୟରେ ସେମାନଙ୍କୁ କିଛି ଅଗ୍ରୀମ ଅର୍ଥ ଦେଇ ପ୍ରଲୋଭିତ କରିଥା’ନ୍ତି।

ଓଡ଼ିଶାରୁ ଦାଦନ ଓ ସେମାନଙ୍କ ମୃତାହତ ସଂଖ୍ୟା କ୍ରମଶଃ ବୃଦ୍ଧି ପାଉଥିବା ଦେଖାଯାଉଛି। ଜାତିସଂଘ ଖାଦ୍ୟ ଓ କୃଷି ସଂଗଠନ(ଏଫଏଓ) ଏବଂ ‘ଇଣ୍ଟରନ୍ୟାସନାଲ ଅର୍ଗାନାଇଜେସନ ଫର ମାଇଗ୍ରେସନ’ର ଏକ ମିଳିତ ଅନୁଧ୍ୟାନରୁ ଜଣାପଡ଼ିଛି ଯେ, ୨୦୨୩ ମସିହାରେ ଓଡ଼ିଶାରୁ ୧.୭୫ ନିୟୁତ ଶ୍ରମିକ ଦେଶାନ୍ତରୀ ହୋଇଛନ୍ତି। ଓଡ଼ିଶାରୁ ଏତେ ସଂଖ୍ୟକ ଶ୍ରମିକଙ୍କ ଅନ୍ୟ ରାଜ୍ୟକୁ ପ୍ରବାସୀ ଘଟଣାକୁ ବିଶ୍ୱବ୍ୟାଙ୍କ ମଧ୍ୟ ନକାରାତ୍ମକ ଦୃଷ୍ଟିରେ ଦେଖିଛନ୍ତି। ବିଶ୍ୱବ୍ୟାଙ୍କ ରିପୋର୍ଟ ଅନୁଯାୟୀ ଏହି ସଂଖ୍ୟକ ଶ୍ରମିକଙ୍କ ରାଜ୍ୟ ବାହାରକୁ କାମ ଧନ୍ଦା ପାଇଁ ଯିବା ଇଚ୍ଛାକୃତ ନୁହେଁ। ଅର୍ଥାତ ଅଭାବ, ଅନଟନ, ପରିବାର ପ୍ରତିପୋଷଣର ଚାପ ଓ ରାଜ୍ୟରେ କାମଧନ୍ଦା ଅଭାବରୁ ସେମାନେ ରାଜ୍ୟ ବାହାରକୁ ଯିବାକୁ ବାଧ୍ୟ ହେଉଛନ୍ତି ଏବଂ ଯେକୌଣସି ପରିସ୍ଥିତିକୁ ଆଦରି ନେଉଛନ୍ତି। ‘ଇଣ୍ଟରନ୍ୟାସନାଲ ରାଇସ୍ ରିସର୍ଚ୍ଚ ଇନଷ୍ଟିଚ୍ୟୁଟ୍’ ସହାୟତାରେ କେରଳର ‘ଇଣ୍ଟରନ୍ୟାସନାଲ ଇନ୍‌ଷ୍ଟିଚ୍ୟୁଟ ଅଫ୍ ମାଇଗ୍ରେସ୍ ଆଣ୍ଡ ଡେଭେଲପମେଣ୍ଟ’ର ରିପୋର୍ଟ ଅନୁଯାୟୀ ଦାଦନ ଭାବେ ଯାଉଥିବା ଶ୍ରମିକଙ୍କ ମଧ୍ୟରୁ ପ୍ରାୟ ୩୦% କୃଷି କାର୍ଯ୍ୟ ଉପରେ ନିର୍ଭରଶୀଳ ଏବଂ ୩୩% ଭୂମିହୀନ। ଏଣୁ ଭୂମିହୀନ କାମଧନ୍ଦା ପାଇପାରୁ ନାହାନ୍ତି କି କୃଷି ପରିବାର ପ୍ରତିପୋଷଣକୁ ସୁନିଶ୍ଚିତ କରିପାରୁ ନାହିଁ। ଏ ପ୍ରକାର ପରିସ୍ଥିତିରେ ଜନସାଧାରଣ ରାଜ୍ୟ ବାହାରକୁ କାମଧନ୍ଦା କରିବା ଉଦ୍ଦେଶ୍ୟରେ ଯାଉଛନ୍ତି।

ଗଞ୍ଜାମ-ସୁରଟକୁ ଏକ ଦେଶାନ୍ତରୀ ପଥ ବୋଲି ବିବେଚନା କରାଯାଇଥାଏ। ଏହା ପରକୁ ଗତ କିଛିବର୍ଷ ହେଲା ତାମିଲନାଡୁ ଓ କେରଳକୁ ଶ୍ରମିକ ଗମନ ସଂଖ୍ୟା ବୃଦ୍ଧି ପାଇଛି। ଏହି ରାଜ୍ୟରେ ଆବଶ୍ୟକ କାମଧନ୍ଦା ମିଳିବା ସହ ମୂଳମଜୁରୀ ଦର ଅଧିକ ରହୁଛି। ଓଡ଼ିଶାରେ ଜଳସେଚନ ବ୍ୟବସ୍ଥାରେ ସେପରି ଆଖିଦୃଶିଆ ଉନ୍ନତି ଘଟିପାରୁ ନାହିଁ। ପୁରୁଣା କେନାଲ ବ୍ୟବସ୍ଥାରେ ପାଣି କିପରି ତଳମୁଣ୍ଡ ପର୍ଯ୍ୟନ୍ତ ଯାଇପାରିବ ତାହାର ବ୍ୟବସ୍ଥା କରାଯାଉ ନାହିଁ। ଅନ୍ୟପକ୍ଷରେ ରାଜ୍ୟର ବିଭିନ୍ନ ଜିଲ୍ଲାରେ ପ୍ରାକୃତିକ ବିପର୍ଯ୍ୟୟ ବୃଦ୍ଧି ପାଉଥିବା ଦେଖାଯାଉଛି। ଫଳରେ ଉପକୂଳଠାରୁ ପଶ୍ଚିମ ଓ ଦକ୍ଷିଣ ଓଡ଼ିଶା ପର୍ଯ୍ୟନ୍ତ କୃଷି ଉତ୍ପାଦନ ବାଧାପ୍ରାପ୍ତ ହେଉଛି। ଅନ୍ୟପକ୍ଷରେ ସରକାରୀ ମନରେଗା ଯୋଜନାର କାର୍ଯ୍ୟଦିବସ ହ୍ରାସ ପାଇଛି ଏବଂ ମଜୁରୀ ମଧ୍ୟ ଉତ୍ସାହଜନକ ନୁହେଁ।

ଦାଦନ ଶ୍ରମିକ ଚାଲାଣର ପ୍ରତିକାର ପାଇଁ ଗତବର୍ଷ ଅକ୍ଟୋବର ମାସରେ ସରକାର ଏକ ଟାସ୍କ ଫୋର୍ସ ଗଠନ କରିଛନ୍ତି। ଏଥିରେ ଦୁଇ ଉପ-ମୁଖ୍ୟମନ୍ତ୍ରୀ, ପଞ୍ଚାୟତରାଜ ମନ୍ତ୍ରୀ, ମୁଖ୍ୟ ଶାସନ ସଚିବ ଓ ଉନ୍ନୟନ କମିଶନର ସଦସ୍ୟ ଅଛନ୍ତି। ଇତିମଧ୍ୟରେ ୧୦ ମାସ ବିତିଲାଣି। ଟାସ୍କଫୋର୍ସର ସୁପାରିସ ରାଜ୍ୟବାସୀଙ୍କୁ ଜଣାପଡ଼ିନାହିଁ। ତେଣେ ଅପଞ୍ଜିକୃତ ଶ୍ରମିକ ଚାଲାଣ ନିମନ୍ତେ ଶ୍ରମ ଆଇନରେ ଯେଉଁ କାର୍ଯ୍ୟାନୁଷ୍ଠାନ ଓ ଦଣ୍ଡବିଧାନର ବ୍ୟବସ୍ଥା ରହିଛି ତାହା ବିଭାଗ ପକ୍ଷରୁ କଡ଼ାକଡ଼ି ଭାବେ କାର୍ଯ୍ୟକାରୀ କରାଯାଉ ନାହିଁ। ତେଣୁ ମୋଟାମୋଟି ଭାବେ ଦେଖିବାକୁ ଗଲେ ଦାଦନ ଶ୍ରମିକଙ୍କ ନିମନ୍ତେ ସରକାରଙ୍କ କିଛି ନିର୍ଦ୍ଦିଷ୍ଟ ଲକ୍ଷ୍ୟ ନାହିଁ କି ଏଥିପ୍ରତି ଆନ୍ତରିକତା ନାହିଁ। ଏହି ଧାରା ଯେତେଦିନ ପର୍ଯ୍ୟନ୍ତ ଜାରି ରହିଥିବା ସେତେଦିନ ପର୍ଯ୍ୟନ୍ତ ଦାଦନ ମାନେ ଭାଗ୍ୟକୁ ଆଦରି ରହିଥିବେ। ●

(ବରିଷ୍ଠ ସାମ୍ବାଦିକ)
କଟକ, ମୋ: ୯୪୩୭୨୨୯୨୩୩

## କାହିଁକି ବଢୁଛି ଦୁଷ୍କର୍ମ

**ଶ୍ରୀକାନ୍ତ କୁମାର ମହାଳିକ**

ଦୁଷ୍କର୍ମ ଘଟଣା କ୍ରମାଗତ ଭାବେ ବୃଦ୍ଧି ପାଇବାରେ ଲାଗିଛି। କୁନିକୁନି ଝିଅଙ୍କଠାରୁ ଆରମ୍ଭ କରି ବୟସ୍କା ମହିଳାଙ୍କ ପର୍ଯ୍ୟନ୍ତ ଏଥିରୁ ବାଦ୍ ପଡୁ ନାହାନ୍ତି। ଦୁଷ୍କର୍ମ ପରେ ଅତ୍ୟନ୍ତ ନିର୍ମମ ଓ ବୀଭତ୍ସ ଭାବେ ହତ୍ୟା କରାଯାଉଥିବା ଘଟଣା ସମସ୍ତଙ୍କୁ ଆଜି ବ୍ୟଥିତ ଓ ବିବ୍ରତ କରିଛି। ଘରଦ୍ୱାର, ରାସ୍ତାଘାଟ, ହାଟବଜାର, କର୍ମକ୍ଷେତ୍ର କେଉଁଠି ବି ଝିଅ ବା ମହିଳାଟିଏ ଆଜି ନିଜକୁ ସୁରକ୍ଷିତ ମଣି ପାରୁନାହିଁ। ପିତା, ମାତା, ଅଭିଭାବକମାନେ ମଧ୍ୟ ଅହରହ ଭୟ ଓ ଆଶଙ୍କା ମଧ୍ୟରେ ରହୁଛନ୍ତି। ଯୋଗାଯୋଗର ସମସ୍ତ ବ୍ୟବସ୍ଥା ଥିଲେ ମଧ୍ୟ ଝିଅଟିଏ ବା ବୋହୂଟିଏ ଘରୁ ଗୋଡ଼ କାଢ଼ିଲେ ନିରାପଦରେ ଫେରିବ ବୋଲି ଭରସି ପାରୁ ନାହାନ୍ତି। ତେବେ ଏମିତି ଦୁଃଖ ଓ ଯନ୍ତ୍ରଣାଦାୟକ ଘଟଣାମାନ କାହିଁକି ଘଟି ଚାଲିଛି ଏବଂ ଏହାର କାରଣ କ’ଣ ତାହାର ଆଲୋଚନା ଅତ୍ୟନ୍ତ ଜରୁରୀ ମନେହୁଏ।

ବଡ଼ କାରଣ ହେଉଛି ମୋବାଇଲ ଫୋନ୍‌ର ଅସଦ୍ ବ୍ୟବହାର। ମୋବାଇଲ ବର୍ତ୍ତମାନ ଯୁବକମାନଙ୍କୁ ଜଣେ ଜଣେ ଯୌନ ବିକାରଗ୍ରସ୍ତ ରୋଗୀରେ ପରିଣତ କରିଦେଇ ସାରିଲାଣି କହିଲେ ଅତ୍ୟୁକ୍ତି ହେବନାହିଁ। ଇଣ୍ଟରନେଟରୁ ଅଶ୍ଳୀଳ, ନଗ୍ନ ଓ ଯୌନ ଉଦ୍ଦୀପକ ଦୃଶ୍ୟ ସବୁ ଡାଉନଲୋଡ୍ କରି ଅହରହ ଦେଖିବା ଏବଂ ନିଜକୁ ସଂଯତ କରି ନପାରିବା ଯୋଗୁଁ ହିଁ ଏପରି କାଣ୍ଡ ସେମାନେ ଘଟାଇ ଚାଲିଛନ୍ତି। ଯୁବକମାନେ ଏପରି ଉଚ୍ଛୃଙ୍ଖଳିତ ଓ ବିପଥଗାମୀ ହେବା ପଛରେ ସେମାନଙ୍କର ପିତା, ମାତା ଓ ଅଭିଭାବକମାନଙ୍କୁ ଦାୟୀ କରାଯାଇପାରେ। ମୂଳରୁ ପିଲାମାନଙ୍କୁ ଯେଉଁପରି ସଂସ୍କାର ଓ ମାର୍ଗଦର୍ଶନ ଦେବା କଥା, ସେଥିପ୍ରତି ପିତାମାତାମାନେ ଯତ୍ନବାନ୍ ହେଉନାହାନ୍ତି। କେବଳ ଅନୈତିକ ଉପାୟରେ ଅର୍ଥ ଉପାର୍ଜନ କରି କେମିତି ନିଜର ଘର ପୂରଣ କରିବେ, ବିଳାସରେ ରହିବେ, ମଉଜ ମଜଲିସରେ ଜୀବନ ବିତେଇବେ ସେଥିପାଇଁ ସେମାନେ ବ୍ୟସ୍ତ। ନିଜେ ଭୋଗବିଳାସରେ ବୁଡ଼ିରହିବା ସଂଗେସଂଗେ ପିଲାମାନଙ୍କୁ ମଧ୍ୟ ସେଥିରେ ବୁଡ଼ାଇ ରଖୁଛନ୍ତି। ଏପରି ଜୀବନଚର୍ଯ୍ୟା ପିଲାମାନଙ୍କୁ ଉଚ୍ଛୃଙ୍ଖଳିତ କରୁଛି ଏବଂ ଅନୈତିକ କାର୍ଯ୍ୟ କରିବା ପାଇଁ ପ୍ରୋତ୍ସାହିତ କରୁଛି।

ସେହିପରି ପୁଲିସ ପ୍ରଶାସନର ଅବହେଳା ଯୋଗୁଁ ଅନେକ କ୍ଷେତ୍ରରେ ଅପରାଧୀ ଖସି ଯାଉଛନ୍ତି ଏବଂ ପୀଡ଼ିତା ନ୍ୟାୟ ପାଇବାରୁ ବଞ୍ଚିତ ହେଉଛି। ତଦନ୍ତରେ ଅବହେଳା ବା ଜାଣିଶୁଣି ବିଳମ୍ବ କରିବା, ତଦନ୍ତ ରିପୋର୍ଟକୁ ଜାଲିଆତି କରିବା, ସାକ୍ଷ୍ୟ ପ୍ରମାଣକୁ ନଷ୍ଟ କରିବା, ସାକ୍ଷୀକୁ ଉପଯୁକ୍ତ ସୁରକ୍ଷା ଯୋଗାଇ ନଦେବା ଆଦି ଘଟଣା ଦୁଷ୍କର୍ମକାରୀଙ୍କୁ ଖସାଇ ଦେବାରେ ସହାୟକ ହେଉଛି ଏବଂ ଅଧିକ ପ୍ରୋତ୍ସାହିତ କରୁଛି। କେକେତ ଅସାଧୁ ନେତା ନିଜର ସ୍ୱାର୍ଥ ପାଇଁ ଅପରାଧୀଙ୍କୁ ଘଣ୍ଟ ଘୋଡ଼ାଇବା, ସେମାନଙ୍କ ପାଇଁ ଅଯଥା ଓକିଲାତି କରିବା, ପ୍ରଶାସନିକ କଳ ଉପରେ ଚାପ ପ୍ରୟୋଗ କରି ତଦନ୍ତ ପ୍ରକ୍ରିୟାରେ ବାଧା ସୃଷ୍ଟି କରିବା ଆଦି ଘଟଣା ଦୁଷ୍କର୍ମକାରୀଙ୍କ ପାଇଁ ଆଶୀର୍ବାଦ ସ୍ୱରୂପ କାର୍ଯ୍ୟ କରୁଛି।

ଏଭଳି ସାମାଜିକ ବ୍ୟତିକ୍ରମରେ ନାରୀ ନିଜ ପାଇଁ ନିଜେ କିଛି ପରିମାଣରେ ଦାୟୀ ବୋଲି ବିଶେଷଜ୍ଞମାନେ ମତ ଦିଅନ୍ତି। ଭାରତୀୟ ସଂସ୍କୃତି ଓ ପରମ୍ପରାକୁ ଭୁଲି ପାଶ୍ଚାତ୍ୟ ସଂସ୍କୃତି ଓ ଜୀବନଶୈଳୀକୁ ଆପଣେଇବା ଦ୍ୱାରା ସମାଜରେ ଉଚ୍ଛୃଙ୍ଖଳତା ବଢୁଛି। ଏହା ବାଦ ତ୍ରୁଟିପୂର୍ଣ୍ଣ ଶିକ୍ଷାନୀତିକୁ ମଧ୍ୟ ଅନେକ ପରିମାଣରେ ଦାୟୀ କରାଯାଇ ପାରେ। ଶିକ୍ଷାର ମୂଳ ଲକ୍ଷ୍ୟ ହେଉଛି ବ୍ୟକ୍ତିର ସର୍ବାଙ୍ଗୀନ ବିକାଶ ତଥା ଚରିତ୍ର ଗଠନ। କିନ୍ତୁ ବର୍ତ୍ତମାନର ଏ ବ୍ୟବସାୟଭିତ୍ତିକ ଶିକ୍ଷା ବ୍ୟବସ୍ଥା ଯୋଗୁଁ ତାହା ସମ୍ଭବ ହୋଇପାରୁ ନାହିଁ। ନୀତି, ଆଦର୍ଶ ଓ ଚରିତ୍ରବାନ୍ ନାଗରିକ ସୃଷ୍ଟି ହେବା ପରିବର୍ତ୍ତେ ଗୁଡ଼ାଏ ନୀତି- ଆଦର୍ଶ ବିବର୍ଜିତ ଏବଂ ଚରିତ୍ର ହୀନ ନାଗରିକ ସୃଷ୍ଟି ହେଉଛନ୍ତି। ଦୁଷ୍କର୍ମ ପରି ଅନୈତିକ କାର୍ଯ୍ୟ କରିବା ଏମାନଙ୍କ ପକ୍ଷେ ଆଦୌ ଅସମ୍ଭବ ନୁହେଁ।

ଏସବୁ ବ୍ୟତୀତ ଦୁଷ୍କର୍ମ ଘଟଣା ପଛରେ ଅନ୍ୟ କେତେକ କାରଣ ମଧ୍ୟ ରହିଛି। ଯଥା-ମାଦକ ଦ୍ରବ୍ୟ ସେବନ, ପାରିବାରିକ ଅଶାନ୍ତି, ନିଃସଂଗତା, ସାମୟିକ ଉତ୍ତେଜନା, ପ୍ରେମଜନିତ ଅସଫଳତା, ଭଗବତ୍ ବିଶ୍ୱାସର ଅଭାବ ଇତ୍ୟାଦି। ଏଣୁ ଏ ସମସ୍ୟାର ସମାଧାନ ପାଇଁ ସାମୂହିକ ଉଦ୍ୟମ ଲୋଡ଼ା। ବିଶେଷକରି ଏପରି ଅପରାଧୀମାନଙ୍କୁ ଦୃଷ୍ଟାନ୍ତମୂଳକ ଦଣ୍ଡବିଧାନ କରାଯିବା ଉଚିତ୍। ଏଥିପାଇଁ ପ୍ରଶାସନ ଓ ପୁଲିସର ନିଷ୍ଠାପର ଉଦ୍ୟମର ଆବଶ୍ୟକତା ରହିଛି। ଦ୍ୱିତୀୟରେ ରାଜନୈତିକ ନେତାମାନେ ପୀଡ଼ିତାମାନେ କିପରି ଉପଯୁକ୍ତ ନ୍ୟାୟ ପାଇବ ସେ ଦିଗରେ ଯତ୍ନବାନ୍ ହେବା ଉଚିତ୍। ଅନ୍ୟ ଏକ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ନାରୀ ଆଧୁନିକତା ନାଁରେ କୌଣସି ପ୍ରକାର ଅଶ୍ଳୀଳତାକୁ ପ୍ରଶ୍ରୟ ନଦେବା ତା’ପାଇଁ ଶୁଭଙ୍କର ହେବ। ନିଜର ପୋଷାକ ପରିଛଦ, ଚାଲିଚଳଣି ଆଦି ଆମ ସଂସ୍କୃତିର ମର୍ଯ୍ୟାଦା ଭିତରେ ରହିଲେ ନିଜ ପାଇଁ ଏବଂ ସମାଜ ପାଇଁ ମଙ୍ଗଳକର ହେବ। ପିତାମାତା ଓ ଅଭିଭାବକମାନେ ମଧ୍ୟ ଅଧିକ ସଚେତନ ହୋଇ ନିଜେ ସଂସ୍କାରିତ ହେବା ସଂଗେ ସଂଗେ ପିଲାମାନଙ୍କୁ ସଂସ୍କାରିତ କରି ଗଢ଼ିତୋଳିବା ଆବଶ୍ୟକ। ଶିକ୍ଷା ବ୍ୟବସ୍ଥାର ପରିବର୍ତ୍ତନ ମଧ୍ୟ ନିହାତି ଲୋଡ଼ା। ବିଶେଷକରି ନୈତିକ ଶିକ୍ଷାକୁ ଅନିବାର୍ଯ୍ୟ କରାଯିବା ଉଚିତ୍। ଜଣେ ନୀତିବାନ୍ ମଣିଷ କେବେ ବି ଅନ୍ୟର ଅମଙ୍ଗଳ ଚିନ୍ତା କରି ନପାରେ। ଅନ୍ୟ ଏକ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ଦୃଷ୍ଟିକୋଣର ପରିବର୍ତ୍ତନ। ଆମେ ନିଜର ମା’, ଝିଅ, ବୋହୂ, ସ୍ତ୍ରୀ ବା ଭଉଣୀମାନଙ୍କ ପ୍ରତି ଯେଉଁ ମନୋଭାବ ପୋଷଣ କରିଥାଉ ଏବଂ ସେମାନଙ୍କର ସୁରକ୍ଷା କାମନା କରିଥାଉ ଯଦି ଠିକ୍ ସେହି ମନୋଭାବ ଅନ୍ୟମାନଙ୍କ ପ୍ରତି ପୋଷଣ କରିବା ତେବେ ଛାଏଁ ଛାଏଁ ଏ ସମସ୍ୟା ଯେ ନିଶ୍ଚୟ ଦୂର ହୋଇଯିବ ଏଥିରେ ସନ୍ଦେହ ନାହିଁ। ●

ଚରଦିଆ(ଭଦ୍ରକ), ମୋ: ୮୬୫୮୪୩୯୭୦୨

## ବିଲୁପ୍ତି ପଥେ ବିଶ୍ୱବ୍ରହ୍ମାଣ୍ଡ!

**ଶ୍ରୀନନ**

**ବିଜ୍ଞାନ ବାର୍ତ୍ତା**

ମନେକରାଯାଏ ଯେ ଆଜକୁ ପ୍ରାୟ ୧୩.୮ ବିଲିୟନ୍ ବର୍ଷ ପୂର୍ବେ ଘଟିଥିବା ବ୍ରହ୍ମବିସ୍ଫୋଟ୍ ବା ‘ବିଗ୍‌ବ୍ୟାଙ୍ଗ’ ଫଳରେ ବିଶ୍ୱବ୍ରହ୍ମାଣ୍ଡ ଉତ୍ପତ୍ତି ହେଲା। ସେଥି ସମୟରୁ ଏହା ସଂପ୍ରସାରିତ ହୋଇଚାଲିଛି। ଏଥିରେ ସହାୟତା କରୁଛି କୃଷ୍ଣଶକ୍ତି (ଡାର୍କ ଏନର୍ଜି) ନାମକ ଏକ ବିସ୍ମୟକର ଶକ୍ତି। ଅନ୍ୟପକ୍ଷରେ, ବିଶ୍ୱ ବ୍ରହ୍ମାଣ୍ଡର ଅନ୍ୟଏକ ଉପାଂଶ କୃଷ୍ଣବସ୍ତୁ ବା ‘ଡାର୍କ ମାଟର୍’ ଏଥିରେ ଥିବା ବସ୍ତୁଗୁଡ଼ିକୁ ପରସ୍ପରକୁ ଆକର୍ଷିତ କରିବାର ସାହାଯ୍ୟ କରେ।

ଏବେ କେତେଜଣ ଖଗୋଳ ବିଜ୍ଞାନୀ ମନେ କରୁଛନ୍ତି ଯେ ସମ୍ଭବତଃ କୃଷ୍ଣଶକ୍ତି ସୁସ୍ଥିର ନୁହେଁ। ସମୟକ୍ରମେ ଏହା କମ/ବେଶି ହୋଇଥାଏ। ସେମାନଙ୍କ ମତରେ ଏହା ଦୁର୍ବଳ ହେବାର ସମ୍ଭାବନା ମଧ୍ୟ ରହିଛି। ଯଦି ତାହା ହୁଏ, ତେବେ ବସ୍ତୁ-ବସ୍ତୁ ମଧ୍ୟରେ ଆକର୍ଷଣ ଅଧିକ ହୋଇ ଯାଇପାରେ ଏବଂ ବିଶ୍ୱବ୍ରହ୍ମାଣ୍ଡର ସଂପ୍ରସାରଣ ବନ୍ଦ ହୋଇପାରେ। ନଚେତ୍ ତାହା ପ୍ରତ୍ୟାବର୍ତ୍ତୀ ହୋଇ ମହାସଂକୋଚନ ବା ‘ବିଗ୍ କ୍ରୋଞ୍ଚ’ର କାରଣ ହୋଇପାରେ। ସେମାନେ ଅନୁମାନ କରନ୍ତି ଯେ ଆଗାମୀ ପ୍ରାୟ ୧୦ ବିଲିୟନ୍ ବର୍ଷ ପରେ ଏହି କାରଣରୁ ବିଶ୍ୱବ୍ରହ୍ମାଣ୍ଡର ସଂପ୍ରସାରଣ ହୁଏତ ବନ୍ଦ ହୋଇଯିବ ଏବଂ ତତ୍ପରେ ତାହା ପତିତ ହେବାକୁ ଲାଗି ପ୍ରାୟ ୩୩ ବିଲିୟନ ବର୍ଷ ପରେ ମହାସଂକୋଚନ ଘଟି ବିଲୁପ୍ତ ହୋଇଯିବ।

ବିଗତ କିଛି ବର୍ଷ ଧରି ‘ଡାର୍କ ଏନର୍ଜି ସର୍ଭେ ’ ଏବଂ ଡାର୍କଏନର୍ଜି ସ୍ପେକ୍ଟ୍ରୋସ୍କୋପି ଇନଷ୍ଟିଚ୍ୟୁଟ୍’ରେ କାର୍ଯ୍ୟରତ ଖଗୋଳ ବିଜ୍ଞାନୀମାନେ ଦେଖିବାକୁ ପାଇଛନ୍ତି ଯେ କୃଷ୍ଣଶକ୍ତି ଏବେ ବିଶ୍ୱବ୍ରହ୍ମାଣ୍ଡକୁ ଦ୍ରୁତ ସଂପ୍ରସାରିତ କରିବାକୁ ଲାଗିଛି। ଏହା ସୂଚାଇ ଦେଇଛି ଯେ ଏହା ଏକ ସ୍ଥିରାଙ୍କ ନୁହେଁ। ଅନ୍ୟପକ୍ଷରେ ତାହା ସମୟକ୍ରମେ ପରିବର୍ତ୍ତିତ ହୋଇପାରେ। ତାହା ଯଦି ସତ୍ୟ ହୁଏ ତା’ହେଲେ କୃଷ୍ଣଶକ୍ତି ଦୁର୍ବଳ ହୋଇ ଏବର ସଂପ୍ରସାରଣର ବେଗ ହ୍ରାସ କରିବାର ସମ୍ଭାବନା ରହିଛି। ସେମାନଙ୍କ ଦ୍ୱାରା ଜୁନ୍ ୨୦୨୫ରେ ପ୍ରକାଶିତ ଏକ ଗବେଷଣା ପତ୍ର ‘ଦ ଲାଇଫ୍-ସ୍ପାନ୍ ଅଫ୍ ଆୱାର ୟୁନିଭର୍ସ’ରେ ଗୋଟିଏ ଜଟିଳ ଚିନ୍ତାଧାରା ସୂଚୀତ କରିଛନ୍ତି। ସେଥିରେ ସେମାନେ ପ୍ରସ୍ତାବ ରଖିଛନ୍ତି ଯେ କୃଷ୍ଣଶକ୍ତି ଦୁଇଟି ଉପାଂଶରେ ତିଆରି। ତହିଁରୁ ପ୍ରଥମଟି ହେଲା ‘ଅକ୍ସିଅନ୍’, ଯାହାକି ଏକ ବିସ୍ମୟକର କଳ୍ପନିକ କଣିକା। ଏହା ଏତେ ହାଲୁକା ଏବଂ ସହଜରେ ଧରା ପଡୁନଥିବା ବସ୍ତୁ ଯେ ତାହା ପ୍ରାୟତଃ ଅନ୍ୟକାହାରି ସହିତ ଆର୍ନ୍ତକ୍ରିୟା କରେ ନାହିଁ। କଳ୍ପନା କରାଯାଇପାରେ ଯେ ଏବର ‘ଅକ୍ସିଅନ’ ହେଉଛି ଏକ ମୃଦୁ ଶକ୍ତିର କୁଝଟିକା ଯାହାକି ନୀରବରେ ବିଶ୍ୱବ୍ରହ୍ମାଣ୍ଡର ସଂପ୍ରାସାରଣ ଲାଗି ଶକ୍ତି ଯୋଗଉଛି।

ଦ୍ୱିତୀୟଟି ହେଲା ଏକ ବିଶ୍ୱବ୍ରହ୍ମାଣ୍ଡୀୟ ସ୍ଥିରାଙ୍କ। କିନ୍ତୁ ଏହି ମଡେଲ୍‌ରେ ଏହା ନକାରାତ୍ମକ। ଏଣୁ ଏହା ପ୍ରସର ବା ସ୍ପେସ୍ କୁ ବାହାର ଆଡ଼କୁ ଠେଲୁଥିବା ସକାରାତ୍ମକ ସ୍ଥିରାଙ୍କ ଭଳି ନୁହେଁ। ବରଂ ଏହା ତାହାକୁ ପଛ ଆଡ଼କୁ ଠେଲିଥାଏ। ବର୍ତ୍ତମାନ ‘ଆକ୍ସିଅନ୍’ମାନେ ଅଧିକାଂଶ ସଂପ୍ରାସାରଣ କାର୍ଯ୍ୟ କରୁଛନ୍ତି। ତେବେ ଆଶା କରାଯାଏ ଯେ ସମୟକ୍ରମେ ତାହା ଦୁର୍ବଳ ହୋଇଚାଲିବେ, ଯେତେବେଳେ ନକାରାତ୍ମକ ଖଗୋଳୀୟ ସ୍ଥିରାଙ୍କ ଅଧିକ ପ୍ରଭାବଶାଳୀ ହେବାକୁ ଆରମ୍ଭ କରିବେ। ଫଳରେ ବିଶ୍ୱବ୍ରହ୍ମାଣ୍ଡର ସଂପ୍ରସାରଣ ମନ୍ଥର ଏବଂ ତତ୍‌ପରେ ବିପରୀତ ପଥଗାମୀ ହୋଇଯାଇପାରେ।

ପରିମାଣ ସ୍ୱରୂପ, ନାଟକୀୟ ଭାବେ ମହାସଂକୋଚନ (ବିଗକ୍ରଂଚ) କୁହାଯାଉଥିବା ଏକ ନୂତନ ପ୍ରକିୟାର ଆରମ୍ଭ ହୋଇଯିବ। ତାହା ହେଲେ ତାରକାପୁଞ୍ଜଗୁଡ଼ିକ ପରସ୍ପର ସହିତ ଧକ୍କା ଖାଇବେ। ବିଶ୍ୱବ୍ରହ୍ମାଣ୍ଡ ସଙ୍କୁଚିତ ହେବାକୁ ଲାଗିବ। ତାହା ଉତ୍ତପ୍ତ ଏବଂ ଅତ୍ୟଧିକ ଘନ ହୋଇ ଶୋଷରେ ‘ସିଙ୍ଗୁଲାରିଟି’ ଅବସ୍ଥାକୁ ଆସିଯିବ, ଯେପରି ତାହା ଥିଲା ବ୍ରହ୍ମବିସ୍ଫୋଟ ଆରମ୍ଭ ପୂର୍ବରୁ। ●

ଯମପଡ଼ା(କେନ୍ଦ୍ରାପଡ଼ା),
ମୋ: ୯୯୩୭୩୦୧୪୬୦

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342

ଲେଖା ଓ ଲୋକମତ ପାଇଁ: sakalaeditorial@gmail.com
ଦୈନିକ ‘ସକାଳ’ ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ ‘ସକାଳ’ କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# କେବେ ପେଟେଣ୍ଟ ହେବ ଶ୍ରୀମନ୍ଦିର ଶବ୍ଦାବଳୀ?

ପୁରୀ,୧୧।୮ (ସମିସ): ଶ୍ରୀମନ୍ଦିର, ଏହାର ନାଁ ଯେପରି ଅନନ୍ୟ ନୀତିକାନ୍ତି ମଧ୍ୟ ଅନ୍ୟ ସମସ୍ତ ମନ୍ଦିରଠାରୁ ଭିନ୍ନ। ଓଡ଼ିଆ ସାହିତ୍ୟରେ ଏଠାରେ ପ୍ରଚଳିତ ଶବ୍ଦର ସ୍ୱତନ୍ତ୍ର ମର୍ଯ୍ୟାଦା ରହିଛି। ତେଣୁ ଶ୍ରୀମନ୍ଦିରରେ ପ୍ରଚଳିତ ଶବ୍ଦାବଳୀର ସ୍ୱତନ୍ତ୍ରତା ଯେପରି ବଜାୟ ରହିବ, ସେଦିଗରେ ଉଦ୍ୟମ ଆରମ୍ଭ କରିଛି ଶ୍ରୀମନ୍ଦିର ପ୍ରଶାସନ। ଅର୍ଥାତ୍ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ସମ୍ପର୍କିତ ଯାହା ବି ଶବ୍ଦାବଳୀ ରହିଛି ତାହାର ପେଟେଣ୍ଟ କରାଯିବାକୁ ନିଆଯାଇଛି ନିଷ୍ପତ୍ତି। ଯେପରିକି ଶ୍ରୀମନ୍ଦିର, ଶ୍ରୀଜଗନ୍ନାଥ ଧାମ, ମହାପ୍ରସାଦ, ଶ୍ରୀକ୍ଷେତ୍ର, ପୁରୁଷୋତ୍ତମ ଧାମ, ଶ୍ରୀଜଗନ୍ନାଥଙ୍କ ଲୋଗୋ ଭଳି ସମସ୍ତ ଶବ୍ଦକୁ ପେଟେଣ୍ଟ କରାଯିବ। ଫଳରେ ଶ୍ରୀଜଗନ୍ନାଥଙ୍କ ନାଁ, ନୀତିକାନ୍ତି ସହ ଜଡ଼ିତ କୌଣସି ଶବ୍ଦର ଯେପରି ଅନ୍ୟ କୌଣସି ଉଦ୍ଦେଶ୍ୟରେ ବ୍ୟବହାର ନ ହେବ ସେ ନେଇ ପେଟେଣ୍ଟ ପ୍ରସ୍ତାବକୁ ଗତ ମେ' ୨୬ ତାରିଖରେ ଅନୁଷ୍ଠିତ ବୈଠକରେ ଅନୁମୋଦନ ମିଳିଥିଲା। କିନ୍ତୁ ଏପର୍ଯ୍ୟନ୍ତ ପାଟେଣ୍ଟ ହୋଇ ନ ଥିବାରୁ ବିଭିନ୍ନ ଅନ୍‌ଲାଇନ ସପିଙ୍ଗ୍ କମ୍ପାନୀ ଅମାନିଆ ହେଉଛନ୍ତି। ସେମାନେ ମହାପ୍ରଭୁଙ୍କ ନୀତିକାନ୍ତି ସହ ବିଭିନ୍ନ ଦ୍ରବ୍ୟ ଯେପରିକି ମହାପ୍ରସାଦ, ଶୁଖିଲି ଭୋଗ, ପତିତପାବନ ବାନା ଆଦିକୁ ଅନ୍‌ଲାଇନ୍‌ରେ ବିକ୍ରି କରୁଛନ୍ତି। ଏହାଦ୍ୱାରା ଏହି ସବୁର ପବିତ୍ରତା ନଷ୍ଟ ହେଉଥିବା ଅଭିଯୋଗ ଉଠିଛି।

ମହାପ୍ରଭୁଙ୍କ ପ୍ରତି ବିଶ୍ୱବ୍ୟାପୀ ଭକ୍ତଙ୍କ ଗଭୀର ଶ୍ରଦ୍ଧା, ଭକ୍ତି ଓ ବିଶ୍ୱାସ ରହିଛି। ଅନେକ ସମୟରେ ଭକ୍ତଙ୍କ ଭାବାବେଗର ଫାଇଦା ଉଠାଇଛନ୍ତି ଅନେକ ବ୍ୟକ୍ତି। ସେମାନେ ମହାପ୍ରଭୁଙ୍କ



ନାଁ ଯୋଡ଼ି ବ୍ୟକ୍ତିଗତ ଭାବେ ଲାଭବାନ ହେଉଥିବା ଅନେକ ନଜିର ରହିଛି। ବିଭିନ୍ନ ଅନ୍‌ଲାଇନ୍ ସପିଙ୍ଗ୍ କମ୍ପାନୀ, ମହାପ୍ରସାଦ, ଶୁଖିଲି ଭୋଗ, ନୀଳଚକ୍ର ବାନା ବିକ୍ରି କରୁଛନ୍ତି। ଅନ୍‌ଲାଇନ୍‌ରେ ଏଭଳି ଶବ୍ଦ କିମ୍ବା ଫଟୋର ବ୍ୟବହାର ନ କରିବାକୁ କୁହାଯାଇଛି। କିନ୍ତୁ ଏଯାଏ ଆଇନ ହୋଇନାହିଁ କି ପେଟେଣ୍ଟ ହୋଇ ନ ଥିବାରୁ କିଛି ବ୍ୟବସାୟଖୋର୍ ବ୍ୟକ୍ତିବିଶେଷ ଏହାର ଫାଇଦା ଉଠାଇ ମନଇଚ୍ଛା ଭକ୍ତଙ୍କ ଭାବାବେଗକୁ ବ୍ୟବସାୟର ଅସ୍ତ୍ର ସଜାଇଛନ୍ତି। ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଏ କ୍ଷେତ୍ରରେ ଏକ ସିଣ୍ଡିକେଟ୍ କାମ କରୁଛି। କୌଣସି ବ୍ୟକ୍ତିବିଶେଷ ଅର୍ଡର ଅନ୍‌ଲାଇନ୍‌ରେ ଗ୍ରହଣ କରି ଆନନ୍ଦ ବଜାରରୁ ମହାପ୍ରସାଦ କିଣି ଗ୍ରାହକଙ୍କ ପାଖରେ ପହଞ୍ଚାଇବା କଷ୍ଟକର ବ୍ୟାପାର। ସମ୍ଭବତଃ ଉକ୍ତ ଅନ୍‌ଲାଇନ୍ ସଂସ୍ଥା ଏଠାରେ କିଛି ବ୍ୟକ୍ତିଙ୍କୁ ଏ କ୍ଷେତ୍ରରେ

## ମାନୁନାହାନ୍ତି ଅନ୍‌ଲାଇନ ସପିଙ୍ଗ୍ କମ୍ପାନୀ

ନିୟୋଜିତ କରିଛି। ସେମାନେ ଏଠାରୁ ମହାପ୍ରସାଦ ନେଇ କୌଣସି ଯାନବାହନରେ ପଠାଉଛନ୍ତି। ମାତ୍ର ଅର୍ଡର କରିଥିବା ବ୍ୟକ୍ତି ଯେ ବାସ୍ତବରେ ଶ୍ରୀମନ୍ଦିରର ମହାପ୍ରସାଦ ଅର୍ଡର କରି ପାଉଛି, ସେଥିରେ କିଛି ଗ୍ୟାରେଣ୍ଟି ନାହିଁ।

ଅନ୍ୟପକ୍ଷରେ ମହାପ୍ରଭୁଙ୍କ ନାଁରେ ଭକ୍ତଙ୍କୁ ଏକପ୍ରକାର ଶୋଷଣ କରାଯାଉଛି ବୋଲି କୁହାଯାଇପାରିବ। କାରଣ ଏକ ଅନ୍‌ଲାଇନ୍ କମ୍ପାନୀ ପତିତପାବନ ବାନା ମୂଲ୍ୟ ଯାହା ରଖିଛି ଶୁଣିଲେ ଆଶ୍ଚର୍ଯ୍ୟ ଲାଗିବ। ଏଥିରେ କମ୍ପାନୀ ପକ୍ଷରୁ ବିଭିନ୍ନ ସାଇଜ୍‌ର ପତାକା ପାଇଁ ଭିନ୍ନ ଭିନ୍ନ ମୂଲ୍ୟ ରହିଛି। ଗୋଟିଏ ୭୦୧ ଟଙ୍କା, ଗୋଟିଏ ୧୫୪୯ ଟଙ୍କା, ଗୋଟିଏ ୧୪୯୮ ଟଙ୍କା ରଖାଯାଇଛି। ତେବେ ଏଠାରେ ପ୍ରଶ୍ନ ଉଠୁଛି ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ସୂଚନା କେନ୍ଦ୍ରରେ ସବୁଠୁ ବଡ଼ ବାନା (ନୀଳଚକ୍ରର ଅଗ୍ରଭାଗରେ ଲାଗୁଥିବା ୧୪ ହାତିଆ) ୩୦୦ ଟଙ୍କାରେ ବିକ୍ରି ହେଉଥିବାବେଳେ କମ୍ପାନୀ ପ୍ରାୟ ୫ରୁ ୬ ଗୁଣା ଅଧିକରେ ବିକ୍ରି କରୁଛି। ତେବେ ସବୁଠୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ଶ୍ରୀମନ୍ଦିର ପତିତପାବନ ବାନା କହି ଯେଉଁ ପତାକା ବା ଧ୍ୱଜା ବିକ୍ରି କରାଯାଉଛି ବାସ୍ତବରେ ତା'ର ଶୁଦ୍ଧତା କିଏ ପରଖୁଛି। ଏହା ଶ୍ରୀମନ୍ଦିର ବାନା ନା ବାହାରର ତାହାର ସଠିକତା କ'ଣ? ବିଗତ ଦିନରେ ଏମିତି ଅନେକ ଜିନିଷ ମହାପ୍ରଭୁଙ୍କ ନାଁ ଯୋଡ଼ି ବିକ୍ରି କରାଯିବାର ନଜିର ରହିଛି। ସେହିପରି ମହାପ୍ରସାଦ, ଶୁଖିଲି ଭୋଗ ମଧ୍ୟ ଅଧିକ ଦାମ୍‌ରେ ବିକ୍ରି କରାଯାଉଛି। ଅନ୍ୟପକ୍ଷରେ ଶ୍ରୀମନ୍ଦିର ଶବ୍ଦାବଳୀର ପେଟେଣ୍ଟ ହେବ ବୋଲି ଘୋଷଣା କରାଯାଇଥିଲେ ସୁଦ୍ଧା ଏଯାଏ ହୋଇ ନ ଥିବାରୁ ଶ୍ରୀମନ୍ଦିର ଶବ୍ଦାବଳୀର ବ୍ୟବହାର କରୁଥିବା ଅନୁଷ୍ଠାନ ଉପରେ କୌଣସି ଆଇନଗତ କାର୍ଯ୍ୟାନୁଷ୍ଠାନ ନିଆଯାଇପାରୁ ନାହିଁ। ଏ କାର୍ଯ୍ୟରେ ଶ୍ରୀମନ୍ଦିର ପ୍ରଶାସନ ଯେତେ ହେଳା କରିବ, ଅସାମାଜିକ ବ୍ୟକ୍ତିବିଶେଷ ଏହାର ଫାଇଦା ସେତେଦିନ ଯାଏ ନେଉଥିବେ।

# ଲୋକସଭାରେ ପାରିତ ହେଲା କ୍ରୀଡ଼ା ବିଲ୍

ନୂଆଦିଲ୍ଲୀ, ୧୧।୮ (ଏଜେନ୍ସି): ବହୁ ପ୍ରତୀକ୍ଷିତ ନ୍ୟାସନାଲ ସ୍ପୋର୍ଟ୍ସ ବିଲ୍ ତଥା ଜାତୀୟ କ୍ରୀଡ଼ା ବିଧେୟକ ସୋମବାର ଲୋକସଭାରେ ପାରିତ ହୋଇଛି। ଯାହାକୁ ସ୍ୱାଧୀନ ଭାରତରେ ସବୁଠୁ ବଡ଼ କ୍ରୀଡ଼ା ସଂସ୍କାର ବୋଲି କ୍ରୀଡ଼ାମନ୍ତ୍ରୀ ମନସୁଖ ମାଣ୍ଡଭିୟ କରିଛନ୍ତି। ଦେଶରେ କ୍ରୀଡ଼ାକୁ ପ୍ରୋତ୍ସାହିତ କରିବା ଏବଂ କ୍ରୀଡ଼ା ସଂଗଠନରେ ସ୍ୱଚ୍ଛତା ଆଣିବା ଏହି ବିଲ୍‌ର ମୁଖ୍ୟ ଲକ୍ଷ୍ୟ ରହିଛି। ସେହିଭଳି ଆଜି ମଧ୍ୟ ଜାତୀୟ ଡୋପିଂ ନିରୋଧୀ ବିଲ୍ ମଧ୍ୟ ପାସ୍ ହୋଇଛି। ଏହି ଦୁଇଟି ବିଲ୍ ଭବିଷ୍ୟତରେ ଭାରତକୁ ବିଶ୍ୱରେ କ୍ରୀଡ଼ାର ମହାଶକ୍ତି ଭାବେ ଗଢ଼ି ତୋଳିବାରେ ସହାୟତା କରିବ ବୋଲି କୁହାଯାଉଛି। କ୍ରୀଡ଼ା ବିଲ୍ ପାରିତ ହେବା ପରେ ଏବେ ନ୍ୟାସନାଲ ସ୍ପୋର୍ଟ୍ସ ବୋର୍ଡ (ଏନ୍‌ଏସ୍‌ବି) ଗଠନ କରାଯିବ। ଯାହା ଭାରତୀୟ କ୍ରିକେଟ୍‌ର ସର୍ବୋଚ୍ଚ ସଂସ୍ଥା ବିସିସିଆଇ ସମେତ ସମସ୍ତ କ୍ରୀଡ଼ାର ମହାସଂଘ ଉପରେ ନଜର ରଖିବ। ଏବେ ବିସିସିଆଇକୁ ଏକ ଜାତୀୟ କ୍ରୀଡ଼ା ସଂଘ ଭାବେ ପଞ୍ଜିକରଣ କରିବାକୁ ପଡ଼ିବ। ଏହି କ୍ରୀଡ଼ା ବିଲ୍ ଅନୁଯାୟୀ, ବର୍ତ୍ତମାନ ଏକ ଜାତୀୟ କ୍ରୀଡ଼ା ଟ୍ରିବ୍ୟୁନାଲ ଗଠନ କରାଯିବ। ଯାହାର ସିଭିଲ କୋର୍ଟ ଭଳି କ୍ଷମତା ରହିବ। ଏହି ଟ୍ରିବ୍ୟୁନାଲ ଚୟନ ପ୍ରକ୍ରିୟା ଓ ନିର୍ବାଚନ ସହିତ ଜଡ଼ିତ ମାମଲାଗୁଡ଼ିକର ସମାଧାନ କରିବ। ଏହାର ନିଷ୍ପତ୍ତି ବିରୋଧରେ କେବଳ ସୁପ୍ରିମ କୋର୍ଟରେ ଆବେଦନ କରାଯାଇପାରିବ।

# ପୁରୀ-ଲାଲଗଡ଼-ପୁରୀ ଏକ୍ସପ୍ରେସ୍ ଶ୍ରୀଗଙ୍ଗାନଗର ପର୍ଯ୍ୟନ୍ତ ଚାଲିବ

ଭୁବନେଶ୍ୱର,୧୧।୮ (ସମିସ): ପୁରୀ-ଲାଲଗଡ଼-ପୁରୀ ସାପ୍ତାହିକ ଏକ୍ସପ୍ରେସ୍ ଏଣିକି ଚଳିତମାସ ୧୩ଠାରୁ ପୁରୀଠାରୁ ରାଜସ୍ଥାନର ଶ୍ରୀ ଗଙ୍ଗାନଗର ପର୍ଯ୍ୟନ୍ତ ଚଳାଚଳ କରିବ। ଏହି ଐତିହାସିକ ସମ୍ପ୍ରସାରଣ ବଙ୍ଗୋପସାଗରକୁ ଥର ମରୁଭୂମି ସହିତ ସୁଗମ ଭାବରେ ସଂଯୋଗ କରିବ, ଯାହା ପୂର୍ବାଞ୍ଚଳ ରାଜ୍ୟ ଓଡ଼ିଶା ଏବଂ ଉତ୍ତର-ପଶ୍ଚିମ ରାଜ୍ୟ ରାଜସ୍ଥାନ ମଧ୍ୟରେ ସାଂସ୍କୃତିକ ଏବଂ ଅର୍ଥନୈତିକ ସମ୍ପର୍କକୁ ଦୃଢ଼ କରିବ। ଏହି ସମ୍ପ୍ରସାରଣ ପରେ ଟ୍ରେନ୍ ନମ୍ବର ୨୦୪୭୨/୨୦୪୭୧ ପୁରୀ-ଲାଲଗଡ଼-ପୁରୀ ସାପ୍ତାହିକ ଏକ୍ସପ୍ରେସ୍‌ର ପୁରୀ ଏବଂ ଲାଲଗଡ଼ ମଧ୍ୟରେ ଉଭୟ ପାର୍ଶ୍ୱରୁ ସ୍ଥିରୀକୃତ ଷ୍ଟେସନଗୁଡିକରେ ରହଣି ସମୟ ଅପରିବର୍ତ୍ତିତ ରହିବ। ଅଗଷ୍ଟ ୧୩ରେ ସାଂସଦ ସମ୍ବିତ ପାତ୍ର,ସାଂସଦ ସୁବାଶିଷ ଖୁଣ୍ଟିଆ ଏବଂ ବିଧାୟକ ସୁନୀଲ କୁମାର ମହାନ୍ତି ଏହି ଟ୍ରେନର ସମ୍ପ୍ରସାରଣ ଉତ୍ସବରେ ଯୋଗଦେବାର କାର୍ଯ୍ୟକ୍ରମ ରହିଛି। ଏହି ସମାରୋହରେ ଖୋର୍ଦ୍ଧା ରୋଡ଼ ରେଳମଣ୍ଡଳର ମଣ୍ଡଳ ରେଳବାଇ ପ୍ରବନ୍ଧକ ଆଲୋକ ତ୍ରିପାଠୀ ମଧ୍ୟ ଯୋଗଦେବେ।

# ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

## ସ୍ଥିତି ସାଂଘାତିକ...

ଏହାକୁ ରୋକିବାକୁ ଯେପରି ସରକାର ସମ୍ପୂର୍ଣ୍ଣ ଅସମର୍ଥ ଏବଂ ଉପାୟଶୂନ୍ୟ ହୋଇ ପଡ଼ିଥିବା ପରି ମନେ ହେଉଛି। ପରିସ୍ଥିତି ନିୟନ୍ତ୍ରଣ ବାହାରକୁ ଯିବା ପଛରେ ବୁଦ୍ଧିଜୀବି ମହଲ ସରକାରଙ୍କୁ ଦାୟୀ କରୁଛନ୍ତି। ଗତ ୩ଟି ସ୍ପର୍ଶକାତର ଘଟଣାରେ ସରକାର ପ୍ରକୃତ ଦୋଷୀଙ୍କୁ ସାମ୍ନାକୁ ଆଣୁନାହାନ୍ତି। ରାଜନୈତିକ ବାଧ୍ୟବାଧକତା ହେଉ ବା କୌଣସି ଅଦୃଶ୍ୟ ଚାପ ପୁଲିସ ତଥା କ୍ରାଇମବ୍ରାଞ୍ଚର ତଦନ୍ତ ପ୍ରକ୍ରିୟାକୁ ବାଟବଣା କରୁଥିବା ଅଭିଯୋଗ ହୋଇଛି। ବାରମ୍ବାର ପ୍ରଶାସନର ତଳସ୍ତରରୁ କେନ୍ଦ୍ରମନ୍ତ୍ରୀଙ୍କ ଯାଏଁ ନିଜ ଗୁହାରି ଜଣାଇ ନିରାଶ ହେବା ପରେ ନିଜ ଦେହରେ ପେଟ୍ରୋଲ ଢାଳି ଜୀବନ ହାରିଥିଲେ ବାଲେଶ୍ୱରର ସୌମ୍ୟାଶ୍ରୀ। ଘଟଣାକୁ ନେଇ ବିରୋଧୀ ଦଳ ଆନ୍ଦୋଳଠାରୁ ଓଡ଼ିଶା ବନ୍ଦ କରିଥିଲେ। ବିରୋଧୀ ଦଳଙ୍କ ପ୍ରବଳ ହଲ୍ଲାବୋଲ ପରେ ସୌମ୍ୟାଶ୍ରୀଙ୍କ ଆତ୍ମଦାହ ପଛରେ ଅଖିଳ ଭାରତୀୟ ବିଦ୍ୟାର୍ଥୀ ପରିଷଦର ଛାତ୍ର ନେତାଙ୍କ ସଂପୃକ୍ତି ଅଭିଯୋଗରେ ଦୁଇଜଣଙ୍କୁ ଗିରଫ କରିଥିଲା କ୍ରାଇମବ୍ରାଞ୍ଚ। ଏହାପରେ ଆଶ୍ଚର୍ଯ୍ୟଜନକ ଭାବେ କ୍ରାଇମବ୍ରାଞ୍ଚର ମହିଳା ଓ ଶିଶୁ ଅପରାଧ ନିରାକରଣ ଶାଖାର ଆଇଜି ସାଇନ. ଏସ୍ ରାତିଅଧିଆ ଛୁଟିରେ ଚାଲିଗଲେ। ତଦନ୍ତ ପ୍ରକ୍ରିୟାକୁ ବାଟବଣା କରିବା ପାଇଁ ଏବଂ ନିଜ ଛାତ୍ର ସଂଗଠନର କର୍ମକର୍ତ୍ତାଙ୍କୁ ସୁରକ୍ଷା ଦେବା ପାଇଁ ସରକାର ଏପରି ପଦକ୍ଷେପ ନେଇଛନ୍ତି ବୋଲି ବିରୋଧୀ ଅଭିଯୋଗ କରୁଛନ୍ତି।

ସେହିପରି ବଳଙ୍ଗା ଘଟଣାରେ ମଧ୍ୟ ପୁଲିସର ତଦନ୍ତ ପ୍ରକ୍ରିୟାକୁ ନେଇ ପ୍ରଶ୍ନ ଉଠାଇଛନ୍ତି ବିରୋଧୀ ଏବଂ ସାଧାରଣ ଲୋକେ। ଅଭିଯୁକ୍ତଙ୍କୁ ଖସାଇ ଦେବା ପାଇଁ ପୁଲିସ ସୁଇସାଇଡ ଥିଓରୀ ରଚିଥିବା ନେଇ ବିଜେଡି ସାଂଘାତିକ ଅଭିଯୋଗ ଆଣିଥିଲା। କେନ୍ଦ୍ରାପଡା ପଟ୍ଟାମୁଣ୍ଡାଇରେ ମଧ୍ୟ ଜଣେ ଛାତ୍ରୀ ଆତ୍ମଦାହ କରିଥିବା ବେଳେ ପୁଲିସ ଏହାର କାରଣ ଖୋଜି ବାହାର କରିପାରି ନାହିଁ। ପୁଲିସ ସତରେ କୌଣସି କାରଣ ପାଉନାହିଁ, ନାଁ ଏହା ପଛରେ ଅନ୍ୟ କୌଣସି ଭିତିରି ମନ୍ଦ ଉଦ୍ଦେଶ୍ୟ ରହିଛି ତାହା ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ସରକାର ଯଦି ପ୍ରଥମ ଘଟଣାରୁ ସମସ୍ତ ଅଭିଯୁକ୍ତଙ୍କ ବିରୋଧରେ ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ ନେଇଥାନ୍ତେ, ତାହେଲେ ଏପରି ଘଟଣା ବାରମ୍ବାର ଘଟନ୍ତା ନାହିଁ। ସରକାର ଏବଂ ପୁଲିସର ନିଷ୍କ୍ରିୟତା ହିଁ ରାଜ୍ୟରେ ନାବାଳିକାଙ୍କ ସୁରକ୍ଷାକୁ ବିପନ୍ନ କରୁଛି ବୋଲି ବିରୋଧୀ ତଥା ବୁଦ୍ଧିଜୀବି ମହଲରେ ମତପ୍ରକାଶ ପାଇଛି।

## ରାସ୍ତାରେ ବିରୋଧୀ...

ମଧ୍ୟରେ ଥିଲେ ସମାଜବାଦୀ ପାର୍ଟି ମୁଖ୍ୟ ଅଖିଳେଶ ଯାଦବ, ମହୁଆ ମୈତ୍ର, ମିତାଲି ବାଗ, ସୁଶ୍ମିତା ଦେବ, ସଂଜନା ଏବଂ ଜ୍ୟୋତିମଣି। ବ୍ୟାରିକେଡ୍ ଭାଙ୍ଗିବାକୁ ଉଦ୍ୟମ କରୁଥିବା ବେଳେ ମହୁଆ ଓ ମିତାଲି ଅଚେତ ହୋଇପଡ଼ିଥିଲେ। ତେବେ ପୁଲିସ ରାହୁଲ ଗାନ୍ଧୀ, ପ୍ରିୟଙ୍କା ଗାନ୍ଧୀ, ମଲିକାର୍ଜୁନ ଖଡ଼ଗେ, ଜୟରାମ ରମେଶଙ୍କ ସମତ ଅନେକ ସାଂସଦଙ୍କୁ ପାର୍ଲାମେଣ୍ଟ ଷ୍ଟ୍ରୀଟ୍ ଥାନାକୁ ନେଇ ଅଟକ ରଖିଥିଲା। କିଛି ସମୟ ପରେ ପୁଲିସ ସମସ୍ତଙ୍କୁ ଛାଡ଼ିଦେଇଥିଲା। ଡିଏମ୍‌କେର ଟିଆର ବାଲୁ, ଶିବ ସେନାର ସଂଜୟ ରାଉତଙ୍କ ସମେତ ବାମପନ୍ଥୀ ଦଳର ନେତାମାନେ ମଧ୍ୟ ଏହି ବିକ୍ଷୋଭରେ ସାମିଲ ହୋଇଥିଲେ।

ସେମାନେ ଅଭିଯୋଗ କରିଥିଲେ ଯେ ନିର୍ବାଚନ କମିସନ ଏବଂ ଶାସକ ଦଳ ହାତ ମିଳାଇ ଲୋକମାନଙ୍କୁ ସେମାନଙ୍କ ଭୋଟ୍ ଦେବାର ଅଧିକାରରୁ ବଞ୍ଚିତ କରୁଛନ୍ତି। ନିର୍ବାଚନ ଜିତିବା ଲାଗି କମିସନ ଓ ବିଜେପି ମିଳିମିଶି ଜାଲିଆତି କରୁଛନ୍ତି। ରାହୁଲ ଗାନ୍ଧୀ କହିଥିଲେ ଯେ ଏହା ରାଜନୈତିକ ଲଢ଼େଇ ନୁହେଁ। ଏହା ହେଉଛି ସମ୍ବିଧାନର ସୁରକ୍ଷା ପାଇଁ ସଂଘର୍ଷ।

ଇତିମଧ୍ୟରେ ତାମିଲନାଡୁ ମୁଖ୍ୟମନ୍ତ୍ରୀ ତଥା ଡିଏମ୍‌କେ ଅଧ୍ୟକ୍ଷ ଏମ୍‌କେ ଷ୍ଟାଲିନ 'ଭୋଟ ଚୋରି' ବିରୋଧରେ ରାହୁଲ ଗାନ୍ଧୀ ଚଳାଇଥିବା ଅଭିଯାନକୁ ସମର୍ଥନ ଜଣାଇଛନ୍ତି। ସେ କହିଛନ୍ତି ଯେ ନିର୍ବାଚନ କମିସନ ହେଉଛି ଏକ ସ୍ୱୟଂଶାସିତ ସଂସ୍ଥା। କିନ୍ତୁ ବିଜେପି ଏହାକୁ ଭୋଟ ଜାଲିଆତି ମେସିନରେ ପରିଣତ କରିଦେଇଛି। ଏହା ଗଣତନ୍ତ୍ର ପ୍ରତି ବିପଦ ସୃଷ୍ଟି କରୁଥିବାରୁ ଏହା ବିରୋଧରେ ସଂଘର୍ଷ ଜାରି ରହିବ। ସେ କହିଲେ ଯେ କର୍ଣ୍ଣାଟକର ମହାଦେବପୁରାରେ ଯାହା ହୋଇଛି, ତାହା ପ୍ରଶାସନିକ ତ୍ରୁଟି ନୁହେଁ, ବରଂ ଲୋକମତ ଚୋରି କରିବାକୁ ଏକ ବିରାଟ ଷଡ଼ଯନ୍ତ୍ର।

## ଦୁଇ ଛୁଆଙ୍କ...

ପଦକ୍ଷେପ ନେଇ ମାତ୍ର ୩ ଘଣ୍ଟା ଭିତରେ ଦୁଇ ଅଭିଯୁକ୍ତଙ୍କୁ କଟକ ବୈଦେଶ୍ୱର ଅଞ୍ଚଳରୁ ଗିରଫ କରିଛି। ସେମାନେ ହେଲେ, ମନୋଜ ବେହେରା ଓ ରାଜା।

ମିଟୁ ପାଣି ପାଇପ୍ ମିସ୍ତ୍ରି ଭାବେ ଭାପୁର ଗ୍ରାମ୍ୟ ଜଳଯୋଗାଣ ବିଭାଗରେ କାର୍ଯ୍ୟ କରୁଥିଲେ। ବିଦ୍ୟୁତ୍ ଆଘାତରେ ୨ବର୍ଷ ତଳେ ତାଙ୍କର ମୃତ୍ୟୁ ହୋଇଥିଲା। ତାଙ୍କ ପାଖରେ ରହି କଟକ ଜିଲ୍ଲା ବୈଦେଶ୍ୱର ଥାନା ବୈଦେଶ୍ୱର ଗ୍ରାମର ତାଙ୍କର ମାଉସୀ ପୁଅ ମନୋଜ ପାଇପ୍ କାମ ଶିଖୁଥିଲେ। ମିଟୁଙ୍କ ମୃତ୍ୟୁ ପରେ ମନୋଜ ଓ ଜୟନ୍ତୀଙ୍କ ମଧ୍ୟରେ ସମ୍ପର୍କ ବଢ଼ିଥିଲା। ଜୟନ୍ତୀ ଶାଶୂ-ଶଶୁର ଓ ଦିଅର-ଦେଢ଼ଶୁରଙ୍କଠାରୁ ଅଲଗା ହୋଇ ନିଜର ଭାପୁର ମହୋତ୍ସବ ପଡ଼ିଆ ନିକଟ ଏକ ଦୁଇ ମହଲା କୋଠାଘରେ ରହୁଥିଲେ। ପାଖରେ ତାଙ୍କର ୧୧ବର୍ଷର ଝିଅ ଓ ୫ ବର୍ଷର ପୁଅ ରହୁଥିଲେ। ରବିବାର ମିଟୁଙ୍କ ଦ୍ୱିତୀୟ ଶ୍ରାଦ୍ଧବାର୍ଷିକୀ ଥିଲା। ରାତି ୧୦ଟା ସମୟରେ ମନୋଜ ଓ ତା'ର ସହଯୋଗୀ ରାଜା ଜୟନ୍ତୀଙ୍କ ଘରକୁ ଆସିଥିଲେ। କୌଣସି କାରଣକୁ ନେଇ ରାତି ୧୧ଟାରେ ଜୟନ୍ତୀଙ୍କ ଗଳାକାଟି ଦୁଇଜଣଯାକ ପଳାଇଥିଲେ। ମାଆଙ୍କ ଏପରି ଅବସ୍ଥା ଦେଖି ଦୁଇ କୁନି ପୁଅ-ଝିଅ ପଡ଼ୋଶୀଙ୍କୁ ଡାକି ସମସ୍ତ ଘଟଣା କହିଥିଲେ। ପଡ଼ୋଶୀମାନେ ଘରକୁ ଯାଇ ଜୟନ୍ତୀଙ୍କ ମୃତ୍ୟୁ ହୋଇଥିବା ଦେଖି ତାଙ୍କ ଶଶୁର ଓ ଦିଅରଙ୍କୁ ଫୋନ୍ କରି ଜଣାଇଥିଲେ। ଖବର ପାଇ ସଙ୍ଗେସଙ୍ଗେ ଶିକ୍ଷକ ଥିବା ଦିଅର ଆସି ଭାଉଜଙ୍କ ମୃତ୍ୟୁ ଖବର ପୁଲିସକୁ ଜଣାଇଥିଲେ। ପୁଲିସ ଘଟଣାସ୍ଥଳରେ ପହଞ୍ଚି ପୁଅ-ଝିଅଙ୍କଠାରୁ ସମସ୍ତ କଥା ବୁଝି ସଙ୍ଗେସଙ୍ଗେ ବୈଦେଶ୍ୱର ଥାନା ସହାୟତାରେ ଏକ କୋଠଘରେ ଶୋଇଥିବା ଦୁଇ ଅଭିଯୁକ୍ତ ମନୋଜ ଓ ରାଜାଙ୍କୁ କାବୁ କରି ଫତେଗଡ଼ ଥାନାରେ ଅଟକ ରଖିଛି। ସୋମବାର ସକାଳେ ଫତେଗଡ଼ ଥାନା ଅଧିକାରୀ ପଞ୍ଚାନନ ପରିଡ଼ା ତଦନ୍ତ କରିବା ସହ ନୟାଗଡ଼ରୁ ସାଇଣ୍ଟିଫିକ୍ ଟିମ୍ ଡକାଇଥିଲେ। ୩ ଜଣିଆ ସାଇଣ୍ଟିଫିକ୍ ଦଳ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରି ଫେରିବା ପରେ ଶବ ବ୍ୟବଚ୍ଛେଦ ପାଇଁ ଖଣ୍ଡପଡ଼ା ପଠାଇଥିଲେ। ଅଭିଯୁକ୍ତଙ୍କୁ ଗିରଫ ପରେ କୋର୍ଟ ଚାଲାଣ କରାଯିବ ବୋଲି ସୂଚନା ମିଳିଛି। ଜୟନ୍ତୀଙ୍କ ମୃତ୍ୟୁକୁ ନେଇ ସୋମବାର ଭାପୁର ବାଲୁଙ୍କେଶ୍ୱର ବିଦ୍ୟାପୀଠରେ ପ୍ରଧାନଶିକ୍ଷକ ନିତ୍ୟାନନ୍ଦ ଦାସଙ୍କ ନେତୃତ୍ୱରେ ଏକ ଶୋକସଭା ଅନୁଷ୍ଠିତ ହୋଇଥିଲା।

## ଝିଅ ଆଗରେ...

ପରେ ଆଗରୁ କବାଟ ବନ୍ଦ କରି ଫେରାର୍ ହୋଇଯାଇଛି। ଏହି ଖବର ପ୍ରଘଟ ହେବା ପରେ ବ୍ରହ୍ମପୁରରେ ତୀବ୍ର ଆଲୋଡ଼ନ ସୃଷ୍ଟି ହୋଇଛି। ପୁଲିସ୍ ଗାୟତ୍ରୀଙ୍କ ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏନେଇ ଏକ ହତ୍ୟା ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ଅପରପକ୍ଷେ, ଗୁରୁତର ନାବାଳିକାକୁ ପ୍ରଥମେ ଏମ୍‌କେସିଜି ମେଡ଼ିକାଲରେ ଭର୍ତ୍ତି କରାଯାଇଥିଲା। କିନ୍ତୁ ସେଠାରେ ଅବସ୍ଥା ସଂକଟାପନ୍ନ ହେବାରୁ ତାଙ୍କୁ ଭୁବନେଶ୍ୱର ଏମ୍ସକୁ ସ୍ଥାନାନ୍ତର କରାଯାଇଛି। ଏହି ହତ୍ୟାକାଣ୍ଡ ପଛରେ ଗାୟତ୍ରୀଙ୍କ ପୁରୁଷବନ୍ଧୁ ସୁନୀଲର ହାତ ଥିବା ପୁଲିସ୍ ସନ୍ଦେହ କରୁଛି। ସୁନୀଲ ସହ ଯୋଗାଯୋଗ କରିବାକୁ ପୁଲିସ୍ ଚେଷ୍ଟା କରି ବିଫଳ ହୋଇଛି। ଘଟଣା ପରଠାରୁ ସୁନୀଲ ଏବଂ ଗାୟତ୍ରୀଙ୍କ ମୋବାଇଲ ଏକାସଙ୍ଗେ ବନ୍ଦ ରହିବା ପୁଲିସ୍‌ର ସନ୍ଦେହକୁ ଅଧିକ ଘନୀଭୂତ କରିଛି। ପୁଲିସ ହାତରେ ସୁନୀଲର ଫଟୋ ଲାଗିଛି। ତାକୁ ଧରିବା ପାଇଁ ପୁଲିସ୍ ବିଭିନ୍ନ ସ୍ଥାନରେ ତନାଘନା ଚଳାଇଛି। ଏହାସହ ଘର ଆଖପାଖ ଅଞ୍ଚଳରେ ଲାଗିଥିବା ସିସିଟିଭି ଫୁଟେଜକୁ ପୁଲିସ ଯାଞ୍ଚ କରୁଥିବା ଜଣାପଡ଼ିଛି। ଗାୟତ୍ରୀଙ୍କ ହତ୍ୟାକାଣ୍ଡର ଏକମାତ୍ର ସାକ୍ଷୀ ତାଙ୍କ ନାବାଳିକା ଝିଅ। ତେଣୁ ତା' ସ୍ୱାସ୍ଥ୍ୟାବସ୍ଥାରେ ସୁଧାର ଆସିବା ପରେ ତାକୁ ପଚରାଉଚରା କରି ଅଭିଯୁକ୍ତକୁ ଗିରଫ କରାଯିବ ବୋଲି ବ୍ରହ୍ମପୁର ଏସ୍‌ପି ଡ଼ା ସର୍ବଣା ବିବେକ ଏମ୍ କହିଛନ୍ତି।

ସୂଚନାଯୋଗ୍ୟ, ଶ୍ରୀମାନଗର ଦ୍ୱିତୀୟ ଲାଇନରେ ରମେଶ ପାତ୍ରଙ୍କ ଘରେ ଗତ ୩ ତାରିଖରୁ ଗାୟତ୍ରୀ ଓ ତାଙ୍କ ଝିଅ ଭଡ଼ାରେ ରହିଥିଲେ। ତାଙ୍କ ସ୍ୱାମୀ ସାଧୁଚରଣ ସ୍ୱାଇଁ ଭୁବନେଶ୍ୱରରେ ରହନ୍ତି। ଶନିବାର ରକ୍ଷାବନ୍ଧନ ଅବସରରେ ଗାୟତ୍ରୀ ହିଞ୍ଜିଳିରେ ରହୁଥିବା ତାଙ୍କ ଭାଇ ଚିତ୍ରସେନ ସ୍ୱାଇଁଙ୍କ ଘରକୁ ଯାଇଥିଲେ ଏବଂ ରବିବାର ସନ୍ଧ୍ୟାରେ ଫେରି ଆସିଥିଲେ। ସେଦିନ ରାତି ପ୍ରାୟ ୧୦ଟାରେ ସେ ସାଧୁଙ୍କ ସହ ଫୋନ୍‌ରେ ମଧ୍ୟ କଥା ହୋଇଥିଲେ। ତେବେ ଆଜି ସକାଳ ପ୍ରାୟ ୭ଟା ପର୍ଯ୍ୟନ୍ତ ଗାୟତ୍ରୀ କିମ୍ବା ତାଙ୍କ ଝିଅ ଘରୁ ନବାହାରିବାରୁ ଘର ମାଲିକ ରମେଶଙ୍କ ସନ୍ଦେହ ହୋଇଥିଲା। ଘର ଭିତରେ ଫ୍ୟାନ୍ ଓ ଲାଇଟ୍ ଲାଗିଥିବା ବେଳେ ବାହାରପଟୁ ତାଲା ପଡ଼ିଥିବା ଦେଖି ରମେଶଙ୍କ ସନ୍ଦେହ ବଢ଼ିଥିଲା। ଏ ସଂପର୍କରେ ସେ ଗାୟତ୍ରୀଙ୍କ ସ୍ୱାମୀ ସାଧୁଙ୍କୁ ଫୋନ ଯୋଗେ ଜଣାଇଥିଲେ। ପରେ ସାଧୁ ତାଙ୍କ ଶଳା ଚିତ୍ରସେନଙ୍କୁ ଜଣାଇଥିଲେ। ଚିତ୍ରସେନ ସେଠାରେ ପହଞ୍ଚି ତାଲା ଭାଙ୍ଗି ଘର ଭିତରକୁ ଯିବା ବେଳକୁ ରକ୍ତ ଜୁଡୁବୁଡୁ ଗାୟତ୍ରୀ ଓ ଭାଣିଜୀ ତଳେ ନିଶ୍ଚଳ ଅବସ୍ଥାରେ ପଡ଼ି ରହିଥିଲେ। ସେତେବେଳକୁ ଗାୟତ୍ରୀଙ୍କ ମୃତ୍ୟୁ ହୋଇସାରିଥିଲା।

ଖବର ପାଇ ସଦର ଏସ୍‌ଡିପିଓ ଶୁଭ୍ରାଂଶୁ ଶେଖର ପରିଡ଼ା ଓ ନିମଖଣ୍ଡି ଥାନା ଆଇଆଇସି କୃଷ୍ଣ ଶାହା ଏବଂ ପରେ ବ୍ରହ୍ମପୁର ଏସ୍‌ପି ଡ଼ା ସର୍ବଣା ବିବେକ ଏମ୍ ଓ ସାଇଣ୍ଟିଫିକ୍ ଟିମ୍ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିଥିଲେ। ହତ୍ୟାକାରୀକୁ ଗାୟତ୍ରୀଙ୍କ ଝିଅ ଚିହ୍ନିଥିବା ମାମୁ ଚିତ୍ରସେନ ପୁଲିସ୍‌କୁ କହିଛନ୍ତି।

## ବିଭ୍ରାନ୍ତ କରୁଛନ୍ତି...

ନିର୍ବାଚନ କମିସନ ସେସଂପର୍କରେ ସମସ୍ତ ଉତ୍ତର ଦେଇ ସାରିଛନ୍ତି। ଏହାସତ୍ତ୍ୱେ କଂଗ୍ରେସ ନେତା ରାହୁଲ ଗାନ୍ଧୀ ବିଭ୍ରାନ୍ତି ସୃଷ୍ଟି କରୁଛନ୍ତି। ବିହାରରେ ଚାଲିଥିବା ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନ (ଏସଆଇଆର) ସପକ୍ଷରେ ଯୁକ୍ତି କରିବାକୁ ଯାଇ ସେ କହିଛନ୍ତି ଯେ ଏଭଳି ପ୍ରକ୍ରିୟା ନୂଆ ନୁହେଁ। ଆଗରୁ ମଧ୍ୟ ହୋଇଛି। ଏହା ଏକ ନିୟମିତ ପ୍ରକ୍ରିୟା। ବିରୋଧୀ ଦଳମାନେ ଦେଶରେ ଅସ୍ଥିରତା ସୃଷ୍ଟି କରିବା ଲାଗି ଷଡ଼ଯନ୍ତ୍ର ଚଳାଇଛନ୍ତି। ଇଭିଏମ୍, ରାଫେଲ୍, ଭାରତୀୟ ସେନା ସମେତ ବିଭିନ୍ନ ପ୍ରସଙ୍ଗରେ ସେମାନେ ମିଥ୍ୟା ପ୍ରଚାର କରୁଛନ୍ତି। ନିର୍ବାଚନ ଜିତିଲେ ସବୁ ଠିକ୍, ହାରିଲା ପରେ ନିର୍ବାଚନ କମିସନଙ୍କୁ ସେମାନେ ଦୋଷ ଦେଉଛନ୍ତି। ଏଭଳି ଅରାଜକତା ସୃଷ୍ଟି କରିବା ବଦଳରେ ବିରୋଧୀ ଦଳମାନେ ସତ୍ୟପାଠ ମାଧ୍ୟମରେ ଅଭିଯୋଗ ଓ ଏହାର ପ୍ରମାଣ ଉପସ୍ଥାପନ କରନ୍ତୁ ବୋଲି ଶ୍ରୀ ପ୍ରଧାନ କହିଛନ୍ତି।

## ନୂଆ ଆୟକର ବିଲ୍...

ନୂତନ ସଂସ୍କରଣ ଉପସ୍ଥାପନ କରିଛନ୍ତି। ଏଥିରେ ସିଲେକ୍ଟ କମିଟିର ଅଧିକାଂଶ ସୁପାରିସ ସାମିଲ କରାଯାଇଛି। ସରକାର ଗତ ସପ୍ତାହରେ ଆୟକର ବିଲ୍- ୨୦୨୫କୁ ପ୍ରତ୍ୟାହାର କରିନେଇଥିଲେ। ଏହି ବିଲ୍ ଚଳିତବର୍ଷ ଫେବୃଆରୀ ୧୩ ରେ ଆଗତ କରାଯାଇଥିଲା। ଏହି ନୂଆ ବିଲ୍ ୬୦ ବର୍ଷ ପୁରୁଣା ଆୟକର ଆଇନ ୧୯୬୧ରେ ପରିବର୍ତ୍ତନ ଆଣିଛି। ବିଲ୍ ପ୍ରତ୍ୟାହାର କରିବାର କାରଣ ଦର୍ଶାଇ ସୀତାରମଣ କହିଥିଲେ ଯେ କିଛି ପରାମର୍ଶ ମିଳିଛି ଯାହାକୁ ସାମିଲ କରାଯିବା ଆବଶ୍ୟକ, ଯାହା ଦ୍ୱାରା ଆଇନର ପ୍ରକୃତ ଅର୍ଥ ବୁଝି ହେବ। ବିଲ୍‌ର ଚିଠାରେ କିଛି ତ୍ରୁଟି ଅଛି, ବାକ୍ୟ ସଂଶୋଧନ କରିବାକୁ ପଡିବ ଏବଂ କିଛି ପରିବର୍ତ୍ତନ କରିବାକୁ ପଡିବ। ସେ ଏହା ମଧ୍ୟ କହିଛନ୍ତି ଯେ ପୂର୍ବ ବିଲ୍‌କୁ ପ୍ରତ୍ୟାହାର କରାଯାଇଥିଲା ଯାହା ଦ୍ୱାରା କୌଣସି ଦ୍ୱନ୍ଦ୍ୱ ନ ଉପୁଜେ। ଅପଡେଟ୍ ହୋଇଥିବା ଆୟକର ବିଲ୍ ୨୦୨୫ରେ ସିଲେକ୍ଟ କମିଟିର ୨୮୫ଟି ସୁପାରିସକୁ ସାମିଲ କରାଯାଇଛି।

## ୪୮ ଘଣ୍ଟାରେ ଲଘୁଚାପ...

ବରଗଡ଼, ସମ୍ବଲପୁର, ଦେଓଗଡ଼, ଅନୁଗୁଳ, ଢେଙ୍କାନାଳ, କେନ୍ଦୁଝର, ମୟୂରଭଞ୍ଜ, ସୋନପୁର, ବୌଦ୍ଧ, ନୂଆପଡ଼ା ଏବଂ ବଲାଙ୍ଗୀର ଜିଲ୍ଲାର ଗୋଟିଏ କିମ୍ବା ଦୁଇଟି ସ୍ଥାନରେ ବର୍ଷା ନେଇ କେନ୍ଦ୍ର ପକ୍ଷରୁ ଆକଳନ କରାଯାଇଛି। ଲଘୁଚାପ ଯୋଗୁଁ ୧୩ ତାରିଖ ବେଳକୁ ସମୁଦ୍ର ମଧ୍ୟରେ ପବନର ବେଗ ଅଧିକ ରହିବା ସହ ସମୁଦ୍ର ଅଶାନ୍ତ ରହିବ। ତେଣୁ ଏହି ସମୟରେ ସମୁଦ୍ର ମଧ୍ୟକୁ ନଯିବାକୁ ମତ୍ସ୍ୟଜୀବୀଙ୍କୁ ବାରଣ କରାଯାଇଛି।

## ସାରା ରାଜ୍ୟରେ...

ସେହି ଶିକ୍ଷାଗତ ଯୋଗ୍ୟତା ଥାଇ ରାଜ୍ୟ ସରକାରଙ୍କ ଅଧୀନରେ କାର୍ଯ୍ୟରତ ଅନ୍ୟାନ୍ୟ କ୍ୟାଡରଭୁକ୍ତ କର୍ମଚାରୀ ମାନଙ୍କର ଶିକ୍ଷାଗତ ଯୋଗ୍ୟତାକୁ ନେଇ ବେତନରେ ଅଭିବୃଦ୍ଧି କରାଯାଇଛି। ଏହି ମର୍ମରେ ବିଗତ ଦିନରେ ରାଜ୍ୟ ସରକାରଙ୍କ ସହ ଆଲୋଚନା ପର୍ଯ୍ୟାଲୋଚନା କରାଯାଇ ଜିଲ୍ଲାସ୍ତରୀୟ ରାଜସ୍ୱ ଅମଲାମାନଙ୍କ ପ୍ରବେଶ କାଳୀନ ବେତନ ୨୦୧୭ ମସିହା ବେତନ କମିଶନଙ୍କ ସୁପାରିଶ ଅନୁଯାୟୀ ଲେଭଲ-୯ କରାଯିବାକୁ ଦାବି ହୋଇ ଆସୁଛି; କିନ୍ତୁ ରାଜ୍ୟ ସରକାର ଆଜି ପର୍ଯ୍ୟନ୍ତ ଏହା ଉପରେ କୌଣସି ନିଷ୍ପତ୍ତି ନେଇ ନାହାନ୍ତି। ସେହିଭଳି ୨୦୨୪ ମସିହା ଜାନୁଆରୀ ମାସଠାରୁ ରାଜ୍ୟ ସରକାର ଜିଲ୍ଲାସ୍ତରୀୟ ରାଜସ୍ୱ ଅମଲାମାନଙ୍କୁ କ୍ୟାଡରଭୁକ୍ତ କରିଥିଲେ ମଧ୍ୟ ଆଜି ଯାଏଁ ସେମାନଙ୍କର ପଦବୀ ପୁନର୍ଗଠନ, ନୂତନ ପଦବୀ ସୃଷ୍ଟି ଉପରେ କୌଣସି ପ୍ରକାରର ପଦକ୍ଷେପ ନେଇ ନାହାନ୍ତି। ଓଲଟି ପଦବୀ ପୁନର୍ଗଠନ ଆଳରେ ସମସ୍ତ ଜିଲ୍ଲାସ୍ତରୀୟ ରାଜସ୍ୱ ଅମଲାମାନଙ୍କର ପଦୋନ୍ନତି ବନ୍ଦ ରହିଛି। ଏଥିସହିତ ରାଜ୍ୟ ସରକାର ବିଗତ କିଛି ଦିନ ତଳେ ଓଡିଶା ରାଜସ୍ୱ ସେବା - ୨୦୧୧ ନିୟମାବଳୀର ସଂଶୋଧନ କରିବାକୁ ଯାଇ ଜିଲ୍ଲାସ୍ତରୀୟ ରାଜସ୍ୱ ଅମଲା ମାନଙ୍କର ଓଡ଼ିଶା ରାଜସ୍ୱ ସେବା ପଦବୀକୁ ପଦୋନ୍ନତି ହେବାର ସ୍ୱପ୍ନକୁ ଭାଙ୍ଗି ଦେଇଛନ୍ତି। ଏହିଭଳି ବୈମାତୃକ ମନୋଭାବ ଯୋଗୁଁ ଏହି ଆନ୍ଦୋଳ ଡାକରା ଦିଆଯାଇଛି ବୋଲି ସଂଘ କହିଛି।

ସଂଘର ସାଧାରଣ ସମ୍ପାଦକ ନରେଶ ଚନ୍ଦ୍ର ମହାପାତ୍ର କହିଛନ୍ତି ଯେ ଗତ ଜୁନ ୨୨ ତାରିଖରେ ରାଜ୍ୟ କାର୍ଯ୍ୟକାରୀ ପରିଷଦ ବୈଠକର ନିଷ୍ପତି ଅନୁଯାୟୀ ଦାବି ପୂରଣ ନେଇ ରାଜ୍ୟ ସରକାରଙ୍କ ଦୃଷ୍ଟି ଆକର୍ଷଣ କରିବାକୁ ଜୁଲାଇ ୭ ତାରିଖରୁ କଳାବ୍ୟାଚ ପରିଧାନ କରାଯାଇଥିଲା। ଜୁଲାଇ ୯ ତାରିଖ ଦିନ ରାଜ୍ୟ ସରକାରଙ୍କଠାରୁ ଡାକରା ଆସିବା ସହ ରାଜସ୍ୱ ମନ୍ତ୍ରୀ ରାଜ୍ୟ ସଂଘର ପ୍ରତିନିଧିମାନଙ୍କ ସହ ଆଲୋଚନା କରି ୧୫ ଦିନ ଭିତରେ ନିଷ୍ପତ୍ତି ନେବେ ବୋଲି ପ୍ରତିଶୃତି ଦେଇଥିଲେ। ଇତିମଧ୍ୟରେ ଏକ ମାସ ବିତିବାକୁ ବସିଥିଲେ ମଧ୍ୟ ରାଜ୍ୟ ସରକାର କୌଣସି ପଦକ୍ଷେପ ନେଉ ନ ଥିବାରୁ ଓଡ଼ିଶାର ୩୦ ଟି ଜିଲ୍ଲାରେ କାର୍ଯ୍ୟରତ ୧୦ ହଜାରରୁ ଊର୍ଦ୍ଧ୍ୱ ଜିଲ୍ଲା ସ୍ତରୀୟ ରାଜସ୍ୱ ଅମଲା ସମୂହ ଛୁଟିରେ ଯାଇଛନ୍ତି।

**AFFIDAVIT**

I am **Kajipopy Khatun**, daughter of Kazi Serabuddin, residence of Vill Barbil, PO/PS: Barbil, Dist: Keonjhar, Odisha, Pin-758035, has declared before the Executive Magistrate of Keonjhar, Odisha vide affidavit no-2 dated 07.08.2025 that after my marriage with Sahadat Mandal, my name has changed to Popy Mondal daughter of Kazi Sorabuddin. So, Popy Mondal and Kajipopy Khatun is one and same person and my father Serabuddin and Sorabuddin is one and same person in all purposes.

**AFFIDAVIT**

By virtue of an affidavit sworn before Notary public Bhubaneswar on dated, 11.08.2025, I Gitanjali Bishoi resident At/Po- Sandhikendu, Ps-Badagada, Dist-Ganjam, Odisha, PIN-761109 declare that I have changed my name from Gita Bisoyi to Gitanjali Bishoi . Henceforth, He shall be known as **GITANJALI BISHOI** for all purposes.

GITANJALI BISHOI

**AFFIDAVIT**

By virtue of an affidavit sworn before the Executive Magistrate, K.S. Nagar, Ganjam, I, Sri Suru Bhuyan, S/o- Dinabandhu Bhuyan resident of Vill./Po.- Paikajamuna, Ps.- Kabisurya Nagar, Dist.- Ganjam, Odisha dated 06/08/2025, state that my actual and correct name as per Voter Id is **Suru Bhuyan** but in Aadhar Card my name has been wrongly mentioned as Musa Khatei. My name should be corrected as **Suru Bhuyan**, S/o- **Dinabandhu Bhuyan**.

**AFFIDAVIT**

By virtue of an affidavit sworn before the Executive Magistrate, K.S. Nagar, Ganjam, I, Sri Tukuna Behera, S/o- Duruj Behera resident of Vill./Po.- Paikajamuna, Ps.- Kabisurya Nagar, Dist.- Ganjam, Odisha dated 06/08/2025, state that my actual and correct name as per Voter Id is **Tukuna Behera** but in Aadhar Card my name has been wrongly mentioned as Ramesh Pattanaik. My name should be corrected as **Tukuna Behera**, S/o- **Duruj Behera**.

**LOST**

ମୁଁ ମଙ୍ଗୁଳି ବାରିକ, ଠିକଣା- ସା/ପୋ- ଗଡାପଟା, ଥାନା- ବଡମ୍ବା, ଜିଲ୍ଲା- କଟକ, ଓଡ଼ିଶା ଜଣାଉଛି କି ମୁଁ ଆମ ଗ୍ରାମ ଗଡାପଟାରୁ ବଡମ୍ବା ତହସିଲ ଅଫିସକୁ ଆସୁଥିବା ସମୟରେ ମୁଁ ଧରିଥିବା ବ୍ୟାଗରେ ମୋର ଏକ କବଲା (ଯାହାର ନଂ- ୧୨୯୫, ତା- ୦୩.୦୫.୧୯୯୩) ହଜିଯାଇଛି। ଯଦି କୌଣସି ବ୍ୟକ୍ତି ପାଇଥାନ୍ତି ତେବେ ମୋବାଇଲ ନମ୍ବର ରେ- ୯୬୬୭୯୮୨୭୦୩ ଜଣାଇବାକୁ ଅନୁରୋଧ।

ମଙ୍ଗୁଳି ବାରିକ

**AFFIDAVIT**

By virtue of an affidavit No.1518, before The Executive Magistrate, Rasulpur on dated- 02/08/2025, I **Surendra Das**, S/o- Lachaman Das, resident of At- Kolathala, Po-Sadanandapur, Ps- Kuakhia, Dist-Jajpur, Pin- 755009, Odisha I have changed my minor son's name from **Puspalata Sahani** (old name) to **Anshuman Das** (new name). Henceforth, he shall be known as **Anshuman Das** (new name) for all future purposes

**Sd/- Surendra Das**

**AFFIDAVIT**

By virtue of an affidavit No.2730 before The Executive Magistrate Dasarathapur, Jajpur on dated- 08/08/2025, I **Biswajit Mohanty**, S/o Bipin Bihari Mohanty, resident of At- Charbatia, Po-Badakuanl, Ps- Mangalpur, Dist- Jajpur, Pin- 755013, Odisha I have changed my minor daughter's name from **Barsa Priyadarsani Mohanty** (old name) to **Rajnandini Mohanty** (new name). Henceforth, she shall be known as **RAJNANDINI MOHANTY** (new name) for all future purposes.

**Sd/- Biswajit Mohanty**

**AFFIDAVIT**

By virtue of an affidavit no.1438 sworn before the Executive Magistrate , Cuttack on dt- 20/02/2025, I **Hemant Kumar Rana**, S/o- Gopinath Rana, resident of At/Po/Ps- Kanpur, Dist- Cuttack, Odisha. I am the deponent. My son's name has changed from **Aryan Mahapatra** (old name) to **Aryan Rana** (New name) which is mentioned date of birth is 24/10/2012. Henceforth, both the names **Aryan Mahapatra** and **Aryan Rana** is one & same person he will be known as **Aryan Rana** for all future purposes.

**Sd/- Hemant Kumar Rana**

**AFFIDAVIT**

I, Kailash Agarwal, aged about 58 years, S/o- Late Shivaji Lal Agarwal, resident of At: C4-13,1A, 1st Floor, Civil Township, Ps- Raghunathapalli, Dist- Sundargarh, Odisha, Pin- 769004 declare by this affidavit No. 1587, dtd. 11/08/2025, that now onwards I shall be known as **KAILASH KUMAR AGARWAL** for all future purposes.

**AFFIDAVIT**

By virtue of an affidavit before The Notary Public, Titilagarh, on dated- 10/08/2025. I, **Kishor Kumar Behera** (Applicant name), S/O- Ghasiram Behera, Permanent resident of At- Digsira, P.O. Kushkela, P.S. Sindhekela, Dist- Balangir, (Odisha), PIN- 767066, now residing at the same place affirm that I have changed my minor son's name from **Chandan Kumar Behera** (old name) to **Chandan Behera** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion he will be known as **Chandan Behera** (new name).

**Kishor Kumar Behera**

**AFFIDAVIT**

By virtue of an affidavit sworn before the Executive Magistrate, K.S. Nagar, Ganjam, I, Sri Gopal Behera, S/o- Trinath Behera resident of Vill./Po.- Paikajamuna, Ps.- Kabisurya Nagar, Dist.- Ganjam, Odisha No. A-6 dated 06/08/2025, state that my actual and correct name as per Voter Id is **Gopal Behera** but in Aadhar Card my name has been wrongly mentioned as Subas Pattanaik. My name should be corrected as **Gopal Behera**, S/o- **Trinath Behera**.

**AFFIDAVIT**

By virtue of an affidavit sworn before the Executive Magistrate, K.S. Nagar, Ganjam, I, Sri Prasanta Kumar Bhuyan, S/o- Suru Bhuyan resident of Vill./Po.- Paikajamuna, Ps.- Kabisurya Nagar, Dist.- Ganjam, Odisha No. A-5 dated 06/08/2025, state that my actual and correct name as per Voter Id is **Prasanta Kumar Bhuyan** but in Aadhar Card my name has been wrongly mentioned as Narayan Pattanaik. My name should be corrected as **Prasanta Kumar Bhuyan**, S/o- **Suru Bhuyan.**

**AFFIDAVIT**

By virtue of an affidavit sworn before the Notary Public, Bargarh, vide no.415 dtd.11.8.2025 I, Sunil Kumar Addapali, S/o- Late Raghunath Addapali resident of Vill.- Bandutikira, Ward No.9, Bargarh, Po./Ps./Tah./Dist.- Bargarh, Odisha state that, my actual name is **Sunil Kumar Addapali**. But in my daughter Sefali Patro's Board Certificate my name has been wrongly mentioned as Sunil Kumar Patro. That, **Sunil Kumar Addapali** and **Sunil Kumar Patro** both the names are of same and one person.

**AFFIDAVIT**

I, Rukuni Pangi, D/o- Damu Muduli, W/o- Satrughana Pangi, resident of Vill.- Muduliput, Po.-Hikimput, Ps.- Nandapur, Dist.- Koraput, Odisha, Pin-764037 declare by this affidavit dtd.- 07/08/2025 that, I have changed my name from **Rukuni Muduli** to **Rukuni Pangi**. Now onwards I shall be known as **Rukuni Pangi** for all future purposes.

**LOST**

ଆମେ ପ୍ରଦୀପ କୁମାର ବେହେରା, ବୟସ, ପିତା ବାସୁଦେବ ବେହେରା, ସାହିନି - ପୋଚନ, ପୋଷ୍ଟ- ଦେଉଳୀପୁର, ଥାନା- ପିପିଲି, ଜିଲ୍ଲା- ପୁରୀ, ଏତଦ୍ୱାରା ସର୍ବସାଧାରଣଙ୍କୁ ଜଣାଇଦିଆଯାଉଅଛି କି ଯେ ଆମ ପିତା ବାସୁଦେବ ବେହେରାଙ୍କ ନାମରେ ଥିବା ରେଜିଷ୍ଟ୍ରି ଦଲିଲ ନମ୍ବର- ୧୧୧୧, ତା ୩୦.୦୪.୧୯୮୩ରିଖରେ ହୋଇଥିଲା। ଗତ ତା ୦୧.୦୮.୨୦୨୫ରିଖରେ ବେଉଲ୍କୁ କରିବା ପାଇଁ ଯାଉଥିବା ସମୟରେ ବାଟରେ ହଜିଯାଇ ଅଛି। ଯଦି କେହି ବ୍ୟକ୍ତି ପାଇଛନ୍ତି ଆମକୁ ଫେରାଇବାକୁ ଅନୁରୋଧ। ନାମ- ପ୍ରଦୀପ କୁମାର ବେହେରା, ଯୋଗାଯୋଗ ନମ୍ବର - ୯୪୩୭୯୮୪୪୨୨୨

# ହାଇୱା ଧକ୍କାରେ ଶ୍ରମିକ ମୃତ



ଭାପୁର,୧୧।୮ (ସମିସ): ନୟାଗଡ଼ ଜିଲ୍ଲା ଭାପୁର ବ୍ଲକ୍ ପଥରଚକଡ଼ା ପଞ୍ଚାୟତ ପଥରଚକଡ଼ା ଗ୍ରାମ କୁକୁଡ଼ାଖାଇ ନାଳ ନିକଟରେ ସୋମବାର ସକାଳେ ହାଇୱା ଧକ୍କାରେ ଜଣେ ଶ୍ରମିକଙ୍କ ମୃତ୍ୟୁ ହୋଇଯାଇଛି। ଗ୍ରାମବାସୀ ଟାୟାର ଜାଳି ରାସ୍ତାରୋକ କରିଥିଲେ। ପ୍ରଶାସନ ପକ୍ଷରୁ କ୍ଷତିପୂରଣ ଦେବାର ପ୍ରତିଶ୍ରୁତି ପରେ ରାସ୍ତାରୋକ ହଟିଥିଲା। ସୋମବାର ସକାଳ ସମୟରେ ପଥରଚକଡ଼ା ଗ୍ରାମର ନିରଞ୍ଜନ ଗୋଛି ମୂଲ ଲାଗିବାକୁ କଣ୍ଟିଲୋ ଅଭିମୁଖେ ଯାଉଥିଲେ। ୪୮ ନମ୍ବର ରାଜ୍ୟ ରାଜପଥର କୁକୁଡ଼ାଖାଇ ନାଳ ନିକଟରେ ବିପରୀତ ଦିଗରୁ ଆସୁଥିବା ହାଇୱା ନିରଞ୍ଜନଙ୍କ ଉପରେ ମାଡ଼ି ଯାଇଥିଲା। ଫଳରେ ତାଙ୍କର ଡାହାଣ ଗୋଡ଼ ସମ୍ପୂର୍ଣ୍ଣ ନଷ୍ଟ ହୋଇ ଯାଇଥିଲା ଓ ସେଠାରେ ତାଙ୍କର ମୃତ୍ୟୁ ହୋଇଥିଲା। ଉତ୍ୟକ୍ତ ଶହ ଶହ ଗ୍ରାମବାସୀ ରାସ୍ତାରୋକ କରିଥିଲେ। ଫତେଗଡ଼ ପୁଲିସ ଘଟଣାସ୍ଥଳରେ ପହଞ୍ଚି ଲୋକଙ୍କୁ ବୁଝାସୁଝା କରାଇ ଶାନ୍ତ କରାଇଥିଲା। ପୁଲିସ ଏହି ଘଟଣାକୁ ନେଇ ଏକ ମାମଲା ରୁଜୁ କରିଛି। ଏହି ଘଟଣାରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ମୃତକଙ୍କ ପରିବାରକୁ ୪ ଲକ୍ଷ ଟଙ୍କା ସହାୟତା ଘୋଷଣା କରିଛନ୍ତି। ଏହା ସହିତ ନିକଟରେ ଘଟିଥିବା ବସ୍ ଦୁର୍ଘଟଣାରେ ପ୍ରାଣ ହରାଇଥିବା ଯୋଗିଆପଲ୍ଲୀ ଗ୍ରାମର ବଳରାମ ପ୍ରଧାନଙ୍କ ପରିବାରକୁ ମଧ୍ୟ ୪ ଲକ୍ଷ ଟଙ୍କା ସହାୟତା ପ୍ରଦାନ ପାଇଁ ଘୋଷଣା ହୋଇଛି। ଯୁବନେତା ଅଭିଲାଷ ପଣ୍ଡାଙ୍କ ଉଦ୍ୟମ କ୍ରମେ ଏହି ସହାୟତା ଘୋଷଣା ହୋଇଥିବା ସୂଚନା ମିଳିଛି।

**ଗ୍ରାମବାସୀଙ୍କ ଦ୍ୱାରା ରାସ୍ତାରୋକ**

**ମୃତକଙ୍କ ପରିବାରକୁ ୪ ଲକ୍ଷ ସହାୟତା**

# ଗାୟତ୍ରୀ ପରିବାରର ଶ୍ରାବଣୀ ପର୍ବ



ଓଡ଼ଗାଁ,୧୧।୮ (ସମିସ): ନୟାଗଡ଼ ଜିଲ୍ଲା ଓଡ଼ଗାଁ ବ୍ଲକ ଗାୟତ୍ରୀ ପରିବାର ଆନୁକୂଲ୍ୟରେ ସୀମା ବର୍ତ୍ତି ଗଞ୍ଜାମ ଜିଲ୍ଲାର ପଞ୍ଚୁଭୁତି ନିକଟସ୍ଥ ଉଦୟପୁର ବାବା କପିଳେଶ୍ୱର ମନ୍ଦିର ପ୍ରାଙ୍ଗଣରେ ୧୦ ସ୍ନାନ ତର୍ପଣ ପୂର୍ବକ ଶ୍ରାବଣୀ ପର୍ବ ପାଳିତ ହୋଇଯାଇଛି। ବୈଦିକ କାର୍ଯ୍ୟକୁ ଶରତ କୁମାର ସାହୁ, ଭଗବାନ ମନ୍ତ୍ରୀ, ଦିଲୀପ ଭାଇ ସଞ୍ଚାଳନ କରିଥିବା ବେଳେ କାର୍ଯ୍ୟକାରୀ ମୁଖ୍ୟ ସଂଯୋଜକ ବିରେନ୍ଦ୍ର ସାହୁ, ବରିଷ୍ଠ କାର୍ଯ୍ୟକର୍ତ୍ତା ନୃସିଂହ ସାହୁଙ୍କ ସମେତ ଓଡ଼ଗାଁ ଶକ୍ତିପୀଠର ପରିଜନ ଭାଇ ଭଉଣୀ ମାନେ କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିଥିଲେ। ଉଦୟପୁର ଗ୍ରାମବାସୀଙ୍କ ତରଫରୁ ସହଯୋଗ କରିଥିଲେ।

# ଗୁରୁ ସାକ୍ଷାତ ପରମବ୍ରହ୍ମ ପାଇଁ ପ୍ରସ୍ତୁତି



ଭାପୁର,୧୧।୮ (ସମିସ): ନୟାଗଡ଼ ଜିଲ୍ଲା ଭାପୁରଠାରେ ଦୀର୍ଘ ୪ ବର୍ଷ ହେଲା ଗୁରୁପୂଜନ କାର୍ଯ୍ୟକ୍ରମ "ଗୁରୁ ସାକ୍ଷାତ ପରମବ୍ରହ୍ମ' ବ୍ଲକ ଉପାଧ୍ୟକ୍ଷ ବେଣୁଧର ପ୍ରଧାନ ଆରମ୍ଭ କରିଛନ୍ତି। ଗୁର ଦିବସରେ ଆୟୋଜିତ ହେଉଥିବା ଏହି କାର୍ଯ୍ୟକ୍ରମରେ ଭାପୁର ବ୍ଲକର ସମସ୍ତ କାର୍ଯ୍ୟରତ ଓ ଅବସରପ୍ରାପ୍ତ ଶିକ୍ଷକ ଶିକ୍ଷୟିତ୍ରୀଙ୍କୁ ସମ୍ବର୍ଦ୍ଧିତ କରାଯାଉଛି। ଏବର୍ଷ ଭାପୁର ଓ ଖଣ୍ଡପଡା ବ୍ଲକର ସମସ୍ତ କାର୍ଯ୍ୟରତ ଓ କାର୍ଯ୍ୟ ନିବୃତ୍ତ ଶିକ୍ଷକ, ଶିକ୍ଷୟିତ୍ରୀଙ୍କୁ ନେଇ ଏକ ନିର୍ବାଚନ ମଣ୍ଡଳୀ ସ୍ତରୀୟ କାର୍ଯ୍ୟକ୍ରମ ଆୟୋଜିତ ହେବ। ଏନେଇ ସୋମବାର ଅବସରପ୍ରାପ୍ତ ଶିକ୍ଷକ ରବୀନ୍ଦ୍ର ନାଥ ପଟ୍ଟନାୟକଙ୍କ ସଭାପତିତ୍ୱରେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଏହି ବୈଠକରେ ବେଣୁଧର ପ୍ରଧାନ, ଦୁଇ ବ୍ଲକର କିଛି ବୁଦ୍ଧିଜୀବୀ, ଭାପୁର ବ୍ଲକ ବିଜେଡି ସଭାପତି ଶିବପ୍ରସାଦ ଷଡଙ୍ଗୀ, ଖଣ୍ଡପଡା ବ୍ଲକ ସଭାପତି ବିଜୟ କୁମାର ତ୍ରିପାଠୀ, ଅନେକ ଶିକ୍ଷକ, ସାମ୍ବାଦିକ, ସରପଞ୍ଚ, ସମିତିସଭ୍ୟ ଓ ଯୁବକ ଯୋଗଦେଇ ଆୟୋଜନ ବିଷୟରେ ବିସ୍ତୃତ ଆଲୋଚନା କରିଥିଲେ। ଏହି ବୃହତ ଗୁରୁପୂଜନ କାର୍ଯ୍ୟକ୍ରମରେ ଦୁଇ ବ୍ଲକର ପ୍ରାୟ ଦୁଇ ହଜାର ଶିକ୍ଷକ ଶିକ୍ଷୟିତ୍ରୀ ଯୋଗ ଦେବେ ବୋଲି ଆକଳନ କରାଯାଇଛି। ସମସ୍ତଙ୍କୁ କିପରି ସମ୍ମାନର ସହ ନିମନ୍ତ୍ରଣ କରାଯିବ, ସମସ୍ତ ବରିଷ୍ଠଙ୍କୁ ନେବା ଆଣିବା କରାଯିବ ସହ ଆତିଥ୍ୟ ପ୍ରଦାନ କରାଯିବ ସେ ନେଇ ନୀଳନକ୍ସା ପ୍ରସ୍ତୁତ କରାଯାଇଛି। ଏହି ସଭା ଦୁଇ ବ୍ଲକର ମଧ୍ୟ ସ୍ଥାନ ବନମାଳୀପୁରଠାରେ ଆୟୋଜିତ କରିବାକୁ ସର୍ବସମ୍ମତି କ୍ରମେ ସ୍ଥିରିକୃତ ହୋଇଥିଲା।

**ନୟାଗଡ଼ ଜିଲ୍ଲା ଶିକ୍ଷା ବିଭାଗ**

# ଡିଇଓ ଅଫିସ୍‌ରୁ ହଟିଲା ବୀମା ଦୋକାନ

ନୟାଗଡ଼,୧୧।୮ (ସମିସ)

ନୟାଗଡ଼ ଜିଲ୍ଲା ଶିକ୍ଷା ବିଭାଗ କର୍ମଚାରୀ ବୀମା କମ୍ପାନୀ ପାଇଁ ଦଲାଲି କରୁଥିବା ନେଇ "ସକାଳ'ରେ ଲଗାତର ଖବର ପ୍ରକାଶ ପାଇବା ପରେ ଜିଲ୍ଲା ଶିକ୍ଷା ଅଧିକାରୀ ଚିତ୍ତରଞ୍ଜନ ପାଣ୍ଡେ ଏହାର ତଦନ୍ତ କରାଇଥିଲେ। ଉକ୍ତ ତଦନ୍ତ ଆଧାରରେ ନୟାଗଡ଼ ଜିଲ୍ଲା ଶିକ୍ଷା କାର୍ଯ୍ୟାଳୟରେ କାର୍ଯ୍ୟରତ କିରାଣି ଜିତେନ୍ଦ୍ର କୁମାର ମହାନ୍ତିଙ୍କୁ ନୟାଗଡ଼ ବାଳିକା ଉଚ୍ଚ ବିଦ୍ୟାଳୟକୁ ବଦଳି କରାଯାଇଛି। ଦୀର୍ଘଦିନ ଧରି ଡିଇଓ ଅଫିସରେ କାର୍ଯ୍ୟ କରୁଥିବା ଜିତେନ୍ଦ୍ର ନିଜ ପତ୍ନି ଲୀନାରାଣି ଖୁଣ୍ଟିଆଙ୍କ ନାଁରେ ଏସ୍‌ବିଆଇ ଲାଇଫ୍ ଇନ୍ସୁରାନ୍ସ ଏଜେଣ୍ଟ କୋଡ୍ ବାହାର କରି କାର୍ଯ୍ୟ କରୁଥିଲେ। ଶିକ୍ଷା ବିଭାଗ ଆସୁଥିବା ବହୁ ଶିକ୍ଷକଶିକ୍ଷୟିତ୍ରୀ ଏବଂ ପେନ୍‌ସନଧାରୀଙ୍କୁ ଦେଇ ପରୋକ୍ଷରେ ବୀମା କରିବାକୁ ବାଧ କରୁଥିଲେ। ଏପରିକି ବୀମା କମ୍ପାନୀ ବୈଠକରେ ସେ ନିଜେ ଉପସ୍ଥିତ ରହୁଥିବା ଦେଖିବାକୁ ମିଳିଥିଲା। ତାଙ୍କ ବଦଳି ପରେ ଶିକ୍ଷା ବିଭାଗରେ ଗୁଞ୍ଜରଣ ସୃଷ୍ଟି ହୋଇଛି। ଜିଲ୍ଲା ଶିକ୍ଷା ଅଧିକାରୀ ସୂକ୍ଷ୍ମ କାର୍ଯ୍ୟାନୁଷ୍ଠାନ କିଛି ବ୍ୟକ୍ତିଙ୍କୁ ପୀଡ଼ା ଦେଇଛି। ଜିତେନ୍ଦ୍ରଙ୍କ ବ୍ୟତିରେକେ ବୀମା କମ୍ପାନୀ ପାଇଁ ଦଲାଲି କରୁଥିବା ଅନ୍ୟମାନଙ୍କ ବିରୋଧରେ ଖୁବ୍‌ଶୀଘ୍ର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ଶିକ୍ଷା ଅଧିକାରୀ ଶ୍ରୀ ପାଣ୍ଡେ ସୂଚନା ଦେଇଛନ୍ତି।

**ଅନ୍ୟମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ କେବେ**

ସେହିଭଳି ଭାବେ ନୟାଗଡ଼ ବ୍ଲକ୍ ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟରେ କାର୍ଯ୍ୟରତ ଶୁବେଶ ଶୁକ୍ଳା ନିଜ ପତ୍ନୀ ସୋନାଲି ମହାପାତ୍ରଙ୍କ ନାମରେ ଏଜେଣ୍ଟ କୋଡ୍ ବାହାର କରି କାମ କରୁଛନ୍ତି। ନୂଆଗାଁ ବ୍ଲକ୍ ଶିକ୍ଷା କାର୍ଯ୍ୟାଳୟର ଆକାଉଣ୍ଟ କମ୍ ସପୋର୍ଟିଂ ଷ୍ଟାଫ୍ ତାପସ କୁମାର ମହାନ୍ତି ଉକ୍ତ ବୀମା କମ୍ପାନୀରେ ନିଜେ କାମ କରୁଛନ୍ତି। ତାଙ୍କ ନାମରେ ଏଜେଣ୍ଟ କୋଡ୍ ରହିଥିଲା। ଶିକ୍ଷା ବିଭାଗର ଖୋଳତାଡ଼ ପରେ ସେ କୋଡ୍ ସରେଣ୍ଡର କରିଥିବା ସୂଚନା ମିଳିଛି। ତାଙ୍କ ସମ୍ପର୍କୀୟଙ୍କ ନାଁରେ ଏକ କୋଡ୍ ବାହାର କରି ପୁଣି କାମ ଆରମ୍ଭ କରିଥିବା ଜଣାପଡ଼ିଛି। ଗଣିଆ ବ୍ଲକ୍‌ରେ କାର୍ଯ୍ୟରତ ସିଆର୍‌ସିସି ପ୍ରଫୁଲ୍ଲ ମିଶ୍ର ତାଙ୍କ ଭାଇ ରମେଶ ମିଶ୍ରଙ୍କ ନାମରେ ଏଜେଣ୍ଟ କୋଡ୍ ବାହାର କରି କାର୍ଯ୍ୟ କରୁଛନ୍ତି। ସାମ୍ନାକୁ ଆସିଥିବା ବୀମା କମ୍ପାନୀ ଫଟୋରେ ସେ ଉପସ୍ଥିତ ରହିଥିବା ଦେଖାଯାଇଥିଲା। ଏହା ବାଦ୍ ନୟାଗଡ଼ ଜିଲ୍ଲାରେ ଅନେକ ଶିକ୍ଷକ ମଧ୍ୟ ବିଭିନ୍ନ ବୀମା କମ୍ପାନୀ ପାଇଁ କାର୍ଯ୍ୟ କରୁଥିବା ଜଣାପଡ଼ିଛି। ଏହି ତାଲିକା ଜିଲ୍ଲା ଶିକ୍ଷା ଅଧିକାରୀଙ୍କ ହାତରେ ଲାଗିଥିବା ଆଲୋଚନା ହେଉଛି। ଉକ୍ତ ତାଲିକା ଆଧାରରେ ଆଗାମୀ ଦିନରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ଜଣାପଡ଼ିଛି।

## ସବୁ କେଳେଙ୍କାରୀର ମୁଖ୍ୟ ଏସ୍‌ବିଆଇ ଲାଇଫ୍

ନୟାଗଡ଼ ଜିଲ୍ଲାରେ ସରକାରୀ ଚାକିରିଆ ଏବଂ ତାଙ୍କ ସମ୍ପର୍କୀୟଙ୍କୁ ବୀମା ଏଜେଣ୍ଟ ଭାବେ ନିଯୁକ୍ତି କରି ଏସ୍‌ବିଆଇ ଲାଇଫ୍ ଇନ୍‌ସୁରାନ୍ସ କମ୍ପାନୀ କେଳେଙ୍କାରୀ କରୁଥିବା ଅଭିଯୋଗ ହେଉଛି। ଯାହାର ସୂଚନା ଜିଲ୍ଲା ଶିକ୍ଷା ବିଭାଗରୁ ମିଳିଛି। ଏସ୍‌ବିଆଇ ଲାଇଫ୍ କମ୍ପାନୀକୁ ଶିକ୍ଷା ବିଭାଗ ପକ୍ଷରୁ ବାରମ୍ବାର ଚିଠି କରାଯିବା ପରେ ବି କୌଣସି ଉତ୍ତର ନ ଦେବା ଏବଂ ଶେଷରେ ବୀମା କମ୍ପାନୀ କୁଆଡ଼େ ଏଜେଣ୍ଟ ତାଲିକା ପ୍ରଦାନ କରିଥିବା ଜଣାପଡ଼ିଛି। ବୀମା କମ୍ପାନୀ ନିୟମ ବହିର୍ଭୁତ ଭାବେ କାର୍ଯ୍ୟ କରୁଥିବାବେଳେ ଜିଲ୍ଲାପାଳ ଏହା ଉପରେ ଦୃଷ୍ଟି ଦେବାକୁ ଦାବି ହେଉଛି। ଡିଇଓ ଅଫିସରୁ କିରାଣି ଜିତେନ୍ଦ୍ର କୁମାର ମହାନ୍ତିଙ୍କୁ ବାଳିକା ଉଚ୍ଚ ବିଦ୍ୟାଳୟକୁ ବଦଳି କରାଯାଇଛି। ଉକ୍ତ ଉଚ୍ଚ ବିଦ୍ୟାଳୟକୁ କିରାଣିଙ୍କ ସହ ବୀମା କମ୍ପାନୀର ଜନୈକ ପରିଚାଳକ ଯାଇ ବାରମ୍ବାର ବୀମା ସମ୍ପର୍କରେ ଆଲୋଚନା କରୁଥିବା ସୂଚନା ମିଳିଛି। ଏହା ତଦନ୍ତସାପେକ୍ଷ ବୋଲି ମତ ପ୍ରକାଶ ପାଇଛି।

■ ସୁରକ୍ଷା ଖୋଜୁଛନ୍ତି ଗାନ୍ଧୀ

# ବର୍ଷକୁ ଦି'ଥର ମନେ ପଡ଼ନ୍ତି



ଗଣିଆ,୧୧।୮ (ସମିସ): ଗଣିଆ ବଜାରରେ ଥିବା ମହାତ୍ମା ଗାନ୍ଧୀଙ୍କ ପୀଠଟି ଅବହେଳିତ ଅବସ୍ଥାରେ ପଡିରହିଛି। ବଜାର ଉପରେ ଉକ୍ତ ପୀଠଟି ରହିଥିଲେ ମଧ୍ୟ ଏହାର ଉନ୍ନତି କଥା କେହି ଚିନ୍ତା କରୁନାହାନ୍ତି। ଦଳୀୟ ଶୋଭାଯାତ୍ରାଠାରୁ ଆରମ୍ଭ କରି ପଥପ୍ରାନ୍ତ ନାଟକ ଏହି ପୀଠ ପରିସରରେ ଅନୁଷ୍ଠିତ ହେଉଛି। ମଣ୍ଡପଟି ଖୋଲା ରହୁଥିବାରୁ ବୁଲା ଗୋରୁଗାଈଙ୍କ ଦ୍ୱାରା ଅପରିଷ୍କାର ହେଉଛି। ଏପରିକି ଗାନ୍ଧୀଙ୍କ ମୂର୍ତ୍ତି ଅନେକ ସ୍ଥାନ ଖଣ୍ଡିଆ ଖାବରା ହୋଇଗଲାଣି। କେବଳ ଜାନୁଆରୀ ୨୬ ଓ ୧୫ ଅଗଷ୍ଟରେ ପ୍ରଶାସନ ତରଫରୁ ରଙ୍ଗ ବୋଳି ଦେଇ ସେମାନଙ୍କ କାମ ସାରି ଦେଉଛନ୍ତି। କହିବାକୁ ଗଲେ ଗଣିଆରେ ଗାନ୍ଧୀ ଖୋଜୁଛନ୍ତି ସୁରକ୍ଷା। ରାଜନୈତିକ ନେତା ମାନେ ବିଭିନ୍ନ ସମୟରେ ବାହାସ୍ଫୋଟ ମାରୁଥିଲେ ବି ତାହା ଫମ୍ପା ଆବାଜ ବୋଲି ଜଣାପଡିଛି। ଗାନ୍ଧୀ ସ୍ମୃତି ମଣ୍ଡପ ପୁନରୁଦ୍ଧାର ପାଇଁ ୭ ଲକ୍ଷରୁ ଅଧିକ ଟଙ୍କା ମଞ୍ଜୁର ହୋଇଥିଲେ ମଧ୍ୟ ତାହା କାର୍ଯ୍ୟକାରୀ ହୋଇପାରୁନି। ରାଜନୈତିକ ବାଦବିବାଦ ଯୋଗୁଁ ଏହା ନିର୍ମାଣ ହୋଇପାରୁନଥିବା ଅଭିଯୋଗ ହୋଇଛି। ଅନେକ ଆବଶ୍ୟକ ସ୍ଥାନରେ ଅର୍ଥ ମଞ୍ଜୁର ହେଉନଥିବା ବେଳେ ଏଠାରେ ଅର୍ଥ ମଞ୍ଜୁର ହୋଇ ମଧ୍ୟ ବର୍ଷ ବର୍ଷ ଧରି କାର୍ଯ୍ୟକାରୀ ନହେବା ଆନ୍ତରିକତାର ଅଭାବ ବୋଲି ଆଲୋଚନା ହେଉଛି। ଏହି ମଣ୍ଡପଟିର ବାରମ୍ବାର ଡିଜାଇନ କରାଯାଇ ସ୍ୱପ୍ନ ଦେଖୁଥିବା ବେଳେ ଏହା କେବେ ବାସ୍ତବ ରୂପ ନେବ ତାହା ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ସ୍ୱାଧୀନତା ଦିବସ ପ୍ରସ୍ତୁତି ବୈଠକରେ ତୁରନ୍ତ ଉକ୍ତ କାର୍ଯ୍ୟ ଆରମ୍ଭ କରିବାକୁ ବିଡିଓ କନିଷ୍ଠ ଯନ୍ତ୍ରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ତେବେ ଏହି ନିର୍ଦ୍ଦେଶ କାର୍ଯ୍ୟକାରୀ ହେବ ନା ଫମ୍ପା ଆବାଜ ପାଲଟିବ ଆଗକୁ ଦେଖିବାକୁ ବାକି ରହିଲା ବୋଲି ବୁଦ୍ଧିଜୀବୀ ମହଲରେ ଚର୍ଚ୍ଚା ଚାଲିଛି।

# ବାଇକ୍ ବିକିବା ବେଳେ ଧରାପଡ଼ିଲା ଚୋର

ଭାପୁର,୧୧।୮ (ସମିସ): ନୟାଗଡ଼ ଜିଲ୍ଲା ଭାପୁର ବ୍ଲକ ଚକ୍ରଧରପ୍ରସାଦ ଗ୍ରାମରେ ଜଣେ ନିଶାଖିଆ ଯୁବକ ସେହି ଗ୍ରାମରୁ ଏକ ବାଇକ୍ ଚୋରିକରି ପରଦିନ ବିକ୍ରି କରିବା ସମୟରେ ଗ୍ରାମର ଯୁବକମାନେ ଜବତ କରିଛନ୍ତି। ଚକ୍ରଧରପ୍ରସାଦ ଗ୍ରାମ ମାଳିସାହିର ସୁରେଶ ମହାରଣାଙ୍କ ବାଇକଟିକୁ ସେହି ଗ୍ରାମର ଛବି ନାୟକ ରବିବାର ରାତିରେ ଚୋରିକରି ନେଇଥିଲେ। ସୋମବାର ଏହାକୁ ବାଲିଆପଟା ଗ୍ରାମରେ ବିକ୍ରି କରିବା ସମୟରେ ଚକ୍ରଧରପ୍ରସାଦ ଗ୍ରାମର ଯୁବକମାନେ ଚୋର ଓ ଚୋରି ଗାଡିକୁ ଜବତ କରି ଫତେଗଡ ପୋଲିସ ଜିମା ଦେଇଛନ୍ତି। ଉଲ୍ଲେଖଯୋଗ୍ୟ ଯେ ଫତେଗଡ ଥାନା ଅଞ୍ଚଳରେ ବିଶେଷ କରି ଚକ୍ରଧରପ୍ରସାଦ ଓ ମାଳିବେରେଣୀ ଗ୍ରାମରେ ଚରସ ଓ ସିରୋଇନ ଖିଆ ଯୁବକମାନେ ସବୁଦିନେ ଛୋଟମୋଟ ଚୋରିକରି ପାଉଡର ଖାଉଛନ୍ତି। ଏମାନଙ୍କ ବିରୋଧରେ ପୁଲିସ ଓ ଅବକାରୀ ବିଭାଗ ଦୃଢ଼ ପଦକ୍ଷେପ ନେବାକୁ ଦାବି ହେଉଛି।

**ବେପରୁଆ ଅବସ୍ଥାରେ ନୟାଗଡ଼ ବ୍ଲକ୍**

# ୧୧ଟା ପର୍ଯ୍ୟନ୍ତ ଆସୁନାହାନ୍ତି କର୍ମଚାରୀ

ନୟାଗଡ଼,୧୧।୮ (ସମିସ): ନୟାଗଡ଼ ବ୍ଲକ୍‌ରେ ସବୁକିଛି ଗୋଳମାଳ ଚାଲିଛି। ଯାହାର ଫାଇଦା ଉଠାଇ କର୍ମଚାରୀମାନେ ବେଫିକର ଭାବେ କାର୍ଯ୍ୟ କରୁଛନ୍ତି। ପୂର୍ବାହ୍ନ ୧୧ଟା ସୁଦ୍ଧା ସମସ୍ତ କର୍ମଚାରୀ ବ୍ଲକ୍‌ରେ ପହଞ୍ଚି ନ ଥିବା ଦେଖିବାକୁ ମିଳିଛି। ନୟାଗଡ଼ ବିଡିଓ ମଧ୍ୟ ଅନେକ ଦିନ ବିଳମ୍ବିତ ସମୟରେ କାର୍ଯ୍ୟାଳୟକୁ ଆସୁଛନ୍ତି।




**ବିକଶିତ ଗାଁ ବିକଶିତ ଓଡ଼ିଶା' କାର୍ଯ୍ୟକୁ ନେଇ ଅସନ୍ତୋଷ**

ନୟାଗଡ଼ ବ୍ଲକ୍‌ର ଇଞ୍ଜିନିୟରିଂ ସେକ୍ସନରେ ଯନ୍ତ୍ରୀଙ୍କ ଦେଖାମିଳୁନାହିଁ। ନୟାଗଡ଼ ବ୍ଲକ୍ କାର୍ଯ୍ୟାଳୟକୁ ଅନେକ ହିତାଧିକାରୀ ସେମାନଙ୍କ ସମସ୍ୟା ସମ୍ପର୍କରେ ଅଭିଯୋଗ କରିବାକୁ ଆସି ଜଳକା ଭଳି ଫେରୁଛନ୍ତି। ନୟାଗଡ଼ ଜିଲ୍ଲା ସଦର ମହକୁମାରେ ଅବସ୍ଥିତ ପଞ୍ଚାୟତ ସମିତି କାର୍ଯ୍ୟାଳୟର ଏଭଳି ଦୁରବସ୍ଥାକୁ ନେଇ ରାଜନୈତିକ ମହଲରେ ମଧ୍ୟ ଜୋର୍‌ଦାର୍ ଚର୍ଚ୍ଚା ଆରମ୍ଭ ହୋଇଛି। ନିର୍ବାଚନ ପରଠାରୁ ଗାଁ ଗହଳିରେ କୌଣସି ବିକାଶମୂଳକ କାର୍ଯ୍ୟ ପାଇଁ ଅନୁଦାନ ମିଳିପାରୁ ନ ଥିବାବେଳେ ସରକାରଙ୍କ ପକ୍ଷରୁ 'ବିକଶିତ ଗାଁ ବିକଶିତ ଓଡ଼ିଶା' ଯୋଜନାରେ ଯେତିକି ଅନୁଦାନ ମିଳିଛି, ତାକୁ ନେଇ ଏବେ ବିଭିନ୍ନ ସ୍ଥାନରେ ଅସନ୍ତୋଷ ଦେଖିବାକୁ ମିଳିଛି। ବିଜେପି ନେତାମାନେ ସେମାନଙ୍କ କର୍ମୀ କାମ କରିବାକୁ ଚାପ ପକାଉଥିବା ବେଳେ ବିଭିନ୍ନ ପଞ୍ଚାୟତ ଓ ବ୍ଲକ୍‌ର ବିଜେଡି ନେତା ନିଜ ଲୋକଙ୍କୁ କାମ ଦେବାକୁ ଜିଦ୍ କରୁଛନ୍ତି। ଯାହାକୁ ନେଇ ସରକାରୀ ଦଳ ମଧ୍ୟରେ କୁହୁଳୁଥିବା ଅସନ୍ତୋଷ କିଛିଦିନ ତଳେ ଉଗ୍ରରୂପ ଧାରଣ କରିଥିଲା। ଶତାଧିକ ସରକାରୀ ଦଳ କର୍ମୀ ବ୍ଲକ୍ କାର୍ଯ୍ୟାଳୟକୁ ଆସି ହୋ-ହଲ୍ଲା କରିଥିଲେ। ବ୍ଲକ୍ ପରିସ୍ଥିତି ଦିନକୁ ଦିନ ଅସମ୍ଭାଳ ହେଉଥିବା ଅନୁମାନ ହେଉଛି। ଏଭଳି ସ୍ଥିତିକୁ ନେଇ ରୋମ୍ ଜଳୁଥିବାବେଳେ ନିରୋଙ୍କ ବଂଶୀବାଦନ କଥା ବେଶ୍ ଚର୍ଚ୍ଚା ହେଉଛି। ନୟାଗଡ଼ ବ୍ଲକ୍‌ର ଏହି ପରିସ୍ଥିତି ପ୍ରତି ଧ୍ୟାନ ଦିଆ ନ ଗଲେ ଆଗାମୀ ଦିନରେ ଭୟଙ୍କର ରାଜନୈତିକ ଅସ୍ଥିରତା ସୃଷ୍ଟି ହେବ ବୋଲି ଅନୁମାନ କରାଯାଉଛି।

# ରାସ୍ତାକଡ଼କୁ ଖସିଲା ମୁଖ୍ୟମନ୍ତ୍ରୀ ବସ୍

ଭାପୁର,୧୧।୮ (ସମିସ): ନୟାଗଡ଼ ଜିଲ୍ଲା ଭାପୁର ବ୍ଲକ ଭଗବାନପୁର ପଞ୍ଚାୟତ ବେତଖୋଲି ଗ୍ରାମଠାରେ ଗତକାଲି ଏକ ମୁଖ୍ୟମନ୍ତ୍ରୀ ବସ୍ ତଥା ଲକ୍ଷ୍ମୀ ବସ୍ ରାସ୍ତା କଡ଼କୁ ଖସି ଦୁର୍ଘଟଣା ଗ୍ରସ୍ତ ହୋଇଛି। ରବିବାର ମଧ୍ୟାହ୍ନ ୨ଟା ସମୟରେ ବସ୍‌ଟି ବେତଖୋଲିରୁ ଭାପୁର ଅଭିମୁଖେ ଆସୁଥିଲା। ଏହି ସମୟରେ ବେତଖୋଲି ଠାରେ ଭାରସାମ୍ୟ ହରାଇ ରାସ୍ତାକଡକୁ ଖସି ଏକ ବିଦ୍ୟୁତ ଖୁଣ୍ଟ ସହ ଧକ୍କା ହୋଇ ଅଟକ ରହିଥିଲା। ଏଥିରେ କୌଣସି ଯାତ୍ରୀ ଆହତ ହୋଇନାହାନ୍ତି। ଦୁଇ ଦିନ ଗାଡ଼ିଟି ସେଠାରେ ଅଟକି ରହିଛି।

**ଭୋଟ୍ ଚୋରି ନେଇ ବର୍ଷିଲେ କଂଗ୍ରେସ ନେତା**

# ଦିବାଲୋକରେ ଲୋକତନ୍ତ୍ରର ହତ୍ୟା




ନୟାଗଡ଼,୧୧।୮ (ସମିସ): ଜାତୀୟ କଂଗ୍ରେସ ନେତା ରାହୁଲ ଗାନ୍ଧୀ ଭୋଟ୍ ଚୋରି ନେଇ ଖୁଲାସା କରିବା ପରେ ସାରା ଦେଶରେ ଆଲୋଡ଼ନ ସୃଷ୍ଟି ହୋଇଛି। ଓଡ଼ିଶାରେ ମଧ୍ୟ ଭୋଟ୍ ଚୋରି କରି ବିଜେପିକୁ ସହଯୋଗ କରାଯାଇଛି। ଯାହାକୁ ନେଇ ସୋମବାର ନୟାଗଡ଼ ଜିଲ୍ଲା କଂଗ୍ରେସ ସଂଯୋଜକ ସତ୍ୟବ୍ରତ ନାୟକଙ୍କ ଆବାହକତ୍ୱରେ ଏକ ସାମ୍ବାଦିକ ସମ୍ମିଳନୀରେ କଂଗ୍ରେସ ନେତାମାନେ ଭୋଟ୍ ଚୋରି ପ୍ରସଙ୍ଗରେ ନିର୍ବାଚନ କମିଶନଙ୍କ ବିରୁଦ୍ଧରେ ବିଷୋଦ୍‌ଗାର କରିଛନ୍ତି। ଏହି ସାମ୍ବାଦିକ ସମ୍ମିଳନୀରେ ପିସିସି ମୁଖପାତ୍ର ଜୟଶ୍ରୀ ପାତ୍ର, ମନୋଜ ସାହୁ, ରଣଜିତ ଦାଶ, କମଳ ଚରଣ ସାହୁ ପ୍ରମୁଖ ଉପସ୍ଥିତ ଥିଲେ। ନିର୍ବାଚନ କମିଶନ ବିଜେପି ସହିତ ସହବନ୍ଧିତ ହୋଇ କାର୍ଯ୍ୟ କରୁଥିବା ନେତାମାନେ ଦାବି କରିଛନ୍ତି। ନିର୍ବାଚନ କମିଶନ ମୋଦୀଙ୍କ ଦ୍ୱାରା ହ୍ୟାକ୍ ହୋଇଛନ୍ତି। ଦିବାଲୋକରେ ଗଣତନ୍ତ୍ରର ଅପହରଣ ଏବଂ ଲୋକତନ୍ତ୍ରର ହତ୍ୟା କରାଯାଉଛି ବୋଲି କହିଛନ୍ତି। ନିର୍ବାଚନ କମିଶନଙ୍କ ଅନିୟମିତତା ସ୍ପଷ୍ଟ ଭାବେ ବୁଝାପଡୁଛି। ବିରୋଧୀ ସ୍ୱରକୁ ଚାପି ଦେବାକୁ ଉଦ୍ୟମ ଆରମ୍ଭ ହୋଇଥିବା ଶ୍ରୀମତୀ ପାତ୍ର କହିଛନ୍ତି। ନିର୍ବାଚନ ପୂର୍ବରୁ ନୟାଗଡ଼ ଜିଲ୍ଲାରେ ବିଏଲ୍‌ଓ ତାଲିକା ବାରମ୍ବାର ମାଗିବା ପରେ ବି ପ୍ରଶାସନ ଦେଇ ନ ଥିବା କଂଗ୍ରେସ ନେତା ରଣଜିତ ଦାଶ କହିଛନ୍ତି। ନିର୍ବାଚନ କମିଶନ ନିଯୁକ୍ତି ପ୍ରକ୍ରିୟାରୁ ସୁପ୍ରିମକୋର୍ଟ ମୁଖ୍ୟ ବିଚାରପତିଙ୍କୁ ବାଦ୍ ଦିଆଯିବା ବିଜେପିର ଏକ ଚାଲ୍ ଥିଲା ବୋଲି ଅନ୍ୟତମ ନେତା ମନୋଜ ସାହୁ କହିଛନ୍ତି। ଆଗାମୀ ଦିନରେ ଏହାକୁ ନେଇ ଜୋର୍‌ଦାର୍ ଲଢ଼େଇ ହେବ ବୋଲି କଂଗ୍ରେସ ନେତାମାନେ କହିଛନ୍ତି।

**କାଗଜକଲମରେ ପାଞ୍ଚ ହଜାର ଗଛ**

# ରାସ୍ତା ପାର୍ଶ୍ୱରେ ଚିହ୍ନବର୍ଣ୍ଣ ନାହିଁ

ଖଣ୍ଡପଡ଼ା,୧୧।୮ (ସମିସ)




ନୟାଗଡ଼ ବନଖଣ୍ଡ ଅଧୀନ ଖଣ୍ଡପଡା ବନାଞ୍ଚଳ ଅନ୍ତର୍ଗତ ବିଭିନ୍ନ ସଂରକ୍ଷିତ ଜଙ୍ଗଲ ଅଞ୍ଚଳରେ ପଥପାଶ୍ୱର୍ ବନୀକରଣ ନାଁରେ ଲକ୍ଷ ଲକ୍ଷ ଟଙ୍କା ହରିଲୁଟ ହୋଇଥିବା ସାଧାରଣରେ ଅଭିଯୋଗ ହୋଇଛି। ମହାଇା ଗାନ୍ଧୀ ଜାତୀୟ ଗ୍ରାମୀଣ ନିଶ୍ଚିତ କର୍ମ ନିଯୁକ୍ତି ଯୋଜନାରେ ସିଂଘାପଡ଼ା ସେକ୍ସନ ଅଞ୍ଚଳରେ ଥିବା ଗୁରିଆବାରିଠାରୁ ଅଁଳାପଟା ପର୍ଯ୍ୟନ୍ତ ୩ କିଲୋମିଟର ରାସ୍ତାର ଉଭୟ ପାଶ୍ୱର୍ରେ ବନୀକରଣ ବାବଦକୁ ୮.୩୩ ଲକ୍ଷରୁ ଉର୍ଦ୍ଧ୍ୱରୁ ଟଙ୍କା ବନ ବିଭାଗ ଦ୍ୱାରା ବିନିଯୋଗ କରାଯାଇଥିବା ସୂଚନା ରହିଛି। ଉକ୍ତ କାର୍ଯ୍ୟ ୨୦୨୨ ଆର୍ଥିକ ବର୍ଷରେ ଆରମ୍ଭ ହୋଇଥିବା ସୂଚନା ମିଳିଛି। ମିଳିଥିବା ତଥ୍ୟ ଅନୁଯାଇ ଉକ୍ତ ରାସ୍ତାର ଉଭୟ ପାଶ୍ୱର୍ରେ ତିନି ହଜାର ଗଛ ଲଗାଯାଇ ତାହାର ସମ୍ପୂର୍ଣ୍ଣ ରକ୍ଷଣାବେକ୍ଷଣ ଦାୟିତ୍ୱ ବନ ବିଭାଗ ଦ୍ୱାରା ପରିଚାଳିତ ହେଉଥିଲା। ଏ ବାବଦକୁ କିଛି ସ୍ଥାନୀୟ ଲୋକଙ୍କୁ ମଧ୍ୟ ସେ ସମୟରେ ଦୈନିକ ମଜୁରୀ ହିସାବରେ କାମରେ ଲଗା ଯାଇଥିବା ସ୍ଥାନୀୟ ଲୋକମାନେ କହିଛନ୍ତି। ବର୍ତ୍ତମାନ ସମୟରେ ରାସ୍ତାର ଉଭୟ ପାଶ୍ୱର୍ରେ ହାତ ଗଣତି ଗଛ ବଞ୍ଚିଥିବା ଦେଖିବାକୁ ମିଳିଛି। ବନ ବିଭାଗର ଦାୟିତ୍ୱ ହୀନତା ଓ ଅପରାଗତ ପାଇଁ ସାଧାରଣ ଲୋକଙ୍କ ଟିକସରେ ସରକାରଙ୍କ ଜରିଆରେ ପଥପାଶ୍ୱର୍ ବନୀକରଣରେ ଖର୍ଚ୍ଚ ହୋଇଥିବା ଲକ୍ଷ ଲକ୍ଷ ଟଙ୍କା ବର୍ବାଦ ହେବା ସହ ବିଭାଗ ପକ୍ଷରୁ ତାଳୁରୁ ତଳିପା ଯାଏଁ ମିଳିମିଶି ଲକ୍ଷ ଲକ୍ଷ ଟଙ୍କା ଚଳୁ କରିଥିବା ସାଧାରଣ ଲୋକଙ୍କୁ ଚକିତ କରିଛି। ସେହିପରି ଦୁଇବର୍ଷ ତଳେ ଗୁରିଆବାରି ଠାରୁ ସିଙ୍ଗିବାଡ଼ି ପର୍ଯ୍ୟନ୍ତ ୭ କିଲୋମିଟର ରାସ୍ତାର ଉଭୟ ପାଶ୍ୱର୍ରେ ଲାଗିଥିବା ଗଛର ଆଉ ଚିହ୍ନବର୍ଣ୍ଣ ଦେଖିବାକୁ ମିଳୁନି। ମନରେଗା ପାଣ୍ଠିରୁ ଏଠାରେ ବୃକ୍ଷରୋପଣ କରିଥିଲା ବନ ବିଭାଗ। ତେବେ ମୋଟ ପ୍ରାୟ ୫ ହଜାର ଚାରା ରୋପଣ ହୋଇଥିବା ବେଳେ ସେଥିରୁ ୯୦ ପ୍ରତିଶତ ଗଛ ନ ବଞ୍ଚିବା ଜିଲ୍ଲାରେ ବୃକ୍ଷରୋପଣରେ ନଗ୍ନ ଚିତ୍ରକୁ ପଦାରେ ପକାଇଛି। ସୂଚନା ମୁତାବକ ଅର୍ଜୁନ, ଜାମ୍ବୁ, ଫାଶୀ, ପଣପଣା, ଛାତିଆନା, କୃଷ୍ଣଚୂଡ଼ା, ରାଧାଚୂଡ଼ା, କରଞ୍ଜ ଆଦି ପ୍ରଜାତିର ଚାରା ରୋପଣ କରାଯାଇଥିଲା। ବନ ବିଭାଗର ସୂଚନା ମୁତାବକ ପ୍ରତି ଚାରି ମିଟର ଦୂରତାରେ ଗୋଟିଏ ଗଛ ଲଗାଯାଇଥିଲା। ସେହି ହିସାବ ଧରିଲେ ଗୋଟିଏ କିଲୋମିଟରରେ ପ୍ରାୟ ୨୫୦ ଗଛ ଲାଗିଥିଲା। ଗୁରିଆବାରିଠାରୁ ସିଙ୍ଗିବାଡ଼ି ରାସ୍ତାର ଦୂରତା ପ୍ରାୟ ୭ କିଲୋମିଟର। ଦୁଇ ପାଶ୍ୱର୍? ବନୀକରଣ ହିସାବ କଲେ ମୋଟ ୧୪ କିଲୋମିଟର ପଥପାଶ୍ୱର୍ ବନୀକରଣ ହୋଇଛି ବୋଲି ବିଭାଗ ସ୍ପଷ୍ଟ କରିଛି। ଗୋଟିଏ କିଲୋମିଟର ପିଛା ୨୫୦ ଗଛ ହିସାବ କଲେ ୧୪ କିଲୋମିଟର ପଥପାଶ୍ୱର୍ ବନୀକରଣ ପାଇଁ ପ୍ରାୟ ୩.୫ ହଜାର ବୃକ୍ଷରୋପଣ କରାଯାଇଥିଲା ବୋଲି ତଥ୍ୟ କହୁଛି। ମନରେଗା ପାଣ୍ଠିରୁ ଏ ବାବଦରେ ୧୩ ଲକ୍ଷ ୭୦ ହଜାର ଟଙ୍କା ଖର୍ଚ୍ଚ ହୋଇଛି। ୮ ଲକ୍ଷ ୪୫ ହଜାର ଟଙ୍କାରେ ବୃକ୍ଷରୋପଣ ସାମଗ୍ରୀ କିଣାଯାଇଥିବା ବେଳେ ୫ ଲକ୍ଷ ୨୫ ହଜାର ଟଙ୍କା ମଜୁରି ଦିଆଯାଇଛି। ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ଗୁରିଆବାରି ଠାରୁ ଅଁଳାପଟା ଏବଂ ପୁନର୍ବାର ଗୁରିଆବାରି ଠାରୁ ସିଙ୍ଗିବାଡ଼ି ୭ କିଲୋମିଟର ଅନ୍ତରରେ କିଭଳି ଦୁଇଟି ପର୍ଯ୍ୟାୟରେ ବିଭାଗ ପକ୍ଷରୁ ବୃକ୍ଷରୋପଣ କରାଯାଇଛି ମନରେଗା ଅର୍ଥକୁ ଟଂଚକତା କରାଯାଇ ହରିଲୁଟ ହୋଇଛି ସେ ନେଇ ସାଧାରଣ ଲୋକଙ୍କ ଠାରୁ ଆରମ୍ଭ କରି ଜନପ୍ରତିନିଧିମାନେ ପ୍ରଶ୍ନ ଉଠାଇଛନ୍ତି। ତେବେ ଉକ୍ତ ପଥପାଶ୍ୱର୍ ବନୀକରଣ ଅନିୟମିତତା ବାବଦରେ ଜିଲ୍ଲା ପ୍ରଶାସନ ପକ୍ଷରୁ ଦୃଷ୍ଟି ଦେଇ ଭିଜିଲାନ୍ସ ପକ୍ଷରୁ ତଦନ୍ତ କରିବାକୁ ସ୍ଥାନୀୟ ଜନସାଧାରଣ, ପରିବେଶବିତ ଓ ଜନପ୍ରତିନିଧି ଦାବି କରିଛନ୍ତି।

**ବିଦ୍ୟାଳୟ ନାମକରଣକୁ ନେଇ ଜନସ୍ୱାର୍ଥ ମାମଲା**

# 'ରାଜକିଆରୀ'କୁ 'କନାସିଙ୍ଗ' ରଖିବା ପାଇଁ ଦାବି



ଖଣ୍ଡପଡ଼ା,୧୧।୮ (ସମିସ): ଖଣ୍ଡପଡ଼ା ବ୍ଲକ ଅଧୀନ ସିଧାମୂଳା ପଞ୍ଚାୟତର ରାଜସ୍ୱ ଗ୍ରାମ କନାସିଙ୍ଗରେ ପ୍ରାଥମିକ ବିଦ୍ୟାଳୟ ଥିବା ବେଳେ ଏହି ବିଦ୍ୟାଳୟକୁ ରାଜକିଆରୀ ପ୍ରାଥମିକ ବିଦ୍ୟାଳୟ ନାମରେ ଲେଖାଯାଇଛି। ଏହାର ନାମକୁ ବଦଳାଇ କନାସିଙ୍ଗ ବିଦ୍ୟାଳୟ ଲେଖିବା ଦାବି ନେଇ ଭାରତୀୟ ବିକାଶ ପରିଷଦର ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଆଜି ଗ୍ରାମର ୫୦ରୁ ଊର୍ଦ୍ଧ୍ୱ ମହିଳା ଓ ପୁରୁଷ ଖଣ୍ଡପଡ଼ା ବ୍ଲକ କାର୍ଯ୍ୟାଳୟ ସମ୍ମୁଖରେ ଶାନ୍ତିପୂର୍ଣ୍ଣ ଧାରଣା ଦେଇଥିଲେ। ସୂଚନା ଅନୁଯାୟୀ ଭାରତୀୟ ବିକାଶ ପରିଷଦ ପକ୍ଷରୁ ପୂର୍ବରୁ ଏନେଇ ଉଚ୍ଚ ନ୍ୟାୟାଳୟରେ ଏକ ଜନସ୍ୱାର୍ଥ ମାମଲା ରୁଜୁ କରାଯାଇଥିବା ଜଣାଯାଇଛି। ତେବେ ଭାରତୀୟ ବିକାଶ ପରିଷଦ ରାଜ୍ୟ ସଭାପତି ସୁରେନ୍ଦ୍ର ପାଣିଗ୍ରାହୀ, ରାଜ୍ୟ ଉପସଭାପତି ନିରଞ୍ଜନ ଦାସ, ରାଜ୍ୟ ଯୁବ ସଭାପତି ସୁନିତା ପଟ୍ଟନାୟକ ପ୍ରମୁଖ ଉପସ୍ଥିତ ରହି ବ୍ଲକ ପ୍ରଶାସନ, ତହସିଲ ପ୍ରଶାସନ ଓ ଶିକ୍ଷାଧିକାରୀଙ୍କୁ ଏ ସମ୍ପର୍କିତ ଦାବିପତ୍ର ପ୍ରଦାନ କରିଥିଲେ। ସେହିପରି ସମାନ ଭାବେ ଅଙ୍ଗନବାଡିର ନାମ ପରିବର୍ତ୍ତନ କରିବା ପାଇଁ ସିଡିପିଓଙ୍କୁ ମଧ୍ୟ ଏକ ଦାବିପତ୍ର ପ୍ରଦାନ କରିଥିଲେ। ତେବେ ଧାରଣାସ୍ଥଳରେ ବିଡିଓ ଅଙ୍କୁର ଅଭିଳାଷ ପହଞ୍ଚି ଲୋକଙ୍କୁ ବୁଝାଇବା ସହ ପୂର୍ବରୁ ଜିଲ୍ଲା ପ୍ରଶାସନ ଏ ସମ୍ପର୍କରେ ଯେଉଁ ଦାବିପତ୍ର ଦିଆଯାଇଛି କିଭଳି ସମସ୍ୟାର ସମାଧାନ ହେବ ପ୍ରତିଶ୍ରୁତି ଦେଇଥିଲେ। ଏତତ ବ୍ୟତୀତ ସ୍ଥାନୀୟ ତହସିଲଦାର ରାଜାରାମ ଛତ୍ରିଆ ଓ ଗୋଷ୍ଠୀ ଶିକ୍ଷାଧିକାରୀ କୈଳାଶ ଚନ୍ଦ୍ର କର ମଧ୍ୟ ଉପସ୍ଥିତ ରହି ଗ୍ରାମବାସୀ ଧାରଣରୁ ଉଠିବା ପାଇଁ ନିବେଦନ କରିଥିଲେ। ତେବେ ଆସନ୍ତା ୨୧ତାରିଖ ମଧ୍ୟରେ ବିଦ୍ୟାଳୟର ନାମ ପରିବର୍ତ୍ତନ କରା ନଗଲେ ୨୨ ତାରିଖ ଠାରୁ ପୁନର୍ବାର ଗ୍ରାମବାସୀ ବ୍ଲକ ପ୍ରଶାସନ ଓ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଧାରଣାରେ ବସିବେ ବୋଲି ଭାରତୀୟ ବିକାଶ ପରିଷଦ ରାଜ୍ୟ ସଭାପତି ଶ୍ରୀ ପାଣିଗ୍ରାହୀ ସୂଚନା ଦେଇଛନ୍ତି।

# ଗୋଟେ ଗାଡ଼ିକୁ ଧରିଲା; ଅନ୍ୟ ଗାଡ଼ିକୁ ଦଣ୍ଡ ଦେଲା

ଟାଙ୍ଗୀ,୧୧।୮ (ସମିସ): କଥାରେ ଅଛି ପୁଲିସ ପବନକୁ ବି ଫାଶ ପକାଇପାରେ। କଥାଟି ଅଡୁଆ ଲାଗୁଥିଲେ ବି ଘଟଣାଟା ନିରାଟ ସତ। ବାଲୁଗାଁ ମା' ଭଗବତୀ ଘରୋଇ ବସ୍ ମାଲିକ ସଂଘ ପରିସରଭୁକ୍ତ ଏକ ଯାତ୍ରୀବାହୀ ବସ୍ ବିରୋଧରେ ଏକ ଶୂନ୍ୟ ଚଢ଼କ କେନ୍ଦୁଝର ପୁଲିସ ଦ୍ୱାରା ପଡ଼ିଥିବା ଜଣାପଡ଼ିଛି। ଏହି ବସ୍‌ଟି ଏ ଅଞ୍ଚଳରେ ଥିଲେ ମଧ୍ୟ କେନ୍ଦୁଝର ପୁଲିସ ଏକ ଚାଲାଣ କାଟିବା ଫଳରେ ସମ୍ପୃକ୍ତ ବସ୍ ମାଲିକଙ୍କ ନାମରେ ଏକ ଚାଲାଣ ହୋଇଥିବା ସମ୍ପର୍କରେ ମୋବାଇଲକୁ ମେସେଜ ଆସିଥିବା ଜଣାପଡ଼ିଛି। ଏହି ବସ୍ ବିରୋଧରେ ହୋଇଥିବା ଜରିମାନା ଦର୍ଶାଇ ଏକ ମେସେଜ୍ ଆସିବା ପରେ ପୁଲିସର ବିଶ୍ୱସନିୟତା ଉପରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

ଘଟଣାରୁ ପ୍ରକାଶ ଯେ, କେନ୍ଦୁଝର ପୁଲିସର ଜଣେ ଆସିଷ୍ଟାଣ୍ଟ ସବ୍ ଇନ୍ସପେକ୍ଟର ସତ୍ୟଜିତ୍ ନାୟକ ରବିବାର ରାତି ୧୦ଟା ୫୨ ମିନିଟ୍‌ରେ ଓଡି ୦୨ ସିଆର୍ ୩୯୬୯ ବିରୋଧରେ ଏକ ଚାଲାଣ କରି ଜରିମାନା କରିଥିବାବେଳେ ମୋଟରଯାନ ଆଇନ ଧାରା ୧୭୭(ଜେନେରାଲ ଅଫେନ୍ସ), ପୁଲିସକୁ ଅବମାନନା କରିଥିବାରୁ ଧାରା ୧୭୯(୧)ରେ ଏକ ଚାଲାଣ କରି ୨୫୦୦ ଟଙ୍କା ଅନ୍‌ଲାଇନ୍ ଚାଲାଣରେ ଜରିମାନା କରିଥିବାବେଳେ ସମ୍ପୃକ୍ତ ପୁଲିସ ଅଧିକାରୀ ଚାଲାଣ ଫଟୋରେ ଓଡି ୦୨ ସିଆର୍ ୩୯୬୯ ଗାଡ଼ିର ନମ୍ବର ପ୍ଲେଟ୍ ଅପ୍‌ଲୋଡ୍ କରିଥିବାବେଳେ ଓଡି ୦୨ ସିଆର୍ ୩୯୩୯ ନମ୍ବରରେ ଚାଲାଣଟି ଏଣ୍ଟ୍ରି କରିଥିବା ଜଣାପଡ଼ିଛି। ଫଳରେ ବିନା କାରଣରେ ଜଣେ ଗାଡ଼ି ମାଲିକ ଶୂନ୍ୟରେ ଜରିମାନାର ଶିକାର ହୋଇଛି। ଏପରିକି ଅନ୍‌ଲାଇନ୍‌ରେ ଜରିମାନାଦେୟ ଡିପୋଜିଟ୍ କର ଅଥବା କେନ୍ଦୁଝର ପୁଲିସ ବିଭାଗୀୟ ଅଧିକାରୀଙ୍କ ନିକଟରେ ଉପସ୍ଥିତ ହୋଇ ଘଟଣାର ଫଇସଲା କରିବାକୁ ଚାଲାଣରେ ଦର୍ଶାଯାଇଛି। ସବୁଠାରୁ ବଡ଼ କଥା ହେଲା ନିର୍ଦ୍ଦିଷ୍ଟ ସମୟସୀମା ମଧ୍ୟରେ ଯଦି ଚାଲାଣଟି ଫଇସଲା କରାନଯାଏ ତେବେ ସମ୍ପୃକ୍ତ କେନ୍ଦୁଝର ପୁଲିସ ପରିସରଭୁକ୍ତ କୋର୍ଟକୁ ଚାଲାଣଟି ପଠାଇ ଦିଆଯିବା ପରେ କୋର୍ଟରେ ସମ୍ପୃକ୍ତ ଗାଡ଼ିର ମାଲିକ ସମସ୍ତ କାଗଜପତ୍ର ସହ ବ୍ୟକ୍ତିଗତ ହାଜର ହୋଇ ଜରିମାନା ଦାଖଲ ପରେ ଘଟଣାର ଫଇସଲା କରାଯିବା ନିୟମ ରହିଛି। ଜଣେ ଦାୟିତ୍ୱସମ୍ପନ୍ନ ପୁଲିସ ଅଧିକାରୀ ଏଭଳି ଗୁରୁତର ତ୍ରୁଟି ପ୍ରତି ଦୃଷ୍ଟି ନ ଦେବା ଯେତିକି ଦୁର୍ଭାଗ୍ୟଜନକ ଖର୍ଚ୍ଚାନ୍ତ ହୋଇ ଜଣେ ନିର୍ଦ୍ଦୋଷ ଗାଡ଼ି ମାଲିକ କେନ୍ଦୁଝର ପୁଲିସରେ ଉପସ୍ଥିତ ହେବା ତା'ଠାରୁ ଅଧିକ ଆର୍ଥିକ ତଥା ମାନସିକ ଯନ୍ତ୍ରଣାଦାୟକ।

# ସାମୂହିକ ଛୁଟିରେ ଜିଲ୍ଲାର ସମସ୍ତ ଅମଲା; ଅଫିସ କାର୍ଯ୍ୟ ବାଧାପ୍ରାପ୍ତ

## ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଖୋର୍ଦ୍ଧା ଶାଖାର ବିକ୍ଷୋଭ



ଖୋର୍ଦ୍ଧା,୧୧।୮ (ସମିସ): ରାଜ୍ୟ ସଂଗଠନର ଆହ୍ୱାନ କ୍ରମେ ଜିଲ୍ଲା ରାଜସ୍ୱ ଅମଲା ସଂଘ ୧୦ ଦଫା ଦାବିକୁ ନେଇ ସୋମବାରଠାରୁ ସମୂହ ଛୁଟିରେ ରହି ଅନିର୍ଦ୍ଦିଷ୍ଟ ସମୟ ପାଇଁ ଆନ୍ଦୋଳନକୁ ଓହ୍ଲାଇଛନ୍ତି। ପ୍ରଥମ ଦିନରେ ଶାନ୍ତିପୂର୍ଣ୍ଣ ଭାବେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମେତ ଜିଲ୍ଲାର ବିଭିନ୍ନ ସ୍ଥାନରେ ଥିବା କାର୍ଯ୍ୟାଳୟ ସମ୍ମୁଖରେ ସଂଘ ପକ୍ଷରୁ ବିକ୍ଷୋଭ ପ୍ରଦର୍ଶନ କରାଯାଇଛି। ରାଜସ୍ୱ ଅମଲାମାନେ ଜିଲ୍ଲା କାର୍ଯ୍ୟାଳୟ ସମେତ ପ୍ରତିଷ୍ଠାନ, ଆପାତ୍‌କାଳୀନ, ନିଜାରତ, ଅଧିଗ୍ରହଣ, ରାଜସ୍ୱ ବିଭାଗ ଆଦି ଜିଲ୍ଲା ପ୍ରଶାସନର ଗୁରୁତ୍ୱପୂର୍ଣ୍ଣ ବିଭାଗରେ କାର୍ଯ୍ୟ କରିଥାନ୍ତି। ରାଜ୍ୟ ସରକାରଙ୍କ ବିଭିନ୍ନ ଯୋଜନା ପ୍ରଣୟନ ଏବଂ ଜରୁରୀକାଳୀନ ସ୍ଥିତିକୁ ମୁକାବିଲା ଆଦି ବିଭିନ୍ନ କାର୍ଯ୍ୟକ୍ରମକୁ ସୂଚାରୁଭାବେ ପରିଚାଳନା କରିଥାନ୍ତି। ପୂର୍ବରୁ ପ୍ରତିବାଦ ସ୍ୱରୂପ ରାଜ୍ୟ ସଂଘ ଆହ୍ୱାନ କ୍ରମେ ଜୁଲାଇ ୭ରେ କାର୍ଯ୍ୟରତ ଥିବା ଜିଲ୍ଲାର ରାଜସ୍ୱ କର୍ମଚାରୀମାନେ କଳାବ୍ୟାଜ୍ ପରିଧାନ କରିଥିଲେ। ୯ ତାରିଖ ଦିନ ରାଜସ୍ୱ ବିଭାଗ ମନ୍ତ୍ରୀଙ୍କ ସହ ଅମଲା ସଂଘର ଏକ ପ୍ରତିନିଧି ଦଳର ଏକ ଉଚ୍ଚସ୍ତରୀୟ ବୈଠକ ଅନୁଷ୍ଠିତ ହୋଇଥିଲା। ଦାବି ପୂରଣକୁ ନେଇ ରାଜ୍ୟ ସରକାର ଦୁଇ ସପ୍ତାହ ସମୟ ମାଗିଥିବାବେଳେ ଅମଲା ସଂଘ ପକ୍ଷରୁ ୧ମାସ ସମୟ ଦିଆଯାଇଥିଲା। ମାତ୍ର ସେମାନଙ୍କ ଦାବି ପ୍ରତି ସରକାର ଆଜିପର୍ଯ୍ୟନ୍ତ ନିରବ ରହିବା ପ୍ରତିବାଦରେ ଜିଲ୍ଲାରେ କାର୍ଯ୍ୟରତ ଥିବା ୨୪୮ ଜଣ ରାଜସ୍ୱ ଅମଲା ଦାବି କରିଆସୁଥିବା ମୂଳ ଦରମା, ଓଆର୍‌ଏସ୍‌ପି ନିୟମ ଅନୁଯାୟୀ ଲେବେଲ୍-୯କୁ ବୃଦ୍ଧି କରିବା, ଜିଲ୍ଲାପାଳମାନଙ୍କ ସୁପାରିସ୍ ଆଧାରରେ କ୍ୟାଡର ପୁନର୍ଗଠନ ତଥା ଓଆର୍‌ଏସ୍ ପଦୋନ୍ନତିରେ ଜିଲ୍ଲାସ୍ତରୀୟ ରାଜସ୍ୱ ଅମଲାଙ୍କୁ ସୁଯୋଗ ଦେବା ସହିତ ୧୦ ଦଫା ଦାବି ପୂରଣ ଦାବିରେ ସୋମବାରଠାରୁ ଛୁଟିରେ ଯାଇଛନ୍ତି। ଦାବି ପୂରଣ ନ ହେବା ପର୍ଯ୍ୟନ୍ତ ଜିଲ୍ଲା କାର୍ଯ୍ୟାଳୟ ସମେତ ଜିଲ୍ଲାର ସମସ୍ତ କାର୍ଯ୍ୟାଳୟ ସମ୍ମୁଖରେ ଶାନ୍ତିପୂର୍ଣ୍ଣ ଭାବେ ବିକ୍ଷୋଭ ପ୍ରଦର୍ଶନ କରିବା ସହିତ ଅନିର୍ଦ୍ଦିଷ୍ଟ କାଳ ପର୍ଯ୍ୟନ୍ତ ସମୂହ ଛୁଟିରେ ରହି ଅଫିସ କାର୍ଯ୍ୟକୁ ସମ୍ପୂର୍ଣ୍ଣ ଠପ୍ କରିଦିଆଯିବ ବୋଲି ଜିଲ୍ଲା ସଂଘ ପକ୍ଷରୁ ଚେତାବନୀ ଦିଆଯାଇଛି। ଧାରଣାରେ ସଂଘର ଖୋର୍ଦ୍ଧା ଜିଲ୍ଲା ଶାଖା କାର୍ଯ୍ୟକାରୀ ସଭାପତି ମନୋରଞ୍ଜନ ମହାପାତ୍ର, ସମ୍ପାଦକ ଅରୁଣ କୁମାର ମୁଦୁଲି, ସାଂଗଠନିକ ସମ୍ପାଦକ ରଶ୍ମିରଞ୍ଜନ ରାଉତରାୟ, ସନ୍ତୋଷ କୁମାର ନିଶଙ୍କ, ଅନିତା ବେହେରା, ବ୍ରଜକିଶୋର ମହାପାତ୍ର, ଭବାନୀ ଶଙ୍କର ବିଧାର, ସୁପ୍ରଭା ପଟ୍ଟନାୟକ ପ୍ରମୁଖ ସାମିଲ ହୋଇଥିଲେ।

**ଜଟଣୀ:** କାର୍ଯ୍ୟରତ ରାଜସ୍ୱ ଅମଲାମାନଙ୍କୁ ମୂଳ ଦରମା ଓଆର୍‌ଏସ୍‌ପି ୨୦୧୭ ମସିହା ଅନୁଯାୟୀ ଲେଭେଲ୍ ୯କୁ ବୃଦ୍ଧି କରିବା, ୨୦ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ସ୍ୱାସ୍ଥ୍ୟବୀମା ଲାଗୁ କରିବା, ପୁରାତନ ପେନ୍‌ସେନ୍ ଯୋଜନାରେ ଅନ୍ତର୍ଭୁକ୍ତ କରିବା, ନୂତନ ପଦ ସୃଷ୍ଟି କରିବା ସହ ପଦ ପୁନର୍ଗଠନ କରିବା ଭଳି ୧୦ଦଫା ଦାବି ନେଇ ରାଜସ୍ୱ ଅମଲା ସଂଘ ପକ୍ଷରୁ ସୋମବାରଠାରୁ ଅନିର୍ଦ୍ଦିଷ୍ଟ କାଳ ପର୍ଯ୍ୟନ୍ତ ଅନଶନ ଆରମ୍ଭ କରିଛି। ଏହି ଅବସରରେ ଜଟଣୀ ତହସିଲ୍ କାର୍ଯ୍ୟାଳୟର ଅମଲା କର୍ମଚାରୀମାନେ କଲମଛାଡ଼ ଆନ୍ଦୋଳନ କରିଛନ୍ତି। ସଂଘ ଦାବି କରିଛି ଯେ ଏହି ୧୦ଦଫା ଦାବି ନେଇ ଗତ ଜୁଲାଇ ୭ ତାରିଖଠାରୁ କଳାବ୍ୟାଜ୍ ପିନ୍ଧି ପ୍ରତିବାଦ କରିଥିଲେ। ପରେ ଜୁଲାଇ ୯ରେ ମନ୍ତ୍ରୀ ସୁରେଶ ପୂଜାରୀଙ୍କ ସହ ସଂଘ ଆଲୋଚନା କରି ଶୀଘ୍ର ସମାଧାନ କରିବାକୁ ପ୍ରତିଶ୍ରୁତି ଦେଇଥିଲେ। ହେଲେ ଘଟଣାକୁ ଏକ ମାସ ବିତିଯାଇଥିଲେ ମଧ୍ୟ କୌଣସି ଏକ ଦାବି ପୂରଣ ହେଲା ନାହିଁ।



ତେଣୁ ଅନିର୍ଦ୍ଦିଷ୍ଟ କାଳ ପର୍ଯ୍ୟନ୍ତ ଆନ୍ଦୋଳନ ଡକରା ଦିଆଯାଇଛି ବୋଲି କହିଛନ୍ତି। ଏଥିରେ ବିଶ୍ୱଜିତ୍ ପ୍ରଧାନ, ପ୍ରଭାତ ଶ୍ରୀଚନ୍ଦନ, ସ୍ୱାଗତିକା ମଲ୍ଲିକ, ଲମ୍ବୋଦର ନାଏକ, କିରଣ କୁମାର ନନ୍ଦ, ରାଜେଶ ନାୟକ, ରାଧାକାନ୍ତ ନାୟକଙ୍କ ସମେତ ଅନ୍ୟ ଅମଲା କର୍ମଚାରୀ ସାମିଲ୍ ହୋଇଛନ୍ତି।

**ନିରାକାରପୁର:** ଚଳିତ ବର୍ଷ ୨୦୨୫-୨୬ ଖରିଫ୍ ଧାନ ପଞ୍ଜୀକରଣ ପ୍ରକ୍ରିୟା ଚାଲୁ ରହିଛି। ସରକାରଙ୍କ ନିର୍ଦ୍ଦେଶ କ୍ରମେ ଆର୍‌ଆଇ, ଅମିନଙ୍କ ଦସ୍ତଖତ ବଂଶାବଳୀରେ ନ ରହିଲେ ସମିତି ପଞ୍ଜୀକରଣ ଫର୍ମ ଗ୍ରହଣ କରୁନାହାନ୍ତି। ଏଭଳି କ୍ଷେତ୍ରରେ ଅମଲା ସଂଘର କଲମଛାଡ଼ ଆନ୍ଦୋଳନ ଚାଷୀ ପଞ୍ଜୀକରଣରେ ବାଧକ ସାଜୁଛି ଏବଂ ବୋଝ ଉପରେ ନଳିତା ବିଡ଼ା ସଦୃଶ୍ୟ ଚାଷୀ ନାହିଁ ନ ଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଆର୍‌ଆଇ ଅଫିସ୍‌କୁ ଯାଇ ଲୋକେ ଲମ୍ବା ଲାଇନ୍‌ରେ ଅପେକ୍ଷା କରିବାକୁ ପଡୁଛି। ଖାଦ୍ୟ ଯୋଗାଣ ଏବଂ ଖାଉଟି କଲ୍ୟାଣ ବିଭାଗ ମନ୍ତ୍ରୀ ମିଡିଆରେ ଚାଷୀ ପଞ୍ଜୀକରଣ ସରଳୀକରଣ ହୋଇଯାଇଛି ବୋଲି କହୁଥିବାବେଳେ କୌଣସି ଲିଖିତ ନିର୍ଦ୍ଦେଶ ଆଜି ପର୍ଯ୍ୟନ୍ତ ସମବାୟ ସମିତିକୁ ଆସି ନ ଥିବା ଖୋର୍ଦ୍ଧା ଜିଲ୍ଲାର ବିଭିନ୍ନ ସମିତିଠାରୁ ସୂଚନା ମିଳିଛି। ଏଭଳି କ୍ଷେତ୍ରରେ ଚାଷୀ କ'ଣ କରିବେ ଚିନ୍ତାରେ ପଡ଼ିଛନ୍ତି।

# ପର୍ଯ୍ୟଟନ ବିଭାଗର 'ହର୍ ଘର୍ ତିରଙ୍ଗା' କାର୍ଯ୍ୟକ୍ରମ




ବାଲୁଗାଁ,୧୧।୮ (ସମିସ): ଭାରତ ପର୍ଯ୍ୟଟନ ବିଭାଗ ଆନୁକୂଲ୍ୟରେ ସୋମବାର ମା' କାଳିଜାଇ ମୋଟର ବୋଟ୍ ଅସୋସିଏସନ, ପାନ୍ଥନିବାସ କର୍ମକର୍ତ୍ତା ଓ ଚିଲିକା ଅଞ୍ଚଳର ବୁଦ୍ଧିଜୀବୀମାନଙ୍କୁ ନେଇ 'ହର୍ ଘର୍ ତିରଙ୍ଗା' କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଆୟୋଜିତ କାର୍ଯ୍ୟକ୍ରମରେ ପର୍ଯ୍ୟଟନ ବିଭାଗର ଆଞ୍ଚଳିକ ସହନିର୍ଦ୍ଦେଶିକା ରଶ୍ମି ସୋନିଆ ତିର୍କୀ, ପର୍ଯ୍ୟଟନ ବିଭାଗର ପିଆର୍‌ଓ ଜଗନ୍ନାଥ ବେହେରା, ପାନ୍ଥନିବାସର ପରିଚାଳକ ଦିଲ୍ଲୀପ କୁମାର ସାଇଁ ଓ ଆଭାସର ପ୍ରତିଷ୍ଠାତା ସୁଶାନ୍ତ କୁମାର ଦାଶ ପ୍ରମୁଖ ଯୋଗଦେଇ ହର୍ ଘର୍ ତିରଙ୍ଗା, ତିରଙ୍ଗାର ମହତ୍ତ୍ୱ ଓ ଭାରତର ଐକ୍ୟ ସମ୍ପର୍କରେ ମତବ୍ୟକ୍ତ କରିଥିଲେ। ଏଥିରେ ଅତିଥିମାନଙ୍କ ସହ ମା' କାଳିଜାଇ ମୋଟର ବୋଟ୍ ଆସୋସିଏସନ୍‌ର କଳାଚାନ୍ଦ ବେହେରା, ରଞ୍ଜିତ୍ ପ୍ରଧାନ, ପ୍ରଭାତ ବେହେରା, ଅନନ୍ତ ଚରଣ ଖଟେଇ ପ୍ରମୁଖଙ୍କ ସମେତ ମୋଟର ବୋଟ୍ ଆସୋସିଏସନର ସଦସ୍ୟ, ପାନ୍ଥନିବାସର କର୍ମକର୍ତ୍ତା, ଅଞ୍ଚଳର ବହୁ ବୁଦ୍ଧିଜୀବୀ, ପୁରୁଷ ଓ ମହିଳା ସାମିଲ୍ ହୋଇ ସୋମବାର ସକାଳେ ପାନ୍ଥନିବାସ ଛକ ନିକଟରୁ ପଦଯାତ୍ରାରେ ବାହାରି ବିଭିନ୍ନ ସ୍ଲୋଗାନମାନ ଦେଇ ଚିଲିକା ଜେଟିରେ ପହଞ୍ଚି ଭାରତ ସରକାରଙ୍କ 'ହର୍ ଘର୍ ତିରଙ୍ଗା' କାର୍ଯ୍ୟକ୍ରମକୁ ସରସ ଓ ସୁନ୍ଦର କରିଥିଲେ। ଏହି ଅବସରରେ ସମସ୍ତ ଡଙ୍ଗା ଚାଳକମାନଙ୍କୁ ଟି-ସାର୍ଟ ଓ ଭାରତ ଜାତୀୟ ପତାକା ପ୍ରଦାନ କରାଯାଇଥିଲା। ଶେଷରେ ଶ୍ରୀ ଦାଶ ଧନ୍ୟବାଦ ଅର୍ପଣ କରିଥିଲେ।

# ଏଆଇଡିଏସ୍‌ଓ ପକ୍ଷରୁ ସହିଦ୍ ଖୁଦିରାମ ବୋଷଙ୍କ ଫାଶୀ ଦିବସ

ଖୋର୍ଦ୍ଧା,୧୧।୮ (ସମିସ): ଆପୋଷହୀନ ଧାରାର ଅଗ୍ନିଯୁଗର କିଶୋର ସହିଦ୍ ଖୁଦିରାମ ବୋଷଙ୍କ ୧୧୭ତମ ଫାଶୀ ଦିବସ ଏଆଇଡିଏସ୍‌ଓ, ଖୋର୍ଦ୍ଧା ଲୋକାଲ କମିଟି ପକ୍ଷରୁ ପ୍ରାଣନାଥ ସ୍ୱୟଂଶାସିତ ମହାବିଦ୍ୟାଳୟର ମୁଖ୍ୟ ଫାଟକ ପରିସରରେ ପାଳିତ ହୋଇଯାଇଛି। ମହାବିଦ୍ୟାଳୟର ଛାତ୍ରଛାତ୍ରୀମାନେ ଖୁଦିରାମଙ୍କ ଫଟୋଚିତ୍ରରେ ପୁଷ୍ପମାଲ୍ୟ ପ୍ରଦାନ କରିଥିଲେ। ପ୍ରାଣନାଥ ମହାବିଦ୍ୟାଳୟ ଛାତ୍ରନେତା ରାକେଶ କାଣ୍ଡିଙ୍କ ସଭାପତିତ୍ୱରେ ଲୋକାଲ କମିଟିର ସମ୍ପାଦକ ଅବିନାଶ ପ୍ରଧାନ ସ୍ୱାଧୀନତା ଆନ୍ଦୋଳନରେ ଖୁଦିରାମଙ୍କ ବଳିଦାନ ଉପରେ ଆଲୋଚନା କରିଥିଲେ। ତାଙ୍କ ଆଦର୍ଶରେ ଅନୁପ୍ରାଣିତ ହେବା ପାଇଁ ଛାତ୍ରଛାତ୍ରୀଙ୍କୁ ଆହ୍ୱାନ କରିଛନ୍ତି।

# ଜିଲ୍ଲାସ୍ତରୀୟ ସ୍ୱାଧୀନତା ଦିବସ ଅଭ୍ୟାସ ପରେଡ୍

ଖୋର୍ଦ୍ଧା,୧୧।୮ (ସମିସ): ସୋମବାର ଅପରାହ୍ଣ ୩ଟାରେ ଜିଲ୍ଲା ସଦର ମହକୁମା ବିଜେବି ହାଇସ୍କୁଲ ଖେଳପଡ଼ିଆରେ ରିଜର୍ଭ ଇନ୍ସପେକ୍ଟର ଅଫ୍ ପୁଲିସ ସତ୍ୟକାନ୍ତ ମନୋରଞ୍ଜନ ଜେନାଙ୍କ ପରିଚାଳନାରେ ଅଭ୍ୟାସ ପରେଡ୍ ଅନୁଷ୍ଠିତ ହୋଇଯାଇଛି। ଉକ୍ତ ପରେଡ୍‌ରେ ଆଇଟିବିପି, ତରତୁଆ ସମେତ ଏପିଆର୍, ଗୃହରକ୍ଷୀ ବାହିନୀ, ପୁଲିସ ବ୍ୟାଣ୍ଡ ପାର୍ଟି ଏବଂ ବିଭିନ୍ନ ମହାବିଦ୍ୟାଳୟ, ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ, ଉଚ୍ଚ ବିଦ୍ୟାଳୟ ଏବଂ ମହାବିଦ୍ୟାଳୟସ୍ତରୀୟ ଏନ୍‌ସିସି, ସ୍କାଉଟ୍ସ, ଗାଇଡ୍ସ, ସିଭିଲିଆନ୍ ବିଭାଗରେ ବିଭିନ୍ନ ବର୍ଗର ଟ୍ରୁପ୍‌ମାନେ ଅଂଶଗ୍ରହଣ କରିଥିଲେ। ମଙ୍ଗଳବାର ଅପରାହ୍ଣ ୩ଟାରେ ଦ୍ୱିତୀୟ ଅଭ୍ୟାସ ପରେଡ୍ ଅନୁଷ୍ଠିତ ହେବ ଏବଂ ୧୩ ତାରିଖ ସକାଳ ୮ଟାରେ ଚୂଡ଼ାନ୍ତ ଅଭ୍ୟାସ ପରେଡ୍ ଅନୁଷ୍ଠିତ ହେବ। ଆଜିର ଅଭ୍ୟାସ ପରେଡ୍‌ରେ ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ଲକ୍ଷ୍ମଣ କୁମାର ବେହେରା, କାର୍ଯ୍ୟାଳୟର କର୍ମଚାରୀ, ଜିଲ୍ଲା ସଂସ୍କୃତି କାର୍ଯ୍ୟାଳୟ କର୍ମଚାରୀ ପ୍ରମୁଖ ବିଜେବି ହାଇସ୍କୁଲ କ୍ରୀଡ଼ା ଶିକ୍ଷକ ଚିନ୍ମୟ ମାର୍ଥା, ଜିଲ୍ଲା କଳା ସଂସ୍କୃତି ସଂଘ ଉପସଭାପତି କବିରାଜ ପ୍ରଧାନ ଏବଂ ରିଜର୍ଭ ଇନ୍ସପେକ୍ଟର ଅଫ୍ ପୁଲିସ କାର୍ଯ୍ୟାଳୟ ସର୍ଜଣ୍ଟ, ହାବିଲ୍‌ଦାର ଏବଂ ସମସ୍ତ ଟ୍ରୁପ୍‌ର ଗାଇଡ୍ ଶିକ୍ଷକମାନେ ଉପସ୍ଥିତ ଥିଲେ।

# କ୍ରୀଡ଼ା ଭାରତୀ ଓଡ଼ିଶାର ପୂର୍ବପ୍ରାନ୍ତ କାର୍ଯ୍ୟକାରିଣୀ ବୈଠକ




ବାଣପୁର,୧୧।୮ (ସମିସ): କ୍ରୀଡ଼ା ଭାରତୀ ଓଡ଼ିଶା ପକ୍ଷରୁ ପୂର୍ବପ୍ରାନ୍ତ କାର୍ଯ୍ୟକାରିଣୀ ବୈଠକ ବାଣପୁର ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର ପରିସରରେ ଅନୁଷ୍ଠିତ ହୋଇଯାଇଛି। ପୂର୍ବପ୍ରାନ୍ତର ସଭାପତି ଡ. ଅଶୋକ କୁମାର ନାୟକଙ୍କ ଅଧ୍ୟକ୍ଷତାରେ ଆୟୋଜିତ ବୈଠକରେ ଅନୁଷ୍ଠାନର ରାଜ୍ୟ ସମ୍ପାଦକ ରଘୁନାଥ ସାହୁ, ସଂଘ ପ୍ରଚାରକ ତଥା ଓଡ଼ିଶା, ପଶ୍ଚିମବଙ୍ଗ ଓ ସିକିମ କ୍ଷେତ୍ର ସଂଯୋଜକ ମହାଦେବ ବେହେରା, ଉପସଭାପତି ସରୋଜିନୀ ଷଡ଼ଙ୍ଗୀ, ସମ୍ପାଦକ ବୈରାଗୀ ଚରଣ ବଳ ଓ ଆଡ୍‌ଭୋକେଟ୍ ଡ. ଅଳକା ମିଶ୍ର, ରାଜ୍ୟ କୋଷାଧ୍ୟକ୍ଷ ଲକ୍ଷ୍ମୀ ପ୍ରସାଦ ମିଶ୍ରଙ୍କ ସମେତ ଅନ୍ୟ ସଦସ୍ୟ ଓ କ୍ରୀଡ଼ାବିତ୍ ଯୋଗଦେଇଥିଲେ। ସଂଘର ଶତବାର୍ଷିକୀ ଉତ୍ସବ ପାଳନ ନିମନ୍ତେ ବ୍ଲକ୍‌ଠାରୁ ଆରମ୍ଭ କରି ରାଜ୍ୟସ୍ତରୀୟ କବାଡ଼ି ପ୍ରତିଯୋଗିତା ଆୟୋଜନ କରିବା ଏବଂ ପୂର୍ବପ୍ରାନ୍ତର ୧୭ଟି ଜିଲ୍ଲାରେ କ୍ରୀଡ଼ା ଭାରତୀର ଶାଖାଗୁଡ଼ିକୁ ପୁନର୍ଗଠନ କରିବା ସହ ପାରମ୍ପରିକ କ୍ରୀଡ଼ାକୁ ପ୍ରୋତ୍ସାହନ ଦେବା ପାଇଁ ଉକ୍ତ ବୈଠକରେ ନିଷ୍ପତ୍ତି ନିଆଯାଇଥିଲା। ତତ୍‌ସହିତ ଆସନ୍ତା ୩୦ ତାରିଖରେ ଖଡ଼ଗପୁରର ଆଇଆଇଟି ପରିସରରେ ଆୟୋଜିତ ହେବାକୁ ଥିବା କ୍ଷେତ୍ରୀୟ ବୈଠକ ଓ ଡିସେମ୍ବର ମାସରେ କର୍ଣ୍ଣାବତୀଠାରେ ଅନୁଷ୍ଠିତ ହେବାକୁ ଥିବା ଅଖିଳ ଭାରତୀୟ ବୈଠକ ସମ୍ପର୍କରେ ପୁଙ୍ଖାନୁପୁଙ୍ଖ ଆଲୋଚନା କରାଯାଇଥିଲା। ଆଗାମୀ ସେପ୍ଟେମ୍ବର ୧୪ରେ ଆୟୋଜିତ ହେବାକୁ ଥିବା କ୍ରୀଡ଼ା ଜ୍ଞାନ ପରୀକ୍ଷା ନିମନ୍ତେ ଗୋଦାବରୀଶ ମହାବିଦ୍ୟାଳୟର ଅବସରପ୍ରାପ୍ତ କ୍ରୀଡ଼ା ଶିକ୍ଷକ ବୈରାଗୀ ଚରଣ ବଳଙ୍କୁ ଦାୟିତ୍ୱ ଦିଆଯାଇଥିଲା। ଶେଷରେ ଅନୁଷ୍ଠାନ ତରଫରୁ ଧନ୍ୟବାଦ ଦିଆଯାଇଥିଲା।

**● ଅଧପନ୍ତରିଆ ଅବସ୍ଥାରେ ଦୁଇ ଅଙ୍ଗନବାଡ଼ି ଗୃହ**

# ବିଦ୍ୟାଳୟ ବାରଣ୍ଡାରେ ଚାଲିଛି ପାଠପଢ଼ା

ନିରାକାରପୁର,୧୧।୮ (ସମିସ): ଖୋର୍ଦ୍ଧା ଜିଲ୍ଲା ନୂଆଗଡ଼ ପଞ୍ଚାୟତ ଅଧୀନସ୍ଥ ୱାର୍ଡ ନମ୍ବର ୫ (ନୂଆଗଡ଼) ଓ ୱାର୍ଡ ନମ୍ବର ୬ (ବିଶ୍ୱନାଥପୁର) ଅଙ୍ଗନବାଡ଼ି କେନ୍ଦ୍ର ୨୦୦୭ରୁ କାର୍ଯ୍ୟକାରୀ ହୋଇଛି। ୨୦୧୨ରୁ ନିଜସ୍ୱ ଅଙ୍ଗନବାଡ଼ି କେନ୍ଦ୍ର ଗୃହ ପାଇଁ ଅନୁମୋଦନ ହୋଇଥିଲେ ମଧ୍ୟ ଏପର୍ଯ୍ୟନ୍ତ ଏହା ସମ୍ପୂର୍ଣ୍ଣ ହୋଇପାରି ନାହିଁ।



୨୦୨୪ରେ ସ୍ଥାନ ନିରୂପଣ କରାଯାଇ ଉଭୟ ଅଙ୍ଗନବାଡ଼ି କେନ୍ଦ୍ର କାର୍ଯ୍ୟ ଆରମ୍ଭ ହୋଇଥିଲେ ମଧ୍ୟ ଅଧପନ୍ତରିଆ ହୋଇ ପଡ଼ିରହିଛି। ଯାହା ଫଳରେ ଉଦୟପୁର ପ୍ରାଥମିକ ବିଦ୍ୟାଳୟ ବାରଣ୍ଡାରେ ଉଭୟ ଅଙ୍ଗନବାଡ଼ି କେନ୍ଦ୍ର ଚାଲୁ ରହିଛି। ନିଜସ୍ୱ ଗୃହ ନ ଥିବାରୁ ପିଲାଙ୍କ ପାଇଁ ଆସୁଥିବା ଖେଳ ଉପକରଣ ତଥା ପାଠ ପଢ଼ିବା ଉପକରଣ ଏଣେତେଣେ ପଡ଼ି ନଷ୍ଟ ହେଉଛି। ଅଙ୍ଗନବାଡ଼ି ନିର୍ମାଣ କାର୍ଯ୍ୟରେ ବ୍ୟବହୃତ ଲୁହା ଛଡ଼ରେ କଳଙ୍କି ଲାଗିଗଲାଣି। ଏହାର ନିର୍ମାଣ କାର୍ଯ୍ୟକୁ ନେଇ ଏବେ ଗ୍ରାମବାସୀଙ୍କ ମଧ୍ୟରେ ପ୍ରଶ୍ନବାଚୀ ସୃଷ୍ଟି ହେଲାଣି। ବାରମ୍ବାର ଜନପ୍ରତିନିଧି ତଥା ବ୍ଲକ୍ ପ୍ରଶାସନ ନିକଟରେ ଗୁହାରି କଲେ ମଧ୍ୟ କିଛି ସୁଫଳ ମିଳୁନାହିଁ।

# ଶ୍ରମିକ ନେତା ସୁଶାନ୍ତ ମହାନ୍ତିଙ୍କ ସ୍ମୃତିଚାରଣ ସଭା

ଜଟଣୀ,୧୧।୮ (ସମିସ): ଜଟଣୀର ଲଢୁଆ ନେତା ତଥା କ୍ରାନ୍ତିକାରୀ ଶ୍ରମିକ ନେତା ସୁଶାନ୍ତ ମହାନ୍ତିଙ୍କ ୨୪ତମ ସ୍ମୃତିଚାରଣ ସଭା ସ୍ଥାନୀୟ ବରିଷ୍ଠ ନାଗରିକ ସେବା ସଂଘ କାର୍ଯ୍ୟାଳୟଠାରେ ଅନୁଷ୍ଠିତ ହୋଇଯାଇଛି। ଭୁବନେଶ୍ୱରରୁ ଅଲଗା କରି ଜଟଣୀକୁ ଏକ ସ୍ୱତନ୍ତ୍ର ବିଧାନସଭା ନିର୍ବାଚନମଣ୍ଡଳୀ କରାଯିବାକୁ ୧୯୭୨ରେ ସ୍ୱର୍ଗତ ସୁଶାନ୍ତ ମହାନ୍ତି ରାଜ୍ୟ ସରକାରଙ୍କ ନିକଟରେ ଦାବି ଉପସ୍ଥାପନ କରିଥିଲେ ଓ ଲୋକନାୟକ ଜୟପ୍ରକାଶ ନାରାୟଣଙ୍କ ଡକରାରେ କ୍ରାନ୍ତି ଆନ୍ଦୋଳନରେ ନିଜକୁ ସାମିଲ କରିବା ସହିତ ୧୯୭୫ରେ ଦେଶରେ ଜରୁରୀକାଳୀନ ପରିସ୍ଥିତି ଘୋଷଣାକୁ ବିରୋଧ କରି ୧୯ ମାସ କାରାବରଣ କରିଥିବାର ଏହି ସ୍ମୃତିଚାରଣ ସଭାରେ ଉପସ୍ଥିତ ବକ୍ତାମାନେ ମତବ୍ୟକ୍ତ କରିଥିଲେ। ଜଟଣୀ ବରିଷ୍ଠ ନାଗରିକ ସେବା ସଂଘ ଓ ପ୍ରାଣନାଥ ପଟ୍ଟନାୟକ ଫାଉଣ୍ଡେସନର ସଭାପତି ଅବନୀ ରାଉତରାୟଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ଏହି ସ୍ମୃତିଚାରଣ ସଭାରେ ଅନୁଷ୍ଠାନର ସାଧାରଣ ସମ୍ପାଦକ ଜବାହରଲାଲ ସୁବୁଦ୍ଧି, ଉପସଭାପତି ତଥା ପୂର୍ବତନ ସରପଞ୍ଚ ଦିବାକର ମଙ୍ଗରାଜ, ସମ୍ପାଦକ ବୈଷ୍ଣବ ଚରଣ ବରାଳ, ଯୁବ ସଂଗଠକ ଅରୁଣ ମହାନ୍ତି, ଶ୍ରମିକ ନେତା ସାରଙ୍ଗଧର ବେହେରା, ଜଟଣୀ ବିକାଶ ପରିଷଦ ଉପସଭାପତି ରାଜେନ୍ଦ୍ର ପ୍ରସାଦ ପଟ୍ଟନାୟକ, ଯୁବ ସଂଗଠକ ସୁଶାନ୍ତ ସାମନ୍ତରାୟ, ସୁଶାନ୍ତ ରାଉତ, ବୈରାଗୀ ଚରଣ ଜେନା, ବିଷ୍ଣୁପ୍ରସାଦ ଘଟୁଆରୀ, ଆଡ୍‌ଭୋକେଟ ଆଶୁତୋଷ ରାୟ, ସମାଜସେବୀ ହବିବୁର ରହମାନ ପ୍ରମୁଖ ଯୋଗଦେଇଥିଲେ। ବାସୁଦେବ ସେଠୀ ଧନ୍ୟବାଦ ଅର୍ପଣ କରିଥିଲେ।

## ଆଜି ବିଶ୍ୱ ହସ୍ତୀ ଦିବସ; ଥମୁନି ହାତୀ-ମଣିଷ ଲଢ଼େଇ

# ଦୁଇ ବର୍ଷରେ ୧୩ ମଣିଷ, ୬ ହାତୀ ମୃତ

ଖୋର୍ଦ୍ଧା,୧୧।୮ (ସମିସ): ଅଗଷ୍ଟ ୧୨ ତାରିଖ ବିଶ୍ୱ ହସ୍ତୀ ଦିବସ। ୨୦୧୨ରୁ ଆରମ୍ଭ ହୋଇଥିବା ଏହି ଦିବସକୁ ସେହିଦିନଠାରୁ ପାଳନ କରାଯାଉଛି। ହାତୀଙ୍କର ସୁରକ୍ଷା ଓ ସଂରକ୍ଷଣ ଉଦ୍ଦେଶ୍ୟରେ ଏହି ଦିବସ ପାଳନ କରାଯାଉଥିବାବେଳେ ଏହି ଉପଲକ୍ଷେ ବହୁ ବନପ୍ରେମୀ ବିଭିନ୍ନ ମଞ୍ଚ ବା କାର୍ଯ୍ୟକ୍ରମରେ ଲମ୍ବା ଚଉଡ଼ା ଭାଷଣ ଦେବାର ନଜିର ମଧ୍ୟ ରହିଛି। ହାତୀକୁ ଐତିହ୍ୟ ପ୍ରାଣୀ ଘୋଷଣା କରାଯାଇଥିଲେ ମଧ୍ୟ ହାତୀ ମଣିଷ ଲଢ଼େଇ ଥମିବାର ନାଁ ଧରୁନି। ଦୁଇବର୍ଷ ଭିତରେ ୧୩ ଜଣଙ୍କ ମୃତ୍ୟୁ ହୋଇଥିବାବେଳେ ୬ଟି ହାତୀଙ୍କ ମୃତ୍ୟୁ ହୋଇଛି।



ହାତୀ ସୁରକ୍ଷା ଏବଂ ସଂରକ୍ଷିତ ପାଇଁ ସରକାର କୋଟି କୋଟି ଟଙ୍କା ଖର୍ଚ୍ଚ କରୁଛନ୍ତି। ଏଥିପାଇଁ ୧୯୮୨ ମସିହାରେ ପ୍ରାୟ ୧୯୩ ବର୍ଗ କିଲୋମିଟର ପରିଧି ମଧ୍ୟରେ ଚନ୍ଦକା ଅଭୟାରଣ୍ୟ ସୃଷ୍ଟି ହୋଇଥିଲା। ସେହି ସମୟରେ ଅତି କମ୍‌ରେ ୬୦ ପାଖାପାଖି ହାତୀ ରହୁଥିଲେ। ହାତୀଙ୍କୁ ଅବରୋଧ କରିବାକୁ ପ୍ରାୟ ୨୫ ବର୍ଷ ତଳେ ଅଭୟାରଣ୍ୟ ଚତୁଃପାଶ୍ୱର୍ରେ ୧୭୪ କି.ମି. ସୌରଚାଳିତ ଆଲୁଅ ସଂଯୋଗ ଥିବା ତାରବାଡ଼ ନିର୍ମାଣ ହୋଇଥିଲା। ୨୦୦୬ରେ ହାତୀ ଚନ୍ଦକା ଅଭୟାରଣ୍ୟର ପ୍ରାୟ ୩୨୭ ଗଳାବାଟ ଦେଇ ଜନବସତିକୁ ଆସୁଥିଲେ ବୋଲି ଜନୈକ ବନ କର୍ମଚାରୀଙ୍କ ସୂତ୍ରରୁ ଜଣାଯାଇଛି। ତେଣୁ ହାତୀ କେମିତି ଚନ୍ଦକା ଜଙ୍ଗଲ ମଧ୍ୟରେ ଅବରୋଧ ହୋଇ ରହିବେ ତାହା ଉପରେ ସେ ସମୟରେ ଗୁରୁତ୍ୱ ଦିଆଯାଇଥିଲା। ଚତୁଃପାଶ୍ୱର୍ରେ ୧୭୪ କିଲୋମିଟର ବ୍ୟାପି ଟ୍ରେଞ୍ଚ୍ ନିର୍ମାଣ କରାଯାଇଥିଲା। ଫଳରେ ପାଖାପାଖି ୫୦ ଗଳାବାଟରେ ହାତୀ ଚଳପ୍ରଚଳ କରିବାରେ ସକ୍ଷମ ହୋଇଥିଲେ। ମାତ୍ର ପରିବେଶ ସନ୍ତୁଳନ ହରାଇବା ଏବଂ କାଠ ମାଫିଆଙ୍କ ଲୋଲୁପ ଦୃଷ୍ଟି ଅଭୟାରଣ୍ୟରେ ପଡ଼ିବାରେ ଏହାର ସିଧାସଳଖ ପ୍ରଭାବ ହାତୀ ଚଳାଚଳ ଉପରେ ପଡ଼ିଛି। ବହୁ ଟ୍ରେଞ୍ଚ ପୋତିହେବା ଯୋଗୁଁ ଅଧିକାଂଶ ହାତୀପଲ୍ଲ ଆଠଗଡ଼ ଜଙ୍ଗଲମୁହାଁ

**● ଜନ ସୁରକ୍ଷା, ଗଜ ରକ୍ଷା ଯୋଜନାରେ ସାମିଲ ହୋଇଛି ୪ ଗାଁ**

**● ସୋଲାର ତାରବାଡ଼ ପାଇଁ ଚାଷୀଙ୍କୁ ବ୍ୟକ୍ତିଗତ ଭାବେ ୫୦% ଏବଂ ଗୋଷ୍ଠୀକୁ ୯୦% ଦିଆଯାଉଛି ସବ୍‌ସିଡି**

ହେଉଥିବାବେଳେ ଆଉକିଛି ହାତୀ ଖୋର୍ଦ୍ଧା ବନଖଣ୍ଡରେ ଉପଦ୍ରବ ଜାରି ରଖିଛନ୍ତି। ସେହିପରି ନୟାଗଡ଼ ଓ ବ୍ରହ୍ମପୁର ଅଞ୍ଚଳରୁ ଆସୁଥିବା ହାତୀ ବି ଉପଦ୍ରବ କରୁଛନ୍ତି। ଖୋର୍ଦ୍ଧା ବନଖଣ୍ଡରେ ଏବେ ପ୍ରାୟ ୭୫ ହାତୀ ଦେଖାଯାଉଥିବା ବେଳେ ବର୍ତ୍ତମାନ ପାଖାପାଖି ୫୩ ହାତୀ ରହିଛନ୍ତି।

ଅନ୍ୟପକ୍ଷରେ ହାତୀ-ମଣିଷ ସଂଘର୍ଷ ରୋକିବାକୁ ସରକାର ଯୋଜନା କରିଛନ୍ତି। ହାତୀ ସୁରକ୍ଷା ନେଇ ବନଖଣ୍ଡ କାର୍ଯ୍ୟାଳୟ ପକ୍ଷରୁ ଜନସୁରକ୍ଷା-ଗଜ ରକ୍ଷା କାର୍ଯ୍ୟକ୍ରମ କରାଯାଉଛି। ଲୋକଙ୍କୁ ସୁରକ୍ଷା ଦେଲେ ହାତୀର ସୁରକ୍ଷା ହେବ। ଏହା ଦୁଇଟି ମଡେଲରେ କରାଯାଉଛି। ଗୋଟିଏ ବ୍ୟକ୍ତିଗତ, ଅନ୍ୟଟି ପିପିପି ମୋଡ୍‌ରେ ଗୋଷ୍ଠୀଙ୍କୁ ନେଇ ହେଉଛି। ହାତୀ ଗତିବିଧି ଅଧିକ ଥିବା ଅଞ୍ଚଳରେ ସୋଲାର ତାରବାଡ଼ ହୋଇଛି। ଖୋର୍ଦ୍ଧା ବନଖଣ୍ଡରେ ସୋଲାର ତାରବାଡ଼ର ୪ଟି ପ୍ରକଳ୍ପ କାର୍ଯ୍ୟ ହୋଇଛି। ଧୀରେ ଧୀରେ ଅନ୍ୟସବୁ ଅଞ୍ଚଳରେ କରାଯିବ। ସୋଲାର ତାରବାଡ଼ ହାତୀ ଚଳାଚଳକୁ ପ୍ରଭାବିତ କରିବ ନାହିଁ।

ହାତୀ ଆସିଲେ ସାମାନ୍ୟ ସକ୍ ପାଇ ଫେରିଯିବେ, ମାତ୍ର ମରିବେ ନାହିଁ। ମୁଖ୍ୟତଃ ଚାଷଜମି ଓ ହାତୀ କରିଡର ପାଖରେ ସୋଲାର୍ ତାରବାଡ଼ କରାଯାଉଛି। ଏଥିପାଇଁ ଖର୍ଚ୍ଚ ଅର୍ଥର ସବ୍‌ସିଡି ସରକାର ଦେଉଛନ୍ତି। ଏଥିରେ ଚାଷୀଙ୍କୁ ବ୍ୟକ୍ତିଗତଭାବେ ୫୦% ଏବଂ ଅନ୍ୟଟି ପିପିପି ମୋଡ୍‌ରେ ଗୋଷ୍ଠୀକୁ ୯୦% ସବ୍‌ସିଡି ଦିଆଯାଉଥିବା ବନଖଣ୍ଡ କାର୍ଯ୍ୟାଳୟ ପକ୍ଷରୁ କୁହାଯାଇଛି। ହାତୀ ଯେଉଁ ଅଞ୍ଚଳରେ ବୁଲାବୁଲି କରୁଛନ୍ତି ସେ ସମ୍ପର୍କରେ ସ୍ଥାନୀୟ ଅଞ୍ଚଳର ଲୋକଙ୍କ ଫୋନ୍‌କୁ ମେସେଜ ଯୋଗେ ସୂଚନା ଦିଆଯାଉଥିବା ଡିଏଫ୍‌ଓ ଲାଡେ ଗଜାନନ ଦୟାନନ୍ଦ ସୂଚନା ଦେଇଛନ୍ତି।

**● ପଞ୍ଚାୟତସ୍ତରୀୟ ମିଳିତ ଜନଶୁଣାଣି ଶିବିର**

# ୧୪୬ରୁ ୯ ଅଭିଯୋଗର ତ୍ୱରିତ ସମାଧାନ



ବେଗୁନିଆ,୧୧।୮ (ସମିସ): ବେଗୁନିଆ ବ୍ଲକ୍ ଅନ୍ତର୍ଗତ ଦେଉଳି ପଞ୍ଚାୟତରେ ଜିଲ୍ଲା ପ୍ରଶାସନ ଓ ପୁଲିସ ପ୍ରଶାସନର ମିଳିତ ଜନ ଅଭିଯୋଗ ଶୁଣାଣି ଶିବିର ଅନୁଷ୍ଠିତ ହୋଇଛି। ଏଥିରେ ଜିଲ୍ଲାପାଳ ଅମ୍ରିତ୍ ଋତୁରାଜଙ୍କ ଅଧ୍ୟକ୍ଷତାରେ ବିଧାୟକ ପ୍ରଦୀପ କୁମାର ସାହୁ, ଆରକ୍ଷୀ ଅଧୀକ୍ଷିକା ସାଗରିକା ନାଥ, ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ଜ୍ୟୋତି ଶଙ୍କର ସାହୁ, ଉପଜିଲ୍ଲାପାଳ କିଶୋର କୁମାର ପଣ୍ଡା, ଡେପୁଟି କଲେକ୍ଟର ଶ୍ରୀତପା ମିଶ୍ର, ଆସିଷ୍ଟାଣ୍ଟ କଲେକ୍ଟର ଭୁବନେଶ୍ୱରୀ କଅଁର, ବିଡିଓ ସନ୍ତୋଷ କୁମାର ଜେନା ଓ ତହସିଲ୍‌ଦାର ତାପସ ବିଶି ପ୍ରମୁଖ ଯୋଗଦେଇ ଅଭିଯୋଗ ଶୁଣାଣି କରିଥିଲେ। ଏହି ଶିବିରରେ ମୋଟ୍ ୧୪୬ଟି ଅଭିଯୋଗ ମଧ୍ୟରୁ ୧୧୫ଟି ବ୍ୟକ୍ତିଗତ ଓ ୩୧ଟି ଅଭିଯୋଗ ଗ୍ରାମୀଣ ସମସ୍ୟା ରହିଥିଲା। ୯ଟି ଅଭିଯୋଗର ତ୍ୱରିତ ସମାଧାନ କରାଯାଇଥିଲା। ସେହିପରି ଦେଉଳି ପଞ୍ଚାୟତର ୪ଟି ଅଭିଯୋଗର ଗୁରୁତ୍ୱର ସହ ବିଚାର କରି ଚିକିତ୍ସା ନିମନ୍ତେ ମୁଖ୍ୟମନ୍ତ୍ରୀଙ୍କ ରିଲିଫ ପାଣ୍ଠିରୁ ୫୦ ହଜାର ଟଙ୍କା ଓ ଜିଲ୍ଲା ରେଡ୍‌କ୍ରସ୍ ପାଣ୍ଠିରୁ ୧୫ ହଜାର ଟଙ୍କା ଜିଲ୍ଲାପାଳ ପ୍ରଦାନ କରିଥିଲେ।

## ଭାରତୀୟ ହାଇକମିସନକୁ ପାଣି, ଗ୍ୟାସ୍ ବନ୍ଦ କଲା ପାକିସ୍ତାନ

ଇସଲାମାବାଦ, ୧୧।୮ (ଏଜେନ୍ସି): ଅପରେସନ ସିନ୍ଦୂର ଦ୍ୱାରା ଝଟ୍‌କା ଖାଇବା ପରେ ପାକିସ୍ତାନ ଏବେ ନିଜର ପରାଜୟକୁ ହଜମ କରିପାରୁନାହିଁ। ଫଳରେ ପାକିସ୍ତାନ ହୀନ କାର୍ଯ୍ୟ କରିବାକୁ ପଛାଉ ନାହିଁ। ଇସଲାମାବାଦ୍‌ସ୍ଥିତ ଭାରତୀୟ ହାଇକମିଶନରେ ନିୟୋଜିତ ଥିବା କର୍ମଚାରୀଙ୍କ ଉପରେ ପାକିସ୍ତାନ ରାଗ ସୁଝାଉଛି। ଭାରତୀୟ ଅଧିକାରୀ ଓ କର୍ମଚାରୀଙ୍କୁ ମୌଳିକ ସୁବିଧା ସୁଯୋଗ ଦେବାକୁ ପାକିସ୍ତାନ ବାରଣ କରିଛି ବୋଲି ଜଣାଯାଇଛି। ପାକିସ୍ତାନ ପାଣି, ଏଲ୍‌ପିଜି ଗ୍ୟାସ୍, ଓ ଖବର କାଗଜ ଦେବାକୁ ବାରଣ କରିଛି। ପାକିସ୍ତାନର ଏଭଳି କାର୍ଯ୍ୟ ଭିଏନା କନଭେସନର ଘୋର ଉଲ୍ଲଂଘନ କରୁଛି। ତେବେ ଏ ସଂକ୍ରାନ୍ତରେ ଭାରତ ଓ ପାକିସ୍ତାନ୍ ତରଫରୁ ଆନୁଷ୍ଠାନିକ ଭାବେ କିଛି କୁହାଯାଇନାହିଁ। ସିନ୍ଧୁ ଜଳ ଚୁକ୍ତିରୁ ଭାରତ ଓହରିଯିବା ପରେ ପାକିସ୍ତାନ ଏହି ନିଷ୍ପତ୍ତି ନେଇଛି ବୋଲି କୁହାଯାଉଛି। ଭାରତୀୟ ହାଇକମିଶନରେ ସୁଇ ନର୍ଦ୍ଦନ ଗ୍ୟାସ ପାଇପଲାଇନ୍ ଲିମିଟେଡ (ଏସ୍‌ଏନଜିପିଏଲ୍) ପାଇପ୍ ଲାଇନ୍ ଗ୍ୟାସର ସପ୍ଲାଇ କରିଥାଏ। କିନ୍ତୁ ଏହାକୁ ଜାଣିଶୁଣି ବନ୍ଦ କରିଦିଆଯାଇଛି ବୋଲି ରିପୋର୍ଟରେ ଉଲ୍ଲେଖ କରାଯାଇଛି। ପୁଣି ସ୍ଥାନୀୟ ଏଲ୍‌ପିଜି ସିଲଣ୍ଡର ବିକ୍ରି କରୁଥିବା ଲୋକଙ୍କୁ ପାକିସ୍ତାନ ଅଧିକାରୀମାନେ ଧମକ ଦେଇ ଭାରତୀୟ ହାଇକମିଶନ ଅଧିକାରୀଙ୍କୁ ନ ଦେବାକୁ ଧମକ ଦେଇଛନ୍ତି। ଫଳରେ ଭାରତୀୟ କର୍ମଚାରୀଙ୍କୁ ଖୋଲା ବଜାରରେ ମହଙ୍ଗା ମୂଲ୍ୟରେ ସିଲିଣ୍ଡର କିଣିବାକୁ ପଡୁଛି। ସେହିପରି ପାଣି ବିକ୍ରେତାଙ୍କୁ ମଧ୍ୟ ଧମକ ଦିଆଯାଇଛି। ସାମାନ୍ୟ ଭାବେ ଉପଲବ୍ଧ ପାଣି ଖାଇବା କିମ୍ବା ପିଇବା ଯୋଗ୍ୟ ହୋଇ ନଥିବାରୁ କର୍ମଚାରୀମାନେ ସମସ୍ୟାର ସମ୍ମୁଖୀନ ହେଉଛନ୍ତି।

## ସବୁ ବାସହରାଙ୍କୁ ହଟାଇବେ ଟ୍ରମ୍ପ

ୱାଶିଂଟନ, ୧୧।୮(ଏଜେନ୍ସି): ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଆଉ ଏକ ଘୋଷଣା କରି ବିବାଦ ସୃଷ୍ଟି କରିଛନ୍ତି। ରାଜଧାନୀ ୱାଶିଂଟନରୁ ସବୁ ବାସହରା ଲୋକଙ୍କୁ ହଟାଇବାକୁ ସେ ନିର୍ଦ୍ଦେଶ ଦେଇଛନ୍ତି। ଅପରାଧ ସମସ୍ୟାକୁ ନିୟନ୍ତ୍ରଣ ପାଇଁ ଏପରି ନିଷ୍ପତ୍ତି ନିଆଯାଇଛି ବୋଲି ସେ କହିଛନ୍ତି। ଏହି ବାସହରାଙ୍କୁ ରହିବା ପାଇଁ ରାଜଧାନୀଠାରୁ ବହୁତ ଦୂରରେ ସ୍ଥାନ ଦିଆଯିବ। କିନ୍ତୁ ଅପରାଧୀଙ୍କୁ କେଉଁଠାକୁ ପଠାଯିବ ନାହିଁ। କାରଣ ଏମାନେ ଜେଲ୍‌ରେ ହିଁ ରହିବେ ବୋଲି ସେ ସ୍ପଷ୍ଟ କରିଛନ୍ତି। ସାମାଜିକ ଗଣମାଧ୍ୟମରେ କେତୋଟି ତମ୍ବୁ, ଆବର୍ଜନାର ଫଟୋ ପୋଷ୍ଟ କରି ଟ୍ରମ୍ପ ଏହି ଘୋଷଣା କରିଛନ୍ତି। ୱାଶିଂଟନକୁ ଏବେ ପୁଣିଥରେ ସଫା ସୁତୁରା କରାଯିବା ସହ ସୁରକ୍ଷିତ ରଖିବାକୁ ପଦେକ୍ଷପ ନିଆଯିବ ବୋଲି ସେ କହିଛନ୍ତି। ଏଥିପାଇଁ ସେ ୱାଶିଂଟନରେ ନ୍ୟାସନାଲ ଗାର୍ଡ ସହିତ ୪୫୦ ଅଧିକାରୀଙ୍କୁ ନିୟୋଜିତ କରିଛନ୍ତି।

## ମୋଦୀଙ୍କ ସହ କଥାହେଲେ ଜେଲେଁସ୍କି

ନୂଆଦିଲ୍ଲୀ, ୧୧।୮(ଏଜେନ୍ସି): ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ସୋମବାର ସନ୍ଧ୍ୟାରେ ୟୁକ୍ରେନ ରାଷ୍ଟ୍ରପତି ଭୋଲଡାମିର ଜେଲେଁସ୍କିଙ୍କ ସହ କଥା ହୋଇଛନ୍ତି। ରୁଷ ସହ ଚାଲିଥିବା ଯୁଦ୍ଧର ଯଥାଶୀଘ୍ର ଶାନ୍ତିପୂର୍ଣ୍ଣ ସମାଧାନ ନେଇ ଭାରତର ସ୍ଥିର ମାନସିକତା ଓ ଭୂମିକା ସମ୍ପର୍କରେ ମୋଦୀ ତାଙ୍କୁ ଅବଗତ କରାଇଥିଲେ। ଶାନ୍ତି ପ୍ରତିଷ୍ଠା ପାଇଁ ଭାରତ ସବୁପ୍ରକାର ସହଯୋଗ କରିବାକୁ ବଦ୍ଧପରିକର ବୋଲି ମୋଦୀ ଏକ୍ସରେ ସୂଚନା ଦେଇଛନ୍ତି। ଏହି ସମୟରେ ରୁଷରୁ ସୀମିତ ପରିମାଣର ତୈଳ ଆମଦାନୀ କରିବା ପାଇଁ ଜେଲେଁସ୍କି ମୋଦୀଙ୍କୁ କହିଥିଲେ। ବିପୁଳ ପରିମାଣରେ ତୈଳ ଓ ଶକ୍ତି ସାମଗ୍ରୀ କ୍ରୟ କରିବା ଦ୍ୱାରା ଯୁଦ୍ଧରେ ରୁଷିଆକୁ ଆର୍ଥିକ ସହାୟତା ଓ ବଳ ମିଳୁଥିବା ଉଲ୍ଲେଖ କରିଥିଲେ।

## ବିହାର ବନ୍ୟାରେ ୧୦ ଲକ୍ଷ ପ୍ରଭାବିତ

ନୂଆଦିଲ୍ଲୀ, ୧୧।୮(ଏଜେନ୍ସି): ଉତ୍ତରପ୍ରଦେଶ ଓ ବିହାରରେ ପ୍ରବଳ ବର୍ଷା ଯୋଗୁ ବନ୍ୟା ସ୍ଥିତି ଉପୁଜିଛି। ବିହାରର ୭ଟି ଜିଲ୍ଲାର ୧୦ ଲକ୍ଷ ଲୋକ ଏଥିରେ ପ୍ରଭାବିତ ହୋଇଛନ୍ତି। ଗଙ୍ଗା ସମେତ ବିହାରରେ ୧୦ଟି ପ୍ରମୁଖ ନଦୀର ଜଳସ୍ତର ବିପଦ ସଂକେତ ଉପରେ ରହିଛି। ଏପର୍ଯ୍ୟନ୍ତ ୧୧ ଜଣ ଲୋକ ମୃତ୍ୟୁବରଣ କଲେଣି। ସେହିପରି ଉତ୍ତରପ୍ରଦେଶ ମୁରାଦାବାଦର ରାମଗଙ୍ଗା ନଦୀରେ ବନ୍ୟା ଆସିଛି। ଗତ ୨୪ ଘଣ୍ଟା ମଧ୍ୟରେ ୟୁପିରେ ୫୪ ଜିଲ୍ଲାରେ ୫.୯ ମିମି ବର୍ଷା ହୋଇଛି। ସେହିପରି ହିମାଚଳ ପ୍ରଦେଶରେ ପ୍ରବଳ ବର୍ଷା ଯୋଗୁଁ ଭୂସ୍ଖଳନ କାରଣରୁ ଏନ୍‌ଏଚ୍-୩୦୫ ସମେତ ୩୬୦ରୁ ଊର୍ଦ୍ଧ୍ୱ ସଡକ ବନ୍ଦ ହୋଇଛି। ଏପର୍ଯ୍ୟନ୍ତ ୧୧୬ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି ଓ ୩୭ ଜଣ ନିଖୋଜ ଅଛନ୍ତି। ଅନ୍ୟପଟେ ଉତ୍ତରାଖଣ୍ଡରେ ଉତ୍ତରକାଶୀରୁ ରବିବାର ୨୦ ଲୋକଙ୍କୁ ସୁରକ୍ଷିତ ଭାବେ ଉଦ୍ଧାର କରାଯାଇଛି।

## ଖାଇକୁ ପିକ୍‌ଅପ୍ ଖସି ୬ ମହିଳା ମୃତ

ମୁମ୍ବଇ, ୧୧।୮(ଏଜେନ୍ସି): ମହାରାଷ୍ଟ୍ରର ପୁଣେ ନିକଟସ୍ଥ ଖେଡ ତାଲୁକାରେ ସୋମବାର ଦ୍ୱିପହରେ ବଡ଼ ଦୁର୍ଘଟଣା ଘଟିଛି। ପିକ୍‌ଅପ୍ ଜିପ୍ ନିୟନ୍ତ୍ରଣ ହରାଇ ଖାଇକୁ ଖସି ପଡ଼ିବାରୁ ୬ ମହିଳା ମୃତ୍ୟୁବରଣ କରିଛନ୍ତି। ୨୨ରୁ ଊର୍ଦ୍ଧ୍ୱ ମହିଳା ଗୁରୁତର ଭାବେ ଆହତ ହୋଇଛନ୍ତି। କୁଣ୍ଡେଶ୍ୱର ମନ୍ଦିରକୁ ଦର୍ଶନ ପାଇଁ କ୍ଷମତାରୁ ଅଧିକ ସଂଖ୍ୟାରେ ଶ୍ରଦ୍ଧାଳୁ ଏହି ପିକ୍‌ଅପ୍‌ରେ ଯାତ୍ରା କରୁଥିଲେ। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏହାକୁ ନେଇ ଗଭୀର ଶୋକ ପ୍ରକାଶ କରିଛନ୍ତି। ସେ ମୃତକଙ୍କ ପରିବାରକୁ ୨ ଲକ୍ଷ ଟଙ୍କା ଓ ଆହତଙ୍କୁ ୫୦ ହଜାର ଟଙ୍କାର ଅନୁକମ୍ପାମୂଳକ ରାଶି ଦେବାକୁ ଘୋଷଣା କରିଛନ୍ତି।

## ୧ରୁ ଦିଲ୍ଲୀ-ୱାଶିଂଟନ୍ ବିମାନ ଉଡାଣ ବନ୍ଦ

ନୂଆଦିଲ୍ଲୀ, ୧୧।୮(ଏଜେନ୍ସି): ସେପ୍ଟେମ୍ବର ୧ରୁ ଦିଲ୍ଲୀରୁ ୱାଶିଂଟନ ଯାଉଥିବା ବିମାନ ଉଡାଣକୁ ବନ୍ଦ କରାଯିବ ବୋଲି ଏୟାର ଇଣ୍ଡିଆ ତରଫରୁ ସୋମବାର ଘୋଷଣା କରାଯାଇଛି। ପରିଚାଳନା ଗତ କାରଣକୁ ଦୃଷ୍ଟିରେ ରଖି ଏହି ନିଷ୍ପତ୍ତି ନିଆଯାଇଛି ବୋଲି କୁହାଯାଇଛି। ଉଡାଣ ପାଇଁ ବହୁ ଏୟାର ଇଣ୍ଡିଆ ବୋଇଂ ୭୮୭-୮ ଡ୍ରିମଲାଇନର ବିମାନ ଉପଲବ୍ଧ ହେବ ନାହିଁ। ଅହମଦାବାଦ ବିମାନ ଦୁର୍ଘଟଣାର ଦୁଇମାସ ପରେ ଏହି ନିଷ୍ପତ୍ତି ନିଆଯାଇଛି। ଆବଶ୍ୟକ ସଂଖ୍ୟାରେ ବିମାନ ନ ଥିବାରୁ ଓ ଏୟାର ଇଣ୍ଡିଆର ପୂରା ନେଟ୍‌ୱର୍କର ବିଶ୍ୱସନୀୟତାକୁ ବଜାୟ ରଖିବା ପାଇଁ ଏହାର ଆବଶ୍ୟକତା ଥିଲା ବୋଲି କୁହାଯାଇଛି। ୨୦୨୬ ଶେଷ ଆଡକୁ ବିମାନ ଉପଲବ୍ଧ ହେବ ବୋଲି ଆଶା କରାଯାଉଛି।

# ଗାଜାରେ ଇସ୍ରାଏଲ ସେନାର ଆକ୍ରମଣ

## ୫ ସାମ୍ବାଦିକ ନିହତ, ସାମ୍ବାଦିକଙ୍କୁ ହମାସ୍ ଆତଙ୍କବାଦୀ କହିଲା ଆଇଡିଏଫ୍

## ଗାଜାରେ ଏ ପର୍ଯ୍ୟନ୍ତ ଗଲାଣି ୨୦୦ ସାମ୍ବାଦିକଙ୍କ ଜୀବନ

ଗାଜା, ୧୧।୮ (ଏଜେନ୍ସି): ଗାଜାରେ ଇସ୍ରାଏଲ ସେନା (ଆଇଡିଏଫ)ର ବର୍ବରତା ସୀମା ଟପିଛି। ସାଧାରଣ ନାଗରିକଙ୍କୁ ଜୀବନ ନେଉଥିବା ଆଇଡିଏଫ୍ ଏବେ ସାମ୍ବାଦିକଙ୍କୁ ହତ୍ୟା କରିବାକୁ ବି ପଛାଇ ନାହିଁ। ଇସ୍ରାଏଲ ସେନା ରବିବାର ରାତିରେ ଗାଜାର ଅଲ୍-ସିଫା ଡାକ୍ତରଖାନା ନିକଟରେ ଶିବିର ବନାଇ ରହୁଥିବା ସାମ୍ବାଦିକଙ୍କ ଉପରେ ଜୋରଦାର ଆକ୍ରମଣ କରିଛି। ଏଥିରେ ଅତିକମ୍‌ରେ ୫ ଜଣ ସାମ୍ବାଦିକଙ୍କ ମୃତ୍ୟୁ ହୋଇଛି। ଏମାନଙ୍କ ମଧ୍ୟରେ ରିପୋର୍ଟର ଅନସ ଅଲ-ସରିଫ (୨୮) ଏବଂ ମହମ୍ମଦ କରିକେହ, କ୍ୟାମେରାମ୍ୟାନ ଇବ୍ରାହିମ ଜହିର, ମୋଆମେନ ଅଲିଭା ଏବଂ ମହମ୍ମଦ ନୌଫଲ ସାମିଲ ଅଛନ୍ତି। ଏହି ଆକ୍ରମଣରେ ସାମ୍ବାଦିକଙ୍କ ସମେତ ମୋଟ ୭ ଜଣଙ୍କ ମୃତ୍ୟୁ ହୋଇଛି। ରିପୋର୍ଟର ଅନସଙ୍କୁ ନିଶାଣ କରି ଏହି ଆକ୍ରମଣ ହୋଇଥିବା ଇସ୍ରାଏଲ ସ୍ୱୀକାର କରିଛି।

ଆଇଡିଏଫ ଅନସଙ୍କୁ ଆତଙ୍କବାଦୀ କହିଛି। ସେ ହମାସର ଆତଙ୍କବାଦୀ ସେଲ୍‌ର ମୁଖ୍ୟ ଭାବେ କାମ କରିଥିଲା ବୋଲି କୁହାଯାଇଛି। ସେ ଇସ୍ରାଏଲ ନାଗରିକ ଏବଂ ସୈନିକଙ୍କ ଉପରେ ରକେଟ୍ ଆକ୍ରମଣ କରୁଥିଲା। ଗାଜାରେ ରିପୋର୍ଟିଂ କରୁଥିବା ପରିଚିତ ସାମ୍ବାଦିକଙ୍କ ମଧ୍ୟରୁ ଅନିସ ଅନ୍ୟତମ ଥିଲେ। ରିପୋର୍ଟିଂ ପାଇଁ ତାଙ୍କୁ ୨୦୧୮ ରେ ପାଲେଷ୍ଟାଇନରେ 'ଶ୍ରେଷ୍ଠ ଯୁବ ସାମ୍ବାଦିକ'ର ପୁରସ୍କାର ମିଳିଥିଲା। ସେ ମୃତ୍ୟୁର କିଛି ସମୟ ପୂର୍ବରୁ ଇସ୍ରାଏଲ ସେନା ବୋମାମାଡ଼ର ଭିଡିଓ



ସେୟାର କରିଥିଲେ। କ୍ରମାଗତ ଦୁଇ ଘଣ୍ଟା ହେଲା ଇସ୍ରାଏଲ ବୋମା ମାଡ଼ କରୁଥିବା କହିଥିଲେ। ଏହା ପୂର୍ବରୁ ୨୦୨୩ ଡିସେମ୍ବରରେ ଅନସଙ୍କ ପିତା ଇସ୍ରାଏଲ ବୋମାମାଡ଼ରେ ପ୍ରାଣ ହରାଇ ଥିଲେ। ସେ ଜବାଲିଆ ଶରଣାର୍ଥୀ ଶିବିରରେ ଥିଲେ। ପିତାଙ୍କ ମୃତ୍ୟୁ ସତ୍ତ୍ୱେ ସେ ଗାଜାରେ ରିପୋର୍ଟିଂ ଜାରି ରଖିଥିଲେ।

୨୨ ମାସ ହେଲା ଗାଜାରେ ଚାଲିଥିବା ଯୁଦ୍ଧରେ ଏ ପର୍ଯ୍ୟନ୍ତ ୨୦୦ ସାମ୍ବାଦିକଙ୍କ ଜୀବନ ଗଲାଣି। ଅନସଙ୍କ ମୃତ୍ୟୁକୁ ନେଇ ଗାଜାର ସାମ୍ବାଦିକ ସୁରକ୍ଷା ସମିତି (ସିପିଜେ) ତୀବ୍ର ଅସନ୍ତୋଷ ପ୍ରକାଶ କରିଛି। ବିନା ପ୍ରମାଣରେ ସାମ୍ବାଦିକଙ୍କୁ ଆତଙ୍କବାଦୀ କହିବା ଏବଂ ସାମ୍ବାଦିକଙ୍କ ସ୍ୱାଧୀନତା ପ୍ରତି ଇସ୍ରାଏଲର ଆଭିମୁଖ୍ୟକୁ ଦର୍ଶାଉଛି। ଏହା ପୂର୍ବରୁ ଇସ୍ରାଏଲ ପ୍ରଧାନମନ୍ତ୍ରୀ ବେଞ୍ଜାମିନ ନେତନ୍ୟାହୁ ଗାଜାକୁ କବ୍‌ଜା କରିବା ପାଇଁ ଯୋଜନା କରିଥିଲେ। ଗାଜା ଷ୍ଟ୍ରିପ୍‌ର ଉତ୍ତରାଞ୍ଚଳରେ ଥିବା ଗାଜା ସିଟିକୁ କବ୍‌ଜା ପାଇଁ ଇସ୍ରାଏଲ ସୁରକ୍ଷା କ୍ୟାବିନେଟ ମଧ୍ୟ ସେନାକୁ ମଞ୍ଜୁରି ଦେଇଥିଲା। ପ୍ରଧାନମନ୍ତ୍ରୀଙ୍କ ଅଫିସ ପକ୍ଷରୁ ଏହାର ସୂଚନା ଦିଆଯାଇଥିଲା। ତେବେ ଏହି ଯୋଜନାକୁ ଇସ୍ରାଏଲ ସେନାମୁଖ୍ୟ ବିରୋଧ କରିଥିଲେ।

## ପାଲେଷ୍ଟାଇନ୍‌କୁ ରାଷ୍ଟ୍ର ମାନ୍ୟତା ଦେବ ଅଷ୍ଟ୍ରେଲିଆ

କାନବେରା, ୧୧।୮(ଏଜେନ୍ସି): ପାଲେଷ୍ଟାଇନ୍‌କୁ ସ୍ୱତନ୍ତ୍ର ରାଷ୍ଟ୍ରର ମାନ୍ୟତା ଦେବାକୁ ଆଉ ଏକ ଦେଶ ଘୋଷଣା କରିଛି। ବ୍ରିଟେନ, ଫ୍ରାନ୍ସ, କାନାଡ଼ା ପରେ ଏବେ ଅଷ୍ଟ୍ରେଲିଆ ଏହି ଘୋଷଣା କରିଛି। ଅଷ୍ଟ୍ରେଲିଆର ପ୍ରଧାନମନ୍ତ୍ରୀ ଆନ୍ଥୋନୀ ଆଲବାନିଜ୍ ଆସନ୍ତା ମାସରେ ଏ ନେଇ ନିଷ୍ପତ୍ତି ନିଆଯିବ ବୋଲି ସୋମବାର କହିଛନ୍ତି। ଯେତେବେଳେ ଫ୍ରାନ୍ସ ଏହି ଘୋଷଣା କରିଥିଲା, ସେତେବେଳେ ଅଷ୍ଟ୍ରେଲିଆ ଏହାକୁ ସମର୍ଥନ କରି ନ ଥିଲା। ଏଭଳି ନିଷ୍ପତ୍ତି ନେବ ନାହିଁ ବୋଲି କୁହା ଯାଇଥିଲା। କିନ୍ତୁ ଗତ ଦୁଇ ସପ୍ତାହ ହେଲା ବ୍ରିଟେନ, ଫ୍ରାନ୍ସ, ନ୍ୟୁଜିଲାଣ୍ଡ ଓ ଜାପାନ ସହ ଆଲୋଚନା କରିବା ପରେ ଏହି ନିଷ୍ପତ୍ତି ନିଆଯାଇଛି ବୋଲି ସେ କହିଛନ୍ତି। ନ୍ୟୁଜିଲାଣ୍ଡର ବୈଦେଶିକ ମନ୍ତ୍ରୀ ବିଙ୍ଗଷ୍ଟନ ପିଟର୍ସ ମଧ୍ୟ ପାଲେଷ୍ଟାଇନ୍‌କୁ ଏକ ସ୍ୱତନ୍ତ୍ର ଦେଶର ମାନ୍ୟତା ଦେବାକୁ ବିଚାର କରାଯାଉଛି ବୋଲି କହିଛନ୍ତି। ଗାଜାରେ ବର୍ତ୍ତମାନର ସ୍ଥିତି ଅତ୍ୟନ୍ତ ଉଦ୍‌ବେଗଜନକ ଓ ଏହା ଏକ ଦୁଃସ୍ୱପ୍ନ ପରି ଲାଗୁଛି। ଇସ୍ରାଏଲ କ୍ରମାଗତ ଭାବେ ଅନ୍ତର୍ଜାତୀୟ ଆଇନକୁ ଅଣଦେଖା କରୁଛି । ତେଣୁ ଏ ସବୁ ସମସ୍ୟାର ସମାଧାନ ପାଇଁ ପାଲେଷ୍ଟାଇକୁ ଏକ ସ୍ୱତନ୍ତ୍ର ରାଷ୍ଟ୍ରର ମାନ୍ୟତା ଦେବାର ସମୟ ଆସିଯାଇଛି ବୋଲି ସେ କହିଛନ୍ତି। ତେବେ ଏଥିପାଇଁ ଅଷ୍ଟ୍ରେଲିଆ କେତୋଟି ସର୍ତ୍ତ ରଖିଛି।ସ୍ୱତନ୍ତ୍ର ରାଷ୍ଟ୍ରର ମାନ୍ୟତା ପାଇବା ପରେ ପାଲେଷ୍ଟାଇନ୍ ତା'ର ଅଞ୍ଚଳରେ କୌଣସି ଆତଙ୍କବାଦୀ କାର୍ଯ୍ୟକଳାପକୁ ପ୍ରଶ୍ରୟ ଦେବା ଉଚିତ ନୁହଁ ବୋଲି ଅଷ୍ଟ୍ରେଲିଆ ପକ୍ଷରୁ କୁହାଯାଇଛି। ଉଲ୍ଲେଖଥାଉ କି, ଭାରତ ସମେତ ବିଶ୍ୱର ୧୪୫ଟି ଦେଶ ପାଲେଷ୍ଟାଇନ୍‌କୁ ରାଷ୍ଟ୍ରର ମାନ୍ୟତା ଦେବାକୁ ଘୋଷଣା କରିସାରିଛନ୍ତି।

# ମୁନୀରଙ୍କ ପରମାଣୁ ଧମକକୁ ଭାରତର କଡ଼ା ଜବାବ

ଟେକ୍‌ସାସ୍, ୧୧।୮(ଏଜେନ୍ସି): ପାକିସ୍ତାନ ସେନାମୁଖ୍ୟ ଅସିମ ମୁନୀରଙ୍କ ପରମାଣୁ ଧମକକୁ ଭାରତ କଡ଼ା ଜବାବ ଦେଇଛି। ଭାରତ ପରମାଣୁ ବ୍ଲାକମେଲ ଅର୍ଥାତ ପରମାଣୁ ବୋମା ଧମକ ଆଗରେ ନଇଁଯିବ ନାହିଁ। ନିଜକୁ କିପରି ସୁରକ୍ଷିତ ରଖାଯିବ ତାହା ଆମକୁ ଭଲ ଭାବେ ଜଣା। ପରମାଣୁ ଅସ୍ତ୍ର ଦେଖାଇବା ପାକିସ୍ତାନର ପୁରୁଣା ଅଭ୍ୟାସ ବୋଲି ଭାରତର ବୈଦେଶିକ ମନ୍ତ୍ରଣାଳୟ ତରଫରୁ କୁହାଯାଇଛି। ମୁନୀରଙ୍କ ଏଭଳି ମନ୍ତବ୍ୟ ଦାୟିତ୍ୱହୀନାତକୁ ସୂଚାଉଛି। ପୁଣି ବିଶ୍ୱରେ ମହାଶକ୍ତି ଭବେ ସର୍ବମାନ୍ୟ ହୋଇଥିବା ଆମେରିକା ଭଳି ଦେଶରେ ରହି



**ଭାରତ ଏଭଳି ଧମକ ଆଗରେ ନଇଁବ ନାହିଁ**

**ଆମେରିକା ମାଟିରୁ ମୁନୀରଙ୍କ ଧମକ ଦୁର୍ଭାଗ୍ୟଜନକ**

ଏଭଳି ଧମକ ଦେବାକୁ ଆଦୌ ହାଲକା ଭାବେ ଗ୍ରହଣ କରାଯାଇପାରି ନାହିଁ। ଏହା ଦୁର୍ଭାଗ୍ୟଜନକ ବୋଲି ଭାରତ ହୃଦୟଙ୍ଗମ କରିଛି। ଯେଉଁ ଦେଶରେ ପରମାଣୁ ଅସ୍ତ୍ର ସୁରକ୍ଷିତ ନାହିଁ, ସେହି ଦେଶରେ ସେନା ଓ ଆତଙ୍କବାଦୀଙ୍କ ମଧ୍ୟରେ ସମ୍ପର୍କ ଥିବା ଧରି ନିଆଯାଏ। ଭାରତ ଓ ଆମେରିକା ମଧ୍ୟରେ ଟାରିଫ୍‌କୁ ନେଇ ସଂଘର୍ଷ ଚାଲିଥିବା ବେଳେ ମୁନୀରଙ୍କ ଏଭଳି ମନ୍ତବ୍ୟ ଆଦୌ ଗ୍ରହଣୀୟ ନୁହଁ ବୋଲି ଭାରତୀୟ ବୈଦେଶିକ ମନ୍ତ୍ରଣାଳୟ ପକ୍ଷରୁ କୁହାଯାଇଛି।

ମୁନୀର ଏବେ ଆମେରିକା ଗସ୍ତରେ ଅଛନ୍ତି। ଗତ ଦୁଇମାସରେ ସେ ଦ୍ୱିତୀୟଥର ଆମେରିକା ଯାଇଛନ୍ତି। ଭାରତ ସିନ୍ଧୁ ନଦୀ ଉପରେ ଡ୍ୟାମ ବନାଇଲେ ଆମେ ମିସାଇଲ ମାଡ଼ କରି ତାହକୁ ଭାଙ୍ଗିଦେବୁ ବୋଲି ସେ ରବିବାର କହିଥିଲେ। ସିନ୍ଧୁ ନଦୀ ଭାରତର ପାରିବାରିକ ସମ୍ପତ୍ତି ନୁହଁ। ଆମେ ପାଖରେ ମିସାଇଲର ଅଭାବ ନାହିଁ। ସିନ୍ଧୁ ଚୁକ୍ତି ଭାରତ ରଦ୍ଦ କଲେ, ପାକିସ୍ତାନରେ ୨୫ କୋଟି ଲୋକ ଅନାହାର ମୃତ୍ୟୁ ସଂକଟରେ ପଡ଼ିବେ। ପାକିସ୍ତାନ ଏକ ପରମାଣୁ ଶକ୍ତିସମ୍ପର୍ଣ୍ଣ ରାଷ୍ଟ୍ର। ଯଦି ଆମେ ବୁଡ଼ିବୁ, ତାହାଲେ ଅଧା ଦୁନିଆକୁ ସାଙ୍ଗରେ ନେଇ ବୁଡିବୁ ବୋଲି ସେ ଧମକ ଦେଇଥିଲେ। ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କୁ ନୋବେଲ ଶାନ୍ତି ପୁରସ୍କାର ଦେବାକୁ ମୁନୀର ତାଙ୍କ ପ୍ରଥମ ଆମେରିକା ଗସ୍ତ ଅବସରରେ ପ୍ରସ୍ତାବ ଦେଇଥିଲେ। ଅନ୍ୟପଟେ ଇସ୍ରାଏଲ ବନ୍ଧୁ ରାଷ୍ଟ୍ର ଭାରତକୁ ଅକୁଣ୍ଠ ସମର୍ଥନ ଦେଇଛି। ଭାରତକୁ ସମର୍ଥନ ଜାରି ରଖିବୁ ବୋଲି କୁହାଯାଇଛି।

## ସାଂସଦଙ୍କ ୧୮୪ ଫ୍ଲାଟ୍ ଉଦ୍‌ଘାଟନ କଲେ ମୋଦୀ



ନୂଆଦିଲ୍ଲୀ, ୧୧।୮(ଏଜେନ୍ସି): ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ସ୍ଥାନୀୟବାବା ଖଡକସିଂ ମାର୍ଗରେ ସାଂସଦଙ୍କ ପାଇଁ ନିର୍ମିତ ହୋଇଥିବା ୧୮୪ଟି ନୂଆ ଫ୍ଲାଟ୍‌କୁ ସୋମବାର ଉଦ୍‌ଘାଟନ କରିଛନ୍ତି। ଏହି ସବୁ ଫ୍ଲାଟ୍ ଟାଇପ୍-୭ର ବହୁତଳ ଆପାର୍ଟମେଣ୍ଟ। ମୋଦୀ ଅପରେସନ ସିନ୍ଦୂରର ଚାରା ମଧ୍ୟ ଲଗାଇଥିଲେ। ସେ ମଧ୍ୟ ଏହି ଫ୍ଲାଟ ନିର୍ମାଣରେ ନିୟୋଜିତ ଶ୍ରମିକମାନଙ୍କୁ ଭେଟିଥିଲେ। ୪ଟି ଟାୱାରରେ ଏହି ଫ୍ଲାଟଗୁଡିକ ରହିଛି। ଏହି ଟାୱାର ବା ସୌଧଗୁଡିକର ନାମ ଭାରତର ୪ଟି ପ୍ରମୁଖ ନଦୀଙ୍କ ନାମରେ ନାମିତ। ସେଗୁଡିକ ହେଲା କୃଷ୍ଣା, ଗୋଦାବରୀ, କୋଶୀ ଓ ହୁଗୁଳି। ସଂସଦଙ୍କ ପାଇଁ ଆବଶ୍ୟକ ସଂଖ୍ୟାରେ ବାସଭବନ ନ ଥିବାରୁ ଏହି ସବୁ ଫ୍ଲାଟ ନିର୍ମାଣ କରାଯାଇଛି। ସୀମିତ ଜମି ଥିବାରୁ ଉଚ୍ଚ ଟାୱାର ନିର୍ମାଣ କରାଯାଇଛି। ଅଳ୍ପ ଜାଗାରେ ନିର୍ମିତ ହୋଇଥିବାରୁ ଏହି ଫ୍ଲାଟଗୁଡିକର ରକ୍ଷଣାବେକ୍ଷଣ ମଧ୍ୟ ସହଜ ହେବ। ଏହି ଫ୍ଲାଟଗୁଡିକରେ ଅତ୍ୟାଧୁନିକ ସୁବିଧା ସୁଯେଗା ଉପଲବ୍ଧ ହେବ। ଏଥିରେ ଗ୍ରୀନ୍ ଟେକ୍ନୋଲୋଜି ବ୍ୟବହୃତ ହୋଇଛି। ଫଳରେ ଏହା ପରିବେଶ ଅନୁକୂଳ ହେବା ସହ ଶକ୍ତି ଅପଚୟକୁ ରୋକିବାରେ ସମର୍ଥ ହେବ। ଏହି ପ୍ରକଳ୍ପକୁ ଜିଆରଆଇଏଚ୍ଏ ୩- ଷ୍ଟାର ରେଟିଂର ମାନଦଣ୍ଡରେ ୨୦୧୬ର ନ୍ୟାସନାଲ ବିଲ୍ଡିଂ କୋଡର ନିୟମ ଅନୁସାରେ ନିର୍ମାଣ କରାଯାଇଛି। ସାଂସଦଙ୍କ ଏହି ଫ୍ଲାଟ ସବୁ ୫ ହଜାର ବର୍ଗ ଫୁଟ୍ ବିଶିଷ୍ଟ। ଏଠାରେ ସାଂସଦଙ୍କ ବାସଭବନ ସହ, ତାଙ୍କ କାର୍ଯ୍ୟାଳୟ, ଷ୍ଟାଫଙ୍କ କୋଠରୀ ଓ ସାମୁଦାୟିକ କେନ୍ଦ୍ର ବି ରହିଛି। ସବୁ ଟାୱାର ଭୂକମ୍ପ ନିରୋଧୀ ଓ ସୁରକ୍ଷା ତଥା ନିରାପତ୍ତା ବ୍ୟବସ୍ଥା ପାଇଁ ଦୃଢ଼ ବ୍ୟବସ୍ଥା କରାଯାଇଛି। ଏଗୁଡିକର ନିର୍ମାଣରେ ନୂଆ ବୈଷୟିକ ଜ୍ଞାନକୌଶଳ ବ୍ୟବହାର କରାଯାଇଛି।

## ସେନାର ଆଇନଗତ ଶାଖାରେ ସଂରକ୍ଷଣକୁ ଉଚ୍ଛେଦ କଲେ ସୁପ୍ରିମକୋର୍ଟ

## ପୁରୁଷଙ୍କ ପାଇଁ ପଦବୀ ସଂରକ୍ଷିତ ରଖିପାରିବେନି

ନୂଆଦିଲ୍ଲୀ, ୧୧।୮ (ଏଜେନ୍ସି): ଭାରତୀୟ ସେନାର ଆଇନଗତ ଶାଖା ଜଜ୍ ଆଡଭୋକେଟ ଜେନେରାଲ (ଜେଏଜି) ରେ ଥିବା ସଂରକ୍ଷଣ ନୀତିକୁ ସୁପ୍ରିମକୋର୍ଟ ସୋମବାର ଉଚ୍ଛେଦ କରି ଦେଇଛନ୍ତି। ଏହି ଶାଖାରେ ୨ ଅନୁପାତ ୧ରେ ପୁରୁଷ ଏବଂ ମହିଳାଙ୍କୁ ନିଯୁକ୍ତି ଦିଆଯାଉଥିଲା। ଦୁଇ ମହିଳା ଆଶାୟୀଙ୍କ ଆବେଦନର ଶୁଣାଣି କରି ସୁପ୍ରିମକୋର୍ଟ ଏହି ରାୟ ଦେଇଛନ୍ତି। ପୁରୁଷଙ୍କ ପାଇଁ କୌଣସି ପଦବୀକୁ ସରକାର ସଂରକ୍ଷଣ କରି ରଖିପାରିବେ ନାହିଁ। ଏହି ନୀତି ମନମୁଖୀ। ଏହା ସମ୍ବିଧାନର ସମାନତା ଅଧିକାରକୁ ଉଲ୍ଲଙ୍ଘନ କରୁଛି। ମହିଳାଙ୍କ ପଦବୀକୁ ସୀମିତ କରିବା ଭୁଲ୍। ସବୁଠାରୁ ଯୋଗ୍ୟ ପ୍ରାର୍ଥୀଙ୍କୁ ଚୟନ କରିବା ପାଇଁ ଲିଙ୍ଗଗତ ସମାନତାର ଉଦ୍ଦେଶ୍ୟ। କୌଣସି ଦେଶ ଯୋଗ୍ୟତାକୁ ଛାଡ଼ି ଭେଦଭାବପୂର୍ଣ୍ଣ ନୀତି ଆପଣାଇଲେ ସୁରକ୍ଷିତ ରହିପାରିବ ନାହିଁ। ଏବେଠାରୁ ଯୁଗ୍ମ ଯୋଗ୍ୟ ତାଲିକା ଆଧାରରେ ନିଯୁକ୍ତି କରାଯାଉ। ପୁରୁଷ ଏବଂ ମହିଳାଙ୍କ ପାଇଁ ଅଲଗା ଅଲଗା କୋଟା ନ ରଖାଯାଉ ବୋଲି ଜଷ୍ଟିସ ଦୀପାଙ୍କର ଦତ୍ତା ଏବଂ ଜଷ୍ଟିସ ମନମୋହନଙ୍କ ଖଣ୍ଡପୀଠ କହିଛନ୍ତି।

ସୂଚନା ଅନୁଯାୟୀ ଦୁଇ ମହିଳା ଆବେଦନକାରୀ ଯୋଗ୍ୟ ତାଲିକାର ଚତୁର୍ଥ ଏବଂ ପଞ୍ଚମ ସ୍ଥାନରେ ଥିଲେ। କିନ୍ତୁ କେବଳ ତିନୋଟି ପଦବୀ ଥିବାରୁ ତାଙ୍କୁ ନିଯୁକ୍ତି ମିଳି ନ ଥିଲା। ମାତ୍ର ତାଙ୍କଠୁ କମ୍ ମାର୍କ ରଖିଥିବା ପୁରୁଷଙ୍କୁ ନିଯୁକ୍ତି କରାଯାଇଥିଲା। ସୁପ୍ରିମକୋର୍ଟ ଏହି ମାମଲାରେ ଜଣେ ଆବେଦନକାରୀଙ୍କୁ ତୁରନ୍ତ ସେବାରେ ସାମିଲ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଜେଏଜିରେ ମୋଟ ୯ ପଦବୀରେ ନିଯୁକ୍ତି ହେବାର ଥିଲା। ସଂରକ୍ଷଣ ନୀତି ଅନୁଯାୟୀ ୬ ପୁରୁଷ ଏବଂ ୩ ମହିଳାଙ୍କୁ ଚୟନ କରାଯାଇଥିଲା। ଏହାକୁ ନେଇ ଖଣ୍ଡପୀଠ କହିଥିଲେ ଯେ ପୂର୍ବରୁ ମହିଳାଙ୍କୁ କମ୍ ସୁଯୋଗ ମିଳିଛି। ଏହାକୁ ଭରଣା କରିବା ପାଇଁ ଅତିକମ୍‌ରେ ୫୦ ପ୍ରତିଶତ ସିଟ୍ ମହିଳାଙ୍କୁ ଦିଆଯାଉ। କିନ୍ତୁ ଯଦି ପୁରୁଷଙ୍କ ଠାରୁ ମହିଳା ଅଧିକ ଯୋଗ୍ୟ ହୋଇଥିବେ ତେବେ ତାଙ୍କୁ ୫୦ ପ୍ରତିଶତରେ ସୀମିତ ରଖିବା ଭୁଲ୍ ହେବ।

## ବିଦାହେଲେ କର୍ଣ୍ଣାଟକ ମନ୍ତ୍ରୀ

**ଭୋଟର ତାଲିକାରେ ଜାଲିଆତି କଂଗ୍ରେସର ବିଫଳତା କହିଥିଲେ ରାଜନ୍ନା**

**ରାହୁଲ ସତ୍ୟର ସାମ୍‌ନା କରିପାରୁନାହାନ୍ତି: ବିଜେପି**

ବେଙ୍ଗାଲୁରୁ, ୧୧।୮ (ଏଜେନ୍ସି): କର୍ଣ୍ଣାଟକମନ୍ତ୍ରୀ କେଏନ ରାଜନ୍ନା ସୋମବାର କ୍ୟାବିନେଟରୁ ଇସ୍ତଫା ଦେଇଛନ୍ତି। ଭୋଟର ତାଲିକାରେ ଜାଲିଆତିକୁ ନେଇ ନିଜ ଦଳକୁ ସମାଲୋଚନା କରିବାରୁ ସେ କଂଗ୍ରେସ ହାଇକମାଣ୍ଡଙ୍କ ରୋଶର ଶିକାର ହୋଇଛନ୍ତି। ମୁଖ୍ୟମନ୍ତ୍ରୀ ସିଦ୍ଧରମୈୟାଙ୍କ ସହ ବରିଷ୍ଠ କଂଗ୍ରେସ ନେତା କେସି ବେଣୁଗୋପାଳ କଥା ହେବା ପରେ ରାଜନ୍ନାଙ୍କୁ ପଦ ଛାଡ଼ିବାକୁ କୁହାଯାଇଥିଲା ବୋଲି ରିପୋର୍ଟ ଆସିଛି। ଭୋଟର ତାଲିକାରେ ନିର୍ବାଚନ କମିଶନ ଜାଲିଆତି କରୁଥିବା ନେଇ କଂଗ୍ରେସ ଅଭିଯୋଗ କରୁଥିବାବେଳେ ସେ ପଦରୁ ଇସ୍ତଫା ଦେଇଛନ୍ତି।

ଏହା ପୂର୍ବରୁ ରବିବାର ତୁମକୁରରେ ରାଜନ୍ନା ନିଜ ଦଳ ଉପରେ ଅଭିଯୋଗ ଲଗାଇ କହିଥିଲେ ଯେ କର୍ଣ୍ଣାଟକରେ ଦଳ କ୍ଷମତାରେ ଥିବାବେଳେ ଭୋଟର ତାଲିକା ପ୍ରସ୍ତୁତ କରାଯାଇଥିଲା। ସେତେବେଳେ ଦଳ କାହିଁକି ଏହାକୁ ନେଇ ଆଖି ବନ୍ଦ କରି ଦେଇଥିଲା? ଯଦି ଆଖି ସାମ୍‌ନାରେ ଜାଲିଆତି ହେଉଥିବାବେଳେ ଆପତ୍ତି ଉଠାଇଲେ ନାହିଁ ତେବେ ଆଜି ଅଭିଯୋଗ କରିବାର ଆବଶ୍ୟକତା ନାହିଁ। ଜଣେ ବ୍ୟକ୍ତିଙ୍କ ନାମ ତିନୋଟି ସ୍ଥାରେ ରେକର୍ଡ ଥିଲା। କମ୍ ଜନସଂଖ୍ୟା ଥିବା ସ୍ଥାନରେ ସନ୍ଦେହଜନକ ନାମ ସାମିଲ କରାଯାଇଥିଲା। ଏ ସବୁ ଆମ ଆଖି ସାମ୍‌ନାରେ ହୋଇଥିଲା। କିନ୍ତୁ ଏହାର ଯାଞ୍ଚ କରାଯାଇ ନ ଥିଲା। ଏହା କଂଗ୍ରେସର ବିଫଳତା। ଇସି ଭୋଟର ତାଲିକାରେ ପରିବର୍ତ୍ତନ କରି ପ୍ରଧାନମନ୍ତ୍ରୀଙ୍କୁ ସହଯୋଗ କରିଥିଲେ। ମହାଦେବପୁରାରେ ଅନେକ ଅନିୟମିତତା ହୋଇଥିଲା, କିନ୍ତୁ ଆମ ଦଳ ଚୁପ୍ ରହିଥିଲା। ଅନ୍ୟପକ୍ଷରେ ରାଜନ୍ନାଙ୍କ ଇସ୍ତଫାକୁ ନେଇ ବିଜେପି କଂଗ୍ରେସକୁ ସମାଲୋଚନା କରିଛି। କଂଗ୍ରେସ ନେତା ରାହୁଲ ଗାନ୍ଧୀ ସତ୍ୟର ସାମ୍‌ନା କରିପାରୁ ନାହାନ୍ତି ବୋଲି କୁହାଯାଇଛି।

# ଦିଲ୍ଲୀରେ ବୁଲା କୁକୁରଙ୍କ ଉତ୍ପାତ: ୨୦୨୪ରେ ୩୭ ଲକ୍ଷଙ୍କୁ କାମୁଡ଼ିଥିଲେ

ନୂଆଦିଲ୍ଲୀ, ୧୧।୮ (ଏଜେନ୍ସି): ଦେଶରେ ବୁଲା କୁକୁର ଆତଙ୍କ ସୃଷ୍ଟି କରିଛନ୍ତି। ରାସ୍ତାରେ ଲୋକଙ୍କୁ ବି ଚଲାଇ ଦେଉନାହାନ୍ତି। କାମୁଡି ଅନେକ ଜୀବନ ମଧ୍ୟ ନେଲେଣି। ଏପରି ସମୟରେ ଦିଲ୍ଲୀ-ଏନ୍‌ସିଆରର ସ୍ଥିତିକୁ ନେଇ ସୁପ୍ରିମକୋର୍ଟ ସୋମବାର ବଡ଼ ନିର୍ଦ୍ଦେଶ ଦେଇଛନ୍ତି। ୮ ସପ୍ତାହ ମଧ୍ୟରେ ଦିଲ୍ଲୀ ଏବଂ ଏନ୍‌ସିଆରରୁ ସବୁ ବୁଲା କୁକୁରଙ୍କୁ ହଟାଇବାକୁ କୋର୍ଟ ପୌର ନିଗମକୁ କହିଛନ୍ତି। କୁକୁରଙ୍କୁ ତୁରନ୍ତ ଧରି ବନ୍ଧ୍ୟାକରଣ କରିବାକୁ ଏବଂ ସ୍ଥାୟୀ ଭାବେ ଆଶ୍ରୟ ସ୍ଥଳରେ ରଖ। ଏହି କାର୍ଯ୍ୟରେ ଅବହେଳାକୁ ଜମାରୁ ବରଦାସ୍ତ କରାଯିବ ନାହିଁ। ଯଦି କୌଣସି ବ୍ୟକ୍ତି କିମ୍ବା ସଂଗଠନ କିମ୍ବା କୁକୁର ପ୍ରେମୀ ଏହାକୁ ବିରୋଧ କରେ ତେବେ ତୁରନ୍ତ ଦୃଢ଼ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ଜଷ୍ଟିସ ଜେବି ପାରଦିୱାଲା ଏବଂ ଜଷ୍ଟିସ ଆର ମହାଦେବନଙ୍କ ଖଣ୍ଡପୀଠ କହିଛନ୍ତି।

ଦିଲ୍ଲୀ, ଏମସିଡି ଏବଂ ଏନଏମଡିସିକୁ ସବୁ ଅଞ୍ଚଳରୁ ବିଶେଷ କରି ସମ୍ବେଦନଶୀଳ ସ୍ଥାନରୁ କୁକୁରଙ୍କୁ ହଟାଇବାକୁ ସୁପ୍ରିମକୋର୍ଟ କହିଛନ୍ତି। ଆବଶ୍ୟକ ପଡ଼ିଲେ ଏଥିପାଇଁ ଅଲଗା ବାହିନୀ ଗଠନ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଶିଶୁ ଓ ନବଜାତକ ଯେପରି କୌଣସି ସ୍ଥିତିରେ ରେବିଜ୍‌ର ଶିକାର

**ଦିଲ୍ଲୀ-ଏନ୍‌ସିଆରରୁ ବୁଲା କୁକୁରଙ୍କୁ ହଟାଅ: ସୁପ୍ରିମକୋର୍ଟ**

ନ ହେବେ ଏବଂ ବିନା ଭୟରେ ଲୋକେ ଘରୁ ବାହାରିବେ ତାହା ସୁନିଶ୍ଚିତ କରିବାକୁ ହେବ। ଦିଲ୍ଲୀ-ଏନସିଆରେ କୁକୁର କାମୁଡା ଜନିତ ମୃତ୍ୟୁକୁ ନେଇ ଉପସ୍ଥାପନ କରାଯାଇଥିବା ରିପୋର୍ଟ ଉପରେ ନିଜ ଆଡୁ ବିଚାର କରି ସୁପ୍ରିମକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି ଯେ ୮ ସପ୍ତାହ ମଧ୍ୟରେ ପର୍ଯ୍ୟାପ୍ତ କର୍ମଚାରୀ ଏବଂ ସିସିଟିଭି ସହିତ କୁକୁର ଆଶ୍ରୟ ସ୍ଥଳୀ ନିର୍ମାଣ କର। ବନ୍ଧ୍ୟାକରଣ ପରେ କୁକୁରଙ୍କୁ ବାହାରେ ଛାଡ଼ ନାହିଁ। ୬ ସପ୍ତାହରେ ୫ ହଜାର କୁକୁରଙ୍କୁ ଧରିବା ଅଭିଯାନ ଆରମ୍ଭ କର। ଦିଲ୍ଲୀ, ନୋଏଡ଼ା ଏବଂ ଗୁରୁଗ୍ରାମରୁ ଧରା ଯାଉଥିବା କୁକୁରଙ୍କ ରେକର୍ଡ ରଖ। ଏହି ନିୟମ ଭାଙ୍ଗିଲେ କଡ଼ା କାର୍ଯ୍ୟାନୁଷ୍ଠାନ ନିଆଯିବ। ସପ୍ତାହେ ମଧ୍ୟରେ କୁକୁର କାମୁଡା ଏବଂ ରେବିଜ ଲାଗି ସହାୟତା ନମ୍ବର ଜାରି କର। ରେବିଜ ଟିକା ମହଜୁଦ ରଖ।

ଖଣ୍ଡପୀଠ କହିଛନ୍ତି ଯେ ସୁପ୍ରିମକୋର୍ଟ ଏହା ନିଜ ପାଇଁ କରୁନାହାନ୍ତି, ଲୋକଙ୍କ ସୁବିଧାକୁ ଦେଖି ଏହି ନିର୍ଦ୍ଦେଶ ଦିଆଯାଉଛି। ତେଣୁ ଏହି କାର୍ଯ୍ୟରେ କୌଣସି ଭାବାବେଗକୁ ଦେଖାଯିବ ନାହିଁ। ଏବେ ନିୟମକୁ ଭୁଲିଯାଅ। ସଲିସିଟର ଜେନେରାଲ ପଶୁପ୍ରେମୀଙ୍କ ପ୍ରସଙ୍ଗ ଉଲ୍ଲେଖ କରିବାରୁ ଖଣ୍ଡପୀଠ କହିଥିଲେ ଯେ ରେବିଜରେ ଆକ୍ରାନ୍ତ ହୋଇଥିବା ବ୍ୟକ୍ତିଙ୍କୁ ତାଙ୍କ ପୁରୁଣା ଜୀବନକୁ ପଶୁପ୍ରେମୀ ଫେରାଇ ଦେବେକି? ଏବେ ଗଳିଗୁଡିକୁ ବୁଲା କୁକୁର ମୁକ୍ତ କରାଯିବାର ଆବଶ୍ୟକତା ରହିଛି। ଏହି କୁକୁରଙ୍କୁ ପୋଷ୍ୟ ଭାବେ ରଖିବା ପାଇଁ ମଧ୍ୟ କାହାକୁ ଅନୁମତି ଦିଆଯିବ ନାହିଁ। ଏହା ପୂର୍ବରୁ ସରକାରଙ୍କ ପକ୍ଷରୁ ଲୋକସଭାରେ କୁହାଯାଇଥିଲା ଯେ ୨୦୨୪ରେ ୩୭ ଲକ୍ଷ କୁକୁର କାମୁଡା ମାମଲା ସାମନାକୁ ଆସିଥିଲା। ରେବିଜରେ ୫୪ ଜଣଙ୍କ ମୃତ୍ୟୁ ମଧ୍ୟ ହୋଇଥିଲା।

ଅନ୍ୟପକ୍ଷରେ ସୁପ୍ରିମକୋର୍ଟଙ୍କ ଏହି ନିଷ୍ପତ୍ତିକୁ ପେଟା ପକ୍ଷରୁ ବିରୋଧ କରାଯାଇଛି। ଏପରି ବିସ୍ଥାପନ ଏବଂ କୁକୁରଙ୍କୁ ବନ୍ଦୀ କରି ରଖିବା ନିର୍ଦ୍ଦେଶକୁ ଅବୈଜ୍ଞାନିକ ଏବଂ ପ୍ରଭାବହୀନ କୁହାଯାଇଛି। ଏହା ଦ୍ୱାରା କୁକୁର ସମସ୍ୟାରେ ପଡ଼ିବେ। କୁକୁରଙ୍କ ଯତ୍ନ ନେଉଥିବା ବ୍ୟକ୍ତି ହଙ୍ଗାମା କରିବେ। କିନ୍ତୁ କୁକୁର କାମୁଡାରେ କୌଣସି ଲଗାମ ଲାଗିବ ନାହିଁ।






## ଶୁଷ୍କ ଜମିରେ ଚାଷ ପାଇଁ ସ୍ୱତନ୍ତ୍ର ବର୍ଷା ବ୍ୟବସ୍ଥା

**ଚାଷକାର୍ଯ୍ୟ ପାଇଁ ଜଳ ଏକାନ୍ତ ଅପରିହାର୍ଯ୍ୟ । ଅନ୍ୟ ଋତୁ ଅନୁସାରେ ବର୍ଷାଦିନେ ଚାଷୀଭାଇଙ୍କୁ ଫସଲରେ ଜଳ ସେଚନ ପାଇଁ ଚିନ୍ତା ନ ଥାଏ । ହେଲେ ଅଧୁନା ଜଳବାୟୁ ପରିବର୍ତ୍ତନ କୃଷି କ୍ଷେତ୍ରରେ ଏକ ଭୟଙ୍କର ସ୍ଥିତି ସୃଷ୍ଟି କରିଛି । ତାପମାତ୍ରା, ବର୍ଷାର କମ୍ ପରିମାଣ, ରୋଗପୋକର ଅଚାନକ ବୃଦ୍ଧି ଆଦି ଯୋଗୁଁ ଫସଲର ବିବିଧତା ହ୍ରାସ ପାଉଛି । ତେଣୁ ଏପରି କ୍ଷେତ୍ରରେ ଶୁଷ୍କ ଜମିରେ ଫସଲ ସୃଷ୍ଟି କରିବାକୁ ପାଇଭଟ ବର୍ଷା ବ୍ୟବସ୍ଥା ଗୁରୁତ୍ୱପୂର୍ଣ୍ଣ ଭୂମିକା ନିଭାଉଛି ।**



ପାଇଭଟ୍ ବର୍ଷା ପ୍ରଣାଳୀକୁ ସେଣ୍ଟର ପାଇଭଟ୍ ଇରିଗେସନ୍ କୁହାଯାଏ । ଏହା ଏକ ଆଧୁନିକ ବୁନ୍ଦା ଜଳ ସେଚନ କୌଶଳ । ଯାହାକି କୃତ୍ରିମ ବର୍ଷା ହୋଇ ଶୁଖିଲା ଜମିରେ ଫସଲ ସୃଷ୍ଟି କରିବାରେ ସାହାଯ୍ୟ କରିଥାଏ । ସେହିପରି ରାଜସ୍ଥାନ ପରି ଶୁଷ୍କ ମରୁଭୂମି ସ୍ଥାନ, ବାଲିଆ ଅଞ୍ଚଳ ତଥା ବର୍ଷା କମ୍ ହେଉଥିବା ସ୍ଥାନରେ ଚାଷ କରିବା ସବୁଠୁ ବଡ଼ ଆହ୍ୱାନ ହୋଇଥାଏ । ଉକ୍ତ ସ୍ଥାନ ପାଇଁ ଏହି ସ୍ୱତନ୍ତ୍ର ବର୍ଷା ବ୍ୟବସ୍ଥା ପ୍ରଣାଳୀ ବେଶ ଉପଯୋଗୀ । ଏଥିରେ ଜମିରେ ଉନ୍ନତମାନର ପାଇପ୍ ଲାଇନ୍ ସଂଯୋଗ କରାଯାଇଥାଏ । ଏହି କୌଶଳରେ ବର୍ତ୍ତମାନ ସରଦାରଗଡ଼ ଏବଂ ଜୈତସରସ୍ଥିତ କେନ୍ଦ୍ରୀୟ ରାଜ୍ୟ ଫାର୍ମର ୧୨୦୦ ହେକ୍ଟର ଜମିରେ ଫସଲ ସୃଷ୍ଟି କରାଯାଇଛି । ଏହି ସ୍ୱତନ୍ତ୍ର ପ୍ରଣାଳୀରେ ଗହମ, ମୁଗ, ଚଣା ଆଦି ଫସଲକୁ ବର୍ଷା ସିଞ୍ଚିଲା ପରି ଜଳ ସେଚନ କରାଯାଇଥାଏ । ଏହି ସେଚନ ପଦ୍ଧତିରେ କମ୍ ସମୟରେ ଜମିର ସବୁ ସ୍ଥାନକୁ ସମାନ ଭାବେ ପାଣି ଯୋଗାଇ ହୁଏ । ଏହି କୌଶଳ ଜରିଆରେ ଚାଷୀ ନିଜ ସୁବିଧା ଅନୁସାରେ ଜମିରେ ପାଣି ଦେଇଥାଆନ୍ତି । ଏଥିପାଇଁ ପ୍ରଥମେ ଭଲଭାବେ ପାଣି ଢାଳି ଜମିକୁ ଓଦା କରାଯାଏ । ୧୫ ଦିନ ପରେ ୮ ଏମ୍‌ଏମ୍ କୃତ୍ରିମ ବର୍ଷା କରି ଫସଲ ବଢ଼ାଇବାରେ ସାହାଯ୍ୟ କରାଯାଏ । ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଏହି କୌଶଳରେ ପାଣିର ମାତ୍ରାକୁ ମଧ୍ୟ ନିୟନ୍ତ୍ରଣ କରାଯାଇପାରେ । ମୁଖ୍ୟତଃ ୭୫ ହେକ୍ଟର ଯାଏଁ ସହଜରେ ଜଳସେଚନ କରାଯାଇଥାଏ । ଏହି ସ୍ୱତନ୍ତ୍ର ବର୍ଷା ବ୍ୟବସ୍ଥାରେ ଜଳ ସେଚନ ପାଇଁ ୬୦ ଲକ୍ଷ ଟଙ୍କା ଖର୍ଚ୍ଚ ହୋଇଥାଏ । ଏହାର ସଞ୍ଚାଳନ ପାଇଁ ଏକ ବଡ଼ ଷ୍ଟୋରେଜ ଟ୍ୟାଙ୍କର ଉପଯୋଗ କରାଯାଏ ।

## ସଫଳତା ପଥରେ ତାରାଦେବୀ କୃଷକ ଉତ୍ପାଦକ ସଂଗଠନ



**ଚାଷୀମାନଙ୍କ ଆର୍ଥିକ ସ୍ଥିତିକୁ ମଜଭୁତ କରିବା ସହ ସାମାଜିକ ପରିବର୍ତ୍ତନରେ କୃଷକ ଉତ୍ପାଦକ ସଂଗଠନଗୁଡ଼ିକ ଗୁରୁତ୍ୱପୂର୍ଣ୍ଣ ଭୂମିକା ତୁଲାଇଥାନ୍ତି । ଏହି ସଂଗଠନଗୁଡିକ ସାମୂହିକ ଭାବେ ଉତ୍ପାଦନ ଏବଂ ବିକ୍ରୟ ମାଧ୍ୟମରେ ଆର୍ଥିକ ସ୍ଥିତିକୁ ସୁଧାରି ପାରନ୍ତି । ତେବେ କୃଷିକୁ ବ୍ୟବସାୟରେ ପରିଣତ କରିଥିବା ଏମିତି ଏକ ସଂଗଠନ ହେଉଛି ଯାଜପୁର ଜିଲ୍ଲାର 'ତାରାଦେବୀ କୃଷକ ଉତ୍ପାଦକ ସଂଗଠନ' । ବିଭିନ୍ନ ବାଧାବିଘ୍ନକୁ ଖାତିର ନ କରି କଠିନ ପରିଶ୍ରମ ଓ ଧୈର୍ଯ୍ୟ ବଳରେ ଏହି ସଂଗଠନଟି ସଫଳତା ହାସଲ କରି ଅନ୍ୟମାନଙ୍କ ପାଇଁ ଉଦାହରଣ ସୃଷ୍ଟି କରିଛି ।**

୫୧୦ ଜଣ ମହିଳା ସଦସ୍ୟାଙ୍କୁ ନେଇ ୨୦୨୦ ମସିହାରେ ଯାଜପୁର ଜିଲ୍ଲାରେ 'ତାରାଦେବୀ କୃଷକ ଉତ୍ପାଦକ ସଂଗଠନ' ଗଠିତ ହୋଇଥିଲା । କ୍ଷୁଦ୍ର ଓ ନାମମାତ୍ରଚାଷୀଙ୍କ ଆଶାର କିରଣ ଭାବେ ଉଭୟ ଉତ୍ପାଦନ ଓ ବଜାର ବ୍ୟବସ୍ଥାପନରେ ଏହି ସଂଗଠନ ଅଗ୍ରଣୀ ଭୂମିକା ତୁଲାଇଥାଏ । ଏହି ସଂଗଠନଟି ସୋରିଷ ତେଲ, ବଡ଼ି, ପାମ୍ପଡ଼, ଆଚାର, ଦୁଗ୍ଧ ଜାତୀୟ ଉତ୍ପାଦ, ଚାଉଳ, ମୁଢ଼ି, ମସଲା ଡାଲି, ଛତୁ, ପନିପରିବା ଭଳି ସାମଗ୍ରୀର ବିପଣନ କରିବାରେ ସହାୟକ ହୋଇପାରିଛି । ତା' ସହିତ ଧାନ, ବିହନ, ସାର, କୀଟନାଶକ, ଜୈବିକଖତ, ଗୋ ଖାଦ୍ୟ ଭଳି ସାମଗ୍ରୀ ଯୋଗାଇ ଦେଉଛି । ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ ଦ୍ୱାରା ପରିଚାଳିତ 'ସେଣ୍ଟର ଅଫ ଏକ୍ସଲେନ୍ସ' ମାଧ୍ୟମରେ କୃଷି ବିଜ୍ଞାନ କେନ୍ଦ୍ର ସହାୟତାରେ ମାର୍ଗଦର୍ଶନ ଏବଂ ପ୍ରଶିକ୍ଷଣ, ଏକ୍ସପୋଜର ପରିଦର୍ଶନ ଭଳି ଅନେକ ସହଯୋଗ ଯୋଗାଇ ଦିଆଯାଇଛି । ସରକାରୀ ତଥା ବେସରକାରୀ ସଂସ୍ଥାପକ୍ଷରୁ ସମର୍ଥନ ହସ୍ତଗତ କରିଛି ଏହି ସଂଗଠନ । ଏହି ସଂଗଠନକୁ ଜିଲ୍ଲାର ଶ୍ରେଷ୍ଠ ସଂଗଠନ ଭାବେ ପୁରସ୍କୃତ ମଧ୍ୟ କରାଯାଇଛି । ବନ୍ୟା, ବାତ୍ୟା, ଗମନାଗମନର ଅସୁବିଧା ସତ୍ତ୍ୱେ କ୍ଷୀର ଓ ଚିନାବାଦାମର ଭାଲ୍ୟୁ ଆଡିସନ୍, ମୋବାଇଲ ଭ୍ୟାନ୍ ଦ୍ୱାରା ଚଳନ୍ତା ହାଟ, କୃଷକଙ୍କ ପାଖକୁ ଇନ୍‌ପୁଟ ସୁବିଧାରେ ପହଞ୍ଚାଇବା, କ୍ଷୁଦ୍ର ଓ ନାମମାତ୍ର ଚାଷୀମାନଙ୍କୁ ବିପଣନ ସହାୟତା ମୋବାଇଲ ଭ୍ୟାନ୍ ମାଧ୍ୟମରେ ବ୍ୟବସାୟ ପ୍ରଚାର ପାଇଁ ସହରାଞ୍ଚଳରେ ଆଉଟଲେଟ ଖୋଲିବା, ସ୍ଥାନୀୟ ମସଲାର ମୂଲ୍ୟ ବୃଦ୍ଧି ଭଳି ଉଦ୍ୟମ କରିବା ଦିଗରେ ଭଲ ପ୍ରଦର୍ଶନ କରିପାରିଛି । ସଫଳତା ହାସଲ କରିବା ଦିଗରେ ସଂଗଠନଟି ଅନେକ ସମସ୍ୟା ଦେଇ ଗତି କରିଛି ମଧ୍ୟ । ଏହିସବୁ ସମସ୍ୟାର ସମାଧାନ ସ୍ୱରୂପ ଏହି ସଂଗଠନ ଦ୍ୱାରା ଗାଁ ଗାଁ'ରେ ସଚେତନତା କାର୍ଯ୍ୟକ୍ରମ, ତାଲିମ, ଗ୍ରାମସ୍ତରରେ ଡିଜିଟାଲ ସଂଯୋଗ ନିମିତ୍ତ ସେବାକେନ୍ଦ୍ର ଖୋଲିବା, ପ୍ରଶିକ୍ଷଣ ଓ ଅଭିଜ୍ଞତା ବିନିମୟ ଭଳି ବିଭିନ୍ନ କାର୍ଯ୍ୟକ୍ରମମାନ କରାଯାଇଛି । ଏହି ସଂଗଠନ ସହିତ ଯୋଡ଼ିହୋଇ ଚାଷୀଙ୍କ ଆୟ ବୃଦ୍ଧି ପାଇଛି । ଏହାର ପ୍ରଭାବ କ୍ଷୁଦ୍ର, ନାମମାତ୍ର ଏବଂ ମଧ୍ୟମ ଚାଷୀଙ୍କ ଉପରେ ଅଧିକ ପଡ଼ିଛି । ଏହି ସଂଗଠନ ସେମାନଙ୍କ ଉତ୍ପାଦକୁ ଉଚିତ ମୂଲ୍ୟ ପ୍ରଦାନ କରୁଛି । ତେବେ ଆଗାମୀ ଦିନକରେ ଏହି କମ୍ପାନୀ ଅନେକଗୁଡ଼ିକଯୋଜନାର ସଫଳ ରୂପାୟନ ପାଇଁ ଲକ୍ଷ୍ୟ ରଖିଛି ।

## ସଢ଼େଇରୁ ହ୍ୟାଙ୍ଗିଙ୍ଗ କୁଣ୍ଡ

**ହିନ୍ଦୁଧର୍ମରେ ନଡ଼ିଆକୁ ଶ୍ରୀଫଳ କୁହାଯାଏ । ଏହା ଶୁଭର ପ୍ରତୀକ ହୋଇଥିବାରୁ ପୂଜା-ପାଠ ସବୁଠି ନଡ଼ିଆ ବ୍ୟବହାର ହୋଇଥାଏ । ନଡ଼ିଆର ପ୍ରତ୍ୟେକ ଅଂଶର ବ୍ୟବହାର ଗୁଣ ରହିଛି । ଏହା ଏକ ଗ୍ରୀଷ୍ମମଣ୍ଡଳୀୟ ଫସଲ । ତେବେ ନଡ଼ିଆକୁ ବ୍ୟବହାର କରି ଲୋକେ ସଢ଼େଇକୁ ବର୍ଜ୍ୟ ଭାବି ଫିଙ୍ଗି ଦିଅନ୍ତି । କେହି କେହି ଜାଳେଣି ରୂପେ ଏହାକୁ ବ୍ୟବହାର କରନ୍ତି । ହେଲେ ବର୍ତ୍ତମାନ ଲୋକମାନେ ଘର ଓ ବଗିଚାର ସୌନ୍ଦର୍ଯ୍ୟ ବୃଦ୍ଧି ପାଇଁ ସଢ଼େଇକୁ କୁଣ୍ଡର ରୂପ ଦେଉଛନ୍ତି । ଏହା ପରିବେଶ ଅନୁକୂଳ । କୃଷି ବ୍ୟବସାୟରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିଭାଉଛି ।**



ଘର ସାଜସଜ୍ଜା ସମସ୍ତଙ୍କୁ ପସନ୍ଦ । ତେଣୁ ବାଲ୍‌କୋନିରେ ହ୍ୟାଙ୍ଗିଙ୍ଗ ପ୍ଲାଣ୍ଟର ପାଇଁ ପ୍ଲାଷ୍ଟିକ୍ କିମ୍ବା ସିମେଣ୍ଟ ବଦଳରେ ସଢ଼େଇକୁ ବ୍ୟବହାର କରାଯାଇପାରିବ । ସଢ଼େଇରୁ କୁଣ୍ଡ କରିବାକୁ ପ୍ରଥମେ ନଡ଼ିଆକୁ କୋରି ଏହାର ଦୁଇପାର୍ଶ୍ୱକୁ ଭଲଭାବେ ଧୋଇ ଜଟାକୁ ସଫା କରାଯାଏ । ଉପରୁ ତିନିଟି କଣା କରି ରଶି କିମ୍ବା ଲୁହାର ପତଳା ତାର ବ୍ୟବବାର କରି ଓହଳା କୁଣ୍ଡ କରାଯାଏ । ଆକର୍ଷଣୀୟ ଦିଶିବାକୁ ଏଥିରେ ରଙ୍ଗ ବେରଙ୍ଗର ଡିଜାଇନ୍ କରିପାରିବେ । ଏଥିରେ ହ୍ୟାଙ୍ଗିଙ୍ଗ କୁଣ୍ଡ କିମ୍ବା ସାଧାରଣ କୁଣ୍ଡ ପରି ବାଲକୋନିରେ ସେଟ୍ କରିପାରିବେ । ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ନଡ଼ିଆ ଖୋଳରେ ବହୁତ କମ୍ ପାଣି ଆବଶ୍ୟକ କରୁଥିବା ଓ ସୂକ୍ଷ୍ମ ଚେରଯୁକ୍ତ ଗଛ ଲଗାଯାଇଥାଏ । ଏଥିରେ ବିହନ ଅଙ୍କୁରିତ କରାଯିବା ସହ ମାଇକ୍ରୋଗ୍ରୀନ୍ ଲଗାଯାଇପାରିବ ।

ସଢ଼େଇରୁ ପାଣି ଝରିବା ରୋକିବା ପାଇଁ ନଡ଼ିଆର ଆଖିକୁ ଘୋଡାଇବା ବନ୍ଦୋବସ୍ତ କରନ୍ତୁ । ସେହିପରି ବଗିଚା ତଥା ବାଲ୍‌କୋନିରେ ପକ୍ଷୀଙ୍କୁ ଦାନା ଯୋଗାଇବାକୁ ଏଥିରେ ରଶି ଉପଯୋଗ କରି ଓହଳାଇ ପାରିବେ । ସଢ଼େଇକୁ କୋକୋପିଟ୍ ବନାଇବା ପାଇଁ ବ୍ୟବହାର କରାଯାଏ ।

## ଛେଳିଙ୍କ ପାଇଁ ସଜନା ଚାରା



ସ୍ୱଳ୍ପ ସମୟ ଏବଂ କମ୍ ଖର୍ଚ୍ଚରେ ଛେଳି ପାଳନ ଏକ ଭଲ ବ୍ୟବସାୟ । ଛେଳି ପାଳନରେ ଛେଳିର ଓଜନ ଓ ମାଂସବୃଦ୍ଧି ପାଇଁ ସବୁଜ ଚାରାର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି । ତେଣୁ ସଜନା ପତ୍ର ଛେଳିଙ୍କ ପାଇଁ ପୌଷ୍ଟିକ ଚାରା ଭାବେ ଉପଯୋଗୀ । ସଜନାରେ ଭିଟାମିନ୍ ଏ, ସି, ବି୬, ବି କମ୍ପ୍ଲେକ୍ସ, ଇ, ଭିଟାମିନ୍ କେ ଆଦି ପ୍ରଚୁର ପରିମାଣର ଥାଏ । ଏହା ଏକ ଔଷଧୀୟ ବୃକ୍ଷ । ସଜନା ପତ୍ରରୁ ତିଆରି ପେଲେଟ୍‌ସ (ଗୋଲି) କୁ ଛେଳିଙ୍କୁ ଖାଇବାକୁ ଦିଆଯାଇପାରିବ । ଏହା ଛେଳିଙ୍କ ସ୍ୱାସ୍ଥ୍ୟବୃଦ୍ଧି ପାଇଁ ଲାଭଦାୟକ । ବର୍ଷକ ବାରମାସ ସଜନା କଞ୍ଚା ପତ୍ରକୁ ଶୁଖାଇ ଏହାକୁ ଗୁଣ୍ଡ କରି ବଟିକା ବନାଇ ସାଇତି ରଖାଯାଏ । ଏହାର କଅଁଳିଆ ଡାଳକୁ ଅଲଗା କରି ମେସିନ୍ ସାହାଯ୍ୟରେ ଛୋଟ ଛୋଟ ଗୁଳା କରି ସାଇତି ରଖିପାରିବେ । ସଜନା ପତ୍ରରୁ ତିଆରି ବଟିକା ଖାଇବା ଦ୍ୱାରା ଛେଳିଙ୍କ ପାଚନ ଶକ୍ତିରେ ସୁଧାର ଆସିଥାଏ । ରୋଗପ୍ରତିରୋଧକ ଶକ୍ତି ବୃଦ୍ଧି ସହ ଛେଳିଙ୍କର ଦୁଗ୍ଧ ଉତ୍ପାଦନ ବୃଦ୍ଧି ହୋଇଥାଏ । ତେବେ ଛେଳିଙ୍କୁ ସଜନା ପତ୍ରରୁ ବଟିକା ଖୁଆଇବା ପୂର୍ବରୁ ସେମାନଙ୍କ ଖାଦ୍ୟ ତାଲିକାରେ ଧୀରେ ଧୀରେ କରି ଏହାକୁ ଅତିକମ୍‌ରେ ୩୦% ସାମିଲ କରିବା ଜରୁରି । ସଜନା ଚାରାକୁ ଅନ୍ୟ ଚାରା ସହିତ ମିଶାଇ ଖୁଆଇବା ଏକ ଉନ୍ନତ ବିକଳ୍ପ । ଏହା ଦ୍ୱାରା ଛେଳିପାଳକଙ୍କ ଖର୍ଚ୍ଚ ହ୍ରାସ ପାଇବ ।

## ଏ ମାସର ଚାଷ

**ଆମ ଦେଶର ଅଧିକାଂଶ ଲୋକ ଶସ୍ୟ ସହିତ ଋତୁଅନୁଯାୟୀ ବିଭିନ୍ନ ପନିପରିବା ଚାଷ କରିଥାନ୍ତି । ତେଣୁ ଅଗଷ୍ଟ ମାସରେ ଚାଷୀମାନେ ଚାଷ ପୂର୍ବରୁ କିପରି ମାଟି ପ୍ରସ୍ତୁତ କରିବେ, କେଉଁ ପନିପରିବା, ଫଳ ଓ ଫୁଲ ଲଗାଇ ପାରିବେ ସେ ବିଷୟରେ ଜାଣିବା ।**



- ଧାନ ରୋଇବାର ୨ରୁ ୩ ସପ୍ତାହ ହୋଇଥିଲେ ଘାସ ବାଛି ପିଲସାର ପ୍ରୟୋଗ କରନ୍ତୁ । ଶ୍ରୀ ପଦ୍ଧତିରେ ଧାନ ରୋଇଥିଲେ, ରୋଇବାର ୧୦ରୁ ୧୨ ଦିନ ମଧ୍ୟରେ ଉଇଡର ଚଳାଇ ବଳକା ଘାସ ବାଛି ଦିଅନ୍ତୁ ।
- ଅଗଷ୍ଟ ମାସରେ ଭଲ ବର୍ଷା ହୋଇଥାଏ । ବର୍ଷାଜଳକୁ ଉପଯୋଗ କରି ଚାଷୀମାନେ ପନିପରିବା ଯଥା- ମେଥି, ଧଣିଆ, ବାଇଗଣ, ଫୁଲକୋବି, ମୂଳା, ପାଳଙ୍ଗ ଆଦି ଲଗାଇପାରିବେ । ମକା ଫସଲ ୬ରୁ ୭ ସପ୍ତାହ ହୋଇଥିଲେ କୋଡାଖୁସା କରି ଘାସ ବାଛି ଏକର ପ୍ରତି ୮ କିଗ୍ରା ଯବକ୍ଷାରଜାନ ସାର ପ୍ରୟୋଗ କରନ୍ତୁ ।
- ଡାଲିଜାତୀୟ ଫସଲ ଯଥା- ହରଡ଼, ମୁଗ, ବିରି ଆଦି ଫସଲରେ ପତ୍ରକଟା ପୋକ ଲାଗିବାର ସମ୍ଭାବନା ରହିଛି । ଏହାର ନିରାକରଣ ପାଇଁ ଏକର ପ୍ରତି ୪୦୦ ମିଲି ପ୍ରୋଫେନୋଫସ ୫୦% ଇସି. ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।
- ଟମାଟୋ ଫଳିବାକୁ ୬୦ରୁ ୯୦ ଦିନ ସମୟ ଲାଗିଥାଏ । ତେଣୁ ଖତ ମିଶା ମାଟି ପ୍ରସ୍ତୁତ କରି ଜମିରେ ୨୦ରୁ ୨୫ ମେସି ଦୂରରେ ଟମାଟୋ ଚାରା ବା ମଞ୍ଜି ଲଗାଇ ପାରିବେ । ମଞ୍ଜି ବୁଣିବାର ମାସେ ପରେ ମାଟିରେ ଜିଆଖତ ପ୍ରୟୋଗ କରିପାରିବେ । ସପ୍ତାହକୁ ତିନିଥର ପାଣି ସିଞ୍ଚିବା ଭଲ । ସେହିପରି ଲାଉ ଲଗାଇବାର ଏହା ଉପଯୁକ୍ତ ସମୟ । ଜମି ପ୍ରସ୍ତୁତ କରି ବାଉଁଶ କାଠି ଓ ରଶି ଉପଯୋଗ କରି ରଞ୍ଜା କରିବା ଦ୍ୱାରା ଲାଉ ଲତା ଭଲ ଭାବେ ବଢ଼ିପାରେ ।
- ଅଳସୀ ବୁଣିବା କାମ ଶେଷ କରନ୍ତୁ । ଗୋବର ଖତ ମିଶା ମାଟି ବ୍ୟବହାର କରି ଉନ୍ନତ କିସମର ଭେଣ୍ଡି, ଲାଉ, କଲରା, ଜହ୍ନି, ତରଭୁଜ ଆଦି ପନିପରିବା ଚାଷ ଆରମ୍ଭ କରନ୍ତୁ । ତେବେ ଜମି ପ୍ରସ୍ତୁତଠାରୁ ଖତ ପ୍ରୟୋଗ ଏବଂ ମଞ୍ଜି ବୁଣିବା ଯାଏଁ ଉଚିତ ବିଧି ପାଳିବା ଜରୁରି ।

## ଫସଲକୁ ୨୪ ଘଣ୍ଟା ନଜର ରଖିବ ଆଗ୍ରୋଟ୍ରେସ




ବର୍ତ୍ତମାନ ଚାଷୀମାନେ ଚାଷକାର୍ଯ୍ୟରେ ଏଆଇ, ଡ୍ରୋନ ଆଦିର ସାହାଯ୍ୟ ନେଉଛନ୍ତି । ଏହି କ୍ରମରେ ଚାଷୀଙ୍କ ବିଭିନ୍ନ ସମସ୍ୟା ଦୂର କରିବାକୁ ଆଇଆଇଟି କାନପୁରର ଷ୍ଟାର୍ଟଅପ୍ ଆଗ୍ରୋଟ୍ରେସ୍ ଏଆଇ ଆଧାରିତ ଏକ ଉପକରଣ ବିକଶିତ କରିଛନ୍ତି । ଏହା ୨୪ ଘଣ୍ଟା ଧରି ଜମିରେ ମାଟି ଏବଂ ଆର୍ଦ୍ରତାକୁ ଯାଞ୍ଚ କରି ଖତ ଏବଂ ପାଣିର ଆବଶ୍ୟକତାକୁ ବତାଇ ପାରିବ । କେବଳ ସେତିକି ନୁହେଁ, ଏହି ଉପକରଣ ସାହାଯ୍ୟରେ ଫସଲରେ ପାଣିର ଅଭାବ ବିଷୟରେ ଜାଣିହୁଏ । ଏହାକୁ ଏକ ଏକର ଜମି ପାଇଁ ବ୍ୟବହାର କରାଯାଇପାରିବ । ଉପକରଣଟି ବ୍ୟାଟେରୀ ଚାଳିତ । ଏଥିରେ ସେନ୍ସର ଲାଗିଥିବାରୁ ଏହା ମାଟିର ଆର୍ଦ୍ରତାକୁ ସଠିକ୍ ଭାବେ ଆକଳନ କରିଥାଏ । ଏଥିରେ ମାଇକ୍ରୋ ସିମ୍ ସଂଯୋଗ ଥିବାରୁ ଗୁରୁତ୍ୱପୂର୍ଣ୍ଣ ତଥ୍ୟକୁ ମୋବାଇଲକୁ ମେସେଜ୍ ପଠାଇଥାଏ । ଫଳରେ ଚାଷୀମାନେ ଘରେ ବସି ଫସଲ ଓ ଜମିଅବସ୍ଥା ବିଷୟରେ ତଥ୍ୟ ପାଇପାରନ୍ତି । ସେହପରି ଗଭୀର ଅନୁସାରେ ମାଟିର ଜଳ କ୍ଷମତା ଏବଂ ତାପମାତ୍ରାକୁ ମଧ୍ୟ ଏହି ଉପକରଣ ମାପିପାରେ । ଏହାଦ୍ୱାରା ଚାଷୀଙ୍କର ୪୦ % ଖର୍ଚ୍ଚ ହ୍ରାସ ପାଇବ । ଏନେଇ ଆଗ୍ରୋଟ୍ରେସର ସଂସ୍ଥାପକ ରଜନୀଶ ତିୱାରୀ କୁହନ୍ତି, ଏହି ଉପକରଣକୁ ହରିୟାଣା, ରାଜସ୍ଥାନ ଏବଂ ଗୁଜୁରାଟର ଚାଷୀ ବ୍ୟବହାର କରୁଛନ୍ତି । ଏହାଦ୍ୱାରା କୃଷି ଉତ୍ପାଦନ ବୃଦ୍ଧି ସହ ଚାଷୀଙ୍କ ଆର୍ଥିକ ସ୍ଥିତିରେ ଏହା ଉନ୍ନତି ଆଣିପାରିବ ବୋଲି ସେ କହିଛନ୍ତି ।

## କୃଷି ପାଣିପାଗ

### ଏ ସପ୍ତାହ ପାଇଁ କେତେକ ପରାମର୍ଶ

- ବର୍ଷା ହେବାର ସମ୍ଭାବନା ଥିବାରୁ ସାର ଓ କୀଟନାଶକ ପ୍ରୟୋଗ କିଛି ଦିନ ପାଇଁ ସ୍ଥଗିତ ରଖନ୍ତୁ ।
- ଜମିରେ ଧାନ ପ୍ରତିରୋପଣ ଅଗଷ୍ଟ ମାସର ଦ୍ୱିତୀୟ ସପ୍ତାହ ମଧ୍ୟରେ ସମ୍ପୂର୍ଣ୍ଣ କରିଦିଅନ୍ତୁ । ବୁଣାଧାନରେ ଘାସମରା ଔଷଧ ପ୍ରୟୋଗ କରିନଥିଲେ ଧାନ ବୁଣିବାର ୨୫ରୁ ୩୦ ଦିନ ପରେ ବେଉଷଣ କରି ଦିଅନ୍ତୁ ।
- ସଅଳ ବୁଣାଯାଇଥିବା ଚିନାବାଦାମ ଫସଲରେ ପତ୍ର ସୁଡ଼ଙ୍ଗୀ ପୋକ, ଜଉ ପୋକ, ପତ୍ର ଉକୁଣି ପୋକଗୁଡିକର ପ୍ରାଦୁର୍ଭାବ ଦେଖିଲେ, ଶୁଖିଲାପାଗରେ ପୋକ ପରିଚାଳନା ପାଇଁ ପ୍ରାଥମିକ ଅବସ୍ଥାରେ ଏକର ପ୍ରତି ୬୦୦ ମିଲି ନିମ୍ବ ଜାତୀୟ କୀଟନାଶକ ୧୫୦୦ ପିପିଏମକୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।



- ବର୍ଷାଦିନେ ଗୁହାଳ ଓଦା ବା ଅପରିଷ୍କାର ରହିଲେ, ଗାଈଙ୍କୁ ନାନା ରୋଗ ହେବାର ସମ୍ଭାବନା ରହିଛି । ଏହା ଦ୍ୱାରା ଦୁଗ୍ଧ ଉତ୍ପାଦନ ହ୍ରାସ ପାଇଥାଏ । ତେଣୁ ନିକଟସ୍ଥ ପ୍ରାଣୀ ଚିକିତ୍ସକଙ୍କ ସହ ଯୋଗାଯୋଗ କରି ଉଚିତ ଟୀକାକରଣ କରାନ୍ତୁ ।
- ଅଗଷ୍ଟ ମାସରୁ ଜାନୁଆରୀ ମାସ ପର୍ଯ୍ୟନ୍ତ ଆଫ୍ରିକୀୟ ଗେଣ୍ଡୁ ଲଗାଯାଇ ପାରିବ । ଗଛ ଲଗାଇବା ପୂର୍ବରୁ ଏକର ପ୍ରତି ୨୦ ଟନ୍ ଗୋବର ଖତ, ୪୦ କେଜି ଯବକ୍ଷାରଜାନ, ୮୦ କେଜି ଫସ୍‌ଫରସ ଓ ୮୦ କେଜି ପଟାସ ସାର ପ୍ରୟୋଗ କରନ୍ତୁ । ୨୫ରୁ ୩୦ ଦିନ ତଳି ବା ଡାଳି କଲମୀ ଉପରବେଳା ରୁଅନ୍ତୁ ।

## ସେପ୍ଟେମ୍ବର ୩୦ରୁ ନଭେମ୍ବର ୨ ଯାଏ ମହିଳା ଦିନିକିଆ ବିଶ୍ୱକପ୍ କ୍ରିକେଟ

# ଘରୋଇ ମାଟିରେ ଟାଇଟଲ୍ ଜିତିବ ଭାରତ

ମୁମ୍ବାଇ,୧୧।୮ (ଏଜେନ୍ସି)

ଭାରତରେ ଏଥର ଆୟୋଜିତ ହେବ ମହିଳା ଦିନିକିଆ ବିଶ୍ୱକପ୍ କ୍ରିକେଟ। କ୍ରିକେଟ ଖେଳରେ ଶ୍ରେଷ୍ଠତ୍ୱ ହାସଲ କରିଥିଲେ ମଧ୍ୟ ଭାରତୀୟ ଦଳ ବିଶ୍ୱକପ୍ ଜିତିବାରେ ସମର୍ଥ ହୋଇନାହିଁ। ଦଳ ୨୦୦୫ ଓ ୨୦୧୭ରେ ରନର୍ସ ଅପ୍ ହୋଇଛି। କିନ୍ତୁ ଜବରଦସ୍ତ ଖେଳ ପ୍ରଦର୍ଶନ ସତ୍ତ୍ୱେ ଦଳ ୨୦୧୭ରେ ବିଶ୍ୱକପ୍ ନ ଜିତିବା ହରମନପ୍ରୀତ କୌରଙ୍କ ଭାରତୀୟ ଦଳର ସବୁଠାରୁ ବଡ଼ ବିପର୍ଯ୍ୟୟ। ଏଭଳି ସ୍ଥିତିରେ ଏଥର ମହିଳା ଦିନିକିଆ ବିଶ୍ୱକପ୍ ଭାରତ ଓ ଶ୍ରୀଲଙ୍କାର କଲମ୍ବୋରେ ସେପ୍ଟେମ୍ବର ୩୦ରୁ ଆରମ୍ଭ ହୋଇ ନଭେମ୍ବର ୨ରେ ଶେଷ ହେବ। ଏହି ବିଶ୍ୱକପ୍ ଆଉ ୫୦ ଦିନ ରହିଥିଲାବେଳେ ଆଜି ଏହାର ଟ୍ରଫି ଉନ୍ମୋଚନ କରି ଏହି ଟୁର୍ଣ୍ଣାମେଣ୍ଟକୁ ସର୍ବଶ୍ରେଷ୍ଠ ମହିଳା ବିଶ୍ୱକପ୍‌ରେ ପରିଣତ କରାଯିବ ବୋଲି ଆଇସିସି ଅଧ୍ୟକ୍ଷ ଜୟ ଶାହ କହିଛନ୍ତି। ତାଙ୍କ ମତରେ ଆମେ ଏହି ଟୁର୍ଣ୍ଣାମେଣ୍ଟର ସଫଳ ଆୟୋଜନ ଲାଗି ଏବେଠାରୁ ବ୍ୟବସ୍ଥା କରିଛୁ। ବିଶ୍ୱକପ୍‌ରେ ଯେପରି କୌଣସି ଦଳ ଅଭିଯୋଗ କରିବାର ସୁଯୋଗ ନ ପାଏ ସେଥିଲାଗି ଆମେ ଚେଷ୍ଟା କରିବୁ।

ଅନ୍ୟପକ୍ଷରେ ଘରୋଇ ମାଟିରେ ଏହି ଟୁର୍ଣ୍ଣାମେଣ୍ଟ ଆୟୋଜିତ ହେଉଥିବାରୁ ଭାରତ ଏଥର ଟାଇଟଲ୍ ଜିତିବାକୁ ସମସ୍ତ ପ୍ରକାର ଉଦ୍ୟମ କରିବ ଓ ଏଥିରେ ସଫଳ ହେବ ବୋଲି ଉତ୍ସବରେ ଯୋଗ ଦେଇ ଆତ୍ମବିଶ୍ୱାସର ସହ ମତପ୍ରକାଶ କରିଛନ୍ତି ଭାରତୀୟ ମହିଳା ଦଳର ଅଧିନାୟିକା ହରମନପ୍ରୀତ୍ କୌର। ଭାରତ ଏଯାଏ ମହିଳା କ୍ରିକେଟରେ କୌଣସି ବିଶ୍ୱ ଟାଇଟଲ ଜିତିପାରି ନାହିଁ। ୨୦୦୫ ଓ ୨୦୧୭ରେ ଦଳ ଦୁଇଥର ଦିନିକିଆ ବିଶ୍ୱକପ୍ ଫାଇନାଲ ଖେଳିଥିଲେ ମଧ୍ୟ ଟାଇଟଲ ଜିତିବାରୁ ବଞ୍ଚିତ ହୋଇଥିଲା। ଏଥର ଘରୋଇ ମାଟିରେ ଏହି ଟୁର୍ଣ୍ଣାମେଣ୍ଟ ଖେଳାଯାଉଥିବାରୁ ଭାରତର ଟାଇଟଲ ଜିତିବା ଆଶା ବୃଦ୍ଧି ପାଇଛି। ବିଶେଷକରି ଘରୋଇ ଦର୍ଶକଙ୍କ ଆଗରେ ଖେଳାଳିଙ୍କ ଉତ୍ସାହ ଅଧିକ ରହିଥାଏ। ଏମାନଙ୍କ ସମର୍ଥନ ଓ ପ୍ରତିଭାବାନ ଖେଳାଳିଙ୍କୁ ନେଇ ଗଠିତ ଭାରତୀୟ ଦଳ ପ୍ରଥମ ଟାଇଟଲ କବ୍‌ଜା କରିବ ବୋଲି ହରମନପ୍ରୀତ୍ ଆଶା ରଖିଛନ୍ତି। ସମାନ ଆଶା ମଧ୍ୟ ରଖିଛନ୍ତି ଦଳର ଉପଅଧିନାୟିକା ସ୍ମୃତି ମନ୍ଧାନା ଓ ଜେମିମା ରୋଡ୍ରିଗ୍ସେଜ୍। ଏମାନଙ୍କ ଅନୁଯାୟୀ ଭାରତର ଶକ୍ତିବୃଦ୍ଧି ପାଇଛି ଓ ଦଳ ଭିନ୍ନ ସ୍ଥାନରେ ଭଲ ଖେଳିଛି। ଏହାକୁ ଆଶା ରଖି ଆମେ ବିଶ୍ୱ ବିଜୟୀ ହେବୁ ବୋଲି ଭାରତୀୟ ଖେଳାଳିମାନେ ଆତ୍ମବିଶ୍ୱାସର ସହ ଆଶା ପୋଷଣ କରିଛନ୍ତି। ନିକଟରେ ଇଂଲଣ୍ଡ ବିପକ୍ଷରେ ୨-୧ରେ ଦିନିକିଆ ସିରିଜ୍ ଜିତିଛି। ଏବେ ଅଷ୍ଟ୍ରେଲିଆ ସହ ଦିନିକିଆ ସିରିଜ୍ ଖେଳିବାର କାର୍ଯ୍ୟକ୍ରମ ରହିଛି। ଭାରତୀୟ ଦଳରେ କିଏ ଖେଳିବେ ତାହା ଏକପ୍ରକାର ଚୂଡାନ୍ତ ହୋଇସାରିଛି। ଅଷ୍ଟ୍ରେଲିଆ ସିରିଜ୍ ପରେ ଖେଳାଳି ଦଳ ଘୋଷଣା କରାଯିବ।

ମହିଳା ଦିନିକିଆ ବିଶ୍ୱକପ୍‌ରେ ଭାରତ ଟାଇଟଲ ଜିତିବାକୁ ଆଶାୟୀ ଥିଲାବେଳେ ୨୦୦୫ରେ ରନର୍ସ ଅପ୍ ହୋଇଥିଲା। ଏହାପରେ ୨୦୦୯ରେ ତୃତୀୟ ଓ ୨୦୧୩ରେ ସପ୍ତମ ସ୍ଥାନ ଅଧିକାର କରିଥିଲା। କିନ୍ତୁ ୨୦୧୭ରେ ଭାରତ ଟାଇଟଲ ଜିତିବ ବୋଲି ସମସ୍ତେ ଆଶା କରୁଥିଲାବେଳେ ଦଳ ଫାଇନାଲରେ ଇଂଲଣ୍ଡଠାରୁ ପରାଜିତ ହୋଇ ରନର୍ସ ଅପ୍‌ରେ ସନ୍ତୁଷ୍ଟ ହୋଇଥିଲା। ଅଷ୍ଟ୍ରେଲିଆ ବିପକ୍ଷ ସେମିଫାଇନାଲରେ ହରମନପ୍ରୀତ୍ ସଂଗ୍ରହ କରିଥିବା ୧୭୧ ରନ୍ ଏଯାଏ ସ୍ମରଣୀୟ ହୋଇ ରହିଛି। କିନ୍ତୁ ଏହି ସ୍କୋର ପରେ ଭାରତୀୟ ମହିଳା ଦଳକୁ ଓ ତାରକା ଖେଳାଳିଙ୍କୁ ଭାରତରେ ସମ୍ମାନ ଦେବା ବୃଦ୍ଧିପାଇଥିଲା। କିନ୍ତୁ ଫାଇନାଲରେ ହାରିବା ଭାରତୀୟ ଖେଳାଳିଙ୍କ ହୃଦୟ ଭାଙ୍ଗିଦେଇଥିଲା। ଏହାପରେ ୨୦୨୨ରେ ମଧ୍ୟ ଭାରତର ପ୍ରଦର୍ଶନରେ ଉନ୍ନତି ହୋଇ ନ ଥିଲା। ଦଳ ପଞ୍ଚମ ସ୍ଥାନ ଅଧିକାର କରିଥିଲା। ଭାରତ ଏହି ବିଶ୍ୱକପ୍‌କୁ ୧୯୭୮, ୧୯୯୭ ଓ ୨୦୧୩ରେ ଆୟୋଜନ କରିଥିଲା। ୨୦୧୬ରେ ବାଂଲାଦେଶରେ ଅନୁଷ୍ଠିତ ଦିନିକିଆ ବିଶ୍ୱକପ୍ ପରେ ଏସିଆ ମହାଦେଶରେ ଏହା ହେବ ପ୍ରଥମ ଆଇସିସି ଇଭେଣ୍ଟ। ଏହା ପରେ ମୁମ୍ବାଇର ଆଇସିସି ଟ୍ରଫି ଟୁର୍ ଇଭେଣ୍ଟ ଆୟୋଜିତ ହେବ। ଏହା ଭାରତର ବିଭିନ୍ନ ସହର ଓ ସ୍କୁଲରେ ପ୍ରଦର୍ଶିତ ହେବ। ସୋମବାର ଅନୁଷ୍ଠିତ ଇଭେଣ୍ଟରେ ପୂର୍ବତନ ଅଧିନାୟିକା ମିତାଲି ରାଜ, ପୂର୍ବତନ ଅନ୍ତର୍ଜାତୀୟ ଖେଳାଳି ଯୁବରାଜ ସିଂହ, ଆଇସିସି ଅଧ୍ୟକ୍ଷ ଜୟ ଶାହା, ବିସିସିଆଇ ସମ୍ପାଦକ ଦେବଜିତ ସାଇକିଆ, ସିଇଓ ସଂଯୋଗ ଗୁପ୍ତା ପ୍ରମୁଖ ଉପସ୍ଥିତ ଥିଲେ।

ସେପ୍ଟେମ୍ବର ୩୦ରୁ ନଭେମ୍ବର ୨ ତାରିଖଯାଏ ହେବାକୁ ଥିବା ଏହି ଟୁର୍ଣ୍ଣାମେଣ୍ଟରେ ୮ଟି ଦଳ ଭାଗନେଉଥିଲାବେଳେ ପ୍ରତ୍ୟେକ ଦଳ ଅନ୍ୟ ସହ ଗୋଟିଏ ଲେଖାଏଁ ଲିଗ୍ ମ୍ୟାଚ୍ ଖେଳିବେ। ଏହା ପରେ ପଏଣ୍ଟ ଭିତ୍ତିରେ ପ୍ରଥମ ୪ଟି ଦଳ ସେମିଫାଇନାଲ ଖେଳିବାକୁ ଯୋଗ୍ୟତା ଅର୍ଜନ କରିବେ। ସେମିଫାଇନାଲ ମ୍ୟାଚ୍ ଦୁଇଟି ଅକ୍ଟୋବର ୨୯ ଓ ୩୦ରେ ଖେଳାଯିବ। ଫାଇନାଲ ମ୍ୟାଚ୍ ନଭେମ୍ବର ୨ରେ ଅନୁଷ୍ଠିତ ହେବ।






### ଭାରତର ଖେଳସୂଚୀ

୩୦।୦୯ : ବନାମ ଶ୍ରୀଲଙ୍କା, ବେଙ୍ଗାଲୁରୁ
୦୫।୧୦ : ବନାମ ପାକିସ୍ତାନ, କଲମ୍ବୋ
୦୯।୧୦ : ବନାମ ଦ.ଆଫ୍ରିକା, ବିଶାଖାପାଟଣା
୧୨।୧୦ : ବନାମ ଅଷ୍ଟ୍ରେଲିଆ, ବିଶାଖାପାଟଣା
୧୯।୧୦ : ବନାମ ଇଂଲଣ୍ଡ, ଇନ୍ଦୋର
୨୩।୧୦ : ବନାମ ନ୍ୟୁଜିଲାଣ୍ଡ, ଗୁଆହାଟୀ
୨୬।୧୦ : ବନାମ ବାଂଲାଦେଶ, ବେଙ୍ଗାଲୁରୁ

୨୯।୧୦ : ପ୍ରଥମ ସେମିଫାଇନାଲ------
୩୦।୧୦ : ଦ୍ୱିତୀୟ ସେମିଫାଇନାଲ, ବେଙ୍ଗାଲୁରୁ
୦୨।୧୧ : ଫାଇନାଲ, ଭେନ୍ୟୁ ପରେ ସ୍ଥିର ହେବ।

## ଏନ୍‌ସିଏ ନିର୍ଦ୍ଦେଶକ ଲକ୍ଷ୍ମଣଙ୍କୁ ଭେଟିଲେ ପଙ୍କଜ

କଟକ,୧୧।୮ (ସମିସ): ଜାତୀୟ କ୍ରିକେଟ ଏକାଡେମୀ (ଏନସିଏ) ନିର୍ଦ୍ଦେଶକ ତଥା ପୂର୍ବତନ ଅନ୍ତର୍ଜାତୀୟ କ୍ରିକେଟର ଭିଭିଏସ୍ ଲକ୍ଷ୍ମଣଙ୍କୁ ଭେଟି ଓଡ଼ିଶାରେ କ୍ରିକେଟ ଏକାଡେମୀର ଗୁରୁତ୍ୱ ଦିଗରେ ଆଲୋଚନା କରିଛନ୍ତି ଓଡ଼ିଶା କ୍ରିକେଟ ଆସୋସିଏସନ (ଓସିଏ) ସଭାପତି ପଙ୍କଜ ଲୋଚନ ମହାନ୍ତି। ବେଙ୍ଗାଲୁରୁସ୍ଥିତ ଏନସିଏ ଏକାଡେମୀରେ ଉଭୟଙ୍କ ମଧ୍ୟରେ ଆଲୋଚନା ହୋଇଛି। ବାରବାଟୀ ଷ୍ଟାଡିୟମରେ ଓସିଏ ପକ୍ଷରୁ ଖୁବଶୀଘ୍ର ଏକାଡେମୀ ପ୍ରତିଷ୍ଠା ହେବାକୁ ଯାଉଛି। ଏତଦବ୍ୟତୀତ ଆଠଗଡ କପୁରସିଂହଠାରେ ରହିଛି ଏମଜିଏମ କ୍ରିକେଟ ଏକାଡେମୀ। ଶ୍ରୀ ମହାନ୍ତି ଏହାର ନିର୍ଦ୍ଦେଶକ। ଏମ୍‌ଜିଏମ୍ ଏକାଡେମୀରେ ଏବେ ମୋଟ ୭୦ ଖେଳାଳି ପ୍ରଶିକ୍ଷଣ ନେଉଥିବା ବେଳେ ୫୫ଜଣ ରହଣି ସହ ପ୍ରଶିକ୍ଷଣ ସୁବିଧା ପାଉଛନ୍ତି। ଭାରତୀୟ କ୍ରିକେଟ ଦଳର ପୂର୍ବତନ ଫିଲ୍ଡିଂ କୋଚ୍ ଆର ଶ୍ରୀଧର, ପୂର୍ବତନ ଅନ୍ତର୍ଜାତୀୟ ଖେଳାଳି ଭେଙ୍କଟପତି ରାଜୁ ଏବଂ ଜାତୀୟ ଦଳର ପ୍ରାକ୍ତନ ବୋଲିଂ କୋଚ୍ ଭରତ ଅରୁଣ ଏଠାରେ ପ୍ରଶିକ୍ଷକ ଦାୟିତ୍ୱ ତୁଲାଉଛନ୍ତି। ଏଣୁ ଏକାଡେମୀରୁ ଜାତୀୟ ଖେଳାଳି ସୃଷ୍ଟି ଦିଗରେ ଆଉ କେଉଁ ସବୁ ଦିଗ ପ୍ରତି ଦୃଷ୍ଟି ଦେବାକୁ ହେବ ସେ ନେଇ ଲକ୍ଷ୍ମଣଙ୍କ ସହ ଶ୍ରୀ ମହାନ୍ତି ଆଲୋଚନା କରିଥିଲେ।



## ସମ୍ବିତ ଜିତିଲେ ଖୋର୍ଦ୍ଧା ସିନିଅର ଚେସ୍




ଭୁବନେଶ୍ୱର,୧୧।୮ (ସମିସ): ଆଇଏମ୍ ସମ୍ବିତ ପଣ୍ଡା ଖୋର୍ଦ୍ଧା ଜିଲ୍ଲା ସିନିଅର ଚେସ୍ ଚାମ୍ପିଅନ ହୋଇଛନ୍ତି। ସେ ୭ ରାଉଣ୍ଡରୁ ୭ ପଏଣ୍ଟ ପାଇ ପ୍ରଥମ ସ୍ଥାନ ଅଧିକାର କରିଛନ୍ତି। ପୁରସ୍କାର ବାବଦରେ ତାଙ୍କୁ ଟ୍ରଫି ୮,୦୦୦ ଟଙ୍କା ପୁରସ୍କାର ପାଇଥିଲେ। ସେହିପରି ସମ୍ବିତଙ୍କ ପଛକୁ ୩ଜଣ ଖେଳାଳି ୬ ପଏଣ୍ଟ ଲେଖାଏଁ ସଂଗ୍ରହ କରିଥିଲେ। ସେମାନଙ୍କ ମଧ୍ୟରୁ ଫିଡେମାଷ୍ଟର ସୌମ୍ୟରଞ୍ଜନ ମିଶ୍ର ପ୍ରଥମ ରନର୍ସ ଅପ୍, ମନୀଷ କୁମାର ଦ୍ୱିତୀୟ ରନର୍ସ ଅପ୍ ଓ ଓମ୍ ଆଦିତ୍ୟ ଖାଡଙ୍ଗା ଚତୁର୍ଥ ସ୍ଥାନ ଅଧିକାର କରିଛନ୍ତି। ଏମାନଙ୍କୁ ପୁରସ୍କାର ବାବଦରେ ୫,୦୦୦/, ୩,୫୦୦/ ଓ ୨.୫୦୦ ଟଙ୍କା ଓ ଟ୍ରଫି ପ୍ରଦାନ କରାଯାଇଥିଲା। ଖେଳ ଶେଷରେ ସାଧ୍ୱୀ ପ୍ରତିଭା ମିଶ୍ର ମୁଖ୍ୟ ଅତିଥି, ଅଲଓଡ଼ିଶା ଚେସ ସଂଘ ସଭାପତି ସତ୍ୟରଞ୍ଜନ ପଟ୍ଟନାୟକ, ଖୋର୍ଦ୍ଧା ଜିଲ୍ଲା ସଭାପତି ଶକ୍ତିରଞ୍ଜନ ମହାନ୍ତି ଓ ସମ୍ପାଦକ ଶୁଭାଶିଷ ପଟ୍ଟନାୟକ ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ।

■ ଦ୍ୱିତୀୟ ଦିନିକିଆରେ ପାକିସ୍ତାନ ପରାସ୍ତ

## ସିରିଜ୍ ବରାବର୍ କଲା ୱେଷ୍ଟଇଣ୍ଡିଜ

ତ୍ରିନିଦାଦ, ୧୧।୮ (ଏଜେନ୍ସି): ଏଠାରେ ଖେଳାଯାଇଥିବା ଦ୍ୱିତୀୟ ଦିନିକିଆ ମ୍ୟାଚରେ ଘରୋଇ ୱେଷ୍ଟଇଣ୍ଡିଜ ଡିଏଲ୍ ପଦ୍ଧତିରେ ୫ ୱିକେଟ୍‌ରେ ପାକିସ୍ତାନକୁ ମାତ୍ ଦେଇଛି। ପୂର୍ବରୁ ପ୍ରଥମ ମ୍ୟାଚକୁ ୫ ୱିକେଟ୍‌ରେ ହାରିଥିବା ୱେଷ୍ଟଇଣ୍ଡିଜ ଏଥିସହ ସିରିଜକୁ ୧-୧'ର ବରାବରସ୍ଥିତିକୁ ଆଣିଛି। ସିରିଜର ନିର୍ଣ୍ଣାୟକ ୩ୟ ମ୍ୟାଚ୍ ମଙ୍ଗଳବାର ରାତି ୭ଟାରେ ଖେଳାଯିବ। ବର୍ଷା ବାଧାପ୍ରାପ୍ତ ଦ୍ୱିତୀୟ ଦିନିକିଆରେ ଟସ୍ ହାରି ବ୍ୟାଟିଂ ଆମନ୍ତ୍ରଣ ପାଇଥିବା ପାକିସ୍ତାନ ୩୭ ଓଭରରେ ୭ ୱିକେଟ୍ ହରାଇ ୧୭୧ ରନ କରିଥିଲା। ଦଳ ପକ୍ଷରୁ ହାସନ ନୱାଜ ୩୬, ହୁସେନ ତଲାତ ୩୧, ସମିମ ଆୟୁବ ୨୩, ଅଧିନାୟକ ମହମ୍ମଦ ରିଜୱାନ ୧୬ ରନ କରିଥିବାବେଳେ ବାବର ଆଜମ ଖାତା ଖୋଲିପାରି ନ ଥିଲେ। ଘରୋଇ ୱେଷ୍ଟଇଣ୍ଡିଜ ପାଇଁ ଜାଡେନ ସେଲ୍ସ ୩ଟି ୱିକେଟ ନେଇଥିଲେ। ଜବାବରେ ୱେଷ୍ଟଇଣ୍ଡିଜ ସାମ୍ନାରେ ଡିଏଲ୍ ପଦ୍ଧତିରେ ୩୫ ଓଭରରେ ୧୮୧ ରନ ଧାର୍ଯ୍ୟ କରାଯାଇଥିଲା। ଏହି ଲକ୍ଷ୍ୟକୁ ପିଛା କରି ଦଳ ରୋଷ୍ଟନ ଚେଜଙ୍କ ଅପରାଜିତ ୪୯ ଓ ରୋମାରିଓ ସେଫର୍ଡଙ୍କ ୪୫ ରନ ସହାୟତାରେ ଦଳ ୫ ୱିକେଟ୍ ଓ ୧୦ ବଲ ପୂର୍ବରୁ ବିଜୟୀ ହୋଇଥିଲା। ଚେଜ୍ ମ୍ୟାଚର ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ।

## ସିବିଏସ୍‌ଇ ଫାର୍ ଇଷ୍ଟ କ୍ରିକେଟ




ଭୁବନେଶ୍ୱର,୧୧।୮ (ସମିସ): ଖୋର୍ଦ୍ଧାର କେଟି ଗ୍ଲୋବାଲ ସ୍କୁଲ ଆନୁକୂଲ୍ୟରେ ଓ ନିଜସ୍ୱ ପଡ଼ିଆରେ ସିବିଏସ୍‌ଇ ଫାର ଇଷ୍ଟ ଜୋନ୍ କ୍ରିକେଟ ଟୁର୍ଣ୍ଣାମେଣ୍ଟ ଓ ଖେଳାଳି ଚୟନ ଅନୁଷ୍ଠିତ ହୋଇଯାଇଛି। ଅଗଷ୍ଟ ୫ରୁ ୧୦ ତାରିଖଯାଏ ଏହା ଅନୁଷ୍ଠିତ ହୋଇଥିଲା। ଏଥିରେ ୧୪, ୧୭ ଓ ୧୯ ବର୍ଷରୁ କମ୍ ବୟସ ବିଭାଗରେ ଜୋନ୍ ଭିତ୍ତିକ ଖେଳାଳି ଚୟନ କରାଯାଇଥିଲା। ୫୭ଟି ସ୍କୁଲ୍‌ର ୮୫୦ରୁ ଊର୍ଦ୍ଧ୍ୱ ଖେଳାଳି ଏହି ଟୁର୍ଣ୍ଣାମେଣ୍ଟରେ ଅଂଶଗ୍ରହଣ କରିଥିଲେ। ଆୟୋଜକ କେଟି ଗ୍ଲୋବାଲ ସ୍କୁଲ୍‌ରୁ ୬ଜଣ ଖେଳାଳି ବିଭିନ୍ନ ପ୍ରକାର ଜୋନାଲ ଟିମ୍‌ରେ ଖେଳିବାକୁ ଯୋଗ୍ୟତା ଅର୍ଜନ କରିଛନ୍ତି। ଖେଳ ଶେଷରେ କେଟି ଗ୍ଲୋବାଲ ସ୍କୁଲ୍‌ର ସିଓଓ ସିଦ୍ଧାର୍ଥ ରାଉତ ମୁଖ୍ୟ ଅତିଥି, ଅଧ୍ୟକ୍ଷ ରିଙ୍କୁ ସିଂ, ସିବିଏସ୍‌ଇ ପର୍ଯ୍ୟବେକ୍ଷକ ଆଫଜଲ ଅହମ୍ମଦ୍, ସିଲେକ୍ଟର ଫରହାନ ଉର ରହମନ ଓ ରୀମା ଠାକୁର ସମ୍ମାନିତ ଅତିଥିଭାବେ ଯୋଗ ଦେଇଥିଲେ।

## ଓସିଏରେ ପ୍ରଦର୍ଶନ ବିଶ୍ଳେଷକ ଶିକ୍ଷା ଓ ମୂଲ୍ୟାଙ୍କନ କାର୍ଯ୍ୟକ୍ରମ

କଟକ,୧୧।୮ (ସମିସ): ଓଡ଼ିଶା କ୍ରିକେଟ ଆସୋସିଏସନ(ଓସିଏ) ଆନୁକୂଲ୍ୟରେ ସୋମବାରଠାରୁ ପ୍ରଦର୍ଶନ ବିଶ୍ଳେଷକ ଶିକ୍ଷା ଓ ମୂଲ୍ୟାଙ୍କନ କାର୍ଯ୍ୟକ୍ରମ ଆରମ୍ଭ ହୋଇଛି। କାର୍ଯ୍ୟକ୍ରମ ଆସନ୍ତା ୧୪ ତାରିଖ ପର୍ଯ୍ୟନ୍ତ ଚାଲିବ। ଏଥିରେ ୧୮ଜଣ ପ୍ରାର୍ଥୀ ଅଂଶଗ୍ରହଣ କରିଛନ୍ତି। କ୍ରିକେଟ ଖେଳର ବୈଷୟିକ ଶିକ୍ଷା, ବିଶ୍ଳେଷଣାତ୍ମକ କୌଶଳ ଏବଂ ଭିଡିଓ ବିଶ୍ଳେଷଣ ଦିଗରେ ପ୍ରଶିକ୍ଷଣ ଦେବା କାର୍ଯ୍ୟକ୍ରମର ମୂଳ ଲକ୍ଷ୍ୟ। ଓସିଏ ସହ ଅନୁବନ୍ଧିତ ବିଭିନ୍ନ ୟୁନିଟରୁ ପ୍ରାର୍ଥୀମାନଙ୍କୁ କାର୍ଯ୍ୟକ୍ରମ ଜରିଆରେ ପ୍ରଶିକ୍ଷଣ ଦିଆଯାଉଛି। ଭାରତୀୟ କ୍ରିକେଟ କଣ୍ଟ୍ରୋଲ ବୋର୍ଡ(ବିସିସିଆଇ)ର ପ୍ରଦର୍ଶନ ବିଶ୍ଳେଷକ ମୁଖ୍ୟ ଗଣେଶ କର ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ପ୍ରଶିକ୍ଷଣ ଜାରି ରହିଛି। ଓସିଏର ଡାଟା ମ୍ୟାନେଜମେଣ୍ଟ ଶାଖା ପକ୍ଷରୁ ସମସ୍ତ ସହଯୋଗ କରାଯାଉଛି।

ରାଜ୍ୟ ୧୩ ବର୍ଷରୁ କମ୍ ଚେସ୍

## ଅମୃତା, ଆର୍ଯ୍ୟନ ଚାମ୍ପିଅନ



ପୁରୀ,୧୧।୮ (ସମିସ): ଖୋର୍ଦ୍ଧାର ଅମୃତା ପ୍ରିୟଲକ୍ଷ୍ମୀ ଓ ଆର୍ଣ୍ଣିକା ଦାଶ ଏଠାରେ ସୋମବାର ଶେଷ ହୋଇଥିବା ରାଜ୍ୟ ୧୩ ବର୍ଷରୁ କମ୍ ବାଳିକା ଚେସ୍‌ରେ ଯଥାକ୍ରମେ ଚାମ୍ପିଅନ ଓ ରନର୍ସ ଅପ୍ ହୋଇଛନ୍ତି। ସେହିପରି ଯାଜପୁରର ଆର୍ଯ୍ୟନ ବେହେରା ଓ କଟକର ସ୍ୱସ୍ତିକ ଶୁଭମ ପଟ୍ଟନାୟକ ଓପନ ବିଭାଗରେ ଚାମ୍ପିଅନ ଓ ରନର୍ସ ଅପ୍ ହୋଇଛନ୍ତି। ଅଲ ଓଡ଼ିଶା ଚେସ ଆସୋସିଏସନ ଓ ପୁରୀ ଜିଲ୍ଲା ଚେସ୍ ଆସୋସିଏସନର ମିଳିତ ସହଯୋଗରେ ପୁରୀ ଇଣ୍ଡୋର ଷ୍ଟାଡିୟମ୍‌ରେ ଏହି ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ପ୍ରତିଯୋଗିତା ଶେଷରେ ସୂଚନା ଓ ଲୋକସମ୍ପର୍କ ବିଭାଗରେ ଉପନିର୍ଦ୍ଦେଶକ ସନ୍ତୋଷ କୁମାର ସେଠୀ ମୁଖ୍ୟ ଅତିଥି, ଇଣ୍ଟରନ୍ୟାସନାଲ ଆର୍ବିଟର ତଥା ପୁରୀ ଜିଲ୍ଲା ଉପସଭାପତି ସୁରେଶ ଚନ୍ଦ୍ର ସାହୁ, ସମ୍ପାଦକ ପ୍ରଦ୍ୟୁମ୍ନ ମିଶ୍ର, ଟୁର୍ଣ୍ଣାମେଣ୍ଟ ନିର୍ଦ୍ଦେଶକ ସୁବାସ ଚନ୍ଦ୍ର ସାହୁ ପ୍ରମୁଖ ସମ୍ମାନିତ ଅତିଥିଭାବେ ଯୋଗଦେଇ ପୁରସ୍କାର ପ୍ରଦାନ କରିଥିଲେ।

### ୨୦ ବର୍ଷରୁ କମ୍ ଏସିଆ ରଗ୍‌ବୀ

## କାଂସ୍ୟ ବିଜୟୀ ଭାରତୀୟ ଦଳରେ ରୀତୁ, ମାମାଲି



ଭୁବନେଶ୍ୱର, ୧୧।୮ (ସମିସ): ବିହାରର ରାଜଗିରିରେ ଶେଷ ହୋଇଥିବା ୨୦ ବର୍ଷରୁ କମ୍ ଏସିଆ ରଗବୀ-୭ ଚାମ୍ପିଅନସିପ୍‌ରେ ଭାରତୀୟ ମହିଳା ଦଳ କାଂସ୍ୟ ପଦକ ବିଜୟୀ ହୋଇଛି। କାଂସ୍ୟ ପଦକ ମୁକାବିଲାରେ ଭାରତୀୟ ମହିଳା ଦଳ ୧୨-୫ ସ୍କୋରରେ ଉଜବେକିସ୍ତାନକୁ ପରାସ୍ତ କରି ୩ୟ ସ୍ଥାନ ହାସଲ କରିଥିଲା। ଏଥିପୂର୍ବରୁ ସେମିଫାଇନାଲରେ ଭାରତ ୭-୨୮ରେ ଚାଇନା ନିକଟରୁ ହାରି ଫାଇନାଲକୁ ଯୋଗ୍ୟତା ଅର୍ଜନ କରିବାରେ ବିଫଳ ହୋଇଥିଲା। ସେହିଭଳି ପୁଲ୍ ପର୍ଯ୍ୟାୟରେ ଭାରତ ୩ଟି ମ୍ୟାଚ୍ ଖେଳି ୨ଟି ବିଜୟ ସହ ନକ୍‌ଆଉଟରେ ପହଞ୍ଚିଥିଲା। ଭାରତୀୟ ଦଳର ଅଧିନାୟିକା ଭୂମିକା ଶୁକ୍ଳା ଟୁର୍ଣ୍ଣାମେଣ୍ଟର ଶ୍ରେଷ୍ଠ ଖେଳାଳି ହୋଇଥିଲା। ସେହିଭଳି କାଂସ୍ୟ ବିଜୟୀ ଭାରତୀୟ ଦଳରେ କିସ୍ ବିଶ୍ୱବିଦ୍ୟାଳୟର ଦୁଇଜଣ ଛାତ୍ରୀ ଖେଳୁଥିଲେ। ସେମାନେ ହେଲେ ରିତୁ ମାଝୀ ଓ ମାମାଲି ସିଂ। ଏହି ସଫଳତା ଲାଗି କିଟ୍ ଓ କିସ୍‌ର ପ୍ରତିଷ୍ଠାତା ପ୍ରଫେସର ଅଚ୍ୟୁତ ସାମନ୍ତ ଭାରତୀୟ ଦଳ ସହ ରିତୁ ଓ ମାମାଲିଙ୍କୁ ଅଭିନନ୍ଦନ ଜଣାଇଛନ୍ତି।

### ଭାରତୀୟ ପୁରୁଷ ଦଳ ୬ଷ୍ଠ

ଅପରପକ୍ଷରେ ଭାରତୀୟ ପୁରୁଷ ରଗବୀ ଦଳ ୬ଷ୍ଠ ସ୍ଥାନରେ ରହି ଅଭିଯାନ ଶେଷ କରିଛି। ୫ମ-୬ଷ୍ଠ ସ୍ଥାନ ପାଇଁ ଖେଳାଯାଇଥିବା ମ୍ୟାଚରେ ଭାରତ ମାତ୍ର ୨ (୧୯-୨୧) ପଏଣ୍ଟରେ ୟୁଏଇ ନିକଟରୁ ହାରିଯାଇଥିଲା। ପୁଲ୍ ପର୍ଯ୍ୟାୟରେ ଭାରତ ୩ରୁ ୨ଟି ମ୍ୟାଚ୍ ହାରିଯାଇଥିଲା। ପୁରୁଷ ଦଳରେ କିସ୍‌ର ଭରତ କିଶାନ ଓ ଚରଣ ହେମ୍ବ୍ରମ ସାମିଲ ରହିଥିଲେ।

### ଦ୍ରୁତ ବୋଲିଂରୁ ଜାଭେଲିନ ଥ୍ରୋ'

## ସିଂହଳୀ ତାରକା ରୁମେଶଙ୍କ ଟୋକିଓ ଯାତ୍ରା

ଭୁବନେଶ୍ୱର, ୧୧।୮ (ସମିସ)

ଭାରତରେ ପ୍ରଥମଥର ଲାଗି ବିଶ୍ୱ ଆଥ୍‌ଲେଟିକ୍ସ କଣ୍ଟିନେଣ୍ଟାଲ ଟୁର୍ (ବ୍ରୋଞ୍ଜ ଲେଭଲ) ଆୟୋଜିତ ହୋଇଯାଇଛି। ବିଶ୍ୱ ଆଥଲେଟିକ୍ସର ଏହି ଦୌଡ଼କୁଦ ଇଭେଣ୍ଟକୁ ଆୟୋଜିତ କରି ଆଇକନିକ କଳିଙ୍ଗ ଷ୍ଟାଡିୟମ ମଧ୍ୟ ଏହାର କ୍ରୀଡ଼ା ଇତିହାସରେ ନୂଆ ଫର୍ଦ୍ଦ ଯୋଡ଼ିଛି। ରବିବାର କଳିଙ୍ଗରେ ଆୟୋଜିତ ଏହି ମେଗା ଇଭେଣ୍ଟରେ ବିଶ୍ୱର ୧୭ ଦେଶର ୧୫୪ ଆଥଲେଟ୍ ଅଂଶଗ୍ରହଣ କରିଥିଲେ। କିନ୍ତୁ ସେମାନଙ୍କ ମଧ୍ୟରେ ଏକମାତ୍ର ଆଥଲେଟ୍ ଭାବେ ଶ୍ରୀଲଙ୍କାର ରୁମେଶ ଥରଙ୍ଗା ଟୋକିଓରେ ସେପ୍ଟେମ୍ବର ୧୩ରୁ ଆରମ୍ଭ ହେବାକୁ ଥିବା ବିଶ୍ୱ ଆଥଲେଟିକ୍ସ ଚାମ୍ପିଅନସିପ୍‌କୁ ସିଧାସଳଖ ଯୋଗ୍ୟତା ଅର୍ଜନ କରିଛନ୍ତି। ପୁରୁଷ ଜାଭେଲିନ ଫାଇନାଲରେ ରୁମେଶ ୮୬.୫୦ ମିଟର ଜାଭେଲିନ ଫିଙ୍ଗି ପ୍ରଥମ ସ୍ଥାନରେ ରହିଥିଲେ। ଏଥିସହ ସେ କଳିଙ୍ଗରୁ ଟୋକିଓ ବିଶ୍ୱ ଚାମ୍ପିଅନସିପ୍ ଲାଗି ଟିକଟ୍ ହାସଲ କରିଥିଲେ। ବିଶ୍ୱ ଆଥଲେଟିକ୍ସ ଚାମ୍ପିଅନସିପ୍ ଲାଗି ଯୋଗ୍ୟତା ମାନଦଣ୍ଡ ୮୫.୫୦ ମିଟର ରହିଥିଲା। ରୁମେଶ ୮୬.୫୦ ମିଟର ଜାଭେଲିନ ଫିଙ୍ଗି ମଧ୍ୟ ଶ୍ରୀଲଙ୍କା ପାଇଁ ନୂଆ ଜାତୀୟ ରେକର୍ଡ ପ୍ରତିଷ୍ଠା କରିଛନ୍ତି। ପୂର୍ବରୁ ଶ୍ରୀଲଙ୍କାର ଜାତୀୟ ରେକର୍ଡ ୮୫.୭୮ ମିଟର ରହିଥିଲା।



### ୧୩୪ କିମି ବେଗରୁ ୮୬.୫୦ ମିଟର

ଜାଭେଲିନରେ ୮୬.୫୦ ମିଟର ଫିଙ୍ଗି ଶ୍ରୀଲଙ୍କା ପାଇଁ ନୂଆ ଜାତୀୟ ରେକର୍ଡ ସ୍ଥାପନ କରିଥିବା ୨୨ ବର୍ଷୀୟ ରୁମେଶଙ୍କ ପ୍ରଥମ ପ୍ରେମ କିନ୍ତୁ କ୍ରିକେଟ୍ ଥିଲା। ଦକ୍ଷିଣ କଲମ୍ବୋର ଛୋଟିଆ ସହର କାଲୁତାରାରୁ ଆସିଥିବା ରୁମେଶ ୧୮ ବର୍ଷରୁ କମ୍ କ୍ରିକେଟ୍ ଦଳ ପକ୍ଷରୁ ମଧ୍ୟ ପ୍ରତିନିଧିତ୍ୱ କରିସାରିଥିଲେ। ଏହି ବର୍ଗରେ ସେ ଜଣେ ଡାହାଣହାତୀ ଦ୍ରୁତ ବୋଲର ସହ ମଧ୍ୟକ୍ରମରେ ଉପଯୋଗୀ ବ୍ୟାଟର୍ ଥିଲେ। ବୋଲିଂରେ ସେ ୧୩୪ କିମି ବେଗରେ ବଲ୍ ପକାଇ ସମସ୍ତଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ। ଏପରିକି ବର୍ତ୍ତମାନ ଶ୍ରୀଲଙ୍କା ଓ ଆଇପିଏଲରେ ସନରାଇଜର୍ସ ହାଇଦରାବାଦ୍ ପାଇଁ ଖେଳୁଥିବା ଏହସାନ ମାଲିଙ୍ଗାଙ୍କ ସହ ସେ ଏକାଠି ନେଟ୍‌ସରେ ଅଭ୍ୟାସ ମଧ୍ୟ କରୁଥିଲେ। ସନରାଇଜର୍ସ ପକ୍ଷରୁ ଆୟୋଜିତ ଦ୍ରୁତ ବୋଲର ଚୟନ ଶିବିରରେ ଏହସାନଙ୍କ ପଛକୁ ରୁମେଶ ୨ୟ ଦ୍ରୁତତମ ବୋଲର ରହିଥିଲେ। କିନ୍ତୁ କ୍ରିକେଟ୍‌ରେ ରାଜନୀତିର ମାତ୍ରାଧିକ ପ୍ରବେଶକୁ ଲକ୍ଷ୍ୟ କରି ରୁମେଶ କଲେଜ ପଢ଼ୁଥିବାବେଳେ ଜାଭେଲିନ ଥ୍ରୋ ପ୍ରେମରେ ପଡ଼ିଯାଇଥିଲେ। ଯେଉଁ ହାତରେ ସେ ୧୬୦ ଗ୍ରାମ କ୍ରିକେଟ୍ ବଲ୍ ଧରି ଦ୍ରୁତ ବୋଲିଂ କରୁଥିଲେ ସେହି ହାତରେ ୭୦୦ ଗ୍ରାମର ଜାଭେଲିନ ଫିଙ୍ଗିଥିଲେ। ଜାଭେଲିନ ଫିଙ୍ଗିବାର ପ୍ରଥମ ୨ ମାସରେ ସେ ୬୩ ମିଟର ମାର୍କ ଛୁଇଁଥିଲେ। ଗତ ଜୁଲାଇରେ ବେଙ୍ଗାଲୁରୁରେ ଅନୁଷ୍ଠିତ ନୀରଜ ଚୋପ୍ରା କ୍ଲାସିକ ଇଭେଣ୍ଟରେ ସେ ନୀରଜ ଓ କେନିଆର ଜୁଲିଅସ ୟେଗୋଙ୍କ ପଛକୁ ୩ୟ ସ୍ଥାନରେ ରହି ପୋଡିୟମ ଫିନିଶ କରିଥିଲେ। ତେବେ କଳିଙ୍ଗ ଷ୍ଟାଡିୟମ ଏହି ସିଂହଳୀ କ୍ରୀଡ଼ାବିତ୍‌ଙ୍କ ଲାଗି ବେଶ୍ ସ୍ମରଣୀୟ ହୋଇରହିଯାଇଛି। ଏଠାରେ ସେ ଜାତୀୟ ରେକର୍ଡ ସହ ବିଶ୍ୱ ଚାମ୍ପିଅନସିପ୍ ଟିକଟ୍ ଅର୍ଜନ କରିଛନ୍ତି। ଟୋକିଓରେ ସେ ବିଶ୍ୱର ତାରକା ଜାଭେଲିନ ଫିଙ୍ଗାଳୀଙ୍କ ବିପକ୍ଷରେ କେମିତି ପ୍ରଦର୍ଶନ କରୁଛନ୍ତି ତାହା ଉପରେ ସମସ୍ତଙ୍କ ନଜର ରହିଛି।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS